


ମନ୍ଧାନାଙ୍କୁ ଶ୍ରେଷ୍ଠ ରେଟିଂ ପଏଣ୍ଟ

▶ପୃଷ୍ଠା ୧୨ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-122 ◆WEDNESDAY ◆29 OCTOBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୨୨ ◆ବୁଧବାର ◆୨୯ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦







## ଅମଲାପୁରମ୍‌ରେ ପିଟିହେଲା ଅଣଆଖିଆ ବାତ୍ୟା

# ଓଡ଼ିଶାରେ 'ମୋନ୍ଥା' ପ୍ରଭାବହୀନ

■ ଭୁବନେଶ୍ୱର/ଶ୍ରୀକାକୁଲମ, ୨୮।୧୦ (ସମିସ): ଆନ୍ଧ୍ରପ୍ରଦେଶର କାକିନାଡ଼ା ନିକଟ ଅମଲାପୁରମ୍‌ରେ ଲ୍ୟାଣ୍ଡଫଲ୍ କରିଛି ବାତ୍ୟା 'ମୋନ୍ଥା'। ମଙ୍ଗଳବାର ସନ୍ଧ୍ୟାରେ ଆଇଏମ୍‌ଡି ଏ ସମ୍ପର୍କରେ ସୂଚନା ଦେଇଛି। ସନ୍ଧ୍ୟା ୭ଟାରୁ ଏହି ପ୍ରକ୍ରିୟା ଆରମ୍ଭ ହୋଇ ପ୍ରାୟ ରାତି ୧୧ଟା ବେଳେ ବାତ୍ୟା ସ୍ଥଳଭାଗ ଅତିକ୍ରମ କରିଛି। ସ୍ଥଳଭାଗ ଅତିକ୍ରମ କରିବା ସମୟରେ ମଛଲିପଟ୍ଟନମ୍‌ଠାରେ ପବନର ବେଗ ସର୍ବାଧିକ ଘଣ୍ଟା ପ୍ରତି ୮୨ କିମି ଥିବା ବେଳେ କାକିନାଡ଼ାରେ ପବନର ବେଗ ୫୨ କିମି ରେକର୍ଡ ରହିଥିଲା। ତେବେ ଏହା ଭୀଷଣ ହେବ ବୋଲି ଯାହା ଅନୁମାନ କରାଯାଉଥିଲା, ତାହା ହୋଇନାହିଁ। ଓଡ଼ିଶା ଉପରେ ମଧ୍ୟ ଏହାର ବିଶେଷ ପ୍ରଭାବ ପଡ଼ିନାହିଁ। ମୋନ୍ଥାର ଗତିପଥ ଓଡ଼ିଶାଠାରୁ ଦୂରେଇ ଯାଉଥିବାରୁ ପବନର କୌଣସି ପ୍ରଭାବ ପଡ଼ିନାହିଁ। ତେବେ କେତେକ ଅଞ୍ଚଳରେ ପ୍ରବଳ ବର୍ଷା ହୋଇଥିବାର ଖବର ମିଳିଛି।

ମିଳିଥିବା ସୂଚନା ଅନୁଯାୟୀ ମୋନ୍ଥା ପ୍ରଭାବରେ ଆନ୍ଧ୍ରପ୍ରଦେଶ ଓ ତେଲଙ୍ଗାନାର ୧୪୧୯ ଗାଁ ଓ ୪୪ଟି

### ଆନ୍ଧ୍ରପ୍ରଦେଶର ୧୪୧୯ ଗାଁ, ୪୪ ସହର ପ୍ରଭାବିତ

### ଅତି ପ୍ରବଳ ବର୍ଷା, ସ୍କୁଲ କଲେଜ ଆଉ ୫ଦିନ ଛୁଟି

### ଆଜି ପାଇଁ ଦକ୍ଷିଣ ଓଡ଼ିଶାର ୫ ଜିଲ୍ଲାକୁ ରେଡ୍ ଆଲର୍ଟ

ସହର ପ୍ରଭାବିତ ହୋଇଛି। ପବନ ଓ ବର୍ଷା ଯୋଗୁ ଜନଜୀବନ ପ୍ରଭାବିତ ହୋଇଛି। ଶ୍ରୀକାକୁଲମ, ବିଜୟନଗରମ, ମାନ୍ୟମ, ଆଲୁରି ସୀଥାରାମରାଜୁ, ବିଶାଖାପାଟନମ, ଅନକାପାଲି, ପୂର୍ବ ଗୋଦାବରୀ, ଏଲୁରୁ, ଏନଟିଆର, ଗୁଣ୍ଟୁର, ପାଲନାଡୁ, ଚିତ୍ତୁର ଏବଂ ତିରୁପତି ଜିଲ୍ଲାରେ ପ୍ରବଳ ବର୍ଷା ହୋଇଛି ଓ ▶ପୃଷ୍ଠା-୭







## ରଞ୍ଜନା ଦେଶାଇ ଅଷ୍ଟମ ବେତନ ଆୟୋଗ ଅଧ୍ୟକ୍ଷା

### ସର୍ତ୍ତାବଳୀକୁ ମଞ୍ଜୁରୀ; ୧୮ ମାସରେ ରିପୋର୍ଟ

■ ନୂଆଦିଲ୍ଲୀ, ୨୮।୧୦ (ଏଜେନ୍ସି): କେନ୍ଦ୍ର ସରକାର ମଙ୍ଗଳବାର ଅଷ୍ଟମ ବେତନ ଆୟୋଗଙ୍କ ସନ୍ଦର୍ଭ ସର୍ତ୍ତାବଳୀ ଅଥବା ଟର୍ମସ ଅଫ୍ ରେଫରେନ୍ସ (ଟିଓଆର୍)କୁ ଅନୁମୋଦନ ଦେଇଛନ୍ତି। ଏହାପରେ ବର୍ତ୍ତମାନ ଆୟୋଗ ଗଠନ କରାଯିବ। ଏହାଛଡ଼ା ଗଠନର ୧୮ ମାସ ମଧ୍ୟରେ ଆୟୋଗ ତାଙ୍କର ସୁପାରିସ ଦାଖଲ କରିବେ। ଏହାପରେ ନୂତନ ବେତନ ହାର ୨୦୨୬ ଜାନୁଆରୀ ପହିଲାରୁ କାର୍ଯ୍ୟକାରୀ ହୋଇପାରିବ। ତଥାପି, ପୂର୍ବ ଧାରାଗୁଡ଼ିକୁ ଦୃଷ୍ଟିରେ ରଖି, ସୁପାରିସଗୁଡ଼ିକର ସମ୍ପୂର୍ଣ୍ଣ କାର୍ଯ୍ୟକାରୀ ହେବାକୁ ୨୦୨୮ ପର୍ଯ୍ୟନ୍ତ ସମୟ ଲାଗିପାରେ। ଏହାର ଅର୍ଥ ହେଉଛି କର୍ମଚାରୀମାନେ ୧୭-୧୮ ମାସର ବକେୟା ପ୍ରାପ୍ୟ ଏକକାଳୀନ କିମ୍ବା କିସ୍ତିରେ ପାଇବେ। ଏହି ପଦକ୍ଷେପ ୫୦ ଲକ୍ଷ କେନ୍ଦ୍ର କର୍ମଚାରୀ ଏବଂ ୬୯ ଲକ୍ଷ ପେନସନଭୋଗୀଙ୍କୁ ଲାଭ ଦେବ।



ସରକାର ଜାନୁଆରୀ ୨୦୨୫ ରେ ବେତନ ଆୟୋଗ ଗଠନ ଘୋଷଣା କରିଥିଲେ। ସର୍ତ୍ତାବଳୀକୁ ଅନୁମୋଦନ ଦେବା ଏକ ଦଲିଲକୁ ବୁଝାଏ ଯାହା ଆୟୋଗଙ୍କ କାର୍ଯ୍ୟାଦେଶ, ଏହା କିପରି କାର୍ଯ୍ୟକାରୀ କରିବ, କେତେ ସମୟ ଲାଗିବ ଏବଂ ଏଥିରେ କିଏ ସବୁ ସାମିଲ ହେବ ତାହା ବର୍ଣ୍ଣନା କରିଥାଏ। ସୂଚନାଯୋଗ୍ୟ ଯେ, ସପ୍ତମ ବେତନ ଆୟୋଗ ୨୦୧୪ ଫେବୃଆରୀରେ ଗଠନ ▶ପୃଷ୍ଠା-୭

## ଶୂନ୍ୟ ଜୀବନହାନି ଆମର ଲକ୍ଷ୍ୟ: ମୁଖ୍ୟମନ୍ତ୍ରୀ



### ୧୫୮ ଉଦ୍ଧାରକାରୀ ଦଳ, ୨୦୪୮ ଆଶ୍ରୟସ୍ଥଳ ପ୍ରସ୍ତୁତ

### ବାତ୍ୟା ପରେ, ତୁରନ୍ତ ଫସଲ କ୍ଷତି ଆକଳନ କରି ସହାୟତା ପାଇଁ ନିର୍ଦ୍ଦେଶ

■ ଭୁବନେଶ୍ୱର, ୨୮।୧୦ (ସମିସ): ପ୍ରତ୍ୟେକ ବିପର୍ଯ୍ୟୟରେ ଶୂନ୍ୟ ଜୀବନହାନୀ ହେଉଛି ଆମର ଲକ୍ଷ୍ୟ। ବାତ୍ୟା ଆନ୍ଧ୍ରପ୍ରଦେଶରେ ଅତିକ୍ରମ କରୁଥିଲେ ମଧ୍ୟ ଓଡିଶାର ବିଭିନ୍ନ ଜିଲ୍ଲାରେ, ବିଶେଷ କରି ଦକ୍ଷିଣ ଓଡିଶାର ଜିଲ୍ଲା ଗୁଡିକରେ ବ୍ୟାପକ ବର୍ଷା ସହିତ ପବନ ହେବାର ସମ୍ଭାବନା ରହିଛି। ତେଣୁ କୌଣସି ବିପଦ ସଂକୁଳ ଅଞ୍ଚଳରେ ଯେପରି ସମସ୍ତେ ବାତ୍ୟା-ବନ୍ୟା ଆଶ୍ରୟ ସ୍ଥଳ କିମ୍ବା ଅନ୍ୟ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତରିତ ହେବେ, ତାହା ଅଧିକାରୀମାନେ ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ।


ମଙ୍ଗଳବାର ମୁଖ୍ୟମନ୍ତ୍ରୀ ଲୋକସେବା ଭବନରେ ବାତ୍ୟା 'ମୋନ୍ଥା'ର ମୁକାବିଲା ସମ୍ପର୍କରେ ସମୀକ୍ଷା କରି ଅଧିକାରୀମାନଙ୍କୁ କହିଛନ୍ତି ଯେ ଗତବର୍ଷ ମଧ୍ୟ ବାତ୍ୟା ଦାନା ସମୟରେ ଆମେ ସଫଳ ଭାବରେ ଲୋକଙ୍କୁ ସ୍ଥାନାନ୍ତରିତ କରି 'ଜିରୋ କାଜୁଆଲ୍‌ଟି' ଲକ୍ଷ୍ୟ ହାସଲ କରିଥିଲୁ। ▶ପୃଷ୍ଠା-୭

## ଭୟ କରନ୍ତୁ ନାହିଁ; ସଜାଗ ରୁହନ୍ତୁ: ନବୀନ

### ଏକାଠି କରିବା ବାତ୍ୟା ମୁକାବିଲା

### ପ୍ରଶାସନକୁ ପୂର୍ଣ୍ଣ ସହଯୋଗ କରନ୍ତୁ

### ଲୋକଙ୍କୁ ସହାୟତା କରିବାକୁ ବିଜେଡି କର୍ମୀ ଓ ନେତାଙ୍କୁ ପରାମର୍ଶ



■ ଭୁବନେଶ୍ୱର, ୨୮।୧୦ (ସମିସ): ବାତ୍ୟା ମୋନ୍ଥା ପରିପ୍ରେକ୍ଷୀରେ ସଜାଗ ରହିବା ସହ ପ୍ରଶାସନକୁ ପୂର୍ଣ୍ଣ ସହଯୋଗ କରିବାକୁ ରାଜ୍ୟବାସୀଙ୍କୁ ଆହ୍ୱାନ ଦେଇଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ଏକ ଭିଡ଼ିଓ ପୋଷ୍ଟ କରି ନବୀନ ପୂର୍ବବର୍ଷଗୁଡ଼ିକ ପରି ଏଥର ମଧ୍ୟ ଏକାଠି ହୋଇ ବାତ୍ୟାର ମୁକାବିଲା କରିବା ନିମନ୍ତେ ରାଜ୍ୟବାସୀଙ୍କ ସହଯୋଗ ଲୋଡ଼ିଛନ୍ତି।

ଏହି ଅବସରରେ ନବୀନ କହିଛନ୍ତି ଯେ ପୂର୍ବରୁ ଆମେ ଅନେକ ବାତ୍ୟାର ସଫଳ ମୁକାବିଲା କରିଛୁ। ତେଣୁ ବାତ୍ୟା 'ମୋନ୍ଥା' ପାଇଁ ଭୟ ନ କରି ସଜାଗ ରୁହନ୍ତୁ। ଆମେ ସବୁବେଳେ ଏକାଠି ମିଳି ବିପର୍ଯ୍ୟୟର ମୁକାବିଲା କରିଆସୁଛେ। ଏଥର ମଧ୍ୟ ଏକାଠି ହୋଇ ବାତ୍ୟାର ମୁକାବିଲା କରିବା। ଏହା ସହିତ ବିପଦ ସମୟରେ ରାଜ୍ୟର ଜନସାଧାରଣଙ୍କ ସହ ରହିବା ଓ ଲୋକମାନଙ୍କୁ ସହାୟତା କରିବା ପାଇଁ ▶ପୃଷ୍ଠା-୭

## ୬୧ ଟ୍ରେନ୍ ବାତିଲ୍

■ ଭୁବନେଶ୍ୱର, ୨୮।୧୦ (ସମିସ): ବାତ୍ୟା 'ମୋନ୍ଥା'କୁ ନଜରରେ ରଖି ଭାରତୀୟ ରେଳବାଇ ପକ୍ଷରୁ ପୂର୍ବତଟ ରେଳପଥର ୱାଲ୍‌ଟିୟର ଏବଂ ସଂଯୁକ୍ତ ରୁଟ୍‌ରେ ଅନେକ ଟ୍ରେନ୍‌ର ଚଳାଚଳ ବାତିଲ୍ କରାଯାଇଛି। ତେବେ ମଙ୍ଗଳବାର ଯାତ୍ରୀ ସୁରକ୍ଷା ପଦକ୍ଷେପ ସ୍ୱରୂପ ୬୧ଟି ଟ୍ରେନ୍ ବାତିଲ୍ ହୋଇଛି। ଏଥିରେ ଆଜି କେବଳ ୪୮ ଟ୍ରେନ ବାତିଲ୍ କରାଯାଇଛି। ୯ଟି ଟ୍ରେନ୍‌ର ଚଳାଚଳ ଆଂଶିକ ବାତିଲ୍ ,୬ର ଦିଗ ପରିବର୍ତ୍ତନ ଏବଂ ୯ଟିର ଚଳାଚଳ ସମୟ ପୁନଃନିର୍ଦ୍ଧାରଣ କରାଯାଇଛି। ପୁରୀ-ତିରୁପତି ଗୁରୁବାର ନିମନ୍ତେ ଏବଂ ବେଙ୍ଗାଲୁରୁ-ଭୁବନେଶ୍ୱର ପ୍ରଶାନ୍ତି ଏକ୍ସପ୍ରେସ ଏବଂ ଭୁବନେଶ୍ୱର ନିଯୁ-ହାଇଦ୍ରାବାଦ୍ ସ୍ପେଶାଲ ଭଳି କେତେକ ଗୁରୁତ୍ୱପୂର୍ଣ୍ଣ ଟ୍ରେନ୍ ବୁଧବାର ନିମନ୍ତେ ବାତିଲ୍ କରାଯାଇଛି। ▶ପୃଷ୍ଠା-୭

## ଭାରତୀୟ ଜିତିଲେ ୨୪୦ କୋଟିର ଲଟେରୀ



■ ଆବୁଧାବି, ୨୮।୧୦ (ଏଜେନ୍ସି): ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ)ରେ ରହୁଥିବା ଜଣେ ଭାରତୀୟଙ୍କ ଭାଗ୍ୟ ଖୋଲି ଯାଇଛି। ସେ ରାତାରାତି କୋଟିପତି ପାଲଟି ଯାଇଛନ୍ତି। ଅନିଲକୁମାର ବୋଲା ଆବୁଧାବିରେ ଶହେ ନିୟୁତ ଦିରହମ (୨୪୦ କୋଟି ଟଙ୍କା)ର ଜ୍ୟାକପଟ୍ ଜିତିଛନ୍ତି। ଗତ ୧୮ ତାରିଖରେ ଅନୁଷ୍ଠିତ ୨୩ତମ 'ଲକି ଡେ ଡ୍ର'ରେ ଏହି ବଡ଼ ପୁରସ୍କାର ପାଇଛନ୍ତି। କେବଳ ମାଆଙ୍କ ଆଶୀର୍ବାଦ ଯୋଗୁଁ ଏପରି ସମ୍ଭବ ହୋଇଥିବା ବିଜେତା କହିଛନ୍ତି। ଗତ ୧୮ ତାରିଖ ତାଙ୍କ ପାଇଁ ସୌଭାଗ୍ୟଶାଳୀ ପାଲଟି ଯାଇଛି। ଏହି ଅବସରରେ ଅନିଲ ଦେଇଥିବା ଏକ ସାକ୍ଷାତକାରର ଭିଡିଓ ଖୁବ ଭାଇରାଲ ହେବାରେ ଲାଗିଛି।

ଭିଡିଓରେ ଅନିଲ ପୁରସ୍କାର ଜିତୁଥିବା ଦେଖାଯାଉଛି। ସେ ଏହି ସଫଳତା ପଛରେ ଥିବା କାହାଣୀ ମଧ୍ୟ କହିଛନ୍ତି। ଏହା ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛି। ଅନିଲ କହୁଛନ୍ତି ଯେ ଏହି ଲଟେରି ଜିତିବା ପାଇଁ ସେ କୌଣସି ମ୍ୟାଜିକ କରି ନ ଥିଲେ। ସେ ସହଜରେ ଏକ ଟିକଟ ବାଛି ଥିଲେ। ତେବେ ଏହି ଟିକଟର ଶେଷ କ୍ରମିକ ସଂଖ୍ୟାଟି ତାଙ୍କ ପାଇଁ ସ୍ୱତନ୍ତ୍ର ଥିଲା। କାରଣ ଏହା ତାଙ୍କ ମାଆଙ୍କ ଜନ୍ମ ତାରିଖର ସଂଖ୍ୟା ଥିଲା। ▶ପୃଷ୍ଠା-୭

## ଜମି ପାଇଁ ବାପାକୁ ଟାଙ୍ଗିଆରେ ହାଣି ହତ୍ୟା

■ ଉମରକୋଟ, ୨୮।୧୦ (ସମିସ): ଅଢ଼େଇ ଏକର ଜମି ପାଇଁ ୮୦ ବର୍ଷର ବୁଢ଼ା ବାପାକୁ ଟାଙ୍ଗିଆରେ ହାଣି ମାରିଦେଲା ପୁଅ। ନବରଙ୍ଗପୁର ଜିଲ୍ଲା ଉମରକୋଟ ବ୍ଲକ୍ ବଡ଼ବାସିନୀ ଗ୍ରାମରେ ଏହି ଘଟଣା ଘଟିଛି। ମୃତକ ହେଲେ, ସାଧୁ ରାଜଗଣ୍ଡ। ଉମରକୋଟ ପୁଲିସ ସାଧୁଙ୍କ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଭିଯୁକ୍ତ ପୁଅ ବିଶ୍ୱନାଥକୁ ଗିରଫ କରିଛି।

ସୂଚନାନୁସାରେ ସାଧୁଙ୍କ ୨ଟି ପତ୍ନୀ ଅଛନ୍ତି। ବିଶ୍ୱନାଥ ପ୍ରଥମ ପତ୍ନୀଙ୍କ ପୁଅ ହୋଇଥିବା ବେଳେ ଦ୍ୱିତୀୟ ପତ୍ନୀଙ୍କ ଗୋଟିଏ ଝିଅ ରହିଛି। ସାଧୁଙ୍କ ୫ ଏକର ଜମି ଥିଲା। ପୁଅକୁ ୨.୫୦ଏକର ଜମି ଚାଷ ପାଇଁ ଦେଇଥିବା ବେଳେ ବଳକା ୨.୫୦ ଏକର ଜମି ଅନ୍ୟ ଲୋକଙ୍କ ଦ୍ୱାରା ନିଜେ ଚାଷ କରାଉଥିଲେ। କିନ୍ତୁ ସବୁ ଜମି ଦେଇଦେବା ପାଇଁ ସାଧୁଙ୍କ ସହ ପ୍ରାୟ ସମୟରେ ଗଣ୍ଡଗୋଳ କରୁଥିଲା ବିଶ୍ୱନାଥ। ଗତ କିଛି ଦିନ ହେବ ବାପା-ପୁଅଙ୍କ ଭିତରେ ତିକ୍ତତା ବଢ଼ି ଯାଇଥିଲା। ଗତରାତିରେ ସାଧୁ ଶୋଇଥିବା ବେଳେ ବିଶ୍ୱନାଥ ଏକ ଟାଙ୍ଗିଆରେ ତାଙ୍କ ଛାତି, ହାତ ଓ ଜଙ୍ଘକୁ ହାଣି ପକାଇଥିଲା। ସାଧୁଙ୍କ ଚିତ୍କାର ଶୁଣି ବିଶ୍ୱନାଥ ଘଟଣାସ୍ଥଳରୁ ଫେରାର୍ ହୋଇଯାଇଥିଲା। ଖବର ପାଇ ଝିଅ ଲକ୍ଷ୍ମୀ ଦୁରୁଆ(୩୦) ଘଟଣାସ୍ଥଳରେ ପହଞ୍ଚି ଗୁରୁତର ବାପାଙ୍କୁ ଉମରକୋଟ ଉପଖଣ୍ଡ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ଚିକିତ୍ସାଧୀନ ଅବସ୍ଥାରେ ସେଠାରେ ସାଧୁଙ୍କ ମୃତ୍ୟୁ ହୋଇଯାଇଥିଲା। ଏନେଇ ଅଭିଯୋଗ ହେବା ପରେ ଉମରକୋଟ ପୁଲିସ ବିଶ୍ୱନାଥକୁ ଗିରଫ କରିଛି ବୋଲି ଉମରକୋଟ ଆଇଆଇସି ରମା କାନ୍ତ ସାଏ ସୂଚନା ଦେଇଛନ୍ତି।

## ଦୁର୍ଗାପୁରରେ ଓଡ଼ିଆ ମେଡିକାଲ ଛାତ୍ରୀଙ୍କ ଗଣଦୁଷ୍କର୍ମ ମାମଲା

# ପୀଡ଼ିତାଙ୍କ ପୁରୁଷ ବନ୍ଧୁ ହିଁ ମାଷ୍ଟରମାଇଣ୍ଡ

■ କୋଲକାତା, ୨୮।୧୦ (ଏଜେନ୍ସି): ପଶ୍ଚିମ ବଙ୍ଗ ଦୁର୍ଗାପୁରରେ ଓଡ଼ିଆ ମେଡିକାଲ ଛାତ୍ରୀ ଗଣଦୁଷ୍କର୍ମ ମାମଲାରେ ପୁଲିସ ମୁଖ୍ୟ ଅଭିଯୁକ୍ତ ଏବଂ ଅନ୍ୟ ୫ ସହ ଅଭିଯୁକ୍ତଙ୍କୁ ଚିହ୍ନଟ କରିଛି। ଆଜି ଏସଂକ୍ରାନ୍ତ ଟିଆଇ ପରେଡ୍ ରିପୋର୍ଟ ଦୁର୍ଗାପୁର ଏସ୍‌ଡିଜେଏମ୍ କୋର୍ଟରେ ଦାଖଲ ହୋଇଛି। ପୀଡ଼ିତାଙ୍କ ପୁରୁଷ ବନ୍ଧୁ ହିଁ ସମଗ୍ର ଦୁଷ୍କର୍ମ ଘଟଣାର ମାଷ୍ଟରମାଇଣ୍ଡ ବୋଲି ଜଣାପଡ଼ିଛି।

ପୀଡ଼ିତା ଦୁର୍ଗାପୁରର ଏକ ଘରୋଇ ମେଡିକାଲ କଲେଜର ଦ୍ୱିତୀୟ ବର୍ଷ ଛାତ୍ରୀ। ଗତ ଅକ୍ଟୋବର ୧୦ ତାରିଖ ରାତିରେ ହୋଇଥିବା ଗଣଦୁଷ୍କର୍ମରେ ତାଙ୍କର ପୁରୁଷ ବନ୍ଧୁ ଓ ଅନ୍ୟ ୫ ଜଣ ସାମିଲ ଥିଲେ। ପୀଡ଼ିତାଙ୍କ ଓକିଲ ପାର୍ଥ ଘୋଷ କହିଛନ୍ତି,



ଏହି ମାମଲାରେ ମୁଖ୍ୟ ଅଭିଯୁକ୍ତ ହେଉଛି ଫିରଦୋସ ଶେଖ୍। ଅନ୍ୟ ୫ ଜଣଙ୍କୁ ଏଥିରେ ସହଅଭିଯୁକ୍ତ କରାଯାଇଛି। ମେଡିକାଲ ଛାତ୍ରୀଙ୍କୁ ଦୁଷ୍କର୍ମ କରିବା ଲାଗି ପୁରୁଷ ବନ୍ଧୁ ହିଁ ଷଡ଼ଯନ୍ତ୍ର ରଚନା କରିଥିଲା ବୋଲି ଘୋଷ କହିଛନ୍ତି।

ଆଜି କୋର୍ଟରେ ଟିଆଇ ପରେଡ ରିପୋର୍ଟ ଉପସ୍ଥାପନ କରାଯାଇଥିଲା। ସମସ୍ତ ୬ ଜଣ ଅଭିଯୁକ୍ତଙ୍କୁ ଭିଡିଓ

### ୩୧ ଯାଏଁ ବଢ଼ିଲା ହାଜତ ମିଆଦ

କନଫେରେନସିଂ ଜରିଆରେ କୋର୍ଟରେ ହାଜର କରାଯାଇଥିଲା। ଅଭିଯୁକ୍ତମାନଙ୍କ ତରଫରୁ କୌଣସି ଓକିଲ ମାମଲା ଲଢୁ ନ ଥିବାରୁ ସେମାନେ ନିଜ ଆଡୁ ଜାମିନ ଆବେଦନ କରିଥିଲେ। କୋର୍ଟ ସେମାନଙ୍କର ଆବେଦନକୁ ନାମଞ୍ଜୁର କରିବା ସହିତ ବିଚାର ବିଭାଗୀୟ ହାଜତ ମିଆଦ ଆସନ୍ତା ୩୧ ତାରିଖ ପର୍ଯ୍ୟନ୍ତ ବଢ଼ାଇ ଦେଇଛନ୍ତି। ବିଚାର ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ ହେଲେ ପୁଲିସକୁ ଯଥାଶୀଘ୍ର ଚାର୍ଜସିଟ୍ ଦାଖଲ କରିବାକୁ ପଡ଼ିବ ବୋଲି ବିଚାରପତି କହିଥିଲେ। ଆସନ୍ତା ୩୧ ତାରିଖରେ ମାମଲାର ପରବର୍ତ୍ତୀ ଶୁଣାଣି ହେବାକୁ ଥିବା ବେଳେ ଏହାପୂର୍ବରୁ ଚାର୍ଜସିଟ୍ ଦାଖଲ କଲେ ଭଲ। ଚାର୍ଜସିଟର କପି ସମସ୍ତ ପକ୍ଷଙ୍କୁ ଦିଆଯିବା ପରେ କୋର୍ଟରେ ଚାର୍ଜଫ୍ରେମ ହେବ। ଏହାପରେ ବିଚାର ପ୍ରକ୍ରିୟା ଆରମ୍ଭ ହୋଇପାରିବ ବୋଲି କୋର୍ଟ କହିଥିଲେ।


ସୂଚନାଯୋଗ୍ୟ ଯେ ଗତ ୧୦ ତାରିଖ ରାତିରେ ଦୁର୍ଗାପୁରର ଏହି ଘରୋଇ ମେଡିକାଲ କଲେଜ ବାହାରକୁ ପୀଡ଼ିତାଙ୍କୁ ଡାକିନେଇଥିଲା ତାଙ୍କର ସହପାଠୀ ତଥା ପୁରୁଷ ବନ୍ଧୁ। ଖାଇବା ବାହାନାରେ ପୀଡ଼ିତାଙ୍କୁ ସେ ମେଡିକାଲ ନିକଟବର୍ତ୍ତୀ ଜଙ୍ଗଲିଆ ଅଞ୍ଚଳକୁ ନେଇଯାଇଥିଲା। ପୂର୍ବରୁ ସେଠାରେ ଅପେକ୍ଷାରେ ଥିବା ଅନ୍ୟ ୫ ଜଣ ପୀଡ଼ିତାଙ୍କୁ ଟେକିନେଇ ଗଣଦୁଷ୍କର୍ମ କରିଥିଲେ। ଏହି ଜଘନ୍ୟ ▶ପୃଷ୍ଠା-୭



ବାତ୍ୟା 'ମୋନ୍ଥା' ସ୍ଥଳଭାଗ ଛୁଇଁବା ପୂର୍ବରୁ ଆନ୍ଧ୍ର ପ୍ରଦେଶର କାକିନାଡ଼ାରେ ଭୀଷଣ ବର୍ଷା । ପାଣି ଘେରରେ ଉପକୂଳିଆ ଅଞ୍ଚଳ

# ଜାମାଇକାରେ ମାଡ଼ ହେବ ବିଶ୍ୱର ଭୟଙ୍କର ତୋଫାନ 'ମେଲିସା'

ୱାଶିଂଟନ, ୨୮।୧୦ (ଏଜେନ୍ସି): କାରିବିଆନ ଦେଶ ଜାମାଇକା ଅଭିମୁଖେ ବଡ଼ ବିପଦ ମାଡ଼ି ଚାଲିଛି । ବିପଦର ନାମ 'ମେଲିସା' । ଏହା ଚଳିତ ବର୍ଷର ସବୁଠାରୁ ଭୟଙ୍କର ଝଡ଼ ତୋଫାନ ପାଲଟି ଯାଇଛି । ଏହା ମଙ୍ଗଳବାର ରାତିରେ ଜାମାଇକା ଉପକୂଳରେ ସ୍ଥଳଭାଗ ଛୁଇଁପାରେ । ଏହା ପୂର୍ବରୁ ମେଲିସା ହାଇତି ଏବଂ ଡୋମିନିକାନ ରିପବ୍ଲିକାନରେ ବିପର୍ଯ୍ୟୟ ସୃଷ୍ଟି କରିଥିଲା । ଏହା ଜାମାଇକା, ହାଇତିରେ ୩ ଜଣ ଲେଖାଏଁ ଡୋମିନିକାନରେ ଜଣଙ୍କ ଜୀବନ ନେଇଛି । ଏହାର ପ୍ରଭାବରେ ଭୀଷଣ ବର୍ଷା ଏବଂ ଭୟଙ୍କର ପବନ ହେଉଛି । ଏହାକୁ ନେଇ ଆମେରିକା ପାଣିପାଗ ବିଜ୍ଞାନୀ ବଡ଼ ଚେତାବନୀ ଦେଇଛନ୍ତି । ମେଲିସା ବିନାଶକାରୀ ସାବ୍ୟସ୍ତ ହୋଇପାରେ ବୋଲି କୁହାଯାଇଛି । ଏବେ ମେଲିସା ଘଣ୍ଟା ପ୍ରତି ୨୮୨ କିମି ବେଗରେ ଆଗକୁ ବଢ଼ି ଚାଲିଛି । ଏହା ପଞ୍ଚମ ଶ୍ରେଣୀର ଝଡ଼ ପାଲଟି ଯାଇଛି । ଏହା ସବୁଠାରୁ ବିପଜ୍ଜନକ ଶ୍ରେଣୀରେ ଯାଉଛି । ଏହା ମଙ୍ଗଳବାର ସନ୍ଧ୍ୟାରେ ଜାମାଇକା ଉପକୂଳରେ ମାଡ଼ ହୋଇପାରେ । ବାତ୍ୟାର ଭୟବହତାକୁ ଦେଖି କ୍ୟୁବାରୁ ୬ ଲକ୍ଷ ଏବଂ ଜାମାଇକାରୁ ୨୮ ହଜାରରୁ ଅଧିକ ଲୋକଙ୍କୁ ଉଦ୍ଧାର କରି ସୁରକ୍ଷିତ ସ୍ଥାନକୁ ନିଆଯାଇଛି ।



ଅନ୍ୟପକ୍ଷରେ ଆମେରିକା ବାୟୁସେନା ରିଜର୍ଭର ୪୦୩ତମ ଶାଖା 'ହୁରିକେନ ହର୍ଣ୍ଟର୍ସ' ପକ୍ଷରୁ ଏକ ଭିଡିଓ ଜାରି କରାଯାଇଛି । ଏଥିରେ ଝଡ଼ତୋଫାନର ମଧ୍ୟଭାଗର ଦୃଶ୍ୟ ଦେଖିବାକୁ ମିଳୁଛି । ଭୟଙ୍କର ମେଘମାଳ ଯାଉଥିବା ଦେଖାଯାଉଛି । ଜାମାଇକା ଅଭିମୁଖେ ମେଲିସା ବଢୁଥିବାବେଳେ ରବିବାର ଏହି ଭିଡିଓ ସୁଟିଂ କରାଯାଇଥିଲା । ଶନିବାର ଏହି ଝଡ଼ ତୋଫାନ ୧୨୦ କିମି ବେଗରେ ଗତି କରୁଥିଲା । ମାତ୍ର ୨୪ ଘଣ୍ଟା ଭିତରେ ରବିବାର ରାତି ସୁଦ୍ଧା ଏହା ୨୨୫ ବେଗରେ ଗତି କରିବାକୁ ଲାଗିଥିଲା । ସୋମବାର ରାତିରେ ଏହାର ବେଗ ୨୬୦ କିମି ଛୁଇଁ ଥିଲା । ତେଣୁ ଏହା ପଞ୍ଚମ ଶ୍ରେଣୀର ଝଡ଼ ହୋଇଥିଲା । ଏହି ଶ୍ରେଣୀରେ ସାମିଲ ଝଡ଼ର ଘଣ୍ଟା ପ୍ରତି ବେଗ ୨୫୨ କିମିରୁ ଅଧିକ ହୋଇଥାଏ । ଏହାର ବେଗ ଏତେ ଅଧିକ ହୋଇଥାଏ ଯେ ମଜବୁତ ସିମେଣ୍ଟ କଂକ୍ରିଟକୁ ବି କ୍ଷତିଗ୍ରସ୍ତ କରିଦେଇଥାଏ । ବଡ଼ ବଡ଼ ଗଛକୁ ଉପାଡ଼ି ଦେଇଥାଏ । ବିଦ୍ୟୁତ ଏବଂ ଯୋଗାଯୋଗ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍ ହୋଇଯାଇଥାଏ । ସମୁଦ୍ରରୁ ବଡ଼ ବଡ଼ ଲହରୀ ଆସିଥାଏ ।

## ଇରାନରେ ବନ୍ଦୀ ହୋଇଥିବା ୪ ଭାରତୀୟ ସ୍ୱଦେଶ ଫେରିଲେ

ନୂଆଦିଲ୍ଲୀ, ୨୮।୧୦ (ଏଜେନ୍ସି): ଇରାନରେ ବନ୍ଦୀ ୪ ଭାରତୀୟ ନାଗରିକ ମଙ୍ଗଳବାର ସକାଳେ ଦିଲ୍ଲୀରେ ପହଞ୍ଚିଛନ୍ତି । ଏମାନେ ଗୁଜରାଟର ବାସିନ୍ଦା । ସମସ୍ତେ ଆଜି ସ୍ୱଦେଶ ଫେରିଛନ୍ତି । ମନସା ବିଧାୟକ ଜେଏସ ପଟେଲ ଏହି ସୂଚନା ଦେଇଛନ୍ତି । ଏହି ୪ ଜଣ ବେଆଇନ ଭାବେ ଆମେରିକା ଯିବାକୁ ପ୍ରୟାସ କରୁଥିଲେ । ଏହି ସମୟରେ ଇରାନର ତେହରାନ ବିମାନବନ୍ଦରରେ ସେମାନଙ୍କୁ ଅପହରଣ କରି ନିଆଯାଇଥିଲା । ଅପହରଣକାରୀମାନେ ଏହି ଭାରତୀୟଙ୍କୁ ବନ୍ଦୀ ବନାଇ ପରିବାର ଲୋକଙ୍କୁ ୨ କୋଟି ଟଙ୍କା ଲେଖାଏଁ ମାଗିଥିଲେ । ଏ ନେଇ ପରିବାର ସଦସ୍ୟଙ୍କୁ ଏକ ଭିଡିଓ ପଠା ଯାଇଥିଲା । ଏଥିରେ ୪ ଜଣଙ୍କୁ ଉଲଗ୍ନ କରି ମୁହଁ ବାନ୍ଧି ତଳେ ବସାଇ ଦିଆଯାଇଥିବା ଦେଖିବାକୁ ମିଳିଥିଲା । ଏହା ପରେ ଭାରତ ସରକାରଙ୍କ ମାମଲାରେ ହସ୍ତକ୍ଷେପ କରିଥିଲେ । ଇରାନ ସରକାର ଚାରି ଜଣଙ୍କୁ ବନ୍ଦୀଙ୍କ କବଳରୁ ମୁକ୍ତ କରିଥିଲେ । ଏବେ ସମସ୍ତେ ଟ୍ରେନରେ ଗୁଜରାଟ ଫେରିବେ । ଅପହୃତଙ୍କ ମଧ୍ୟରେ ଜଣେ ମହିଳା ଏବଂ ତିନି ପୁରୁଷ ସାମିଲ ଅଛନ୍ତି । ତିନି ଜଣ ଗାନ୍ଧୀନଗରର ହୋଇଥିବାବେଳେ ଅନ୍ୟ ଜଣେ ବଡପୁରାର ବାସିନ୍ଦା ଥିଲେ ।

## ଇସ୍ରାଏଲ-ପାକିସ୍ତାନ ମଧ୍ୟରେ ଗୁପ୍ତ ଚୁକ୍ତି

ଇସଲାମାବାଦ, ୨୮।୧୦ (ଏଜେନ୍ସି): ପାକିସ୍ତାନ ସହ ଭାରତର ବନ୍ଧୁ ରାଷ୍ଟ୍ର ଇସ୍ରାଏଲ ଗୁପ୍ତ ଚୁକ୍ତି ସ୍ୱାକ୍ଷର କରିଛି । ଏହି ଚୁକ୍ତି ଅଧିନରେ ଗାଜାକୁ ପାକିସ୍ତାନ ୨୦ ହଜାର ସୈନ୍ୟ ପଠାଇବ । ଏହି ସୈନ୍ୟ ହମାସ ଠାରୁ ଅସ୍ତ୍ରଶସ୍ତ୍ର ଆଣି ଆତ୍ମସମର୍ପଣ କରାଇବେ ଏବଂ ଅଞ୍ଚଳରେ ଶାନ୍ତି ପ୍ରତିଷ୍ଠା କରିବେ । ଏହି ପାକିସ୍ତାନୀ ସୈନିକ ଇଣ୍ଟରନ୍ୟାସନାଲ ଷ୍ଟାବିଲାଇଜେସନ ଫୋର୍ସ (ଆଇଏସଏଫ)ର ଅଂଶ ହେବେ । ଏମାନେ ହିଁ ଗାଜାରେ ଶାନ୍ତି ଚୁକ୍ତିକୁ କାର୍ଯ୍ୟକାରୀ କରିବେ । ଏହାକୁ ନେଇ ଇଜିପ୍ଟର ରାଜଧାନୀ କାଇରୋରେ ଏକ ଗୁପ୍ତ ବୈଠକ ହୋଇଥିଲା । ଏଥିରେ ଇସ୍ରାଏଲ ଗୁଇନ୍ଦା ଏଜେନ୍ସି ମୋସାଦର ବଡ଼ ଅଧିକାରୀଙ୍କ ସହ ପାକିସ୍ତାନ ଏବଂ ଆମେରିକା ଗୁଇନ୍ଦା ଅଧିକାରୀ ସାମିଲ ହୋଇଥିଲେ । ତେବେ ତୁର୍କୀ, ଅଜରବୈଜାନ ଏବଂ କାତାର ଏହି ନିଷ୍ପତ୍ତି ଉପରେ ଅସନ୍ତୋଷ ପ୍ରକାଶ କରିଛନ୍ତି । ପାକିସ୍ତାନ ସୈନିକ ଗାଜାରେ ମୁତୟନ ହୁଅନ୍ତୁ ବୋଲି ଏହି ଦେଶ ଚାହୁଁନାହାନ୍ତି । ପାକିସ୍ତାନ ସହ ତୁର୍କୀର ଘନିଷ୍ଠ ସମ୍ବନ୍ଧ ରହିଛି । ଏହା ସତ୍ତ୍ୱେ ବି ତୁର୍କୀ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଅସନ୍ତୁଷ୍ଟ କରିବାକୁ ଚାହୁଁନାହିଁ । ତେଣୁ ଚୁପ୍ ରହିଛି ।

# କୋଭିଡରେ ମୃତ ଘରୋଇ ଡାକ୍ତରଙ୍କୁ ମିଳୁ ସରକାରୀ ବୀମାର ଲାଭ



- ସୁପ୍ରିମକୋର୍ଟରେ ଡାକ୍ତରଙ୍କୁ କରୋନା କ୍ଷତିପୂରଣ ପ୍ରଦାନ ମାମଲା
- ଡାକ୍ତରଙ୍କ ଧ୍ୟାନ ରଖିବା ଆମ ଦାୟିତ୍ୱ, ନହେଲେ ସମାଜ କ୍ଷମା ଦେବନାହିଁ

ନୂଆଦିଲ୍ଲୀ, ୨୮।୧୦ (ଏଜେନ୍ସି): ଯଦି ନ୍ୟାୟପାଳିକା ଡାକ୍ତରଙ୍କ ଧ୍ୟାନ ରଖିବେ ନାହିଁ ଏବଂ ତାଙ୍କ ସହ ଛିଡାହେବ ନାହିଁ ତେବେ ସମାଜ ଆମକୁ କେବେ କ୍ଷମା କରିବ ନାହିଁ । କରୋନା ସମୟରେ ପ୍ରାଣ ହରାଇଥିବା ଘରୋଇ ଡାକ୍ତର ଏବଂ ସ୍ୱାସ୍ଥ୍ୟକର୍ମୀଙ୍କୁ ସରକାରୀ ବୀମା ଯୋଜନାର ଲାଭ ଦେବା ଆବେଦନ ଉପରେ ଶୁଣାଣି କରି ସୁପ୍ରିମକୋର୍ଟ ମଙ୍ଗଳବାର ଏହି ଟିପ୍ପଣୀ ଦେଇଛନ୍ତି । ଜଷ୍ଟିସ ପି ଏସ ନରସିହ୍ମା ଏବଂ ଜଷ୍ଟିସ ଆର ମହାଦେବନଙ୍କ ଖଣ୍ଡପୀଠ କହିଛନ୍ତି ଯେ ବୀମା କମ୍ପାନୀଗୁଡ଼ିକ ବୈଧ ଦାବି ଗୁଡିକର ସମାଧାନ ସହ ଅର୍ଥ ପ୍ରଦାନ କରିବା ଉଚିତ । ସରକାର ଏହା ସୁନିଶ୍ଚିତ କରିବା ଆବଶ୍ୟକ । ଘରୋଇ ଡାକ୍ତର କେବଳ ଲାଭ ପାଇଁ କାମ କରୁଛନ୍ତି ବୋଲି ଭାବିବା ଭୁଲ୍ । କରୋନା ସମୟରେ ଲୋକଙ୍କ ସେବା କରି ପ୍ରାଣ ହରାଇଥିବା ଘରୋଇ ଡାକ୍ତରଙ୍କ ବୀମା ଦାବି ଖାରଜ କରିବା ଅନୁଚିତ । ଖାଲି ସେ ଘରୋଇ ଡାକ୍ତରଖାନାରେ କାମ କରୁଥିବା କହି ପରିବାରର ବୀମା ଦାବି ଖାରଜ କରିବା ଭୁଲ୍ ହେବ । କରୋନା ମୁକାବିଲା ପାଇଁ ଧାର୍ଯ୍ୟ ସର୍ତ୍ତ ଅନୁଯାୟୀ ଏବଂ ଯଦି କରୋନାରେ ଡାକ୍ତର ପ୍ରାଣ ହରାଇଛନ୍ତି ତେବେ ବୀମା ବାବଦ ଅର୍ଥ ପ୍ରଦାନ କରିବା ପାଇଁ କେନ୍ଦ୍ର ବୀମା କମ୍ପାନୀକୁ କହିବା ଉଚିତ ।

ପ୍ରଧାନମନ୍ତ୍ରୀ ବୀମା ଯୋଜନା ବ୍ୟତୀତ ଏଭଳି ଆଉ କ'ଣ ଯୋଜନା ଅଛି ତାହାର ସୂଚନା ଦେବାକୁ ସୁପ୍ରିମକୋର୍ଟ କେନ୍ଦ୍ରକୁ ନିର୍ଦ୍ଦେଶ ଦେଇଛନ୍ତି । ଏଭଳି ମାମଲାର ସମାଧାନ ପାଇଁ ବୀମା କମ୍ପାନୀଙ୍କ ନିମନ୍ତେ ଏକ ନିୟମ ଧାର୍ଯ୍ୟ କରିବେ ବୋଲି ସୁପ୍ରିମକୋର୍ଟ କହିଛନ୍ତି । ଏହି ଆଧାରରେ ବୀମା କମ୍ପାନୀ ଆଗାମୀ ଦାବିଗୁଡିକର ସମାଧାନ କରିବେ । ପ୍ରଦୀପ ଆରୋରା ଏବଂ ଅନ୍ୟ ଲୋକମାନଙ୍କ ଆବେଦନ ଉପରେ ବିଚାର କରି କୋର୍ଟ ଏହି ରାୟ ଦେଇଛନ୍ତି । ଏଥିରେ ୨୦୨୧ ମାର୍ଚ୍ଚ ୯ରେ ବମ୍ବେ ହାଇକୋର୍ଟ ଦେଇଥିବା ନିଷ୍ପତ୍ତିକୁ ବିରୋଧ କରାଯାଇଥିଲା । ସେତେବେଳେ ହାଇକୋର୍ଟ କହିଥିଲେ ଯେ ଯଦି ସରକାର ଆନୁଷ୍ଠାନିକ ଭାବେ ଘରୋଇ ଡାକ୍ତରଙ୍କୁ ସେବା ମାଗିଥିବେ ତେବେ ଘରୋଇ ହସ୍ପିଟାଲର ଡାକ୍ତର ଏବଂ ଅନ୍ୟ କର୍ମଚାରୀଙ୍କୁ ବୀମା ଲାଭ ମିଳିବ । ଏହା କିରନ ଭାସ୍କର ସୁର୍ଗଡେଙ୍କ ମାମଲା ସମ୍ବନ୍ଧିତ । ସେ ୨୦୨୦ ମାର୍ଚ୍ଚରେ କରୋନାରେ ନିଜ ସ୍ୱାମୀଙ୍କୁ ହରାଇ ଥିଲେ । ତାଙ୍କ ସ୍ୱାମୀ ଥାନେରେ ଏକ ଘରୋଇ କ୍ଲିନିକ ଚଳାଉ ଥିଲେ । ତାଙ୍କ କ୍ଲିନିକ ମାନ୍ୟତା ପ୍ରାପ୍ତ କରୋନା ହସ୍ପିଟାଲ ହୋଇ ନ ଥିବା କହି ବୀମା ଦାବିକୁ କମ୍ପାନୀ ଖାରଜ କରି ଦେଇଥିଲା । ସୂଚନାଯୋଗ୍ୟ ଯେ ପ୍ରଧାନମନ୍ତ୍ରୀ ଗରିବ କଲ୍ୟାଣ ପ୍ୟାକେଜ (ପିଏମଜେକେପି) ୨୦୨୦ ମାର୍ଚ୍ଚରୁ ଆରମ୍ଭ ହୋଇଥିଲା । ଏହି ଯୋଜନା ଅଧିନରେ କରୋନା କାର୍ଯ୍ୟରେ ମୁତୟନ ଥିବା ସ୍ୱାସ୍ଥ୍ୟକର୍ମୀଙ୍କୁ ୫୦ ଲକ୍ଷ ଟଙ୍କାର ବୀମା ପ୍ରଦାନ କରାଯାଇଥିଲା । କରୋନାରେ ମୃତ୍ୟୁହେଲେ ପରିବାର ସଦସ୍ୟଙ୍କୁ ଏହି ରାଶି ପ୍ରଦାନ କରାଯାଉଥିଲା ।

# ସରକାରୀ ଚାକିରୀ, ପେନସନ୍, ମାଗଣା ବିଜୁଳି

- ବିହାର ପାଇଁ ତେଜସ୍ୱୀଙ୍କ ପ୍ରତିଶ୍ରୁତି
- ମଞ୍ଚରେ ଦେଖାଗଲେନି ବିହାର କଂଗ୍ରେସ ଅଧ୍ୟକ୍ଷ ଓ ପ୍ରଭାରୀ

ପାଟନା, ୨୮।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପାଇଁ ବିରୋଧୀ ମହାମେଣ୍ଟ 'ଇଣ୍ଡିଆ'ର ନେତା ମଙ୍ଗଳବାର ଘୋଷଣାପତ୍ର ଜାରି କରିଛନ୍ତି । ଏହାର ନାମ 'ତେଜସ୍ୱୀ କା ପ୍ରଣ' ରଖାଯାଇଛି । ଏକ ସ୍ୱତନ୍ତ୍ର ସାମ୍ବାଦିକ ସମ୍ମିଳନୀରେ ମହାମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ଯାଦବ ଏହାକୁ ଜାରି କରିଛନ୍ତି । ଏଥିରେ ଅନେକ ବଡ଼ ବଡ଼ ପ୍ରତିଶ୍ରୁତି ଦିଆଯାଇଛି । ସରକାର ଗଠନର ୨୦ ମାସ ମଧ୍ୟରେ ପ୍ରତ୍ୟକ ପରିବାରରୁ ଜଣକୁ ସରକାରୀ ଚାକିରି ଦେବାକୁ ଘୋଷଣା କରାଯାଇଛି । ଏହାକୁ ସାକାର କରିବା ପାଇଁ ସରକାର ଗଠନର ୨୦ ଦିନ ଭିତରେ ନିୟମ ପ୍ରସ୍ତୁତ କରାଯିବ । ଏହି ଘୋଷଣାପତ୍ରରେ ଯୁବ ଗୋଷ୍ଠୀ, ମହିଳା, ଠିକା କର୍ମଚାରୀ, ପୁରୁଣା ପେନସନଧାରକ, ଚାଷୀ ଏବଂ ଗରିବ ପରିବାର ପାଇଁ ଅନେକ ପ୍ରତିଶ୍ରୁତି ଦିଆଯାଇଛି ।

ଏହା ଜାରି କରି ତେଜସ୍ୱୀ କହିଥିଲେ ଯେ ଆମେ କେବଳ ସରକାର ନୁହେଁ, ବରଂ ବିହାର ଗଠନ ପାଇଁ କାମ କରିବୁ । ଆଜି ମହାମେଣ୍ଟର ସବୁ ସହଯୋଗୀ ମିଶି ଲୋକଙ୍କ ସାମ୍ନାରେ ଘୋଷଣାପତ୍ର ରଖିଛନ୍ତି । ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ମଧ ତେଜସ୍ୱୀ ନିଶାଣ କରିଛନ୍ତି । କଟାକ୍ଷ କରି ତେଜସ୍ୱୀ କହିଥିଲେ ଯେ ସେ ମୁଖ୍ୟମନ୍ତ୍ରୀ ନୀତୀଶଙ୍କ ପ୍ରତି ସହାନୁଭୂତି ରଖିଛନ୍ତି । ବିଜେପି ଏବଂ ଦୁର୍ନୀତିଗ୍ରସ୍ତ ଅଧିକାରୀମାନେ ନୀତୀଶଙ୍କୁ କଣ୍ଢେଇ କରି ରଖିଛନ୍ତି । କେବଳ ତାଙ୍କ ଚେହେରାକୁ ବ୍ୟବହାର କରୁଛନ୍ତି ।



ତେଜସ୍ୱୀଙ୍କ ଏହି ପଣରେ ଲୋକଙ୍କ ପାଇଁ ମାଗଣା ଘୋଷଣାର ବନ୍ୟା କରାଯାଇଛି । ଏଥିରେ ୫ଟି ପ୍ରମୁଖ ଘୋଷଣା ରହିଛି । ସେଗୁଡିକ ହେଲା ପ୍ରତ୍ୟେକ ପରିବାରକୁ ୨୦୦ ୟୁନିଟ ମାଗଣା ବିଜୁଳି । ପ୍ରତିଯୋଗିତାମୂଳକ ପରୀକ୍ଷାର ଫର୍ମ ଏବଂ ପରୀକ୍ଷା ଶୁଳ୍କ ମାଗଣା କରାଯିବ । ୨୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ମାଗଣା ହେବ । ସରକାରୀ ବସ୍‌ରେ ମହିଳା ମାଗଣାରେ ଯାତ୍ରା କରିବେ । ପରିକ୍ଷାର୍ଥୀଙ୍କୁ ମାଗଣାରେ କୋଚିଂ ଦିଆଯିବ । ଏହା ବ୍ୟତୀତ ସବୁ 'ଜୀବିକା ସିଏମ୍ ଦିଦି'ଙ୍କୁ ସରକାରୀ କରାଯିବ ଏବଂ ମାସକୁ ୩୦ ହଜାର ଟଙ୍କା ଦିଆଯିବ । 'ମାଇ-ବହିନ ମାନ ଯୋଜନା'ରେ ମହିଳାଙ୍କୁ ମାସକୁ ୨୫୦୦ ଟଙ୍କା ଲେଖାଏଁ ୫ ବର୍ଷ ପର୍ଯ୍ୟନ୍ତ ପ୍ରଦାନ କରାଯିବ ।

ତେବେ ଏହି ମଞ୍ଚରେ କିଛି ନେତାଙ୍କ ଉପସ୍ଥିତିକୁ ନେଇ ଚର୍ଚ୍ଚା ଲାଗି ରହିଛି । ସାମ୍ବାଦିକ ସମ୍ମିଳନୀରେ ତେଜସ୍ୱୀଙ୍କ ସହ କଂଗ୍ରେସର ରାଜ୍ୟସଭା ସାଂସଦ ଅଖିଳେଶ ସିଂହ ଏବଂ ରାଷ୍ଟ୍ରୀୟ ପ୍ରବକ୍ତା ପବନ ଖେଡ଼ା ଉପସ୍ଥିତ ଥିବା ବେଳେ ବିହାର କଂଗ୍ରେସ ଅଧ୍ୟକ୍ଷ ରାଜେଶ ରାମ କିମ୍ବା ପ୍ରଭାରୀ କୃଷ୍ଣା ଅଲାବାରୁଙ୍କୁ ଦେଖିବାକୁ ମିଳି ନ ଥିଲା । ଏଥିରୁ ଜଣାପଡୁଛି ଯେ ମହାମେଣ୍ଟରେ ସବୁକିଛି ଠିକ୍ ଚାଲିନାହିଁ ।

## ପ୍ରଶାନ୍ତ କିଶୋରଙ୍କ ପାଖରେ ୨ଟି ଭୋଟର କାର୍ଡ

ନୂଆଦିଲ୍ଲୀ, ୨୮।୧୦ (ଏଜେନ୍ସି):ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟିଥିବା ଜନ ସୁରାଜ ପାର୍ଟିର ପ୍ରତିଷ୍ଠାତା ପ୍ରଶାନ୍ତ କିଶୋରଙ୍କୁ ନେଇ ବିବାଦ ସୃଷ୍ଟି ହୋଇଛି । ବିହାର ଉପ-ମୁଖ୍ୟମନ୍ତ୍ରୀଙ୍କ ପରେ ପ୍ରଶାନ୍ତ କିଶୋରଙ୍କ ପାଖରେ ଦୁଇ ଦୁଇଟି ଭୋଟର କାର୍ଡ ଥିବା ଜଣାପଡ଼ିଛି । ପଶ୍ଚିମବଙ୍ଗ ଏବଂ ବିହାରର ଭୋଟର ଭାବେ ସେ ପଞ୍ଜିକୃତ ହୋଇଛନ୍ତି । ସୂଚନା ଅନୁଯାୟୀ ପଶ୍ଚିମବଙ୍ଗର ୧୨୧, କାଳୀଘାଟ ରୋଡର ଭୋଟର ତାଲିକାରେ ତାଙ୍କ ନାମ ରହିଛି । ଏହା କୋଲକାତାର ଭବାନିପୁର ବିଧାନସଭା କ୍ଷେତ୍ରରେ ଥିବା ଟିଏମ୍‌ସି ମୁଖ୍ୟାଳୟର ଠିକଣା । ଏହା ମୁଖ୍ୟମନ୍ତ୍ରୀ ତଥା ଟିଏମ୍‌ସି ମୁଖ୍ୟ ମମତା ବାନାର୍ଜୀଙ୍କ ନିର୍ବାଚନ କ୍ଷେତ୍ର । ୨୦୨୧ ପଶ୍ଚିମବଙ୍ଗ ବିଧାନସଭା ନିର୍ବାଚନରେ ଟିଏମ୍‌ସିର ରାଜନୈତିକ ପରାମର୍ଶଦାତା ଭାବେ ପ୍ରଶାନ୍ତ କିଶୋର କାମ କରିଥିଲେ । ସେହିପରି ବିହାର ରୋହତାସ ଜିଲ୍ଲା ସାସାରାମ ସଂସଦୀୟ କ୍ଷେତ୍ରର କରଗାହର ଠିକଣାରେ ପ୍ରଶାନ୍ତଙ୍କ ଆଉ ଏକ ଭୋଟର ଆଇଡି ରହିଛି । ଏହାର ମତଦାନ କେନ୍ଦ୍ରଟି କୋନାର ମଧ୍ୟ ବିଦ୍ୟାଳୟରେ ରହିଛି । ନିର୍ବାଚନ କମିଶନ ଏହି ମାମଲାକୁ ଗୁରୁତର ସହ ନେଇ ପ୍ରଶାନ୍ତ କିଶୋରଙ୍କୁ ନୋଟିସ ଜାରି କରିଛନ୍ତି । ତିନି ଦିନ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି । ୧୯୫୦ର ଲୋକ ପ୍ରତିନିଧି ଆଇନ ଅନୁଯାୟୀ କୌଣସି ବ୍ୟକ୍ତି ଦୁଇଟି ଭୋଟର କାର୍ଡ ରଖିପାରିବେ ନାହିଁ ।




# ଦିଲ୍ଲୀରେ କ୍ଲାଉଡ୍ ସିଡିଂ ଫେଲ୍ !

ନୂଆଦିଲ୍ଲୀ, ୨୮।୧୦ (ଏଜେନ୍ସି): ଦିଲ୍ଲୀରେ ପ୍ରଦୂଷଣ ସ୍ତର କମିବାର ନା ଧରୁନାହିଁ । ବାୟୁ ମାନ ସୂଚକାଙ୍କ କ୍ରମାଗତ ଭାବେ ବିପଜ୍ଜନକ ସ୍ତରରେ ରହିଛି । ରାଜଧାନୀ ବାୟୁ ଅତ୍ୟନ୍ତ ଖରାପ ଶ୍ରେଣୀକୁ ଚାଲିଯାଇଛି । ଏଥିରୁ ଦିଲ୍ଲୀବାସୀଙ୍କୁ ନିର୍ଯାତ ଦେବା ପାଇଁ କ୍ଲାଉଡ ସିଡିଂ କରାଯାଇଛି । ମଙ୍ଗଳବାର ହେଲିକପ୍ଟର ମାଧ୍ୟମରେ ବାଦଲ ଉପରେ କେମିକାଲ ପକାଯାଇଛି । ଆଜି ଦ୍ୱିପହରେ କାନପୁରର ସ୍ୱତନ୍ତ୍ର ବିମାନ 'ସେସନା' ଉଡ଼ାଣ ଆରମ୍ଭ କରିଥିଲା । ଏହା ଖେକଡ଼ା, ବୁରାଡ଼ି, ମୟୁର ବିହାର ଅଞ୍ଚଳରେ ୬ ହଜାର ଫୁଟ ଉପରୁ ରାସାୟନିକ ପକା ଯାଇଥିଲା । ଏହାର ଚାରି ଘଣ୍ଟା ଭିତରେ ଯେକୌଣସି ସମୟରେ ବର୍ଷା ହୋଇପାରେ ବୋଲି ଆଇଆଇଟି କାନପୁର ଏବଂ ଦିଲ୍ଲୀ ସରକାରଙ୍କ ପକ୍ଷରୁ କୁହାଯାଇଥିଲା । ସମସ୍ତେ ଏହି ବର୍ଷାକୁ ଚାତକ ପରି ଚାହିଁ ରହିଥିଲେ । କିନ୍ତୁ ଚାରି ଘଣ୍ଟାରୁ ଅଧିକ ସମୟ ବିତିବା ପରେ ବି ବର୍ଷାର ଦେଖା ମିଳି ନ ଥିଲା । ରାତି ସାତଟା ସୁଦ୍ଧା ଏହି ଅଞ୍ଚଳର କୌଣସି ସ୍ଥାନରେ ଟୋପେ ବର୍ଷା ହୋଇ ନ ଥିଲା । ଦିଲ୍ଲୀ ପରିବେଶ ମନ୍ତ୍ରୀ ହରମିତ ସିଂହ ସିର୍ସା କହିଥିଲେ ଯେ ଦ୍ୱିତୀୟ ଥର ପାଇଁ ଏପରି ପରୀକ୍ଷଣ କରାଯାଇଛି । ଆଜି ବିମାନ ପ୍ରାୟ ଅଧ ଘଣ୍ଟା ପର୍ଯ୍ୟନ୍ତ କ୍ଲାଉଡ ସିଡିଂ କରିଥିଲା । ଏହି ସମୟରେ ୮ ଫ୍ଲେୟର୍ସ ଛଡ଼ା ଯାଇଥିଲା । ଏହାର ଓଜନ ୨ରୁ ଅଢେଇ କେଜି ମଧ୍ୟରେ ହେବ । ଯଦି ପାଣିପାଗ ଠିକ୍ ରହିଲା ତେବେ ଦିନକୁ ୯ରୁ ୧୦ ଥର କ୍ଲାଉଡ ସିଡିଂ କରାଯିବ । ଆଇଆଇଟି କାନପୁର ପକ୍ଷରୁ ଏହି ବ୍ୟବସ୍ଥା ବିକଶିତ କରାଯାଇଛି ।

## ୪ ଘଣ୍ଟା ପରେ ବି ହେଲାନି ବର୍ଷା

ଅନ୍ୟପକ୍ଷରେ ଦିଲ୍ଲୀରେ ପ୍ରଦୂଷଣକୁ ନିୟନ୍ତ୍ରଣ କରିବା ପାଇଁ ସରକାର କଠୋର ପଦକ୍ଷେପ ନେଇଛନ୍ତି । ନଭେମ୍ବରରୁ ଦିଲ୍ଲୀରେ ବିଏସ୍-୪ ଗାଡ଼ି ପ୍ରବେଶ ଉପରେ କଟକଣା ଲଗାଇ ଦିଆଯାଇଛି । ବିଏସ-୬ ଅନୁକୂଳ ହୋଇ ନ ଥିବା ଗାଡ଼ିଗୁଡିକୁ ରାଜଧାନୀରେ ପ୍ରବେଶ ପାଇଁ ଅନୁମତି ଦିଆଯିବ ନାହିଁ । ତେବେ ଆଜି ଦିଲ୍ଲୀ ବାୟୁ ମାନରେ ସାମାନ୍ୟ ସୁଧାର ଆସିଛି । ମଙ୍ଗଳବାର ଏକ୍ୟୁଆଇ ୩୦୬ ରେକର୍ଡ କରାଯାଇଛି । ସୁଧାର ସତ୍ତ୍ୱେ ବାୟୁ ଏବେ ବି ଅତ୍ୟନ୍ତ ଖରାପ ଶ୍ରେଣୀରେ ରହିଛି । ଅନ୍ୟପକ୍ଷରେ ଦିଲ୍ଲୀର ପ୍ରଦୂଷଣ ମାପ କରୁଥିବା କେନ୍ଦ୍ରର ଏକ ଭିଡିଓ ଖୁବ ଭାଇରାଲ ହେବାରେ ଲାଗିଛି । ଏହି ପ୍ରଦୂଷଣ ମାପକ ଯନ୍ତ୍ର ଲାଗିଥିବା ସ୍ଥାନର ଚାରିପାଖରେ ବୁଲି ଟ୍ରକ୍‌ଗୁଡିକ ପାଣି ସିଞ୍ଚୁ ଥିବା ଦେଖାଯାଉଛି । ଦିନ ଯାକ ଏପରି କରାଯାଉଛି । ଭିଡିଓରେ ଦାବି କରାଯାଉଛି ଯେ ଏହି ସ୍ଥାନରୁ ସାରା ଦିଲ୍ଲୀରେ ପ୍ରଦୂଷଣ ସ୍ତର ମାପ କରାଯାଇଥାଏ । ଏହାର ଆଖପାଖକୁ ଥଣ୍ଡା ରଖିଲେ ପ୍ରଦୂଷଣ ସ୍ତର କମ୍ ଦେଖାଇ ଥାଏ ବୋଲି କୁହାଯାଉଛି । ତେଣୁ ପ୍ରଦୂଷଣ ରୋକିବା ପରିବର୍ତ୍ତେ ଦିଲ୍ଲୀ ସରକାର ଏଭଳି ଅଭିନବ ଉପାୟ ଅବଲମ୍ବନ କରୁଥିବା ଚର୍ଚ୍ଚା ହେଉଛି ।

# ଚର୍ଚ୍ଚାରେ ୧୫ କୋଟିର ଘୋଡ଼ା



ଆଜମେର, ୨୮।୧୦ (ଏଜେନ୍ସି): ଆଜମେରର ପୁଷ୍କରରେ ପଶୁ ମେଳା ଲାଗିଛି । ଏହି ମେଳା ପଡ଼ିଆରେ ଘୋଡ଼ାଙ୍କ ଗହଳି ଲାଗିଛି । ପଞ୍ଜାବ, ହରିୟାଣାରୁ ଆସିଥିବା ଘୋଡ଼ା ମାଲିକ ବିଳାଶପୂର୍ଣ୍ଣ ଟେଣ୍ଟରେ ନିଜ ଘୋଡ଼ାଙ୍କ ସହ ବିଶ୍ରାମ ନେଉଛନ୍ତି । ଆଉ ଏହି ଟେଣ୍ଟ ବାହାରେ ମହଙ୍ଗା ଗାଡ଼ିର ଧାଡ଼ି ଲାଗିଛି । ତେବେ ଏହି ମେଳାରେ ଧଳାର ରଙ୍ଗ ଘୋଡ଼ା 'ଶାବାଜ'କୁ ଦେଖିବା ପାଇଁ ଲୋକଙ୍କ ଗହଳି ଲାଗିଛି । କାରଣ ଏହି ଘୋଡ଼ାର ମୂଲ୍ୟ ୧୫ କୋଟି ଟଙ୍କା । ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଶାବାଜର ବ୍ରିଡିଂ ପାଇଁ ୨ ଲକ୍ଷ ଟଙ୍କା ଦେବାକୁ ପଡୁଛି । ଯିଏ ଏହା ଶୁଣୁଛି ସେ ଆଶ୍ଚର୍ଯ୍ୟ ହୋଇ ଯାଉଛି । ଏହି ଘୋଡ଼ା ୬ଟି ଶୋ' ଜିତିଲାଣି । ସେହିପରି ଏହି ମେଳାକୁ ୫ ବର୍ଷୀୟ ଘୋଡ଼ା 'ବାଦଲ' ପହଞ୍ଚିଛି । ସେ ଏ ପର୍ଯ୍ୟନ୍ତ ୨୮୫ ଶାବକଙ୍କ ପିତା ପାଲଟି ଗଲାଣି । ଏହାର ମୂଲ୍ୟ ୧୧ କୋଟି ପର୍ଯ୍ୟନ୍ତ ଗଲାଣି । କିନ୍ତୁ ବାଦଲକୁ ବିକିବାକୁ ଚାହୁଁ ନାହାନ୍ତି ତା'ର ମାଲିକ ରାହୁଲ । ଏହା ବ୍ୟତୀତ ୮୦୦ କେଜିର ମଇଁଷୀ ସାମିଲ ହୋଇଛି । ଏହାର ମୂଲ୍ୟ ପ୍ରାୟ ୧୦ ଲକ୍ଷ ଟଙ୍କା ।



ଗଞ୍ଜାମ ଜିଲ୍ଲା ପାତ୍ରପୁରର ଏକାଧିକ ଆଦିବାସୀ ଗାଁ' ବାହ୍ୟଜଗତରୁ ବିଚ୍ଛିନ୍ନ



ଗଞ୍ଜାମ ବ୍ଲକ୍ ପୋଡ଼ମ୍ପେଟାରେ ସମୁଦ୍ର ଗର୍ଭରେ ଲୀନ ହେଲା ୩ ଘର



ମତ୍ସ୍ୟଜୀବୀଙ୍କୁ ଗଞ୍ଜାମ ଜିଲ୍ଲା ପ୍ରଶାସନ ପକ୍ଷରୁ ଖାଦ୍ୟ ପ୍ରଦାନ

■ 'ମୋନ୍ଥା' ପ୍ରଭାବ

## ସମୁଦ୍ରରେ ଫସିଲା ଟ୍ରଲର୍


ବ୍ରହ୍ମଗିରି, ୨୮।୧୦(ସମିସ): ବାତ୍ୟା 'ମୋନ୍ଥା' ପ୍ରଭାବରେ ସମୁଦ୍ରରେ ଫସିଥିବା ଏକ ମାଛଧରା ଟ୍ରଲର୍ ମଙ୍ଗଳବାର ବ୍ରହ୍ମଗିରି ବାଲିହରଚଣ୍ଡୀ ସମୁଦ୍ର କୂଳରେ ଲାଗିଛି। ଉକ୍ତ ଟ୍ରଲର୍‌ଟି ବିଶାଖାପାଟଣା ଅଭିମୁଖେ ଯାଉଥିଲା। କିନ୍ତୁ ସମୁଦ୍ରରେ ବାତ୍ୟାଜନିତ ବର୍ଷା-ପବନରେ ଦିଗହରା ହୋଇ ଯାଇଥିଲା। ଏହାସହ ଟ୍ରଲର୍‌ରେ ଯାନ୍ତ୍ରିକ ତ୍ରୁଟି ଦେଖାଦେଇଥିଲା। ଫଳରେ ସୋମବାର ରାତିରେ ସମୁଦ୍ର ଭିତରେ ଫସି ରହିଥିଲା। ତେବେ ଆଜି ମଧ୍ୟାହ୍ନରେ ତାହା ଭାସିଭାସି ବାଲିହରଚଣ୍ଡୀ ସମୁଦ୍ର କୂଳରେ ଲାଗିଥିଲା। ସେଥିରେ ଥିବା ସମସ୍ତ ୧୦ଜଣ ମତ୍ସ୍ୟଜୀବୀ ସୁରକ୍ଷିତ ଅଛନ୍ତି। ଏହି ଖବର ପ୍ରଘଟ



■ ବାଲିହରଚଣ୍ଡୀ କୂଳରୁ ଉଦ୍ଧାର
■ ୧୦ ମତ୍ସ୍ୟଜୀବୀ ସମେତ ଟନ୍‌ଟନ୍ ମାଛ ଉଦ୍ଧାର

ହେବା ପରେ ଟ୍ରଲର୍ ଦେଖିବା ପାଇଁ ସ୍ଥାନୀୟ ଲୋକଙ୍କ ଭିଡ଼ ଜମିଥିଲା। ସେଥିରେ ଥିବା ୧୦ଟି ବଡ଼ବଡ଼ ମାଛକୁ ଦେଖିବା ପାଇଁ ସ୍ଥାନୀୟ ଅଞ୍ଚଳରୁ ଲୋକମାନେ ରୁଣ୍ଡ ହୋଇଥିଲେ। ଟ୍ରଲରରେ ଥିବା ଟନ୍ ଟନ୍ ବଡ଼ ତୁମୁଡ଼ା ମାଛ ଟ୍ରାକ୍ଟର ଦ୍ୱାରା ଆସି କଣ୍ଟେନରରେ ଲୋଡ୍ କରାଯାଇ ବିଶାଖାପାଟଣା ଯିବ ବୋଲି ଜଣାପଡ଼ିଛି।।

## ପେଣ୍ଠ ନିକଟରେ ଧସିଲା ପଥର ବନ୍ଧ



ରାଜନଗର, ୨୮।୧୦ (ସମିସ): ବାତ୍ୟା 'ମୋନ୍ଥା' ପ୍ରଭାବରେ ସମୁଦ୍ର ଅଶାନ୍ତ ହୋଇଉଠିଛି। ଗତକାଲି ରାତିରୁ ପାଗ ପରିବର୍ତ୍ତନ ହୋଇଥିବା ବେଳେ କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ଅଞ୍ଚଳରେ ହାଲୁକା ପବନ ସାଙ୍ଗକୁ ପ୍ରବଳ ବର୍ଷା ଲାଗି ରହିଛି। ସମୁଦ୍ରରେ ବି ଉଚ୍ଚ ଜୁଆର ଉଠି ପଥରବନ୍ଧରେ ମାଡ଼ ହେଉଛି। ରାଜନଗର ବ୍ଲକ୍ ପେଣ୍ଠ ନିକଟରେ ଥିବା ଓଡ଼ିଶାର ପ୍ରଥମ ଜିଓ-ସିନ୍ଥେଟିକ ୱାଲ୍‌ରେ ସମୁଦ୍ର ଜୁଆର ଭୟଙ୍କର ଭାବେ ମାଡ଼ ହେଉଥିବାରୁ ୱାଲ୍ ନିକଟରେ ଥିବା ପଥରବନ୍ଧ କ୍ଷତିଗ୍ରସ୍ତ ହୋଇଛି। ଏହାଦ୍ୱାରା ସମୁଦ୍ର କୂଳରେ ନିର୍ମାଣ ହୋଇଥିବା ପଥରବନ୍ଧ ଧସିଯାଇଛି। ପାଖାପାଖି ୫ଫୁଟ୍ ସମୁଦ୍ର ମଧ୍ୟକୁ ଏହି ପଥର ବନ୍ଧ ଧସିବା ସହ ପଥରଗୁଡ଼ିକୁ ସମୁଦ୍ରକୁ ଭସାଇ ନେଉଛି। ଏହି ଦୃଶ୍ୟ ଦେଖି ସ୍ଥାନୀୟ ଅଞ୍ଚଳବାସୀଙ୍କ ମନରେ ଛନକା ପଶିଛି। ପଥରବନ୍ଧ ନିର୍ମାଣ ସମୟରେ ଛୋଟଛୋଟ ପଥର ପକାଇ ବନ୍ଧ ନିର୍ମାଣ କରାଯାଇଥିବାରୁ ଏପରି ସ୍ଥିତି ଉପୁଜିଛି ବୋଲି ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି।

## ବାତ୍ୟା ଆଶ୍ରୟସ୍ଥଳୀ ଦାୟିତ୍ୱରେ ଥିବା ଯୋଗାଣ ସହାୟକଙ୍କ ମୃତ୍ୟୁ



ରାୟଗଡ଼, ୨୮।୧୦(ସମିସ): ଗଜପତି ଜିଲ୍ଲା ରାୟଗଡ଼ ବ୍ଲକ ପୋତାର ପଞ୍ଚାୟତରୁ ଆସିଛି ଏକ ଦୁଃଖଦ ଖବର। ଏଠାରେ ବାତ୍ୟା ଆଶ୍ରୟସ୍ଥଳୀ ଦାୟିତ୍ୱରେ ଥିବା ଯୋଗାଣ ସହାୟକ ସୁରେନ୍ଦ୍ର ଗମାଙ୍ଗଙ୍କ ଅକାଳ ମୃତ୍ୟୁ ହୋଇଛି। ଆଶ୍ରୟସ୍ଥଳୀରେ ସୋମବାର ରାତିରେ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ନିଜେ ଖାଇସାରି ଶୋଇବା ବେଳେ ହଠାତ୍ ଅସୁସ୍ଥ ହୋଇପଡ଼ିଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ତୁରନ୍ତ ପାରଳାଖେମୁଣ୍ଡି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲେ ମଧ୍ୟ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

## ବଲାଙ୍ଗିରରେ ମୁଣ୍ଡ ନେଲା ଝାଡ଼ାବାନ୍ତି

ବେଲପଡ଼ା, ୨୮ ।୧୦ (ସମିସ): ବଲାଙ୍ଗୀର ଜିଲ୍ଲା ବେଲପଡା ବ୍ଲକ୍ ସୁଲେକେଲା ଗାଁରେ ଝାଡ଼ାବାନ୍ତି ଜଣଙ୍କ ଜୀବନ ନେଇଛି। ମୃତକ ହେଲେ, କେଶବ ରଣା। ଏହାସହ ଗାଁର ୩୦ରୁ ଅଧିକ ଆକ୍ରାନ୍ତ ହୋଇଛନ୍ତି। ଆକ୍ରାନ୍ତଙ୍କ ମଧ୍ୟରେ ମହିଳା, ପୁରୁଷ ସହ ଶିଶୁ ମଧ୍ୟ ରହିଛନ୍ତି। ସେମାନଙ୍କ ମଧ୍ୟରୁ ୬ଜଣଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ପାଟଣାଗଡ଼ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ସେମାନଙ୍କ ମଧ୍ୟରୁ ଜଣଙ୍କ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ବଲାଙ୍ଗୀର ଭୀମଭୋଇ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ତେବେ କେଉଁ କାରଣରୁ ଗାଁରେ ଝାଡ଼ାବାନ୍ତି ବ୍ୟାପୁଛି, ତାହା ଜଣାପଡ଼ିନାହିଁ। ଖବର ପାଇ ଏକ ଡାକ୍ତରୀଦଳ ଗାଁରେ ଡେରା ପକାଇଛନ୍ତି। ମଙ୍ଗଳବାର ବଲାଙ୍ଗିରରୁ ଏକ ଟିମ୍ ଗାଁରେ ପହଞ୍ଚି ଲୋକଙ୍କୁ ସଚେତନ କରିଛନ୍ତି। ଡାକ୍ତର ସ୍ନେହାଶ୍ରୀ ମିଶ୍ର, ତାପସ ବେହେରା ଓ କନକ ମାଝୀ ଗାଁର ସ୍ୱାସ୍ଥ୍ୟକର୍ମୀଙ୍କ ସହ ମିଶି ଲୋକଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିଛନ୍ତି।



■ ଜଣେ ମୃତ; ୩୦ରୁ ଅଧିକ ଆକ୍ରାନ୍ତ
■ ସୁଲେକେଲା ଗାଁରେ ପରିସ୍ଥିତି ଜଟିଳ

### ଜୟଙ୍କ ପ୍ରାର୍ଥିତ୍ୱକୁ ନେଇ ବିଜେପିରେ ମେଲୁଛି ଫାଟ

# ବିଜେଡିରେ ମିଶିଲେ ବସନ୍ତ ପଣ୍ଡାଙ୍କ ପୁତୁରା



**ଦୁଇ ବିଜେପି ସଂଗଠକ ମଧ୍ୟ ବିଜେଡିରେ ସାମିଲ**

ଭୁବନେଶ୍ୱର, ୨୮।୧୦ (ବ୍ୟୁରୋ): ନୂଆପଡା ଉପନିର୍ବାଚନକୁ ନେଇ ରାଜ୍ୟ ରାଜନୀତି ଚଳଚଞ୍ଚଳ ହୋଇ ଉଠିଥିବା ବେଳେ ବିଜେଡି ଦିନକୁ ଦିନ ନିଜ ସ୍ଥିତି ସୁଦୃଢ଼ କରି ଚାଲିଛି। ଏହିକ୍ରମରେ ମଙ୍ଗଳବାର ବିଜେପିର ପୂର୍ବତନ ସଭାପତି ତଥା ପୂର୍ବତନ ସାଂସଦ ବସନ୍ତ ପଣ୍ଡାଙ୍କ ପୁତୁରା ହରିଶ୍ଚନ୍ଦ୍ର ପଣ୍ଡା, ସରପଞ୍ଚ ସଂଘର ସାଧାରଣ ସମ୍ପାଦକ ତଥା ପୂର୍ବତନ ଜିଲ୍ଲା ଉପସଭାପତି ଟେକରାମ ସାହୁ, ପୂର୍ବତନ ନୂଆପଡା ନଗର ସଭାପତି ଉମେଶ ସହିସ ବିଜେଡିରେ ଯୋଗ ଦେଇଛନ୍ତି। ଶ୍ରୀ ପଣ୍ଡା ଆଜି ସନ୍ଧ୍ୟାରେ ନବୀନ ନିବାସରେ ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କୁ ଭେଟିବା ପରେ ଦଳରେ ସାମିଲ ହୋଇଛନ୍ତି। ବିଜେଡିର ବରିଷ୍ଠ ସାଧାରଣ ସମ୍ପାଦକ ଦିବ୍ୟଶଙ୍କର ମିଶ୍ର ଶଙ୍ଖ ଭବନରେ ଆନୁଷ୍ଠାନିକ ଭାବେ ତାଙ୍କୁ ସ୍ୱାଗତ କରିଛନ୍ତି। ବିଜେଡିରେ ଯୋଗଦାନ ପରେ ହରିଶଚନ୍ଦ୍ର ପଣ୍ଡା ନିଜ ପ୍ରତିକ୍ରିୟାରେ କହିଛନ୍ତି ଯେ ବିଜେପି ଜୟଢୋଲକିଆଙ୍କୁ ନିଜ ଦଳକୁ ନେଇ ପ୍ରାର୍ଥୀ କରି ବିଜେପି କର୍ମକର୍ତ୍ତାଙ୍କୁ ଅଣଦେଖା କରିଛନ୍ତି । ଆମେ ଶୁଣିବାକୁ ପାଉଛୁ ବସନ୍ତ ପଣ୍ଡାଙ୍କୁ ରାଜ୍ୟସଭା ସାଂସଦ ଓ ତାଙ୍କ ପୁତ୍ର ଅଭିନନ୍ଦନଙ୍କୁ ନିଗମ ଅଧ୍ୟକ୍ଷ ପଦର ପ୍ରତିଶ୍ରୁତି ବିଜେପି ଦେଇଛି। ନୀତି ଆଦର୍ଶ କଥା କହୁଥିବା ବିଜେପି ଏବେ କେବଳ ଡିଲ୍ କରୁଛି। ଏହାଦ୍ୱାରା ଅସଲ କର୍ମକର୍ତ୍ତାମାନେ ପ୍ରତାରିତ ହେଉଛନ୍ତି। ଆଗାମୀ ସପ୍ତାହରେ ବିଜେପିର ଶତାଧିକ କର୍ମୀ ବିଜେଡିରେ ଯୋଗଦେବେ। ନବୀନ ପଟ୍ଟନାୟକଙ୍କ ମୁଖ୍ୟମନ୍ତ୍ରିତ୍ୱ ସମୟରେ ନୂଆପଡାରେ ଅନେକ ବିକାଶମୂଳକ କାର୍ଯ୍ୟ ହୋଇଛି। ନୂଆପଡାବାସୀ ଏହି ନିର୍ବାଚନରେ ବିଜେଡିକୁ ବିପୁଳ ସଂଖ୍ୟାରେ ଭୋଟ ଦେଇ ବିଜୟୀ କରାଇବେ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ସେହିପରି ନିଜ ପ୍ରତିକ୍ରିୟାରେ ଦିବ୍ୟଶଙ୍କର ମିଶ୍ର କହିଛନ୍ତି ଯେ ଶ୍ରୀ ପଣ୍ଡା ଶ୍ରୀ ସାହୁ ଓ ଶ୍ରୀ ସହିସଙ୍କୁ ଦଳକୁ ସ୍ୱାଗତ କରିବା ସହିତ ଏମାନଙ୍କ ଯୋଗଦାନ ପରେ ନୂଆପଡାରେ ବିଜୁ ଜନତା ଦଳ ଅଧିକ ଶକ୍ତିଶାଳୀ ହେବ। ବିଜୁ ପଟ୍ଟନାୟକଙ୍କ ମୁଖ୍ୟମନ୍ତ୍ରୀତ୍ୱ ସମୟରେ ନୂଆପଡା ଜିଲ୍ଲା ଗଠନ ହୋଇଥିଲା। ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ସମୟରେ ନୂଆପଡାରେ ଅନେକ ବିକାଶମୂଳକ କାର୍ଯ୍ୟ ହୋଇଛି, ଯାହାକୁ ଆଜି ବି ନୂଆପଡାବାସୀ ମନେ ରଖିଛନ୍ତି । ଗତ ୧୬ ମାସରେ ବିଜେପି ସରକାର ସବୁ କ୍ଷେତ୍ରରେ ବିଫଳ ହୋଇଛନ୍ତି। ନୂଆପଡା ଉପନିର୍ବାଚନରେ ବିଜେଡିର ବିପୁଳ ବିଜୟ ହେବ ବୋଲି ଶ୍ରୀ ମିଶ୍ର ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

**ପ୍ରଶ୍ନ ଉଠାଇଲା ବିଜେଡି**

## ବାତ୍ୟା ବେଳେ ଡିଆଇଜିଙ୍କୁ ଛୁଟି ଦେଲା କିଏ ?

ଭୁବନେଶ୍ୱର,୨୮।୧୦(ବ୍ୟୁରୋ): ନୂଆପଡ଼ା ଉପନିର୍ବାଚନ ହେବାକୁ ଦୁଇ ସପ୍ତାହରୁ କମ୍ ସମୟ ଥିବାବେଳେ ଦକ୍ଷିଣ ପଶ୍ଚିମାଞ୍ଚଳ ଡିଆଇଜି ଅଚାନକ ଛୁଟିରେ ଯାଇଛନ୍ତି। ତାଙ୍କ ସ୍ଥାନରେ ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲଙ୍କୁ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି। ଯାହାକୁ ନେଇ ପ୍ରଶ୍ନ ଉଠାଇଛି ବିଜେଡି। ସୋମବାର ବିଜେଡି ପକ୍ଷରୁ ନୂଆପଡ଼ା ଜିଲ୍ଲାର ଜିଲ୍ଲାପାଳ ଓ ଏସ୍‌ପିଙ୍କ ଦ୍ୱାରା ନିର୍ବାଚନକୁ

■ ରାଜ୍ୟ ନିର୍ବାଚନ ଅଧିକାରୀଙ୍କ ନିକଟରେ ଫେରାଦ
■ ହିମାଂଶୁ ଲାଲଙ୍କ ମାଧ୍ୟମରେ ନିର୍ବାଚନକୁ ପ୍ରଭାବିତ କରିବାକୁ ଉଦ୍ୟମ କରୁଛି ବିଜେପି

ସରକାରୀ ଦଳ ସପକ୍ଷରେ ନେବା ପାଇଁ ଉଦ୍ୟମ କରୁଛନ୍ତି ବୋଲି ଅଭିଯୋଗ କରାଯାଇଥିବା ବେଳେ, ହିମାଂଶୁ ଲାଲଙ୍କୁ ଅତିରିକ୍ତ ଦାୟିତ୍ୱ ଦେଇ ବିଜେପି ସରକାରୀ ଅଧିକାରୀଙ୍କୁ ବ୍ୟବହାର କରି ବିଜେପି ନିର୍ବାଚନକୁ ତାଙ୍କ ସପକ୍ଷରେ ନେବାକୁ ଉଦ୍ୟମ କରୁଛି ବୋଲି ଦଳ ଅଭିଯୋଗ କରିଛି। ସୋମବାର ବିଜେଡିର ଏକ ପ୍ରତିନିଧି ମଣ୍ଡଳୀ ରାଜ୍ୟର ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଭେଟି ଏ ସଂକ୍ରାନ୍ତରେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି। ଯେଉଁଥିରେ ଦକ୍ଷିଣ ପଶ୍ଚିମାଞ୍ଚଳ ଡିଆଇଜି କନୱର ବିଶାଲ ସିଂ ଅଚାନକ ଛୁଟିରେ ଯିବା ନେଇ ସନ୍ଦେହ ପ୍ରକଟ କରାଯାଇଛି।

ପ୍ରତିନିଧି ଦଳର ଯୁକ୍ତି ଅନୁଯାୟୀ, କନୱର ବିଶାଲ ସିଂ ପୂର୍ବରୁ ପ୍ରଶାସନିକ ସ୍ତରରେ ନିର୍ବାଚନ ସମ୍ବନ୍ଧୀୟ ବୈଠକରେ ଉପସ୍ଥିତ ରହୁଥିବା ବେଳେ ଗତକାଲି ଅଚାନକ ତାଙ୍କ ସ୍ଥାନରେ ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲଙ୍କୁ ଦେଖିବାକୁ ମିଳିଥିଲା। ଉପନିର୍ବାଚନ ସମୟରେ ଓ ରାଜ୍ୟରେ ଆସନ୍ନ ବାତ୍ୟା ସ୍ଥିତିରେ ସରକାର ସମସ୍ତ ସରକାରୀ ଅଧିକାରୀଙ୍କ ଛୁଟି ବାତିଲ କରିଛନ୍ତି। ତେବେ କେଉଁ ପରିସ୍ଥିତିରେ କନୱର ବିଶାଲ ସିଂଙ୍କୁ ଛୁଟିରେ ଯିବାକୁ ଅନୁମତି ଦିଆଗଲା ବୋଲି ସ୍ମାରକପତ୍ରରେ ବିଜେଡି ପ୍ରଶ୍ନ କରିଛି । ସେ ଛୁଟିରେ ଯାଇଛନ୍ତି ନା ସରକାର ତାଙ୍କୁ ଛୁଟିରେ ପଠାଇ ଦେଇଛନ୍ତି। ବିଜେଡିର ଅଭିଯୋଗ ଅନୁଯାୟୀ ଉପନିର୍ବାଚନର ଭୋଟ ଗଣତି ୧୪ ନଭେମ୍ବରରେ ଶେଷ ହେଉଥିବା ବେଳେ କନୱର ବିଶାଲ ସିଂ ନଭେମ୍ବର ୧୫ ତାରିଖ ପର୍ଯ୍ୟନ୍ତ ଛୁଟିରେ ରହିବେ ବୋଲି ସୂଚନା ମିଳିଛି, ଯାହା ଅତ୍ୟନ୍ତ ସାଂଘାତିକ। ଏହାଛଡା ହିମାଂଶୁ ଲାଲଙ୍କ ପୂର୍ବ ରେକର୍ଡ ମଧ୍ୟ ଠିକ ନାହିଁ। ହିମାଂଶୁ ଲାଲଙ୍କ ମାଧ୍ୟମରେ ପ୍ରଶାସନିକ କଳକୁ ବ୍ୟବହାର କରି ବିଜେପି ନୂଆପଡା ଉପନିର୍ବାଚନ ଜିତିବାକୁ ଉଦ୍ୟମ କରୁଛି ବୋଲି ବିଜେଡି ଅଭିଯୋଗ କରିଛି। ଏହି ପରିପ୍ରେକ୍ଷୀରେ ଉପନିର୍ବାଚନ କିପରି ସ୍ୱଚ୍ଛ ଓ ଅବାଧ ହୋଇପାରିବ, ସେଥିପାଇଁ ଆବଶ୍ୟକୀୟ ଉପଯୁକ୍ତ ପଦକ୍ଷେପ ନେବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ନିକଟରେ ଅନୁରୋଧ କରିଛି ବିଜେଡି। ଏହି ପ୍ରତିନିଧି ମଣ୍ଡଳୀରେ ସାଂସଦ ସୁଲତା ଦେଓ, ଭୃଗୁ ବକ୍ସିପାତ୍ର, ଡ. ଲେନିନ୍ ମହାନ୍ତି, ମିହିର ରାୟ, ତୁମ୍ବନାଥ ପଣ୍ଡା, ସୋଫିଆ ଆଲମ୍, ଜ୍ୟୋତ୍ସ୍ନା ପରିଡା, ରୀତାଞ୍ଜଳୀ ପ୍ରଧାନ ଓ ଇଲା ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ।



## ପ୍ରକାଶ ପାଇଲା ଏଲ୍‌ଆଇ ପରୀକ୍ଷା ଫଳ

ଭୁବନେଶ୍ୱର, ୨୮ ।୧୦(ସମିସ): ବହୁ ବିବାଦୀୟ ହୋଇଥିବା ଫରେଷ୍ଟର, ଫରେଷ୍ଟଗାର୍ଡ ଓ ଲାଇଭ୍‌ଷ୍ଟକ୍ ଇନିସପେକ୍ଟର ନିଯୁକ୍ତି ପରୀକ୍ଷା ମଧ୍ୟରୁ ଲାଇଭ୍‌ଷ୍ଟକ୍ ଇନିସପେକ୍ଟର୍ (ଏଲ୍‌ଆଇ) ପରୀକ୍ଷା ଫଳ ମଙ୍ଗଳବାର ପ୍ରକାଶ ପାଇଛି। ଗତକାଲି ଅର୍ଥାତ୍ ସୋମବାର ଫରେଷ୍ଟର ପରୀକ୍ଷା ଫଳ ପ୍ରକାଶ ପାଇଥିବା ବେଳେ ଆସନ୍ତା ୩୧ ତାରିଖ ମଧ୍ୟରେ ଫରେଷ୍ଟଗାର୍ଡ ରେଜଲ୍ଟ ମଧ୍ୟ ପ୍ରକାଶ ପାଇବ ବୋଲି ପରୀକ୍ଷା ପରିଚାଳନା କରୁଥିବା ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି) ପକ୍ଷରୁ ସୂଚନା ଦିଆଯାଇଛି। ଫଳରେ ଦୀର୍ଘ ଦୁଇ ବର୍ଷର ନିଯୁକ୍ତି ପ୍ରକ୍ରିୟା ପରେ ଯାଇ ଆଶାୟୀମାନେ ନିଯୁକ୍ତି ପାଇବା ନେଇ

**୩୧ ସୁଦ୍ଧା ଫରେଷ୍ଟଗାର୍ଡ ରେଜଲ୍ଟ**

ସମ୍ଭାବନା ସୃଷ୍ଟି ହୋଇଛି। ସୂଚନା ଅନୁଯାୟୀ, ସୋମବାର ଫରେଷ୍ଟର ପରୀକ୍ଷା ଫଳ ପ୍ରକାଶ ପାଇବା ପରେ ଏକକାଳୀନ ସମସ୍ତ ପଦର ରେଜଲ୍ଟ କାହିଁକି ପ୍ରକାଶ କରାଗଲା ନାହିଁ ବୋଲି ଆଜି ଓଏସ୍‌ଏସ୍‌ଏସ୍‌ସି କାର୍ଯ୍ୟାଳୟ ସମ୍ମୁଖରେ ଆଶାୟୀମାନେ ବିକ୍ଷୋଭ କରିଥିଲେ। ଲଗାଣ ବର୍ଷା ସ।ତ୍ତ୍ୱେ ବହୁ ପରୀକ୍ଷାର୍ଥୀ ତ୍ୱରିତ ସମସ୍ତ ପରୀକ୍ଷାଫଳ ପ୍ରକାଶ କରିବାକୁ ଦାବି କରିଥିଲେ। ଆଶାୟୀଙ୍କ ସହ ଆଲୋଚନା କରି ଆଜି ଲାଇଭ୍‌ଷ୍ଟକ୍ ଇନିସପେକ୍ଟର୍ ରେଜଲ୍ଟ ପ୍ରକାଶ ପାଇବ ଓ ଚଳିତ ମାସ ଶେଷସୁଦ୍ଧା ଫରେଷ୍ଟର ରେଜଲ୍ଟ ବାହାର କରାଯିବ ବୋଲି ଓଏସ୍‌ଏସ୍‌ଏସ୍‌ସି ଅଧ୍ୟକ୍ଷ ପ୍ରତିଶ୍ରୁତି ଦେବା ପରେ ଆନ୍ଦୋଳନ ପ୍ରତ୍ୟାହୃତ ହୋଇଥିଲା। ଅଧ୍ୟକ୍ଷଙ୍କ କହିବା ଅନୁଯାୟୀ ଏଲ୍‌ଆଇ ପରୀକ୍ଷା ଫଳ ପ୍ରକାଶ ପାଇଛି। ଚୂଡ଼ାନ୍ତ ତାଲିକାରେ ୬୩୬ ଜଣ ସ୍ଥାନ ପାଇଥିବା ବେଳେ ଉଚ୍ଚନ୍ୟାୟାଳୟଙ୍କ ନିର୍ଦ୍ଦେଶ ଅନୁଯାୟୀ ୭୧ଟି ପଦ ପାଇଁ ରେଜଲ୍ଟ ପ୍ରକାଶ ପାଇନାହିଁ ବା ହୋଲ୍ଡ କରାଯାଇଥିବା ସୂଚନା ମିଳିଛି।

**ଭିଜିଲାନ୍ସ ରିପୋର୍ଟ**

# ଯନ୍ତ୍ରୀ ସବୁଠୁ ଲାଞ୍ଚୁଆ; ୧୬ ମାସରେ ୫୪ ଗିରଫ

ଭୁବନେଶ୍ୱର/କଟକ,୨୮ ।୧୦(ସମିସ): ଦୁର୍ନୀତି ନିବାରଣ ସପ୍ତାହ ପାଳନ ଅବସରରେ ଭିଜିଲାନ ପ୍ରକାଶ କରିଛି ୧୬ ମାସର ରିପୋର୍ଟ। ଏହି ସମୟରେ ୩୦୨ ମାମଲାରେ ୩୦୩ ସରକାରୀ ଅଧିକାରୀଙ୍କୁ ଗିରଫ କରିଛି ଭିଜିଲାନ୍ସ। ସେଥିରେ ୯୦ଜଣ ପ୍ରଥମ ଶ୍ରେଣୀ ଅଧିକାରୀ ଓ ୬୨ ଜଣ ଦ୍ୱିତୀୟ ଶ୍ରେଣୀ ଅଧିକାରୀ ରହିଛନ୍ତି। ଆଇଏଏସ୍, ମୁଖ୍ୟ ଯନ୍ତ୍ରୀ, ଯୁଗ୍ମ ସଚିବ, ଉପଜିଲ୍ଲାପାଳ, ତହସିଲଦାରଙ୍କ ଭଳି ୯୦ ଜଣ ପ୍ରଥମ ଶ୍ରେଣୀ ଅଧିକାରୀ ରହିଛନ୍ତି। ସର୍ବାଧିକ ୫୪ ଜଣ ଯନ୍ତ୍ରୀ ଗିରଫ ହୋଇଥିବା ବେଳେ ରାଜସ୍ୱ ବିଭାଗର ୩୩, ପଞ୍ଚାୟତିରାଜ ବିଭାଗର ୩୨, ପୁଲିସ ବିଭାଗର ୨୨, ବନ ବିଭାଗର ୧୩, ୮ ଜଣ ଡାକ୍ତର ଓ ୭ ଜଣ ଅଙ୍ଗନବାଡ଼ି କର୍ମଚାରୀ ବନ୍ଧା ହୋଇଛନ୍ତି। ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ଜନିତ ୮୦ଟି ମାମଲା ରୁଜୁ କରାଯାଇଥିବା ବେଳେ ୨୧୨ କୋଟି ଟଙ୍କାର ସମ୍ପତ୍ତିକୁ ଖୋଜି ବାହାର କରିଛି ଭିଜିଲାନ୍ସ। ସେହିପରି ୧୩୬ଟି ଲାଞ୍ଚ କାରବାର ମାମଲାରେ ୧୪୪ ସରକାରୀ ବାବୁଙ୍କ ସମେତ ୧୪୪ ଜଣଙ୍କୁ ଗିରଫ କରିଛି। ସେମାନଙ୍କ ଠାରୁ ୩୫ ଲକ୍ଷ ୬୨ ହଜାର ଟଙ୍କା ଜବତ କରାଯାଇଛି। ୪୬ ପ୍ରଥମ ଶ୍ରେଣୀ ଓ ୨୧ ଦ୍ୱିତୀୟ ଶ୍ରେଣୀ ଅଧିକାରୀଙ୍କ ସମେତ ୧୪୪ ଜଣଙ୍କ ବିରୋଧରେ ୮୦ଟି ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ମାମଲା ରୁଜୁ ହୋଇଛି। ୮୦ଟି ମାମଲାରେ ୨୧୨ କୋଟିର ସମ୍ପତ୍ତି ଜବତ ହୋଇଛି। ସେହିପରି ୨୪ କିଲୋ ସୁନା, ୯ କୋଟି ୨୦ ଲକ୍ଷ ଟଙ୍କା, ୮୩୨ ଫ୍ଲାଟ୍, ୮୪ ଏକର ଜମି ଓ ୮ଟି ଫାର୍ମ ହାଉସ ଜବତ କରାଯାଇଛି।

ମୁଖ୍ୟ ଯନ୍ତ୍ରୀ (ଗ୍ରାମ୍ୟ ନିର୍ମାଣ) ବୈକୁଣ୍ଠନାଥ ଷଡ଼ଙ୍ଗୀଙ୍କ ଘରେ ଚଢ଼ଉ ବେଳେ ସର୍ବାଧିକ ୨ କୋଟି ୫୬ ଲକ୍ଷ ଟଙ୍କା ମିଳିଥିଲା। ସେହିପରି ମାଲକାନଗିରି ଡେପୁଟି ଡାଇରେକ୍ଟର ତଥା ପ୍ରୋଜେକ୍ଟ ଡାଇରେକ୍ଟର ଶାନ୍ତନୁ ମହାପାତ୍ରଙ୍କ ଘରୁ ୨.୮ କୋଟି, ଜୟପୁର ଡେପୁଟି ରେଞ୍ଜର ୧.୪୩ କୋଟି ଓ ଧର୍ମଗଡ଼ ଉପ ଜିଲ୍ଲାପାଳ ତଥା ଆଇଏଏସ୍ ଧିମନ ଚକମାଙ୍କ ଠାରୁ ୫୭ ଲକ୍ଷ ଟଙ୍କା ଜବତ ହୋଇଥିଲା। ଭିଜିଲାନ୍ସ ମୋଟ ୩୦୨ ମାମଲାରେ ସମେତ ୫୧୯ ଜଣଙ୍କୁ (ସରକାରୀ ଓ ବେସରକାରୀ) ଗିରଫ କରିଛି। ଆୟ ବର୍ହିଭୂତ ସମ୍ପତ୍ତି ଓ ଲାଞ୍ଚ କାରବାର ଜନିତ ମାମଲାରେ ୭୩୯ଟି ସ୍ଥାନରେ ଚଢ଼ଉ କରିଛି ଭିଜିଲାନ୍ସ। ଦୁର୍ନୀତିଗ୍ରସ୍ତ ଅଧିକାରୀଙ୍କ ୧୪୭୮ଟି ବ୍ୟାଙ୍କ ଆକାଉଣ୍ଟକୁ ଫ୍ରିଜ କରାଯାଇଛି। ୧୫୮ଟି ମାମଲାରେ ୪୦୩ଟି ବିଲଡିଂ ଓ ଫ୍ଲାଟ୍ ଜବତ ହୋଇଛି। ସେହି ବିଲଡିଂ ଓ ଫ୍ଲାଟର ମୂଲ୍ୟ ୫୯ କୋଟି ଟଙ୍କା ହେବ ବୋଲି ଭିଜିଲାନ୍ସ ପକ୍ଷରୁ କୁହାଯାଉଛି। ଗତ ୧୬ ମାସ ମଧ୍ୟରେ ୧୩୨ଟି ଭିଜିଲାନ୍ସ ମାମଲାରେ ଅଭିଯୁକ୍ତମାନେ ଦୋଷୀ ସାବ୍ୟସ୍ତ ହୋଇଛନ୍ତି। ମୋଟ ମାମଲାର ପ୍ରାୟ ୫୦ ପ୍ରତିଶତ ମାମଲାରେ ଅଭିଯୁକ୍ତମାନଙ୍କୁ ସଜା ହୋଇଛି। ସଜା ହୋଇଥିବା ମାମଲା ଗୁଡ଼ିକରେ ୮୦ ପ୍ରତିଶତ ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ଜନିତ ମାମଲା ରହିଛି। ସେହିପରି ଦୋଷୀ ସାବ୍ୟସ୍ତ ହେବାପରେ ୩୦ ଜଣ ସରକାରୀ କର୍ମଚାରୀଙ୍କୁ ଚାକିରିରୁ ବହିଷ୍କୃତ କରାଯାଇଥିବା ବେଳେ ୬୮ ଜଣଙ୍କର ପେନସନ ବନ୍ଦ କରାଯାଇଛି।

ଗତ ୧୬ ମାସ ମଧ୍ୟରେ ଭିଜିଲାନ୍ସ ୩୦୦ ସରକାରୀ ଅଧିକାରୀଙ୍କ ବିରୋଧରେ ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ନେଇ ଅନୁସନ୍ଧାନ କରିଥିବା ବେଳେ ୨୪୭ଟି ଅନୁସନ୍ଧାନ ସମାଧାନ କରିଛି। ସେଥିରୁ ୧୪୫ଟି ମାମଲା ରୁଜୁ ହୋଇଥିବା ବେଳେ ୨୨ ଜଣଙ୍କ ବିରୋଧରେ ତାଙ୍କ ବିଭାଗୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ରେଫର୍ କରାଯାଇଛି। ଆବଶ୍ୟକୀୟ ପ୍ରମାଣ ନ ମିଳିବାରୁ ୮୦ଟି ଅନୁସନ୍ଧାନକୁ ବନ୍ଦ କରିଦିଆଯାଇଛି। ସେହିପରି ୫୦୩ଟି ମାମଲାର ତଦନ୍ତ ସାରିଛି ଭିଜିଲାନ୍ସ। ୪୦୬ ମାମଲାରେ ୮୩୪ ଜଣଙ୍କ ବିରୋଧରେ ଚାର୍ଜସିଟ୍ ଦାଖଲ କରିଛି। ସେଥିରେ ୫୯ ଜଣ ପ୍ରଥମ ଶ୍ରେଣୀ, ୬୮ ଜଣ ଦ୍ୱିତୀୟ ଶ୍ରେଣୀ, ୩୭୩ ଜଣ ତୃତୀୟ ଶ୍ରେଣୀ, ୧୨ ଜଣ ଚତୁର୍ଥ ଶ୍ରେଣୀ, ୪୨ ସରକାରୀ କର୍ମଚାରୀ ଓ ୨୮୦ ଜଣ ବେସରକାରୀ କର୍ମଚାରୀ ରହିଛନ୍ତି।

■ ରାଜସ୍ୱ ବିଭାଗର ୩୩, ପଞ୍ଚାୟତିରାଜ ବିଭାଗର ୩୨ ଗିରଫ
■ ଗିରଫ ହୋଇଛନ୍ତି ୯୦ ପ୍ରଥମ ଓ ୬୨ ଦ୍ୱିତୀୟ ଶ୍ରେଣୀ ଅଧିକାରୀ
■ ୨୪ କିଲୋ ସୁନା, ୯ କୋଟି ଟଙ୍କା ଓ ୮୩୨ ଫ୍ଲାଟ ଜବତ
■ ପ୍ରମାଣ ଅଭାବରୁ ବନ୍ଦ ହୋଇଛି ୮୦ଟି ମାମଲାର ଅନୁସନ୍ଧାନ

# ଆସନ୍ତା ୧ରୁ ଆରମ୍ଭ ହେବ ବାଘ ଗଣନା

ଅନୁଗୋଳ,୨୮।୧୦(ସମିସ)

ଆସନ୍ତା ନଭେମ୍ବର ମାସ ୧ତାରିଖରୁ ସାରା ଦେଶରେ ବ୍ୟାଘ୍ର ଗଣନା ହେବାକୁ ଯାଉଛି। ସେଥିପାଇଁ ବନ ବିଭାଗ ପକ୍ଷରୁ ବ୍ୟାପକ ପ୍ରସ୍ତୁତି ଆରମ୍ଭ ହୋଇଯାଇଛି। ତୃଣମୂଳସ୍ତରରେ ବିଭିନ୍ନ ବର୍ଗର ବନ କର୍ମଚାରୀଙ୍କୁ ବ୍ୟାଘ୍ର ଗଣନା ସମ୍ପର୍କରେ ତାଲିମ ଦିଆଯାଉଛି। ଅନୁଗୋଳ ବନଖଣ୍ଡରେ ଥିବା ୬ଟି ବନାଞ୍ଚଳରେ ପର୍ଯ୍ୟାୟ କ୍ରମେ ତାଲିମ ଦିଆଯିବ। ଜରପଡ଼ା ବନାଞ୍ଚଳରୁ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ। ପ୍ରତି ୪ବର୍ଷରେ ଥରେ ସାରା ଦେଶରେ ଥିବା ଜଙ୍ଗଲ ଗୁଡ଼ିକରେ ବାଘ ଗଣନା ହୁଏ। ତେଣୁ ଚଳିତ ବର୍ଷ ନଭେମ୍ବର ୧ତାରିଖ ଠାରୁ ଗଣନା ଆରମ୍ଭ ହେବ। ତେବେ ବର୍ତ୍ତମାନ ସମୟରେ ବାଘ ଗଣନା କାର୍ଯ୍ୟକ୍ରମ ଅତ୍ୟାଧୁନିକ ପଦ୍ଧତିରେ କରାଯାଉଥିବାରୁ ସମସ୍ତ କର୍ମଚାରୀମାନଙ୍କୁ ସ୍ୱତନ୍ତ୍ର ଭାବେ ତାଲିମ ଦିଆଯାଉଛି। ପ୍ରତି ବନାଞ୍ଚଳରେ ଥିବା ବିଟ୍ ହାଉସ, ସେକ୍ସନ ଏବଂ ସ୍କ୍ୱାର୍ଡ କର୍ମଚାରୀମାନଙ୍କୁ ତାଲିମ ପ୍ରଦାନ କରାଯାଉଛି। ବିଶେଷଜ୍ଞମାନେ ଆସି ତାଲିମ ପ୍ରଦାନ କରୁଛନ୍ତି। ପ୍ରଥମେ କର୍ମଚାରୀମାନଙ୍କୁ ମୋବାଇଲ ଆପ୍ ଜରିଆରେ କିଭଳି ବାଘର ଗତିପଥ, ହାବିଟେଟ୍, ଜଙ୍ଗଲର ପ୍ରକାର ଏବଂ ତୃଣଭୋଜି ପ୍ରାଣୀମାନଙ୍କ ଅବସ୍ଥିତି ଜାଣିହେବ ସେନେଇ ପ୍ରଶିକ୍ଷଣ ଦିଆଯାଉଛି। ଏହାପରେ ଜଙ୍ଗଲ ଭିତରେ ଟ୍ରାଞ୍ଜିଟ ଲାଇନରେ କିଭଳି ପାଦରେ ଚାଲିଚାଲି ଯିବାକୁ ହେବ, ହରିଣ, କୁଟୁରା, ବାର୍ହା ଭଳି ତୃଣଭୋଜି ପ୍ରାଣୀମାନଙ୍କ ପାଦଚିହ୍ନ ଦେଖି ସେମାନଙ୍କ ସଂଖ୍ୟା ଓ ଅବସ୍ଥିତି ଜାଣି ହେବ ସେନେଇ କର୍ମଚାରୀମାନଙ୍କୁ ଶିକ୍ଷା ଦିଆଯାଉଛି।

ବନ ବିଭାଗ ପକ୍ଷରୁ ବ୍ୟାପକ ପ୍ରସ୍ତୁତି



କାରଣ ବାଘ ତୃଣଭୋଜି ପ୍ରାଣୀ ଥିବା ସ୍ଥାନରେ ଶିକାର ପାଇଁ ରୁହନ୍ତି। ଏହାଛଡ଼ା କେଉଁଠି ଏବଂ କେତେ ଉଚ୍ଚତାରେ ଟ୍ରାପ କ୍ୟାମେରା ଲଗାଇଲେ ବାଘର ଚିତ୍ର ଉତ୍ତୋଳନ ହୋଇପାରିବ, ବାଘ ପାଦ ଚିହ୍ନ ଦେଖିଲେ କିଭଳି ସୁରକ୍ଷିତ ଭାବେ ତାର ନମୁନା ସଂଗ୍ରହ କରିବାକୁ ହେବ ସେ ସମସ୍ତ ପ୍ରଶିକ୍ଷଣ କର୍ମଚାରୀ ମାନଙ୍କୁ ଦିଆଯାଉଛି। ବର୍ତ୍ତମାନ ସମୟରେ ଯେଉଁ ସବୁ ଅତ୍ୟାଧୁନିକ ପଦ୍ଧତି ଅବଲମ୍ବନ କରାଯାଉଛି, ସବୁ କିଛି ବିଶେଷଜ୍ଞମାନେ ବୁଝାଉଛନ୍ତି। ଆସନ୍ତା ନଭେମ୍ବର ୧ତାରିଖ ଠାରୁ ୭ତାରିଖ ପର୍ଯ୍ୟନ୍ତ ଜଙ୍ଗଲ ଭିତରେ ବାଘ ଗଣନା କାର୍ଯ୍ୟକ୍ରମ ଚାଲିବ। ସେହି ସମୟସୀମା ଭିତରେ କର୍ମଚାରୀମାନେ ଯାହା ତଥ୍ୟ ସଂଗ୍ରହ କରିବେ ଏବଂ ସେସବୁର ତର୍ଜମା କରାଯିବ। ପରେ ୨୫ଦିନ ପର୍ଯ୍ୟନ୍ତ କ୍ୟାମେରା ଟ୍ରାପ୍ ଚାଲୁ ରହିବ। ପ୍ରତ୍ୟକ ଦିନ ନିର୍ଦ୍ଧାରିତ ସମୟରେ କର୍ମଚାରୀମାନେ ଯାଇ କ'ଣ ଚିତ୍ର ଉତ୍ତୋଳନ ହୋଇଛି ତାହା ଦେଖିବେ। ଏସମସ୍ତ ତଥ୍ୟକୁ ଏକାଠି କରି କେଉଁ ଜଙ୍ଗଲରେ କେଉଁ ପ୍ରଜାତିର କେତେ ବାଘ ଅଛନ୍ତି ତାହାର ଆକଳନ କରାଯିବ। ତେବେ ଅନୁଗୋଳ ବନଖଣ୍ଡରେ ମହାବଳ ବାଘ ନଥିବାରୁ କଲରାପତରିଆ ବାଘ, ହେଟାବାଘ ଓ ଅନ୍ୟ ବିଡାଳ ଜାତୀୟ ପଶୁଙ୍କର ଗଣନା କରାଯିବ ବୋଲି ଅନୁଗୁଳ ଡିଏଫ୍ଓ ସୂଚନା ଦେଇଛନ୍ତି। ଗତ ୨୦୨୨ ପର୍ଯ୍ୟନ୍ତ କେବଳ ଅନୁଗୋଳ ବନଖଣ୍ଡରେ ୩୨ରୁ ଅଧିକ କଲରାପତାରିଆ ବାଘ ଥିଲେ। ୨୦୨୨ଗଣନାର ରିପୋର୍ଟ ବର୍ତ୍ତମାନ ସୁଦ୍ଧା ସାର୍ବଜନୀନ କରାଯାଇନାହିଁ। ଚଳିତ ବର୍ଷ କଲରାପତାରିଆ ବାଘ ସମେତ ଅନ୍ୟ ବିଡାଳ ଜାତୀୟ ଜନ୍ତୁଙ୍କ ସଂଖ୍ୟା ବୃଦ୍ଧି ପାଇଥିବା ନେଇ ଆଶା କରାଯାଉଛି।

## କିଶୋରନଗର ବ୍ଲକ୍‌ସ୍ତରୀୟ ମନରେଗା ଜନଶୁଣାଣି

କିଶୋରନଗର,୨୮।୧୦(ସମିସ): କିଶୋରନଗର ବ୍ଲକ ସଭାଘରଠାରେ ମନରେଗା ଓ ଜାତୀୟ ଖାଦ୍ୟ ସୁରକ୍ଷା ଯୋଜନା ଉପରେ ସାମାଜିକ ସମୀକ୍ଷା ଓ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉପଜିଲ୍ଲାପାଳ ଉପେନ୍ଦ୍ର ଲୁହା ଅଧ୍ୟକ୍ଷତା କରି ମନରେଗା କାର୍ଯ୍ୟର ତଦାରଖ ବ୍ୟବସ୍ଥା କମିଟିଗୁଡ଼ିକ ସୁଚାରୁରୂପେ କରିବା ପାଇଁ ମତବ୍ୟକ୍ତ କରିଥିଲେ। ବିଡିଓ ସୁବ୍ରତ କୁମାର ବେହେରା ଓ ଜିଲ୍ଲା ସାମାଜିକ ସମୀକ୍ଷକ ସୁଧାଂଶୁ କୁମାର ସ୍ୱାଇଁ ଯୋଗଦେଇ ଆଲୋଚନା କରିଥିଲେ। ସାମାଜିକ ସମୀକ୍ଷାରେ ଦୀର୍ଘମାସ ପୂର୍ବରୁ ବିବାହିତା ମହିଳା ଓ ମୃତ ବ୍ୟକ୍ତିଙ୍କୁ ରାସନ ସାମଗ୍ରୀ ଦିଆଯାଉଥିବା ସାମାଜିକ ସମୀକ୍ଷାରୁ ଜଣାପଡ଼ିଥିଲା। ସଫ୍ଟୱେୟାର ସିଷ୍ଟମରେ ମୃତବ୍ୟକ୍ତିଙ୍କ ଚିହ୍ନଟ ପରେ ମଧ ତାହା ଡିଲିଟ୍ ହୋଇପାରୁ ନାହିଁ ବୋଲି ଯୋଗାଣ ଅଧିକାରୀ ରୁଷଭ ଚନ୍ଦ୍ର ନାୟକ ପ୍ରକାଶ କରିଛନ୍ତି। ଏଥିରେ ଏପିଓ ସୁଶାନ୍ତ ନାୟକ ଯୋଗଦେଇ ମନରେଗା ଯୋଜନାରେ ବ୍ଲକରେ ୨ ଲକ୍ଷ ୯ ହଜାର ୯୪୪ଟି ୨୦୨୫/୨୬ ଆର୍ଥିକ ବର୍ଷରେ ଶ୍ରମ ଦିବସ ସୃଷ୍ଟି କରାଯାଇ କାମ ଦିଆଯାଇଛି ବୋଲି ପ୍ରକାଶ କରିଥିଲେ। ହଣ୍ଡପା ସମିତି ସଭ୍ୟ ଆନୁକୂଲ୍ୟ ବେହେରା, ଓସ୍କାପାଲ୍ଲୀ ସମିତି ସଭ୍ୟ ସାବିତ୍ରୀ ନାଏକ, ଧଡ଼ରପାଳ ସରପଞ୍ଚ କ୍ଷମାନିଧି ପ୍ରଧାନ, ଆମ୍ବପାଳ ସରପଞ୍ଚ ସୁଲୋଚନା ବିରୁ, ରଣିଆକଟା ସରପଞ୍ଚ ସୁଲୋଚନା ପ୍ରଧାନ ନିଜ ପଞ୍ଚାୟତରେ ଏହିଯୋଜନାରେ କାର୍ଯ୍ୟକରି ବି ବିଲ୍ ଠିକ୍ ସମୟରେ ମିଳୁନଥିବା ଓ ବିଭିନ୍ନ ସମସ୍ୟା ସମ୍ପର୍କରେ ଉପଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ବ୍ଲକ୍ ସହକାରୀ ନିର୍ବାହୀ ଯନ୍ତ୍ରୀ ଦିପ୍ତିମୟୀ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। ଏଥିରେ ବ୍ଲକ ଉପାଧକ୍ଷ ଲବ ପ୍ରଧାନ, ଏବିଡିଓ ଦିଲୀପ ପ୍ରଧାନ ଓ ଭିଆରପି, ପିଇଓ, ଏଡିଇଓ ମାନେ ଉପସ୍ଥିତ ଥିଲେ।

## ଜଙ୍ଗଲରୁ ବେଆଇନ ଭାବରେ କାଠ ଚାଲାଣ ଅଭିଯୋଗ

ବଇଣ୍ଡା,୨୮।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବ୍ଲକ୍ ଧଣ୍ଡାତୋପା ବନ ବିଭାଗ ଅଧୀନରେ ଥିବା କଂସାବ ଜଙ୍ଗଲରୁ କିଛିଦିନ ହେବ ବେଆଇନ ଭାବରେ ମୂଲ୍ୟବାନ କାଠ ଚାଲାଣ ହେଉଥିବା ଅଞ୍ଚଳବାସୀ ମଙ୍ଗଳବାର ଜିଲ୍ଲାପାଳଙ୍କ ପାଖରେ ଅଭିଯୋଗ କରିଛନ୍ତି। ଅଭିଯୋଗପତ୍ରରେ ଉଲ୍ଲେଖ କରିଛନ୍ତି ଯେ, କଂସାବ ଜଙ୍ଗଲରେ କିଛି ଦିନହେବ ବେଆଇନ ଭାବେ ଶାଗୁଆନ, ଶାଳ ଭଳି ମୂଲ୍ୟବାନ ଗଛଗୁଡ଼ିକ କଟାଯାଉଛି। କାଠ ମାଫିଆ ମାନେ ପ୍ରତ୍ୟେକ ଦିନ ଜଙ୍ଗଲରୁ ମୂଲ୍ୟବାନ ଶାଗୁଆନ, ଶାଳ ଗଛଗୁଡିକ କାଟି ବାହାରକୁ ଚାଲାଣ କରୁଛନ୍ତି। ଏପରିକି ସେମାନେ କଟରରେ ଗଛ କାଟିବା ପରେ ଉକ୍ତ ଜଙ୍ଗଲରେ ଥିବା ଗୁପ୍ତସ୍ଥାନରେ ଚଉକାଠ ଓ ପଟା ପ୍ରସ୍ତୁତ କରି ପ୍ରତିଦିନ ଗାଡିରେ ବାହାରକୁ ଚାଲାଣ କରୁଛନ୍ତି। କାଠମାଫିଆ ମାନେ ଜଙ୍ଗଲ ବିଭାଗର କିଛି କର୍ମଚାରୀଙ୍କୁ ହାତକରି ଏ ପରି ବେଆଇନ ଭାବରେ ଚାଲାଣ କରୁଥିବା ସ୍ଥାନୀୟ ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ରାଜ୍ୟ ସରକାରଙ୍କ ପକ୍ଷରୁ ୧୯୯୪ ମସିହାରେ ଏହି ଜଙ୍ଗଲରେ ୮୯୬୫ଟି ଶାଳ, ଶାଗୁଆନ, ଶିଶୁ, ପିଆଶାଳ ଭଳି ମୂଲ୍ୟବାନ ଗଛ ଲଗାଯାଇଥିଲା। ଗଛଗୁଡିକ ଏବେ ବଡ଼ ହୋଇ ଯାଇଥିବା ଯୋଗୁଁ କାଠ ଚୋରଙ୍କର ନଜର ପଡିଛି। ଜଙ୍ଗଲରେ ବନ ବିଭାଗ ପକ୍ଷରୁ ସଠିକ ଭାବରେ ପାଟ୍ରୋଲିଂ କରାଯାଉ ନଥିବା ଯୋଗୁଁ କାଠ ମାଫିଆମାନେ ନିରାପଦରେ ଜଙ୍ଗଲରେ ପଶି ଗଛ କାଟୁଛନ୍ତି। ବିଭାଗୀୟ ଅଧିକାରୀମାନେ ତୁରନ୍ତ ଦୃଷ୍ଟିଦେଇ ପଦକ୍ଷେପ ନେବାକୁ ସାଧାରଣରେ ଦାବି ହୋଇଛି। ଏନେଇ ଧଣ୍ଡାତୋପା ରେଞ୍ଜର ବବୃବାହାନ ସାହୁ କୁହନ୍ତି ଜଙ୍ଗଲକୁ ସୁରକ୍ଷା ଯୋଗାଇ ଦିଆଯାଉଛି।

## ଅଙ୍ଗନବାଡ଼ି କର୍ମୀଙ୍କ ପାଇଁ ଶିକ୍ଷଣ କାର୍ଯ୍ୟକ୍ରମ



କିଶୋରନଗର,୨୮।୧୦(ସମିସ): ନ୍ୟାସନାଲ୍ ଇନଷ୍ଟିଟ୍ୟୁଟ ଅଫ୍ ମହିଳା, ଶିଶୁ ଓ ଯୁବ ବିକାଶ ପକ୍ଷରୁ ଜିଲ୍ଲା ଖଣିଜ ତହବିଲ ଓ କିଶୋରନଗର ବ୍ଲକ୍ ପ୍ରଶାସନର ସହଯୋଗରେ ଗ୍ରିନ୍ ଇନିସିଆଟିଭ୍ ପ୍ରୋଜେକ୍ଟ ଅଧୀନରେ ଅଙ୍ଗନବାଡି କର୍ମୀଙ୍କ ପାଇଁ ଶିକ୍ଷଣ ଓ ଓରିଏଣ୍ଟେସନ୍ ପ୍ରୋଗ୍ରାମ୍ ଆୟୋଜନ କରାଯାଇଛି। ଗ୍ରାମସ୍ତରରେ ଅବଶିଷ୍ଟ ପରିଚାଳନା ବିଷୟରେ ଜଣେକା ଓ କ୍ଷମତା ଗଠନ କରିବା କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଥିଲା। ଚାଲୁଥିବା ଅବଶିଷ୍ଟ ପରିଚାଳନା ଅଭିଯାନର ପଞ୍ଚମ ଦିନରେ ଅଙ୍ଗନବାଡି କର୍ମୀଙ୍କୁ ଅବଶିଷ୍ଟ ବିଭାଜନ, ଘରୋଇ ପରିଷ୍କାରତା ଓ ସମୁଦାୟ ଜାଗୃକତା ବିଷୟରେ ଆଲୋଚନା କରାଯାଇଛି। ବିଡିଓ ସୁବ୍ରତ କୁମାର ବେହେରା, ଏବିଇଓ ଦିଲୀପ କୁମାର ପ୍ରଧାନ, ବ୍ଲକ ଉପାଧକ୍ଷ ଲବ କୁମାର ପ୍ରଧାନ (ଉପସଭାପତି) ଓ ସିଡିପିଓ ଆରତି ସିଂହ ଉପସ୍ଥିତ ଥିଲେ। ଏନଆଇଡବ୍ଲୁସିୱାଇଡି ପକ୍ଷରୁ ସୁଭଦ୍ରା ପାଣିଗ୍ରାହୀ, ଅମିୟ କାନ୍ତ ଜୋଶି ଓ ଦେବାଶିଷ ଦାସ କାର୍ଯ୍ୟକ୍ରମର ସମନ୍ୱୟ କରିଥିଲେ। କାର୍ଯ୍ୟକ୍ରମରେ ଅଂଶଗ୍ରାହୀମାନେ ବିଭିନ୍ନ ପଞ୍ଚାୟତର ସଫଳ ଅବଶିଷ୍ଟ ପରିଚାଳନା ମଡେଲ୍ ଉପରେ ଭିଜୁଆଲ୍ ପ୍ରଦର୍ଶନ ଦେଖିଥିଲେ। ସେସନ୍‌ରେ ସୋର୍ସ ସେଗ୍ରେଗେସନ୍, ସବୁଜ ଓ ନୀଳବିନ୍‌ର ସଠିକ ବ୍ୟବହାର, ଫିକାଲ୍ ସ୍ଲଜ୍ ଏବଂ ସେପ୍ଟେଜ୍ ମ୍ୟାନେଜମେଣ୍ଟ (ଏଫଏସଏସଏମ୍) ଓ ଭିଲେଜ୍ ୱାଟର ଆଣ୍ଡ ସାନିଟେସନ୍ କମିଟିର ଭୂମିକା ଆଲୋଚନା ହୋଇଥିଲା। ଶେଷରେ ଅଙ୍ଗନବାଡି କର୍ମୀମାନେ ନିଜର ଅନୁଭବ ବାଣ୍ଟିବାସହ ନିଜ ଗ୍ରାମରେ ଅବଶିଷ୍ଟ ପରିଚାଳନା ସୁଦୃଢ କରିବାକୁ ସଂକଳ୍ପ ନେଇଥିଲେ।

## ନାଗରିକଙ୍କ ପାଇଁ ସାଧୁତାର ଶପଥ ନେଲେ ଜଜ୍ ଓ କର୍ମଚାରୀ

ଆଠମଲ୍ଲିକ,୨୮।୧୦(ସମିସ): ଆଠମଲ୍ଲିକ ଅଦାଲତରେ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ରଞ୍ଜନ କୁମାର ସୁତାରଙ୍କ ଅଧ୍ୟକ୍ଷତାରେ ସବଜଜ ଲିଙ୍କିପ୍ରିୟା ସାହୁ, ଏସଡିଜେଏମ ସିଙ୍କୁନ ରାୟ ଓ ୩ ଅଦାଲତର ସମସ୍ତ କର୍ମଚାରୀ ଏକତ୍ରିତ ହୋଇ ନାଗରିକଙ୍କ ପାଇଁ ସାଧୁତାର ଶପଥପାଠ କରିଥିବା ଜଣାଯାଇଛି। ଆମ ଦେଶର ଆର୍ଥିକ, ରାଜନୈତିକ ଓ ସାମାଜିକ ପ୍ରଗତି ପଥରେ ଦୁର୍ନୀତି ହିଁ ସବୁଠାରୁ ବଡ଼ ପ୍ରତିବନ୍ଧକ। ଏହାର ମୁଲୋତ୍ପାଟନ ନିମନ୍ତେ ସମସ୍ତ ଅଂଶୀଦାର ଯଥା ସରକାର, ନାଗରିକ ସମୂଦାୟ ତଥା ଘରୋଇ କ୍ଷେତ୍ର ଏକତ୍ର ହୋଇ କାର୍ଯ୍ୟ କରିବା ଆବଶ୍ୟକ। ସମସ୍ତେ ପ୍ରଥମେ ଜୀବନର ପ୍ରତେକ କ୍ଷେତ୍ରରେ ସଚ୍ଚୋଟତା ଏବଂ ଆଇନର ଶାସନକୁ ଅନୁପାଳନ କରିବା, ଉତ୍କୋଚ ନେବିନାହିଁ କିମ୍ବା ଦେବିନାହିଁ, ସମସ୍ତ ଦାୟିତ୍ୱକୁ ସାଧୁତା ଏବଂ ସ୍ୱଚ୍ଛତାର ସହ ସମ୍ପାଦନ କରିବା, ଜନସାଧାରଣଙ୍କ ହିତପାଇଁ କାମ କରିବା, ନିଜ ବ୍ୟକ୍ତିଗତ ଆଚରଣରେ ଦୃଷ୍ଟାନ୍ତ ମୂଳକ ସାଧୁତା ବଜାୟ ରଖି ଉଦାହରଣ ହେବି ଓ ଦୁର୍ନୀତି ସମ୍ପର୍କିତ କୌଣସି ଘଟଣା ଉପଯୁକ୍ତ କର୍ତ୍ତୃପକ୍ଷଙ୍କୁ ଅବଗତ କରାଇବି ବୋଲି କହି ଶପଥ ଗ୍ରହଣ କରିଥିଲେ।

## ଛେଣ୍ଡିପଦାରୁ ୧୯ ସିଏଫ୍‌ଟି ଚୋରା କାଠ ଜବତ

ଅନୁଗୋଳ,୨୮।୧୦(ସମିସ): ଛେଣ୍ଡିପଦା ଜଙ୍ଗଲ ବିଭାଗ କର୍ମଚାରୀମାନେ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ଗତ ସୋମବାର ଅପରାହ୍ଣ ୪ଟାରେ ସେହି ଗାଁର ଲମ୍ବୋଦର ବେହେରାଙ୍କ ଘରେ ଚଢ଼ଉ କରି ଚୋରାକାଠ ଜବତ କରିଛନ୍ତି। ସେଠାରୁ ୪ଟି ଶାଗୁଆନ ଗଣ୍ଡୀ ଯାହାର ପରିମାଣ ୯.୧୭ ସିଏଫ୍‌ଟି, ୧୦ଟି ଶାଗୁଆନ ପଟା ଯାହାର ପରିମାଣ ୫.୫୫ ସିଏଫ୍‌ଟି ଏବଂ ୭ଟି ଆକାସିଆ ପଟା ଯାହାର ପରିମାଣ ୪.୪୬ ସିଏଫ୍‌ଟି ଜବତ କରିଥିଲେ। କାଠ ସବୁକୁ ଜବତ କରାଯିବା ସହ ମାମଲା ରୁଜୁ କରାଯାଇଛି। ଚଢଉରେ ଫରେଷ୍ଟର ବେଣୁଧର ବେହେରା, ଫରେଷ୍ଟ ଗାର୍ଡ ରଜନୀଗନ୍ଧା ପ୍ରଧାନ, ଫରେଷ୍ଟ ଗାର୍ଡ ମିନତି ବେହେରା ଓ ହାତୀ ସ୍କ୍ୱାର୍ଡ ଓ ଗଜମିତ୍ରମାନେ ସାମିଲ ଥିଲେ।

## ବିଜୟନ୍ତୀ ନର୍ସିଂ କଲେଜର ବାର୍ଷିକୀ ଉତ୍ସବ

ଆଠମଲ୍ଲିକ,୨୮।୧୦(ସମିସ): ଆଠମଲ୍ଲିକ ଏନ୍ଏସି ଅଧୀନ ମାଣିକପଥର ନିକଟରେ ଅବସ୍ଥିତ ବିଜୟନ୍ତୀ ନର୍ସିଂ କଲେଜର ପ୍ରଥମ ବାର୍ଷିକୀ ଉତ୍ସବ ମଙ୍ଗଳବାର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସହରର ବରିଷ୍ଠ ଆଇନଜୀବୀ ଜିତେନ୍ କୁମାର ମିଶ୍ର ଯୋଗଦେଇଥିଲେ। ମୁଖ୍ୟ ଅତିଥି ଶ୍ରୀ ମିଶ୍ର ଉତ୍ସବକୁ ଉଦ୍‌ଘାଟନ କରିଥିଲେ। କଲେଜର ପରିଚାଳନା ଦାୟିତ୍ୱରେ ଥିବା ବଳଭଦ୍ର ସିଂ ଏବଂ ସମ୍ମାନିତ ଅତିଥିଭାବେ ଅବସରପ୍ରାପ୍ତ ଶିକ୍ଷକ ମେଘନାଦ ସାହୁ, ରଞ୍ଜିତ ସାହୁ, ଅଧ୍ୟାପିକା ପ୍ରଦୀପ୍ତା ପ୍ରଧାନ, ନୀଳିମା ବାଗ, ନମିତା ସାହୁ, ପୂଜା ସିଂ, କଲେଜ ଆଡମିଶନ ପରିଚାଳନା ଦାୟିତ୍ୱରେ ଥିବା ବିଚ୍ଛନ୍ଦ ସେଠି, ନୀଳାଦ୍ରି ମହାକୁଡ଼ ଓ କମ୍ବୁପାଣି ନାଏକ ଓ କଲେଜର ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

## ଡିଜେଲ ଚୋରି କରି ଜଣେ ଗିରଫ

ତାଳଚେର,୨୮।୧୦(ସମିସ): ତାଳଚେର ହିଙ୍ଗୁଳା କୋଇଲା ଖଣି ଅଞ୍ଚଳରେ ଡିଜେଲ ଚୋରି ରାକେଟ ସକ୍ରିୟ ଥିବା ବେଳେ ଗତକାଲି ଏହି ଚୋରିରେ ଜଣେ ସମ୍ପୃକ୍ତ ଯୁବକକୁ ପୁଲିସ ଗିରଫ କରିଛି। ତା'ର ନାମ ମଣ୍ଟୁ ଦାସ, ଘର ଜରପଡା ଥାନା ସାନ୍ତରାପୁର ଗ୍ରାମରେ ବୋଲି ଜଣାପଡ଼ିଛି। ଖବରରୁ ପ୍ରକାଶ ଯେ ଜଣେ ପୂର୍ବତନ ସରପଞ୍ଚଙ୍କ ସ୍କୁଟିରେ ଏମ୍‌ସିଏଲ ହିଙ୍ଗୁଳା ଖଣି ଅଞ୍ଚଳରୁ ତେଲ ଚୋରିକରି ଅନ୍ୟତ୍ର ନେଉଥିବା ବେଳେ ଗୋପାଳ ପ୍ରାସାଦ ପୁଲିସ ଖବର ପାଇ ସୋଲଡା ଶାଳବଣି ରାସ୍ତା ନିକଟରୁ ୨୫ ଲିଟର ଡିଜେଲ ଓ ସ୍କୁଟି (ଓଡି ୩୫ ଡିଓ ୯୪୭)କୁ ଜବତ କରିବାସହ ମାମଲା ରୁଜୁକରି ପୁଲିସ କୋର୍ଟ ଚାଲାଣ କରିଛି। ଚୋରି କରୁଥିବା ଯୁବକ ଜଣକ ଉକ୍ତ ପୂର୍ବତନ ସରପଞ୍ଚଙ୍କ ସୁପରଭାଇଜର ବୋଲି କୁହାଯାଉଛି।

## ବାତ୍ୟାର ମୁକାବିଲା ପାଇଁ ଏଡିଭିର ସହାୟତା ନେବାକୁ ସ୍ମାରକ ଦେଲା ସଂଘ

ଅନୁଗୋଳ,୨୮।୧୦(ସମିସ): ଅନୁଗୋଳ ଜିଲ୍ଲାରେ ବାତ୍ୟା 'ମୋନ୍ଥା'ର ମୁକାବିଲା ପାଇଁ ଜିଲ୍ଲା ପ୍ରଶାସନ ପ୍ରସ୍ତୁତ ହେଉଥିବା ବେଳେ ପୂର୍ବତନ ସୈନିକ ସଂଘ ବା ଏଡିଭିର ସଦସ୍ୟମାନେ ଏଥିରେ ସାମିଲ ହେବାକୁ ଇଚ୍ଛା ପ୍ରକଟ କରିଛନ୍ତି। ଏଡିଭିର ସଭାପତି ଅନିଲ ମହାନ୍ତି ପତ୍ରଲେଖି ଅନୁଗୋଳ ଜିଲ୍ଲାପାଳଙ୍କୁ ଏନେଇ ଅବଗତ କରିଛନ୍ତି। ବନ୍ୟା, ବାତ୍ୟା ଭଳି ବିପର୍ଯ୍ୟୟ ମୁକାବିଲା କ୍ଷେତ୍ରରେ ସେନା କର୍ମଚାରୀଙ୍କ ପୂର୍ବରୁ ଢେର୍ ଅଭିଜ୍ଞତା ରହିଛି। ବାତ୍ୟା ସଚେତନତା କରିବା, ପୀଡ଼ିତଙ୍କୁ ଉଦ୍ଧାର କରି ଆଶ୍ରୟସ୍ଥଳୀରେ ପହଞ୍ଚାଇବା, ଅସ୍ଥାୟୀ ରାସ୍ତା ନିର୍ମାଣ କରିବା, ରିଲିଫ ବଣ୍ଟନରେ ସହାୟତା କରିବା ଆଦି କ୍ଷେତ୍ରରେ ପୂର୍ବତନ ସୈନିକମାନେ ଆଗ୍ରହର ସହ କାର୍ଯ୍ୟ କରିବାକୁ ପ୍ରସ୍ତୁତ ଅଛନ୍ତି। ପ୍ରଶାସନ ଚାହିଁଲେ ସେମାନେ ସହାୟତା ଯୋଗାଇ ଦେବେ ବୋଲି ଶ୍ରୀ ମହାନ୍ତି ଚିଠିରେ ଉଲ୍ଲେଖ କରିଛନ୍ତି।


## ହୃଦ୍‌ଘାତରେ ଆଠମଲ୍ଲିକ ବିଇଓଙ୍କ ମୃତ୍ୟୁ

ଅନୁଗୋଳ,୨୮।୧୦(ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବ୍ଲକ ଶିକ୍ଷା ଅଧିକାରୀ ଶିବାନନ୍ଦ ଧଡାଙ୍କ ଗୁରୁବାର ହଣ୍ଡପା ଥାନା ବଇଣ୍ଡା ଛକଠାରେ ହୃଦଘାତରେ ଖସିପଡ଼ିବାରୁ ମୃତ୍ୟୁ ଘଟିଛି। ତାଙ୍କ ମୃତ୍ୟୁକୁ ନେଇ ସେ ଚାପରେ ଥିବା ତାଙ୍କ ପତ୍ନୀ ଅହଲ୍ୟା କୁମାରୀ ଶି ଶୁକ୍ରବାର ଅଭିଯୋଗ କରିଛନ୍ତି। ସେ ଆଠମଲ୍ଲିକରେ ବିଇଓ ଭାବରେ ନିଯୁକ୍ତି ପାଇବା ପରଠାରୁ ତାଙ୍କର ଦରମା ବନ୍ଦକରି ଦିଆଯାଇଥିଲା। ଦରମା ନ ପାଇ ଚିନ୍ତିତ ଥିବା ପରିବାର ଲୋକେ ଅଭିଯୋଗ କରିଛନ୍ତି। ତାଙ୍କ ପରିବାର ଲୋକେ କହିବା ଅନୁଯାୟୀ, ଶିବାନନ୍ଦ ମୟୂରଭଞ୍ଜ ଜିଲ୍ଲା ଶୁକୃଳୀ ବ୍ଲକରୁ ବଦଳି ହୋଇ ଆଠମଲ୍ଲିକ ବ୍ଲକର ଶିକ୍ଷା ଅଧିକାରୀ ଭାବରେ ୯-୫-୨୦୨୫ରେ ଦାୟିତ୍ୱ ଗ୍ରହଣ କରିଥିଲେ। ଅନୁଗୋଳ ଡିଇଓଙ୍କ ପାଖରେ ଯୋଗଦେବା ପରିବର୍ତ୍ତେ ସେ ସିଧା ଆଠମଲ୍ଲିକ ବ୍ଲକ ଶିକ୍ଷା କାର୍ଯ୍ୟାଳୟରେ ଯୋଗଦେଇଥିଲେ। ଏନେଇ ଜିଲ୍ଲା ଶିକ୍ଷା ବିଭାଗ ପକ୍ଷରୁ ବିଭିନ୍ନ ଆଳ ଦେଖାଇ ତାଙ୍କର ଦରମା ବନ୍ଦକରି ଦିଆଯାଇଥିଲା। ଅନେକ ସମୟରେ ତାଙ୍କୁ ଚାପ ଦିଆଯାଉଥିବା ବେଳେ ଆକ୍ରୋଶମୂଳକ ଭାବରେ ଦରମା ଯୋଗାଇ ଦିଆଯାଉ ନଥିବା ଅଭିଯୋଗ ହୋଇଛି। ଏପରିକି ସେ ଘରକୁ ମଧ ଟଙ୍କା ପଠାଇପାରୁ ନଥିବା ବେଳେ ମାନସିକ ଅଶାନ୍ତିରେ ରହୁଥିଲେ। ଏନେଇ ସେ ରାଜ୍ୟ ଶିକ୍ଷା ବିଭାଗର ପଦାଧିକାରୀଙ୍କୁ ଅଭିଯୋଗ କରିଥିଲେ ମଧ କୌଣସି ସୁଫଳ ମିଳିନଥିଲା। ସେ ଆଠମଲ୍ଲିକ ବ୍ଲକର ସମସ୍ତ ଶିକ୍ଷକଙ୍କର ଦରମା ଯୋଗାଇ ଦେଉଥିବା ବେଳେ ତାଙ୍କୁ ଜିଲ୍ଲା ଶିକ୍ଷା ବିଭାଗ ଦରମା ଯୋଗାଇ ଦେବାରେ ଅବହେଳା କରୁଥିବା ଅଭିଯୋଗ ହୋଇଛି। ଏନେଇ ଜିଲ୍ଲା ଶିକ୍ଷା ଅଧିକାରୀ ନିରଞ୍ଜନ ସାହୁ କୁହନ୍ତି, ଆଠମଲ୍ଲିକ ବିଇଓଙ୍କର ଏଲପିସି ଆସି ନଥିବା ଯୋଗୁଁ ଦରମା ମିଳୁ ନଥିଲା ବୋଲି କହି ପ୍ରସଙ୍ଗକୁ ଏଡାଇ ଦେଇଥିଲେ।

ନିଯୁକ୍ତି ଦିନଠୁ ଦରମା ନ ପାଇ ଚିନ୍ତିତ ଥିଲେ

# ରାସ୍ତା ପାର୍ଶ୍ୱ ଜବରଦଖଲକୁ ପ୍ରୋତ୍ସାହନ ଦେଉଛି ବିଦ୍ୟୁତ୍ ଖୁଣ୍ଟ

ଅନୁଗୋଳ,୨୮।୧୦(ସମିସ)





ବର୍ଷ ବର୍ଷର ଦାବି ଏବଂ ଅଭିଯୋଗ ପରେ ଅନୁଗୋଳ ପୌରାଞ୍ଚଳ ମୁଖ୍ୟରାସ୍ତା ସମେତ ଗଳିକନ୍ଦି ରାସ୍ତାରେ ଷ୍ଟ୍ରିଟ୍‌ଲାଇଟ ବ୍ୟବସ୍ଥା ହୋଇ ଏଇ କିଛିଦିନ ହେଲା ଆଲୋକିତ ହୋଇଛି। ପ୍ରତି ଖୁଣ୍ଟରେ ହାଲୋଜେନ ଲାଇଟସାଙ୍ଗକୁ ଖୁଣ୍ଟିରେ ଗୁଡ଼େଇ ହୋଇଛି ତ୍ରିରଙ୍ଗା ଏଲଇଡିର ରଙ୍ଗୀନ ଆଲୋକମାଳା। ରଙ୍ଗୀନ ଆଲୋକମାଳାରେ ସହର ଝଲସି ଉଠୁଛି। ମାତ୍ର ସଡ଼କ ଆଲୋକିତ ହେଉଥିବା ବେଳେ ରାସ୍ତାପାର୍ଶ୍ୱ ଜବରଦଖଲ ବୃଦ୍ଧି ପାଉଛି ବୋଲି ଅଭିଯୋଗ ହେଉଛି। ରାସ୍ତାର କୌଣସି ମାପଚୁପ ନକରି ବିଦ୍ୟୁତ ଖୁଣ୍ଟ ଲଗାଉଥିବାରୁ ଲୋକେ ସେହି ଖୁଣ୍ଟ ପର୍ଯ୍ୟନ୍ତ ରାସ୍ତାକୁ ଦଖଲ କରିଆସୁଛନ୍ତି। ଖୁଣ୍ଟ ପର୍ଯ୍ୟନ୍ତ ଲୋକେ ସୁରକ୍ଷିତ ମଣୁଛନ୍ତି। ଯାହାଫଳରେ ରାସ୍ତା ସଙ୍କୁଚିତ ହେଉଛି। ଦୋକାନୀମାନେ ସେହି ଖୁଣ୍ଟ ପର୍ଯ୍ୟନ୍ତ ଦୋକାନ ସାମଗ୍ରୀ ରଖୁଛନ୍ତି। ନିଜ ନିଜ ଘର ସମ୍ମୁଖ ଜାଗାକୁ ଲୋକେ ବାଡ଼ ଉଠାଇ ଆଣୁଛନ୍ତି। ଘର ଅଗଣା ପାହାଚ ପିଚୁ ରାସ୍ତା ଉପରେ ନିର୍ମାଣ ହେଉଛି। ପିଚୁ ରାସ୍ତାଠାରୁ ଇଞ୍ଚେ ଜାଗା ମଧ ଛାଡୁନାହାନ୍ତି। ଘରୁ ଗୋଡ଼ କାଢ଼ିଲେ ପିଚୁ ରାସ୍ତା ଉପରେ ପାଦ ପଡୁଛି। ଯାହାଦ୍ୱାରା ସହରକୁ ସୁନ୍ଦର କରିବା ପୌର ପ୍ରଶାସନର ଉଦ୍ୟମକୁ ଲୋକେ ଦୁର୍ଘଟଣା ପ୍ରବଣ ସୃଷ୍ଟି କରୁଛନ୍ତି ବୋଲି ଅଭିଯୋଗ ହେଉଛି। ମୁଖ୍ୟତଃ ସହରର ବାଇପାସ୍ ରାସ୍ତା ହୁଲୁରସିଂଘାଠାରୁ ହେମସୁରପଡ଼ା, ଗାନ୍ଧୀମାର୍ଗ ଦେଇ ଡିଆଇସି ଛକ, ଶିମିଳିପଡା ମଞ୍ଚମୁଖୀ ଛକଠାରୁ ରାଜ ହୋଟେଲ ଛକ ଯାଏ ଏଭଳି ଅବସ୍ଥା ଯୋଗୁଁ ସାଧାରଣ ଲୋକେ ହଇରାଣ ହେଉଛନ୍ତି। ଉକ୍ତ ହୋଟେଲ ଛକଠାରୁ ତାମରିତ କଲୋନୀ ଓ ଶିଳ୍ପାଞ୍ଚଳ ୟୁପି ସ୍କୁଲ ଛକଦେଇ କଲେଜ ଛକ ରାସ୍ତାକୁ ପ୍ରଶସ୍ତିକରଣ କରି ସହରର ଅନ୍ୟ ଏକ ବାଇପାସ ରାସ୍ତା ନିର୍ମାଣକୁ ଜିଲ୍ଲା ପ୍ରଶାସନ ଯୋଜନା କରୁଥିବା ବେଳେ ଉକ୍ତ ରାସ୍ତାରେ ଏବେ ନିର୍ମାଣାଧୀନ ଡ୍ରେନ ଏବଂ ବିଦ୍ୟୁତ ଖୁଣ୍ଟ ଯୋଗୁଁ ରାସ୍ତା ସଙ୍କୁଚିତ ହେଉଛି। ରାସ୍ତାରେ ନିକଟ ଅତୀତରେ ଟ୍ରକ ପାର୍କିଂକୁ ପ୍ରଶାସନ ପକ୍ଷରୁ କଟକଣା ଜାରି କରାଯାଇଛି। ମାତ୍ର ସେହି ଜନଗହଳି ପୂର୍ଣ୍ଣ ରାସ୍ତାରେ ସେହିଠାରେ ବାଲି ଗୋଦାମ ରହିଛି। ବଡ଼ ବଡ଼ ଗାଡି ହାଇୱା ଓ ଟିପରରେ ନଦୀରୁ ବାଲି ଆଣି ଏଠାରେ ବାଲିଡିପୋ କରାଯାଉଛି। ଟ୍ରାକ୍ଟର, ଅଟୋରେ ଏଠାରୁ ବିକ୍ରୀ କରାଯାଉଛି। ଚଳନ୍ତା ଟ୍ରକ୍ ଗାଡ଼ିର ପାର୍କିଂକୁ ପ୍ରଶାସନ ଉଠାଇ ପାରିଲା ମାତ୍ର ବାଲି ଡିପୋକୁ ନ ହଟାଇବା ଘଟଣାକୁ ସାଧାରଣରେ ଆଲୋଚନା ହେଉଛି। ସହରରେ ଥିବା ସରକାରୀ ଜମି ଜବର ଦଖଲକାରୀଙ୍କ କବ୍‌ଜାରେ ଥିବା ବେଳେ ସହର ସାରା ରାସ୍ତା ପାଶ୍ୱର୍ ପାଣି ମାହାରା, ଡ୍ରେନ, ପାଦଚଲା ମାଟି ରାସ୍ତା ସବୁ ଉଠା ଦୋକାନୀ ହେପଜାତରେ ରହୁଛି। ପ୍ରଥମେ ତଳେ ପାଲ ପକାଇ ପସରା ଖୋଲି ବେପାର ଆରମ୍ଭ କରି ସମୟ ସୁବିଧା ଦେଖି ପାଲପକା କୁଡ଼ିଆ ଘରକରି ଏକପ୍ରକାର ସ୍ଥାୟୀ ଭାବେ ରହୁଛନ୍ତି। ଏଥିପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

GOVERNMENT OF ODISHA A-787
OFFICE OF SUPERINTENDING ENGINEER
MINOR IRRIGATION DIVISION, MALKANGIRI
E-mail ID: - midivmalkangiri@gmail.com
NOTICE INVITING TENDER
E-Procurement Notice
Bid Identification No. SEMIDMKG - 08/2025-26

The Superintending Engineer, Minor Irrigation Division, Malkangiri on behalf of Governor of Odisha invites Percentage rate bids in Single cover system through Online Mode. The bid documents consisting of work, Estimated Cost, Cost of Tender Paper, Time of Completion, Class of Contractor, set of terms and conditions of the contract and other necessary documents can be seen in e-procurement portal https://tendersodisha.gov.in

| | | |
|---|---|---|
| 1. | Name of the work | : Improvement to Check Dams in Different Blocks under Improvement to CD Scheme and Improvement to MI Tank at MV-120 in korukonda block under MIPSP Scheme of Malkangiri District. |
| 2. | Total Number of work | : 12 (Tweleve) Nos. |
| 3. | Estimated cost | : Approximately varies from Rs. 4.24 lakh to Rs. 16.95 lakh. |
| 4. | Period of completion | : Varies from 02(Two) to 03(Three) Calendar Months |
| 5. | Class of Contractor | : "D" &"C" Class Contractor |
| 6. | Date and time of availability of bid documents in the portal | : From 10.00 A.M of 01.11.25 to 5.00 PM of 10.11.2025 |
| 7. | Last date /time for receipt of bids in the portal | : 5.00 pm on 10.11.2025 |
| 8. | Date of opening of bid | : At 11.00 am on 11.11.2025 in website (www.tendersorissa.gov.in) |
| 9. | Submission of Bids | : Online mode |
| 10. | Name of the Officer inviting Bid | : Superintending Engineer, Minor Irrigation Division, Malkangiri |

11. Further details can be seen from the Government of Odisha Web-site:www.tendersorissa.gov.in

12 Superintending Engineer, Minor Irrigation Division, Malkangiri on behalf of Governor of Odisha invites Percentage rate bids in Single Cover system through Online Mode for the works as detailed in the table below. The bids should be submitted online in the website www.tendersodisha.gov.in by eligible Contractors with CDMS registration as mentioned in Column-6 of table below registered with the State govt. and contractors of equivalent grade / Class registered with Central govt / MES / Railway for execution of works. The registered bidders of outside Odisha can also participate in this process after necessary Portal Enrolment, but shall have to subsequently undergo registration with the appropriate authority of the State Government within a month of acceptance of bids.


OIPR-32285/11/0014/2526

## ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଓ ସାଧୁତାର ଶପଥ ପାଠ



ଅନୁଗୋଳ,୨୮।୧୦(ସମିସ): ସମାଜର ବିଭିନ୍ନ କ୍ଷେତ୍ରରୁ ଦୁର୍ନୀତି ହଟାଇ ଶାନ୍ତି ଓ ସୌହାର୍ଦ୍ଦପୂର୍ଣ୍ଣ ବାତାବରଣ ସୃଷ୍ଟି କରିବା ସହ ଜନସାଧାରଣଙ୍କୁ ନ୍ୟାୟ ପ୍ରଦାନ ଉଦ୍ଦେଶ୍ୟରେ ସଚେତନତା ସୃଷ୍ଟି କରିବାକୁ ନେଇ ଅକ୍ଟୋବର ୨୭ରୁ ନଭେମ୍ବର ୨ତାରିଖ ପର୍ଯ୍ୟନ୍ତ 'ଦୁର୍ନୀତି ନିବାରଣ ସଚେତନତା ସପ୍ତାହ' ପାଳନ ହେଉଛି। ଚଳିତ ବର୍ଷର ବାର୍ତ୍ତା ହେଉଛି 'ଦୁର୍ନୀତି ନିବାରଣ: ଆମ ସାମୂହିକ ଦାୟିତ୍ୱ'। ସମାଜର ପ୍ରତ୍ୟେକ ସ୍ତରରୁ ଦୁର୍ନୀତିର ମୁଳୋତ୍ପାଟନ ନିମନ୍ତେ ସମସ୍ତେ ଆଗେଇ ଆସିବା ସହ ଜୀବନର ସବୁ କ୍ଷେତ୍ରରେ ସାଧୁତା ଓ ସଚ୍ଚୋଟତା ଅବଲମ୍ବନ କରି ରାଜ୍ୟକୁ ଦୁର୍ନୀତି ମୁକ୍ତ କରିବା ଉଦ୍ଦେଶ୍ୟରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଲୋକସେବା ଭବନରେ ଭିଡିଓ କନଫରେନସ୍ ମାଧମରେ ଆଜି ଶପଥ ପାଠ କରାଇଥିଲେ। ଅନୁଗୋଳ ଜିଲ୍ଲା କାର୍ଯ୍ୟାଳୟ ଓସ୍ୱାନ ହଲ୍‌ଠାରେ ଜିଲ୍ଲାପାଳ ଅବଦାଲ ଅହମ୍ମଦ୍ ଅଖତର ଯୋଗଦେଇଥିଲେ। ଶପଥ ପାଠ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଦେବଦତ୍ତ ମହନ୍ତ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା.ମଦନ ମୋହନ ପ୍ରଧାନ, ଜିଲ୍ଲା ପରିଷଦର ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଗୌରବମୟ ପ୍ରଧାନ, ପାଲଲହଡା ଉପଜିଲ୍ଲାପାଳ ରବିନ୍ଦ୍ର କୁମାର ପଟେଲ, ଡେପୁଟିକଲେକ୍ଟର(ନିର୍ବାଚନ) ମମତା ପ୍ରଧାନ, ଭିଜିଲାନସ୍ ଇନିସ୍ପେକ୍ଟର ଉର୍ମିଳା ଲାକ୍ରା, ପାଲଲହଡା ତହସିଲଦାର ଆକାଂକ୍ଷା ମହାପାତ୍ର, ଜିଲ୍ଲା ଶିକ୍ଷା ଅଧିକାରୀ ନିରଞ୍ଜନ ସାହୁ, ଜିଲ୍ଲା ସମାଜମଙ୍ଗଳ ଅଧିକାରିଣୀ ନିରୁପମା ପାଣି, ଅନୁଗୋଳ ପୌରପାଳିକାର ନିର୍ବାହୀ ଅଧିକାରୀ ସତ୍ୟପ୍ରକାଶ ତ୍ରିପାଠୀ, ଜିଲ୍ଲା ସଂସ୍କୃତି ଅଧିକାରୀ ଦୁଃଶାସନ ନାଏକଙ୍କ ସମେତ ଜିଲ୍ଲା କାର୍ଯ୍ୟାଳୟର ବିଭିନ୍ନ ବିଭାଗର ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ। ସେହିପରି ଜିଲ୍ଲାର ସମସ୍ତ ଉପଖଣ୍ଡ କାର୍ଯ୍ୟାଳୟ, ପଞ୍ଚାୟତ ସମିତି କାର୍ଯ୍ୟାଳୟ, ତହସିଲ କାର୍ଯ୍ୟାଳୟ, ସରକାରୀ ବିଦ୍ୟାଳୟ, ମହାବିଦ୍ୟାଳୟ ଓ ଅନ୍ୟାନ୍ୟ କାର୍ଯ୍ୟାଳୟଗୁଡ଼ିକରେ ଶପଥ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି।

॥ ଏକାଦଶାହ ଶ୍ରଦ୍ଧାଞ୍ଜଳି ॥



ଁ ନାରାୟଣ ଚନ୍ଦ୍ର ଘୋଷ
ଅବସରପ୍ରାପ୍ତ ଶିକ୍ଷକ
ସରିଷା, ବସ୍ତା, ବାଲେଶ୍ୱର

ଆବିର୍ଭାବ : ୧୮.୦୧.୧୯୫୭ ତିରୋଧାନ : ୧୯.୧୦.୨୦୨୫

ଆପଣଙ୍କ ସ୍ନେହ, ଶ୍ରଦ୍ଧା, ଆଦର୍ଶ, ସରଳତା, କର୍ତ୍ତବ୍ୟ ପରାୟଣତା ଓ ପରୋପକାରିତା ଆମ ଜୀବନର ପାଥେୟ ହେଉ। ଆପଣଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ନିକଟରେ ବିନମ୍ର ପ୍ରାର୍ଥନା କରୁଛୁ।

ଶୋକସନ୍ତପ୍ତ: ପୁତ୍ର- ଶରତ ଚନ୍ଦ୍ର, ହେମନ୍ତ, ବଧୂ- ସସ୍ମିତା, ଦୀପାଞ୍ଜଳି, ଝିଅ- ମଞ୍ଜୁବାଳା ପାତ୍ର, ଜ୍ୱାଇଁ- ସତ୍ୟବ୍ରତ ପାତ୍ର, ନାତି ନାତୁଣୀ ଓ ପରିବାରବର୍ଗ

# ବାତ୍ୟା ମୋନ୍ଥା ପ୍ରଭାବରେ ପ୍ରବଳ ବର୍ଷା, ପବନ

## ■ ସମୁଦ୍ରରେ ଉଠୁଛି ଉଚ୍ଚ ଜୁଆର
## ■ ୬୦ ବନ କର୍ମଚାରୀଙ୍କୁ ଫେରାଇ ଅଣାଗଲା

ରାଜନଗର, ୨୮।୧୦(ସମିସ):



ବାତ୍ୟା ମୋନ୍ଥା ପ୍ରଭାବରେ ଅଶାନ୍ତ ହେଉଛି ବଙ୍ଗୋପସାଗର। ବଙ୍ଗୋପସାଗର ଅଶାନ୍ତ ହୋଇପଡିବା ସହ ଉଚ୍ଚ ଜୁଆର ଉଠି ସ୍ଥଳଭାଗକୁ ମାଡ଼ିଆସିଛି। ରାଜନଗର ପେଣ୍ଠ ନିକଟରେ ସମୁଦ୍ରର ଉଚ୍ଚ ଜୁଆର ମାଡ଼ ହେବା ଫଳରେ ସମୁଦ୍ର କୂଳରେ ନିର୍ମାଣ ହୋଇଥିବା ପଥର ବନ୍ଧ ଧସି ଯାଇଥିବାବେଳେ ସାତଭାୟା, ହବାଳିଖଟି ନିକଟରେ ସମୁଦ୍ର ଜୁଆର ସ୍ଥଳ ଭାଗକୁ ମାଡ଼ିଆସିଛି। ହବାଳିଖଟିରେ ପର୍ଯ୍ୟଟକଙ୍କ ପାଇଁ ଥିବା କଟେଜ ଭିତରେ ପାଣି ପଶିବା ସହିତ କ୍ୟାଣ୍ଟିନ ଉପରେ ମଧ୍ୟ ଜୁଆର ପାଣି ଭୟଙ୍କର ଭାବେ ମାଡ ହେଉଛି। ଗତବର୍ଷ ବାତ୍ୟା ହବାଳିଖଟି ନିକଟରେ ସ୍ଥଳଭାଗ ଛୁଇଁଥିଲା। ବାତ୍ୟା ମୋନ୍ଥା ପ୍ରଭାବରେ ସମୁଦ୍ର ଅଶାନ୍ତ ହୋଇପଡିଥିବାରୁ ସମୁଦ୍ର କୂଳରେ ଥିବା ବନ କର୍ମଚାରୀଙ୍କୁ ହେଡ କ୍ୱାର୍ଟରକୁ ଫେରାଇ ଅଣାଯାଇଛି। ବାବୁବାଲି, ଅଗରନାସୀ-୧, ଅଗରନାସୀ -୨, ହବାଳିଖଟି, କାଳିଭଞ୍ଜଡିଆ, ହୁକିଟୋଲା, ମାଦଳି, ସାତଭାୟାରେ ଥିବା ୬୦ ଜଣ ବନ କର୍ମଚାରୀଙ୍କୁ ହେଡ କ୍ୱାଟରକୁ ଫେରାଇ ଅଣାଯାଇଛି।

ଏଥିସହିତ ବାତ୍ୟା ୨୮ ତାରିଖ ରାତିରେ ସ୍ଥଳଭାଗ ଛୁଇଁବାର ଥିବାରୁ ରାତିରେ ଭିତରକନିକା ଜାତୀୟ ଉଦ୍ୟାନରେ ପର୍ଯ୍ୟଟକଙ୍କ ରାତ୍ରୀଯାପନ ସମ୍ପୂର୍ଣ୍ଣ ଭାବେ ବନ୍ଦ କରିଦିଆଯାଇଥିବା ଏସିଏଫ ମାନସ ଦାସ ସୂଚନା ଦେଇଛନ୍ତି। ବାତ୍ୟା ପ୍ରଭାବରେ ରାଜନଗରରେ ପ୍ରବଳ ବର୍ଷା ଲାଗି ରହିଥିବାବେଳେ ପବନ ଝଟକା ଦେଖିବାକୁ ମିଳିଛି।

## ■ ବାତ୍ୟା ପ୍ରଭାବରେ ପ୍ରବଳ ବର୍ଷା
## ଧୋୟାଅଞ୍ଚଳରେ ରବି ଓ ପନିପରିବା ଫସଲ ନଷ୍ଟ

ଗୋବିନ୍ଦପୁର, ୨୮।୧୦(ସମିସ): ବାତ୍ୟା ମୋନ୍ଥା ପ୍ରଭାବରେ ସୋମବାର ରାତିରୁ ପ୍ରବଳ ବର୍ଷା ଲାଗି ରହିଛି। ଫଳରେ ଆଜି ଧୋୟାଅଞ୍ଚଳର ଗୋବିନ୍ଦପୁର, ଜୁଆଣିଆ, କେତୁଆପାଳ, ଦେସାହି, ପେଟପଡ଼ା, ଏରଡଙ୍ଗ, ପାଳିମୀ, ଅର୍ଗଳ, ଡିମିରିପାଳ, ଫସିଧା ପଞ୍ଚାୟତରେ ବିରି ଓ ପନିପରିବା ଫସଲ ବ୍ୟାପକ କ୍ଷୟକ୍ଷତି ହେବାର ଆଶଙ୍କା ସୃଷ୍ଟି ହୋଇଛି। ବର୍ଷା ଜାରି ରହିଥିବାରୁ ଚାଷଜମି ପାଣିରେ ବୁଡ଼ିରହିଛି। ବାଇଗଣ, ଭେଣ୍ଡି, ଟମୋଟୋ, କୋବି ଫସଲ କ୍ଷତି ହେବ ବୋଲି ଚାଷୀ କହିଛନ୍ତି।

# ପଟ୍ଟାମୁଣ୍ଡାଇ କଲେଜ ଇତିହାସ ବିଭାଗ ଆଲୋଚନାଚକ୍ର



ପଟ୍ଟାମୁଣ୍ଡାଇ,୨୮।୧୦(ସମିସ): ପଟ୍ଟାମୁଣ୍ଡାଇ କଲେଜ ଇତିହାସ ବିଭାଗ ଓ କେନ୍ଦ୍ରାପଡ଼ା ସ୍ୱାମୀ ବିବେକାନନ୍ଦ ଲୋକ ସଂସଦ ମିଳିତ ସହଯୋଗରେ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। କଲେଜ ଅଧ୍ୟକ୍ଷ ପ୍ରଫେସର ଉମାକାନ୍ତ ପାତ୍ରଙ୍କ ପୌରୋହିତ୍ୟରେ "ସ୍ୱାମୀ ବିବେକାନନ୍ଦଙ୍କ ଜୀବନ ଓ ଦର୍ଶନ' ସମ୍ପର୍କିତ ଏକ ଜୀବନ କୌଶଳ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଲୋକସଂସଦର ବିଚାରଧାରା ପୂର୍ବ ସମ୍ପାଗ ଅଧ୍ୟକ୍ଷ ଡ. ପ୍ରମୋଦ କୁମାର ଦାସ ପ୍ରାରମ୍ଭିକ ସୂଚନା ଓ ଆଇକ୍ୟୁଏସି ସଂଯୋଜକ ସୁଭାଶିଷ ମିଶ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ। ଅଧ୍ୟକ୍ଷ ପ୍ରଫେସର ପାତ୍ର ସ୍ୱାଗତ ଭାଷଣ ଦେଇ ବିବେକାନନ୍ଦଙ୍କ ଆଦର୍ଶରେ ଯୁବପିଢ଼ି ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ପଟ୍ଟାମୁଣ୍ଡାଇ କଲେଜ ଇତିହାସ ବିଭାଗ ମୁଖ୍ୟ ରଞ୍ଜନ କୁମାର ବେହୁରା ସ୍ୱାମୀ ବିବେକାନନ୍ଦଙ୍କ ସ୍ୱଦେଶ ମନ୍ତ୍ର ପଠନ କରିବା ସହ ଛାତ୍ରଛାତ୍ରୀଙ୍କ ଦ୍ୱାରା ଆବୃତ୍ତି କରାଇଥିଲେ। ଏହି ଆଲୋଚନାଚକ୍ରରେ ସ୍ୱାମୀ ବିବେକାନନ୍ଦ ଲୋକ ସଂସଦ ବିଚାରଧାରା ରାଜ୍ୟ ଅଧ୍ୟକ୍ଷ ଜଗତ କିଶୋର ଦାସ ବକ୍ତା ଭାବେ ଯୋଗଦେଇ ବିବେକାନନ୍ଦଙ୍କ ଜୀବନ, ଦର୍ଶନ ଓ ଚିକାଗୋ ଯାତ୍ରା ସମ୍ପର୍କରେ ଅନେକ ଅଛପା କାହାଣୀ ବର୍ଣ୍ଣନା କରି ଛାତ୍ରଛାତ୍ରୀଙ୍କୁ ମନମୁଗ୍ଧ କରିବା ସହିତ ସ୍ୱାମୀ ବିବେକାନନ୍ଦଙ୍କ ପ୍ରେରଣା ଓ ଆଦର୍ଶରେ ଭାରତ ଯେପରି ବିଶ୍ୱଗୁରୁ ହୋଇପାରିବ, ସେ ଦିଗରେ ଛାତ୍ରଛାତ୍ରୀଙ୍କୁ ଆହ୍ୱାନ ଦେଇଥିଲେ। ଅଧ୍ୟାପକ ପୃଥ୍ୱୀରାଜ ବିଶ୍ୱାଳ ଧନ୍ୟବାଦ ଦେଇଥିଲେ। ଏଥିରେ ପଟ୍ଟାମୁଣ୍ଡାଇ କଲେଜ ପ୍ରାକ୍ତନ ଅଧ୍ୟକ୍ଷ ଦେବବ୍ରତ ପ୍ରଧାନ, ପ୍ରାଧ୍ୟାପକ ଡ. ସୁନୀଲ କୁମାର ପ୍ରଧାନ, ଅଧ୍ୟାପକ ଆଲୋକ କୁମାର ସାହୁ, ରଞ୍ଜନ କୁମାର ଗାହାଣ, ଅଧ୍ୟାପିକା ନିବେଦିତା ନାୟକ, ଦେବସ୍ମିତା ତ୍ରିପାଠୀ, ଚିତ୍ରଶିଳ୍ପୀ ରାଜେନ୍ଦ୍ର ଦାଶଙ୍କ ସମେତ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ଏହି ଆଲୋଚନାଚକ୍ରକୁ ଅଧ୍ୟାପକ ପିଣ୍ଟୁ ପଟେଲ ଓ ପ୍ରଦ୍ୟୁମ୍ନ ପ୍ରଧାନ ପରିଚାଳନା କରିଥିଲେ।

# ଗୌଡ଼ବିଶିରେ ଗିରିଗୋବର୍ଦ୍ଧନଙ୍କ ଭସାଣି ଉତ୍ସବ



ଡେରାବିଶ, ୨୮।୧୦(ସମିସ): ଚାନ୍ଦୋଳ ପଞ୍ଚାୟତ ଅନ୍ତର୍ଗତ ଗୌଡ଼ବିଶି ଗ୍ରାମରେ ପୂଜା ପାଇଆସୁଥିବା ବୁଣାକାରଙ୍କ ଆରାଧ୍ୟ ଦେବତା ପ୍ରଭୁ ଗିରିଗୋବର୍ଦ୍ଧନଙ୍କ ଭସାଣି ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଶ୍ରଦ୍ଧାଳୁ ଘଣ୍ଟ, ସଂକୀର୍ତ୍ତନ ଓ ପାରମ୍ପରିକ ବାଦ୍ୟ ଶୋଭାଯାତ୍ରାରେ ମୂର୍ତ୍ତିକୁ ଗ୍ରାମ ପରିକ୍ରମା କରାଯାଇ ନିକଟସ୍ଥ ଜଳାଶୟରେ ବିସର୍ଜନ କରାଯାଇଥିଲା। ଭସାଣି ଉତ୍ସବକୁ ପୂଜା କମିଟି ସମ୍ପାଦକ ମଧୁସୂଦନ ଘଡ଼ାଇ ଓ ପ୍ରକାଶ ବେହେରାଙ୍କ ସମେତ ଗ୍ରାମବାସୀ ପରିଚାଳନା କରିଥିଲେ।

# ବିପର୍ଯ୍ୟୟ ପ୍ରଶମନ ହ୍ରାସ ତାଲିମ ଶିବିର




କେନ୍ଦ୍ରାପଡ଼ା, ୨୮।୧୦(ସମିସ): କେନ୍ଦ୍ରାପଡ଼ା ପଞ୍ଚାୟତ ସମିତି ସଭାଗୃହରେ ବିପର୍ଯ୍ୟୟ ପ୍ରଶମନ ହ୍ରାସ ସମ୍ପର୍କିତ ପଞ୍ଚାୟତ ନିର୍ବାହୀ ଅଧିକାରୀଙ୍କ ଦୁଇଦିନିଆ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ସ୍ୱେଚ୍ଛାସେବୀ ସଂଗଠନ "ସୃଜନୀ"ର ପ୍ରକଳ୍ପ ପରିଚାଳକ ସୁଧୀର ସୂତାରଙ୍କ ପରିଚାଳନାରେ ଅନୁଷ୍ଠିତ ଶିବିରରେ କେନ୍ଦ୍ରାପଡା ବିଡିଓ ଅଭିଷେକ ସ୍ୱାଇଁ, ଏଡିଏମ୍ ନବକୃଷ୍ଣ ଜେନା, ଆପଦକାଳୀନ ପ୍ରକଳ୍ପ ଅଧିକାରୀ ଅଜୟ ମହାନ୍ତି, ଜିପିଓ ଶୁଭ୍ରଜିତ ରାଉତ ଅତିଥି ଭାବେ ଯୋଗଦେଇଥିଲେ। ଜିଲ୍ଲା ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷଙ୍କ ଆନୁକୂଲ୍ୟ, କେନ୍ଦ୍ରାପଡ଼ା ଓ ଡେରାବିଶ ବ୍ଲକ୍, ଓସଡମା ସହଯୋଗରେ ବୁଧବାର ଓ ଗୁରୁବାର ଦୁଇଦିନ ଧରି ଏହି ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଥିଲା। ପ୍ରଶିକ୍ଷକ ଭାବେ ନିରଞ୍ଜନ ସ୍ୱାଇଁ, ଲଳିତ ଦାଶ, ଜ୍ୟୋତିରଞ୍ଜନ ନାୟକ ପ୍ରମୁଖ ଯୋଗ ଦେଇଥିଲେ। ବିପର୍ଯ୍ୟୟ ସମୟରେ ସୁରକ୍ଷିତ ଉଦ୍ଧାର ଓ ପ୍ରାଥମିକ ଚିକିତ୍ସା କ୍ଷୟକ୍ଷତି ହ୍ରାସ ସମ୍ପର୍କିତ ଉପସ୍ଥିତ ଥିବା ପଞ୍ଚାୟତ ନିର୍ବାହୀ ଅଧିକାରୀଙ୍କୁ ପ୍ରଶିକ୍ଷଣ ଦିଆଯାଇଥିଲା। ପଞ୍ଚାୟତ କମିଟି ଗଠନ, ଗ୍ରାମ୍ୟ କମିଟି ଗଠନ, ଆଶ୍ରୟସ୍ଥଳ ପରିଚାଳନା କମିଟି ଗଠନ ବିଷୟରେ ତାଲିମ ଦିଆଯାଇଥିଲା। ପଞ୍ଚାୟତ ନିର୍ବାହୀ ଅଧିକାରୀ ଗୋବିନ୍ଦ ସାହୁ, ରମେଶ ସ୍ୱାଇଁ, ଅଶୋକ ପରିଡ଼ା, ମନୋରଞ୍ଜନ ବେହେରା, ମିନାକ୍ଷୀ ବଳ, ଝୁନିଲତା ନାୟକଙ୍କ ସମେତ କେନ୍ଦ୍ରାପଡ଼ା ଓ ଡେରାବିଶ ବ୍ଲକର ସମସ୍ତ ପଞ୍ଚାୟତ ନିର୍ବାହୀ ଅଧିକାରୀ ଉପସ୍ଥିତ ଥିଲେ।

# ଦୁର୍ନୀତି ନିବାରଣ ଶପଥ ପାଠ



କେନ୍ଦ୍ରାପଡ଼ା,୨୮।୧୦(ସମିସ): ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଅବସରରେ ସାଧୁତା ଶପଥ ପାଠ କରାଯାଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟର ସମସ୍ତ ଅଧିକାରୀ/କର୍ମଚାରୀଙ୍କୁ ସାଧୁତାର ଶପଥ ପାଠ କରାଇଛନ୍ତି। ସ୍ଥାନୀୟ ଓସ୍ୱାନ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ରଘୁରାମ ଆର ଆୟର, ଆରକ୍ଷୀ ଅଧୀକ୍ଷକ ସିଦ୍ଧାର୍ଥ କଟାରିଆ, ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର ମଲ୍ଲିକ, ଭିଜିଲାନ୍ସ ଡିଏସପି ଭାଗ୍ୟଲକ୍ଷ୍ମୀ ପୁହାଣଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ରହି ଶପଥ ପାଠ କରିଥିଲେ। ପରେ ଅପରାହ୍ନରେ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର ମଲ୍ଲିକଙ୍କ କାର୍ଯ୍ୟାଳୟର ସମସ୍ତ କର୍ମଚାରୀଙ୍କୁ ସାଧୁତାର ଶପଥ ପାଠ କରିଥିଲେ। ଏ ଅବସରରେ ଭିଜିଲାନ୍ସ ବିଭାଗ ପକ୍ଷରୁ ସ୍ଥାନୀୟ ତୁଳସୀ ମହିଳା ମହାବିଦ୍ୟାଳୟଠାରେ ରଙ୍ଗୋଲି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କୃତୀ ପ୍ରତିଯୋଗୀଙ୍କୁ ଆସନ୍ତା ୧ ତାରିଖ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ପୁରସ୍କୃତ କରାଯିବ।

## ● ଟ୍ରକ୍‌କୁ ପଛରୁ ଧକ୍କା ଦେଲା ଟ୍ରକ୍
# ଅଳ୍ପକେ ବର୍ତ୍ତିଲେ ଡ୍ରାଇଭର



ଡେରାବିଶ, ୨୮।୧୦(ସମିସ): କଟକ-ଚାନ୍ଦବାଲି ରାସ୍ତାର ଚାନ୍ଦୋଳ ବଜାରରେ ଆଜି ଭୋରରୁ ରାସ୍ତା କଡ଼ରେ ରଖାଯାଇଥିବା ଏକ ଖାଲି ଟ୍ରକ୍ ପଛରେ ଏକ ସିମେଣ୍ଟ ବୋଝେଇ ଟ୍ରକ ଧକ୍କା ହୋଇଥିଲା। ସୌଭାଗ୍ୟକୁ ଡ୍ରାଇଭର ଜଣକ ବର୍ତ୍ତିଯାଇଛନ୍ତି। ଚାନ୍ଦୋଳ ବଜାରର ଫାଣ୍ଡି ଛକ ନିକଟରେ ଖାଲି ଟ୍ରକ୍‌କୁ ଡ୍ରାଇଭର ରଖିଥିଲେ। ଆଜି ଭୋରରୁ କଟକରୁ କେନ୍ଦ୍ରାପଡ଼ା ଆସୁଥିବା ସିମେଣ୍ଟ ବୋଝେଇ ଟ୍ରକ୍ ପଛରୁ ଧକ୍କା ଦେଇ ପାଖାପାଖି ୧୦ ମିଟର ଆଗକୁ ଠେଲିନେଇ ରାସ୍ତା କଡ଼ରେ ଥିବା ଏକ ଦୋକାନ ଘର ଆଡ଼କୁ ମାଡ଼ି ଯାଇଥିଲା। ସିମେଣ୍ଟ ବୋଝେଇ ଗାଡ଼ି ଡ୍ରାଇଭର ଭାଙ୍ଗିଯାଇଥିବା କ୍ୟାବିନ ମଧ୍ୟରେ ଚାପି ହୋଇଯାଇଥିଲେ। ସ୍ଥାନୀୟ ଲୋକେ କ୍ୟାବିନକୁ ଭାଙ୍ଗି ଡ୍ରାଇଭରଙ୍କୁ ଉଦ୍ଧାର କରିଥିଲେ। ରାସ୍ତାରେ ବେଆଇନ ଭାବେ ଗାଡ଼ି ପାର୍କିଂ ଯୋଗୁ ଦୁର୍ଘଟଣା ଘଟୁଥିବା ସ୍ଥାନୀୟ ଲୋକେ ପ୍ରକାଶ କରିଛନ୍ତି। ତୁରନ୍ତ ରାସ୍ତାରେ ବେଆଇନ ପାର୍କିଂ କରିଥିବା ଗାଡ଼ି ହଟାଇବା ପାଇଁ ଅଞ୍ଚଳର ଜନସାଧାରଣ ଦାବି କରିଛନ୍ତି।

## ନାବାଳିକା ଦୁଷ୍କର୍ମ ମାମଲା
# ଅଭିଯୁକ୍ତକୁ ୧୦ ବର୍ଷ ଜେଲ୍, ୧୧ ହଜାର ଜରିମାନା

କେନ୍ଦ୍ରାପଡ଼ା,୨୮।୧୦(ସମିସ): କେନ୍ଦ୍ରାପଡ଼ାର ଆଡହକ ଫାଷ୍ଟଟ୍ରାକ ଅତିରିକ୍ତ ସେସନ୍ସ କୋର୍ଟ ବିଚାରପତି ଏକ ନାବାଳିକା ଦୁଷ୍କର୍ମ ମାମଲାର ବିଚାର କରି ଅଭିଯୁକ୍ତକୁ ୧୦ ବର୍ଷ ଜେଲ ଦଣ୍ଡରେ ଦଣ୍ଡିତ କରିବା ସହିତ ୧୧ ହଜାର ଟଙ୍କା ଜରିମାନା କରିଛନ୍ତି। ଜରିମାନା ଅନାଦେୟ ଅଧିକ ୬ ମାସ ଜେଲ ଦଣ୍ଡ ଭୋଗିବାକୁ ପଡିବ ବୋଲି ବିଚାରପତି ତାଙ୍କ ରାୟରେ ଉଲ୍ଲେଖ କରିଛନ୍ତି। ଅଭିଯୁକ୍ତ ଜଣକ ହେଉଛନ୍ତି ଡେରାବିଶ ଥାନା ଅଞ୍ଚଳର ବାବୁଲି ଓରଫ କୁଳମଣି ସାମଲ। ଅଭିଯୁକ୍ତ ନାବାଳିକାଙ୍କ ପଡ଼ୋଶୀ। ସେ ନାବାଳିକାଙ୍କ ଘରକୁ ଯିବାଆସିବା କରନ୍ତି।

୨୦୨୩ ଜୁଲାଇ ୨୩ ତାରିଖରେ ନାବାଳିକାଙ୍କ ମା' ଥାନାରେ ଅଭିଯୋଗ କରିଥିଲେ ଯେ, ଘରେ କେହି ନ ଥିବା ସୁଯୋଗ ନେଇ ନାବାଳିକାକୁ ଅଭିଯୁକ୍ତ ଘରୁ ଉଠାଇ ନେଇଥିଲା। ସେଠାରୁ କିଛି ଦୂରରେ ଥିବା ସ୍କୁଲ ପଛପଟ ପରିତ୍ୟକ୍ତ ସ୍ଥାନକୁ ନେଇ ଦୁଷ୍କର୍ମ କରିଥିଲା। ଫଳରେ ନାବାଳିକା ଜଣକ ଗର୍ଭବତୀ ହୋଇଥିଲେ। ସନ୍ଦେହ ହେବାରୁ ମା' ଝିଅକୁ ଡାକ୍ତରଖାନା ନେଇଥିଲେ। ସେତେବେଳକୁ ନାବାଳିକା ୫ ମାସର ଗର୍ଭବତୀ ଥିବା ଡାକ୍ତର ପରୀକ୍ଷା କରି କହିଥିଲେ। ଗର୍ଭ ନଷ୍ଟ କରିବା ସମ୍ଭବ ନ ଥିଲା। ପରିବାର ଲୋକ ଡାକ୍ତରଙ୍କ ପରାମର୍ଶ ମାନି ଗର୍ଭ ନଷ୍ଟ କରି ନ ଥିଲେ। କିଛିମାସ ପରେ ନାବାଳିକା କନ୍ୟା ସନ୍ତାନକୁ ଜନ୍ମ ଦେଇଥିଲେ। ଅଭିଯୁକ୍ତ ବିରୋଧରେ ଡେରାବିଶ ଥାନାରେ ନାବାଳିକାଙ୍କ ମା' ଦେଇଥିବା ଏତଲାକୁ ଭିତ୍ତି କରି ପୁଲିସ ଏକ ମାମଲା ରୁଜୁ କରି କୁଳମଣିକୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଡେରାବିଶ ଥାନା ପୁଲିସ ୨୦୨୩ ସେପ୍ଟମ୍ବର ୨୯ ତାରିଖରେ କୋର୍ଟରେ ଅଭିଯୋଗ ଫର୍ଦ୍ଦ ଦାଖଲ କରିଥିଲେ। ମାମଲାର ବିଚାର ଚାଲିଥିବାବେଳେ କନ୍ୟା ସନ୍ତାନର ଡିଏନଏ ସହ ଅଭିଯୁକ୍ତର ଡିଏନଏ ପରୀକ୍ଷା କରାଯାଇଥିଲା। ଡିଏନଏ ପରୀକ୍ଷାରୁ ସ୍ପଷ୍ଟ ପ୍ରମାଣ ମିଳିଥିଲା ଯେ ଅଭିଯୁକ୍ତର ଔରସରୁ ସେହି କନ୍ୟା ସନ୍ତାନଟି ଜନ୍ମ ହୋଇଛି। ୧୪ ଜଣ ସାକ୍ଷୀଙ୍କ ବୟାନ ରେକର୍ଡ କରାଯାଇଥିଲା। ସମସ୍ତ ସାକ୍ଷ୍ୟ ଓ ପ୍ରମାଣକୁ ଭିତ୍ତିକରି ଆଡହକ ଫାଷ୍ଟଟ୍ରାକ ଅତିରିକ୍ତ ସେସନ୍ସ କୋର୍ଟ ବିଚାରପତି ତ୍ରିବିକ୍ରମ କେଶରୀ ଚିନ୍ନାରା ଉପରୋକ୍ତ ରାୟ ପ୍ରଦାନ କରିଛନ୍ତି। ଏଥିସହ ପୀଡ଼ିତା ଛାତ୍ରୀଙ୍କୁ ୪ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ ପାଇଁ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି। ସରକାରଙ୍କ ପକ୍ଷରୁ ସ୍ୱତନ୍ତ୍ର ପିପି ମନୋଜ ସାହୁ ମାମଲା ପରିଚାଳନା କରୁଥିଲେ।

# ଗରମ ପାଣିରେ ପଡ଼ି ଛାତ୍ରୀ ଆହତ

ରାଜକନିକା,୨୮।୧୦(ସମିସ): ନମତରା ବୀଣାପାଣି ପ୍ରାଥମିକ ବିଦ୍ୟାଳୟରେ ଅଭାବନୀୟ ଘଟଣା ଘଟିଛି। ଶିଶୁ ବାଟିକାରେ ପଢୁଥିବା ଜଣେ ଛାତ୍ରୀ ଗରମ ପାଣିରେ ପଡି ଆହତ ହୋଇଛି। ତାଙ୍କୁ ତୁରନ୍ତ ମେଡିକାଲ ନେଇ ଚିକିତ୍ସା ପରେ ଏବେ ସେ ସୁସ୍ଥ ଥିବା ଜଣାପଡିଛି। ଗତକାଲି ସ୍କୁଲରେ ମଧ୍ୟାହ୍ନଭୋଜନ ପରେ ସ୍କୁଲ ପରିସରରେ ଥିବା ନଳକୂଅ ପାଖରେ ଛାତ୍ରୀ ହାତ ଧୋଇବାକୁ ଯାଇଥିଲେ। ସେଠାରେ ଥିବା ଗରମ ପାଣି ବାଲତି ଉପରେ ପଡିଯାଇଥିଲା। ଗରମ ପାଣିରେ ଦେହ ସିଝିଯାଇଥିଲା। ଶିକ୍ଷକମାନେ ଛାତ୍ରୀଙ୍କୁ ମେଡିକାଲ ନେଇ ଚିକିତ୍ସା କରିଥିଲେ

## ■ ନବମ ଶ୍ରେଣୀ ବ୍ୟାକରଣ ବହିରେ ତ୍ରୁଟି
# ବୋର୍ଡ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ଦାବି

ପଟ୍ଟାମୁଣ୍ଡାଇ,୨୮।୧୦(ସମିସ): ସମ୍ପ୍ରତି ନବମ ଶ୍ରେଣୀ ବ୍ୟାକରଣ ବହିରେ ଗୁରୁତର ତ୍ରୁଟି ଥିବା ଅଭିଯୋଗ ହୋଇଛି। ଏହାକୁ ସୁଧାରିବା ଦିଗରେ ପଦକ୍ଷେପ ନେବାକୁ ବୋର୍ଡ କର୍ତ୍ତୃପକ୍ଷଙ୍କ ନିକଟରେ ଦାବି କରାଯାଇଛି। ନବମ ଶ୍ରେଣୀ ଲର୍ଣ୍ଣ ଆଣ୍ଡ ପ୍ରାକ୍ଟିସ ବ୍ୟାକରଣ ବହିର ପୃଷ୍ଠା ୭ରେ ପ୍ରଶ୍ନପତ୍ର ୪ରେ ଲେଖାଅଛି 'ହୁ ଆମଙ୍ଗ ଦ ଫାଇଭ ଷ୍ଟୁଡେଣ୍ଟସ୍ ସିଟିଂ ଦେଆର ଇଜ୍ ରାଜୀବ'। ଏଠାରେ ହୁ ବଦଳରେ ହୁଇଚ ହେବ। କାରଣ ସିଲେକ୍ସନ ବା ଚୟନ ଅର୍ଥରେ ହୁ ବଦଳରେ ହୁଇଚ୍ ବସେ। ଅତଏବ ହୁଇଚ ଆମଙ୍ଗ ଦ ଫାଇଭ ଷ୍ଟୁଡେଣ୍ଟସ ସିଟିଂ ଦେଆର ଇଜ ରାଜୀବ ହେବ। ପୁନଶ୍ଚ ଆକ୍ଟିଭିଟି ୨୩ରେ କଞ୍ଜକସନ୍ ବସାଇବାକୁ କୁହାଯାଇଛି। ହି ରିକଲ୍ଡ ହିଜ୍ ୱେଲ ଉଇସରସ ପପପ ଲିଙ୍ଗିଂ ଫର୍ ଆବୋର୍ଡ ଫର୍ ହିଜ ସ୍କଲାଷ୍ଟିକ ଟ୍ରେନିଂ। ଏହି ଶୂନ୍ୟ ସ୍ଥାନଟି ପ୍ରିପୋଜିସନ୍ ସ୍ଥାନ ହେବ। ଏହି ଶୂନ୍ୟସ୍ଥାନଟି କଂଜକସନ ସ୍ଥାନ ନୁହେଁ। ଉକ୍ତ ବ୍ୟାକରଣ ବହିର ଶେଷ ପୃଷ୍ଠା ଆକ୍ଟିଭିଟି ୫, ପ୍ରଶ୍ନ ନମ୍ବର ୯ରେ ଲେଖାଅଛି ଯେ ନନ୍ ବଟ ଦ ବ୍ରେଭ ଡିଜର୍ଭସ ଦ ଫେଆର। ଏଠାରେ ଡିଜର୍ଭସ ନୁହେଁ ଡିଜର୍ଭ ହେବ। ଦ + ଆଡଜେକ୍ଟିଭ = ବହୁବଚନାତ୍ମ ବିଶେଷ୍ୟ ଅଟେ। ଏସବୁ ବ୍ୟାକରଣଗତ ତ୍ରୁଟି ପ୍ରତି କର୍ତ୍ତୃପକ୍ଷ ଧ୍ୟାନଦେବା ଉଚିତ ବୋଲି ଶିକ୍ଷାବିତ୍ ଆଡଭୋକେଟ ବିଜୟ ରାଉତ, ଧୀରେନ୍ଦ୍ର ସାହୁ ଓ ଅଶ୍ୱିନୀ ଚୌଧୁରୀ ପ୍ରମୁଖ କହିଛନ୍ତି।

# ତିନିଦିନ ପରେ ନିଖୋଜ ଯୁବକଙ୍କ ମୃତଦେହ ଉଦ୍ଧାର

ପଞ୍ଚୁପାଣ୍ଡବ/ଡେରାବିଶ,୨୮।୧୦(ସମିସ): ଛୋଟି ପଞ୍ଚାୟତ ଛୋଟି ଗ୍ରାମର ଗୋଲକ ପୃଷ୍ଟିଙ୍କ ପୁଅ ଗଙ୍ଗାଧର(୨୫) ରବିବାର ପଟ୍ଟାମୁଣ୍ଡାଇ କେନାଲରେ ଭାସିଯାଇଥିବାବେଳେ ତାଙ୍କର କୌଣସି ସନ୍ଧାନ ମିଳି ନ ଥିଲା। ଆଜି ତାଙ୍କ ମୃତଦେହ ଉଦ୍ଧାର କରାଯାଇଛି।



ଗଙ୍ଗାଧର ରବିବାର ମଧ୍ୟାହ୍ନରେ ପଟ୍ଟାମୁଣ୍ଡାଇ କେନାଲ୍‌ର ବଣିଆ ସାହି ତୁଠରେ ଶୌଚ ହେଉଥିବାବେଳେ ଗୋଡ଼ ଖସିଯିବାରୁ ସେ ଭାସିଯାଇଥିଲେ। ତାଙ୍କୁ ଖୋଜାଖୋଜି କରାଯାଇଥିଲେ ହେଁ କୌଣସି ପତ୍ତା ମିଳି ନ ଥିଲା। ପରଦିନ ମଧ୍ୟ ମିଳି ନ ଥିଲା। ନିଖୋଜ ସ୍ଥାନଠାରୁ ୫ ଶହ ମିଟର ଦୂର ଚରପଡା ପୋଲ ନିକଟରେ ଗଙ୍ଗାଧରଙ୍କ ମୃତଦେହ ଭାସୁଥିଲା। ଖବରପାଇ ପରିବାର ଲୋକେ ଗଙ୍ଗାଧରର ମୃତଦେହକୁ ଚିହ୍ନଟ କରିଥିଲେ। ନିକିରାଇ ଥାନା ପୁଲିସ ପହଞ୍ଚି ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ନିମନ୍ତେ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲା।

## ■ ଢିଙ୍କିଆରେ ୧୬୩ ଧାରା ଜାରି
# ବନ୍ଦ ହେଲା ଜଟାଧାର ବାଲିଯାତ୍ରା

ପାରାଦୀପ,୨୮।୧୦ (ସମିସ): ଜଟାଧାର ମୁହାଣ ବେଳାଭୂମିରେ ଆୟୋଜିତ ହେଉଥିବା ବାଲିଯାତ୍ରା ମହୋତ୍ସବ ଚଳିତ ବର୍ଷ ବନ୍ଦ ରହିବ। ଆଇନ୍‌ଶୃଙ୍ଖଳା ବିପର୍ଯ୍ୟସ୍ତ ହେବା ଆଶଙ୍କା କରି ଅଭୟଚାନ୍ଦପୁର ଥାନା ଅଧିକାରୀ ଏକ ଚିଠି ଜିଲ୍ଲା ପ୍ରଶାସନକୁ ଦେଇଥିଲେ। ଅଭୟଚାନ୍ଦପୁର ଥାନା ଅଧିକାରୀ ତାଙ୍କ ରିପୋର୍ଟରେ ବୋସକାଲିସ୍ ପଏଣ୍ଟ ଅଞ୍ଚଳରେ ଢିଙ୍କିଆ ସରପଞ୍ଚ ପିଙ୍କି ଦାସ, ତାଙ୍କ ସ୍ୱାମୀ ନୂତନ ଦାସ, ଜେଏସଡବ୍ଲ୍ୟୁ ବିରୋଧୀ ନେତା ମୁରଲୀଧର ସାହୁ, ଦେବେନ୍ଦ୍ର ସ୍ୱାଇଁ, ପ୍ରଦୀପ୍ତ ଶତପଥୀ ପ୍ରମୁଖ ଜଟାଧାର ମୁହାଣ ବେଳାଭୂମିରେ ବାଲିଯାତ୍ରା ମହୋତ୍ସବ ଆୟୋଜନ କରିବା ନେଇ ଚେଷ୍ଟା ଜାରି ରଖିଥିବାବେଳେ ଜେଏସଡବ୍ଲ୍ୟୁ ସମର୍ଥକ ମଧ୍ୟ ସମାନ ସ୍ଥାନରେ ବାଲିଯାତ୍ରା ଆୟୋଜନ କରିବାକୁ ଉଦ୍ୟମ ଆରମ୍ଭ କରୁଥିଲେ। ଯାହାକୁ ନେଇ ସେଠାରେ ଆଇନଶୃଙ୍ଖଳା ପରିସ୍ଥିତ ବିପର୍ଯ୍ୟସ୍ତ ହେବାର ଆଶଙ୍କା ନେଇ ଡିଆର ନମ୍ବର-୧୩୫୧ରେ ଏକ ଚିଠି ଜିଲ୍ଲା ପ୍ରଶାସନକୁ ପୁଲିସ ଚିଠି ଲେଖିଥିଲେ। ଏହାକୁ ଆଧାର କରି ଉପଜିଲ୍ଲାପାଳ ପ୍ରଶାନ୍ତ କୁମାର ତରାଇ ବୋସକାଲିସ୍ ପଏଣ୍ଟ ଅଞ୍ଚଳରେ ତୁରନ୍ତ ଭାରତୀୟ ନାଗରିକ ସଂହିତାର ଧାରା ୧୬୩ ଜାରି କରିଛନ୍ତି। ଚଳିତ ମାସ ୩୧ରୁ ନଭେମ୍ବର ୩୦ ତାରିଖ ପର୍ଯ୍ୟନ୍ତ ଏକମାସ ପର୍ଯ୍ୟନ୍ତ ଏହା ବଳବତ୍ତର ରହିବ ବୋଲି ଉପଜିଲ୍ଲାପାଳଙ୍କ ପତ୍ର ସଂଖ୍ୟା ୨୯/୨୦୨୫ରୁ ଜଣାପଡିଛି।

# ରାମଚନ୍ଦ୍ର ନୋଡାଲ ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ



ଡେରାବିଶ,୨୮।୧୦(ସମିସ): ଚାଟରାଚକଡ଼ା ପଞ୍ଚାୟତ ଅନ୍ତର୍ଗତ ଫକୀରାବାଦ ରାମଚନ୍ଦ୍ର ନୋଡାଲ ଉଚ୍ଚବିଦ୍ୟାଳୟରେ ସାଧନ କେନ୍ଦ୍ରସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ରାମଚନ୍ଦ୍ର ଉଚ୍ଚବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ସଂଯୁକ୍ତା ସାମଲଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ଚାଟରାଚକଡ଼ା ସରପଞ୍ଚ ମମତା ରାଉତ, ମୁଖ୍ୟବକ୍ତା ଭାବେ ପଞ୍ଚସଖା ଶିକ୍ଷା ସେତୁ ସଭାପତି ହଳଧର ଦାଶ, ସମ୍ମାନିତ ଅତିଥି ଭାବେ ଚାଟରାଚକଡ଼ା ସମିତିସଭ୍ୟ ନିରଞ୍ଜନ କର ଯୋଗଦେଇ ଉଦ୍‌ଘାଟନ କରିଥିଲେ। ଏହି କାର୍ଯ୍ୟକ୍ରମରେ ସାଧନ କେନ୍ଦ୍ର ଅଧୀନସ୍ଥ ସମସ୍ତ ବିଦ୍ୟାଳୟରୁ ୧୫୦ରୁ ଅଧିକ ଛାତ୍ରଛାତ୍ରୀ ଯୋଗଦେଇ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ଅପରାହ୍ନରେ ପ୍ରଧାନଶିକ୍ଷୟିତ୍ରୀ ଶ୍ରୀମତୀ ସାମଲଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଯାପନୀ ସଭାରେ ଅତିଥି ଭାବେ ମଣ୍ଡଳ ସହ ଶିକ୍ଷାଧିକାରୀ ଖଗେଶ୍ୱର ନାୟକ, ସଚିକାନ୍ତ ମିଶ୍ର, ଶିକ୍ଷାବିତ୍ ହରେକୃଷ୍ଣ ମହାନ୍ତି, ସରପଞ୍ଚ ଶ୍ରୀମତୀ ରାଉତ ଯୋଗଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ମାନପତ୍ର ଓ ଟ୍ରଫି ପ୍ରଦାନ କରିଥିଲେ। ଉଭୟ ଅଧିବେଶନରେ ଶିକ୍ଷକ ମନୋରଞ୍ଜନ ତ୍ରିପାଠୀ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ଶିକ୍ଷକ ଭକ୍ତ ଚରଣ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

## ■ କାର୍ ଅଟକାଇ ସୁନାଚେନ ଲୁଟ୍ ଘଟଣା
# ୭ ମାସ ପରେ ଆସାମୀ ଗିରଫ




ରାଜକନିକ,୨୮।୧୦(ସମିସ): ରାସ୍ତାରେ କାର୍ ଅଟକାଇ ମହିଳାଙ୍କଠାରୁ ସୁନାଚେନ ଲୁଟ୍, ମୋବାଇଲ ଭାଙ୍ଗିବା ସହ ଟଣାଓଟରା ଘଟଣାର ୭ ମାସ ପରେ ଆଜି ଡଙ୍କାରୀ ଗ୍ରାମର ୩୨ ବର୍ଷୀୟ ନଟକୃଷ୍ଣ ପାତ୍ରକୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ଗତ ମାର୍ଚ୍ଚ ମାସ ୮ ତାରିଖ ଅପରାହ୍ନରେ ଆରଡ଼ିରୁ ଦର୍ଶନ ସାରି ତରାସ ଗ୍ରାମର ପ୍ରେମଲତା ନାୟକ ତାଙ୍କ ପରିବାର ସହ କାର୍‌ରେ ଓଳାଭର ଦେଇ ଘରକୁ ଫେରୁଥିଲେ। ବାଇକ୍ ଆସି ଆସାମୀ ନଟ କାର୍ ଅଟକାଇ ମହିଳାଙ୍କଠାରୁ ଲୁଟ୍ କରିଥିଲା। ଅଭିଯୋଗ ପାଇବା ପରେ ପୁଲିସ ତଦନ୍ତ କରୁଥିବାବେଳେ ଆସାମୀଙ୍କୁ ଧରିବାରେ ସଫଳ ହୋଇଛି।

## ରାସ୍ତା ଅବରୋଧ ହଟାଇବା ଦାବି
# ତହସିଲ ପରିସରରେ ଗ୍ରାମବାସୀଙ୍କ ଧାରଣା

ପଟ୍ଟାମୁଣ୍ଡାଇ,୨୮।୧୦(ସମିସ):


ସ୍ଥାନୀୟ ଗୋବିନ୍ଦପୁର (ବଡ଼ପାଟଣା) ଗ୍ରାମର ମୁଖ୍ୟ ରାସ୍ତାକୁ ଜଣେ ବ୍ୟକ୍ତି ଅବରୋଧ କରି ପାଚେରି ନିର୍ମାଣ କରିବା ଘଟଣାକୁ ନେଇ ଗ୍ରାମରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ଗ୍ରାମର ମୁଖ୍ୟ ରାସ୍ତାକୁ ଅବରୋଧ ମୁକ୍ତ କରିବା ପାଇଁ ଗ୍ରାମବାସୀଙ୍କ ପକ୍ଷରୁ ପଟ୍ଟାମୁଣ୍ଡାଇ ତହସିଲ କାର୍ଯ୍ୟାଳୟ ପରିସରରେ ଗଣଧାରଣା ଅନୁଷ୍ଠିତ ହୋଇଥିଲା। ସରକାରୀ ଭାବେ ମାପଚୁପ କରାଯାଇ ରାସ୍ତାରୁ ଅବରୋଧ ହଟାଯିବ ବୋଲି ତହସିଲଦାର ପ୍ରତିଶ୍ରୁତି ଦେବା ପରେ ଧାରଣା ପ୍ରତ୍ୟାହୃତ ହୋଇଛି।

ଗୋବିନ୍ଦପୁର ଗ୍ରାମର ମୁଖ୍ୟ ମଙ୍ଗଳା ବନ୍ଧ ରାସ୍ତା ଖାତା ନମ୍ବର ୫୫୭, ପ୍ଲଟ ନମ୍ବର ୧୨୪,୧୨୫,୧୨୬ ଓ ୨୬୨କୁ ଲାଗି ଏକ ଅନାବାଦୀ ପ୍ଲଟ ଓ ଜଳାଶୟ ରହିଛି। ଏହି ଗ୍ରାମର ଜଣେ ପ୍ରଭାବଶାଳୀ ବ୍ୟକ୍ତି ଚଞ୍ଚକତା କରି ଏହି ପ୍ଲଟକୁ ନିଜ ନାମରେ ରେକର୍ଡ କରାଇ ନେଇଛନ୍ତି। ଚକବନ୍ଦୀ ସମୟରେ ଏହି ସରକାରୀ ଜାଗାକୁ ଘରବାଡ଼ି ପ୍ଲଟ ଭାବେ ରେକର୍ଡ କରାଇ ନେଇଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏହି ବ୍ୟକ୍ତି ଜଣକ ରାସ୍ତାରେ ପଥର ଦ୍ୱାରା ପାଚେରି



ନିର୍ମାଣ କରି ସର୍ବସାଧାରଣ ରାସ୍ତା ଅବରୋଧ କରିବା ସହିତ ଲୋକଙ୍କ ଯିବା ଆସିବାରେ ବାଧା ଦେଉଛନ୍ତି। ଗ୍ରାମବାସୀ ପଟ୍ଟାମୁଣ୍ଡାଇ ତହସିଲଦାରଙ୍କୁ ଲିଖିତ ଅଭିଯୋଗ କରାଯିବା ସହିତ ଜବରଦଖଲ ଉଚ୍ଛେଦ ପାଇଁ ଦାବି କରିଥିଲେ। ତହସିଲ ପକ୍ଷରୁ ରାସ୍ତାର ଚିହ୍ନଟିକରଣ ପାଇଁ ଗତ ୨୩ ତାରିଖରେ ମାପ କରାଯାଇଥିଲେ ହେଁ ଗ୍ରାମବାସୀଙ୍କୁ ଏହି ରାସ୍ତାରେ ଯିବାକୁ ଅନୁମତି ଦିଆଯାଉ ନ ଥିବାରୁ ଯାତାୟାତ ପାଇଁ ଗ୍ରାମବାସୀ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ରାସ୍ତାକୁ ଅବରୋଧ କରି ନିର୍ମାଣ କରାଯାଇଥିବା ପାଚେରି ଭଙ୍ଗାଯାଇ ନ ଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏହାର ପ୍ରତିବାଦରେ ଅଶୋକ ସୂତାର, ପ୍ରଫୁଲ୍ଲ ସେଠୀ, ଗୋଲେଖ ଦାସ, ରାକେଶ ମଲିକ, ଭଜ ଗିରି, ସୁନନ୍ଦ ସୂତାର, ମନୋରଞ୍ଜନ ଘଡାଇ, ସୁକାନ୍ତ ଗିରି, ସୁବାସ ଦାସ ପ୍ରମୁଖଙ୍କ ନେତୃତ୍ୱରେ ଗ୍ରାମବାସୀ ଧାରଣାରେ ବସିଥିଲେ।

# ସମ୍ପାଦକୀୟ



ପ୍ରତ୍ୟେକ ଶିଶୁ ଏହି ସ୍ୱର୍ଗୀୟ ବାର୍ତ୍ତା ଆଣି ଆସିଥାଏ ଯେ ଈଶ୍ୱର ଏବେବି ମଣିଷ ଜାତି ଉପରୁ ଆସ୍ଥା ହରାଇ ନାହାନ୍ତି !
-ରବୀନ୍ଦ୍ରନାଥ ଠାକୁର

ସକାଳ
THE SAKALA

## ଖାଉଟି ବିପର୍ଯ୍ୟୟ

ବାତ୍ୟା ଆସିନାହିଁ କି ଆସିବାର ନାହିଁ। ଅଥଚ ଦୁଇଦିନ ଆଗରୁ ପନିପରିବା ଓ ଆଳୁର ବଜାର ଦର ଅହେତୁକ ଭାବେ ବଢ଼ିଗଲା। ଏହା ହେଉଛି ରାଜ୍ୟ ରାଜଧାନୀ ଭୁବନେଶ୍ୱରର ସ୍ଥିତି, ଯେଉଁଠି ସରକାରଙ୍କ ପ୍ରତ୍ୟକ୍ଷ ଉପସ୍ଥିତି ଓ ଦୃଷ୍ଟି ରହିଛି। ଆଭ୍ୟନ୍ତରୀଣ ଓ ବାତ୍ୟା ପ୍ରଭାବିତ ଅଞ୍ଚଳର ସ୍ଥିତି କ'ଣ ହୋଇଥିବ ଏଥିରୁ ଅନୁମେୟ। ଅହେତୁକ ଦର ବୃଦ୍ଧିରେ ଖାଉଟି ଖର୍ଚ୍ଚାନ୍ତ ଓ ବେପାରୀ ମାଲେମାଲ୍ ହୋଇସାରିବା ପରେ ଏବେ ସରକାର ସ୍ୱଭାବସୁଲଭ ଢଙ୍ଗରେ କହୁଛନ୍ତି କଳାବଜାରୀକୁ ବରଦାସ୍ତ କରାଯିବ ନାହିଁ। ସରକାରଙ୍କ ପାଖରେ ବଜାର ଖବର ପହଞ୍ଚିବାରେ ବିଳମ୍ବ ହେଉଛି ନା ଜ୍ଞାତସାରରେ ଏଭଳି ବାବୁ-ବେପାରୀ ମଧୁଚନ୍ଦ୍ରିକାକୁ ଅଣଦେଖା କରାଯାଉଛି ତାହା ସାଧାରଣ ଲୋକ ଜାଣିବା କଷ୍ଟକର।

ନିୟମିତ ଧାରାରେ ସାମାନ୍ୟ ଓଲମବିଲମ ହେଲେ ତାହାର ତତ୍କାଳ ପ୍ରଭାବ ପଡୁଛି ଦ୍ୱୈତନଗରୀ କଟକ-ଭୁବନେଶ୍ୱରର ଆଳୁ ବଜାର ଉପରେ। ପଶ୍ଚିମବଙ୍ଗରେ କାଳୀପୂଜା ପାଇଁ ମଣ୍ଡି ବନ୍ଦ ଥିବାରୁ ତାହାର ପ୍ରଭାବ ଓଡ଼ିଶାର ଆଳୁ ବଜାର ଉପରେ ପଡ଼ିଥିବା କୁହାଯାଉଛି। ତା'ସହିତ ବାତ୍ୟା ଭୟ ଯୋଗୁଁ ଆଳୁ ଚାହିଦା ହଠାତ୍ ବଢ଼ିଯିବାରୁ ଆଳୁ ଦାମ ଉଚ୍ଚା ହୋଇଥିବା ବଜାର ବିଶେଷଜ୍ଞମାନେ ମତ ଦେଇଛନ୍ତି। କିନ୍ତୁ ଓଡ଼ିଶାର ଆଳୁ ପେଣ୍ଠ କୁବେରପୁରୀରେ ମହଜୁଦ ସ୍ତର ଏତେ ସଙ୍କଟଜନକ ନୁହେଁ ଯେ ଦୁଇ/ତିନିଦିନ ଯୋଗାଣ ବ୍ୟାହତ ହେଲେ ଖୁଚୁରା ବଜାରରେ ଆଳୁ କିଲୋ ପିଛା ୧୦ ଟଙ୍କାରୁ ୧୫ ଟଙ୍କା ପର୍ଯ୍ୟନ୍ତ ବଢ଼ିଯିବ। ତେଣୁ ମହଜୁଦକାରୀ, ପାଇକାରୀ ଓ ଖୁଚୁରା ଦୋକାନୀଙ୍କ ମଧ୍ୟରେ ଅସାଧୁ ମେଣ୍ଟ ହିଁ ଏହି ବର୍ଦ୍ଧିତ ମୂଲ୍ୟ ପାଇଁ ଦାୟୀ। ଏବେ ପ୍ରଶ୍ନ ଉଠୁଛି ଦୁଇଦିନ ଆଗରୁ ଭୁବନେଶ୍ୱର ବଜାରରେ ଆଳୁ ଦାମ ଆଶ୍ଚର୍ଯ୍ୟଜନକ ଭାବେ ବଢ଼ିଯାଇଥିବା ହୁରି ପଡ଼ିଥିଲେ ମଧ୍ୟ ସରକାରଙ୍କ କାନକୁ ଏ ଖବର ଯାଇନାହିଁ କେମିତି? ଏହା ପରିଚାଳନାଗତ ଅପାରଗତା ନା କଳାବଜାରୀକୁ ପରୋକ୍ଷ ପ୍ରୋତ୍ସାହନ ବୋଲି ଲୋକମୁଖରେ ପ୍ରଶ୍ନ ହେଉଛି।

ସାମଗ୍ରିକ ଘଟଣାକ୍ରମରେ ସରକାରଙ୍କ ଉଦାସୀନତାଠାରୁ ଅଧିକ ଦାୟୀ ଖାଉଟିମାନଙ୍କ ମାନସିକତା। ଯେଉଁ ହାତଗଣତି ଅତିସିଆଣିଆ ଖାଉଟି ମାତ୍ରାଧିକ ଚାଲାକିପଣିଆ ଓ ଦୂରଦର୍ଶିତା ଦେଖାଇ କିଲେ ଜାଗାରେ ଦଶକିଲୋ ବୋହି ନେଲେ ତାହାର ଦେଖାଶିକ୍ଷା ପ୍ରଭାବ ପୂରା ଖାଉଟି ବଜାର ଉପରେ ପଡ଼ିଲା। ଏଥିରେ ସାମଗ୍ରିକ ଭାବେ ଖାଉଟି ବର୍ଗ ପ୍ରଭାବିତ ହେଲା ଏବଂ ବିକ୍ରେତାମାନେ ମାସକର ଲାଭ ଗୋଟିଏ ଦିନରେ ଉଠେଇ ନେଲେ। ଗରାଖ ଓ ସ୍ଥିତି ଦେଖି ବେପାରୀଙ୍କ ପାଟିରୁ ଯାହା ବାହାରିଲା ତାହା ହିଁ ବଜାର ଦର ପାଲଟିଲା।

ଏବେ ସମୟ ଆସିଛି ବିପର୍ଯ୍ୟୟ ପ୍ରଶମନ ତାଲିକାରେ ଖାଉଟି ବଜାରକୁ ମଧ୍ୟ ସାମିଲ କରିବାକୁ ପଡ଼ିବ। ପ୍ରାକୃତିକ ବିପର୍ଯ୍ୟୟର ସମ୍ଭାବ୍ୟ ପ୍ରଭାବିତ ଅଞ୍ଚଳରେ ଯେଭଳି ପ୍ରାକ୍‌ପ୍ରସ୍ତୁତି, ସ୍ଥାନାନ୍ତରଣ, ଉଦ୍ଧାର ପ୍ରସ୍ତୁତି ଆଦି କରାଯାଉଛି ସେଭଳି ଖାଉଟି ବଜାରକୁ ମଧ୍ୟ ଯଥେଷ୍ଟ ପୂର୍ବରୁ ସରକାର ନିୟନ୍ତ୍ରଣକୁ ନେବା କିମ୍ବା ସତର୍କ ଦୃଷ୍ଟି ରଖିବା ଆବଶ୍ୟକ। କାରଣ ପ୍ରାକୃତିକ ଦୁର୍ବିପାକ ଜନିତ କ୍ଷୟକ୍ଷତି ତୁଳନାରେ କଳାବଜାରୀର ପ୍ରଭାବ ଜନସାଧାରଣଙ୍କୁ ବଳି ଯାଉଛି। ତେଣୁ କଳାବଜାରୀକୁ ବିପର୍ଯ୍ୟୟ ପ୍ରଶମନ ଯୋଜନାରେ ସାମିଲ୍ କରିବା ପାଇଁ ସମୟର ନୂଆ ଆହ୍ୱାନକୁ ସରକାର ଗୁରୁତ୍ୱର ସହ ବିଚାର କରିବା ଉଚିତ ହେବ।

## ଶସ୍ୟ ବୋଝ

ଚଳିତ ବର୍ଷ ସ୍ୱାଭାବିକ ମୌସୁମୀ ଯୋଗୁଁ ଭଲ ଫସଲ ହୋଇଛି ଏବଂ ଚାଷୀ ମଧ୍ୟ ଖୁସି ଅଛନ୍ତି। ଅପରପକ୍ଷରେ ସେଥିପାଇଁ ଏବେ ସରକାରଙ୍କ ଚିନ୍ତା ବଢ଼ିଯାଇଛି। ବିଶେଷକରି ଧାନ ଓ ଗହମର ବିପଣନ, ବିତରଣ ଓ ଭଣ୍ଡାରଣ ଅଧିକ ସମସ୍ୟା ସୃଷ୍ଟି କରିଛି। ଧାନ ଓ ଗହମ କିଣା ଏକପ୍ରକାର ସରକାରୀ ବାଧ୍ୟବାଧକତା। ଚଳିତ ଖରିଫ୍ ଋତୁରେ ଧାନ ଓ ଗହମ ଚାଷ ପୂର୍ବ ସବୁବର୍ଷର ରେକର୍ଡ ଭାଙ୍ଗିଛି। ସାଧାରଣ ବଣ୍ଟନ ବ୍ୟବସ୍ଥାରେ ମାଗଣାରେ ବ୍ୟକ୍ତି ପିଛା ମାସିକ ୫ କିଲୋ ଲେଖାଏଁ ଚାଉଳ/ଗହମ ବଣ୍ଟନ ପରେ ମଧ୍ୟ ଆହୁରି ବଳକା ରହୁଛି। ଚଳିତ ବର୍ଷ ସରକାରୀ ଭଣ୍ଡାରଘରେ ଅକ୍ଟୋବର ଶେଷ ସୁଦ୍ଧା ଗହମର ମହଜୁଦ ପରିମାଣ ବଫର ଷ୍ଟକ୍(ଜରୁରିକାଳୀନ ଆବଶ୍ୟକତା ପୂରଣ ପାଇଁ ସର୍ବୋଚ୍ଚ ମହଜୁଦ ସ୍ତର)ର ଆବଶ୍ୟକତାଠାରୁ ପ୍ରାୟ ଦେଢ଼ଗୁଣ ଅଧିକ ହୋଇସାରି ଥିବା ବେଳେ ଚାଉଳ ମହଜୁଦ୍ ନିର୍ଦ୍ଧାରିତ ସ୍ତରଠାରୁ ସାଢ଼େ ଚାରିଗୁଣ ଅଧିକ ହୋଇଗଲାଣି। ଖରିଫ୍ ଅମଳ ଓ ସଂଗ୍ରହ ଆଉ କିଛିଦିନ ପରେ ଆରମ୍ଭ ହେବ। ତେଣୁ ସରକାର ସେସବୁ ଶସ୍ୟକୁ କିପରି ପରିଚାଳନା କରିବେ ତାହା ସମସ୍ୟା ସୃଷ୍ଟି କରିଛି।

ଏତଦ୍‌ବ୍ୟତୀତ ମକାର ସର୍ବନିମ୍ନ ସହାୟକ ମୂଲ୍ୟ କ୍ୱିଣ୍ଟାଲ୍ ପିଛା ୨, ୪୦୦ ଟଙ୍କା ଥିବା ବେଳେ ଅଧିକ ଉତ୍ପାଦନ ଓ ଯୋଗାଣ ଯୋଗୁଁ ଘରୋଇ ବଜାର ଦର ହାରାହାରି ୨୦୦୦ ଟଙ୍କାକୁ ଖସି ଆସିଲାଣି। ଆମେରିକା, ବ୍ରାଜିଲ୍, ଆର୍ଜେଣ୍ଟିନାର ଅଧିକ ଉତ୍ପାଦନ ଯୋଗୁଁ ଆନ୍ତର୍ଜାତିକ ବଜାରରେ ସୋୟାବିନ୍ ଦର କମିବାରେ ଲାଗିଛି। ତେଣୁ ଭାରତର ସୋୟାବିନ ରପ୍ତାନୀ ଦର ଗତ ବର୍ଷର ଟନ୍ ପିଛା ୪୯୦ ଡଲାର ତୁଳନାରେ ଚଳିତ ବର୍ଷ ୩୯୮ ଡଲାରକୁ ହ୍ରାସ ପାଇଛି। ଅପରପକ୍ଷରେ ସୋୟାବିନ୍‌ର ଘରୋଇ ଚାହିଦା ମଧ୍ୟ କମିବାରେ ଲାଗିଛି। ତେଣୁ ସରକାରଙ୍କୁ ବାଧ୍ୟ ହୋଇ ମକା ଓ ସୋୟାବିନ୍ ବୋଝ ମଧ୍ୟ ମୁଣ୍ଡାଇବାକୁ ପଡ଼ିବ।

ଜଳବହୁଳେ ସୃଷ୍ଟିନାଶ, ଜଳ ବିହୁନେ ସୃଷ୍ଟି ନାଶ ଭଳି ସ୍ଥିତିରେ ଏବେ କେନ୍ଦ୍ର ସରକାର ପଡ଼ିଛନ୍ତି। ସାମ୍ପ୍ରତିକ ସ୍ଥିତିରେ ଧାନ ଓ ଗହମ ସଂଗ୍ରହ ଧାର୍ଯ୍ୟ ଲକ୍ଷ୍ୟକୁ ସରକାର କାଣ୍ଟଛାଣ୍ଟ କରିପାରିବାର ପ୍ରଶ୍ନ ଉଠୁନାହିଁ। ଅପରପକ୍ଷରେ ଧାନ ଓ ଗହମ ଚାଷ ବଦଳରେ ମକା, ସୋୟାବିନ୍, କପା ଆଦି ଅର୍ଥକରୀ ଫସଲ ଅଧିକରୁ ଅଧିକ ଉତ୍ପାଦନ କରିବାକୁ ସରକାର ଏମ୍‌ଏସ୍‌ପି ଜରିଆରେ ଚାଷୀମାନଙ୍କୁ ଉତ୍ସାହିତ କରୁଛନ୍ତି। ଚାଷୀମାନେ ଏସବୁ ଉତ୍ପାଦନ ବଢ଼ାଇବା ପରେ ଏବେ ତାହା ସରକାରଙ୍କ ପାଇଁ ବୋଝ ପାଲଟିଛି। ଚାଷୀମାନଙ୍କୁ ସୁରକ୍ଷା ଦେବାକୁ ହେଲେ ଭାରତ ସରକାର ଆମଦାନୀ ଶୁଳ୍କରେ ବୃଦ୍ଧି କରିବା ଛଡ଼ା ଅନ୍ୟ ବାଟ ନାହିଁ। କିନ୍ତୁ ସାମ୍ପ୍ରତିକ ଶୁଳ୍କ ଯୁଦ୍ଧରେ ସେ ବାଟଟି ମଧ୍ୟ ଏତେ ସରଳ ଓ ସୁଗମ ନୁହେଁ। ମକା ଓ ସୋୟାବିନ୍‌ର ବଳକା ପରିମାଣକୁ ଇଥାନଲ୍ ଉତ୍ପାଦନ ମୁହାଁ କରିବାର ସୁଯୋଗ ମଧ୍ୟ ସଂକୁଚିତ। ଏ ସଙ୍କଟରୁ ସରକାର କେମିତି ନିଜେ ମୁକୁଳିବା ସହିତ ଚାଷୀମାନଙ୍କୁ ସନ୍ତୁଷ୍ଟ କରିପାରିବେ ତାହାର ପ୍ରଭାବ ଆଗାମୀ ରାଜ୍ୟ ବିଧାନସଭା ନିର୍ବାଚନଗୁଡ଼ିକରେ ପ୍ରତିଫଳିତ ହେବ।

# ବିହାର ରାଜନୀତିରେ ଜାତିବାଦ

ସୌଭାଗ୍ୟ ସୁନ୍ଦରରାୟ

ଦେଶର ଚତୁର୍ଥ ସର୍ବାଧିକ ବିଧାନସଭା ଆସନ ଥିବା ରାଜ୍ୟ ବିହାରରେ ଆଗାମୀ ମାସରେ ନୂଆ ସରକାର ଗଠନ ହେବ। ଦେଶର ପୂର୍ବାଞ୍ଚଳରେ ଅବସ୍ଥିତ ଏହି ରାଜ୍ୟର ବିଧାନସଭା ଆସନ ସଂଖ୍ୟା ୨୪୩। ଚଳିତ ନିର୍ବାଚନରେ କେଉଁ ମେଣ୍ଟ ଯାଦୁ ସଂଖ୍ୟା ୧୨୨ ଆସନ ହାସଲ କରିବାରେ ସମର୍ଥ ହେବ ତାହା ଉପରେ ଦେଶବାସୀଙ୍କ ନଜର ରହିଛି। କାରଣ ଆସନ୍ତାବର୍ଷ ପଶ୍ଚିମବଙ୍ଗ ଓ ତାମିଲନାଡୁରେ ବିଧାନସଭା ନିର୍ବାଚନ ହେବ। ବିହାରରେ କ୍ଷମତାସୀନ ଏନଡିଏ ଶାସନ ବଜାୟ ରଖିବ ନା ରାଜ୍ୟରେ ପରିବର୍ତ୍ତନ ଘଟିବ ସେଥିନେଇ ରାଜନୈତିକ ମହଲରେ ଉତ୍ସୁକତା ମଧ୍ୟ ରହିଛି।

୨୦୨୦ ମସିହା ବିହାର ବିଧାନସଭା ନିର୍ବାଚନରେ ରାଷ୍ଟ୍ରୀୟ ଜନତା ଦଳ(ଆରଜେଡି) ସର୍ବାଧିକ ୨୨.୧୪% ଭୋଟ ଏବଂ ସର୍ବାଧିକ ୭୫ଟି ଆସନ ପାଇଥିଲା। ଏହା ପରକୁ ବିଜେପି ୨୦.୫୨% ଭୋଟ ପାଇ ୭୪ଟି ଆସନରେ ଏବଂ ଜେଡି(ୟୁ) ୧୮.୫୨% ଭୋଟ ପାଇ ୪୩ ଆସନରେ ବିଜୟୀ ହୋଇଥିଲା। କଂଗ୍ରେସ ଦଳର ଫଳାଫଳ ନୈରାଶ୍ୟଜନକ ଥିଲା। ଦଳ ୭୦ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରି ମାତ୍ର ୧୯ଟି ଆସନରେ ବିଜୟୀ ହୋଇଥିଲା। ଦଳର ଭୋଟ ହାର ୯.୨୦% ରହିଲା। ଆସନ ସଂଖ୍ୟାରେ ତୃତୀୟରେ ଥାଇ ମଧ୍ୟ ଜେଡି(ୟୁ)ର ନେତା ନୀତୀଶ କୁମାର ବିଜେପି ସମର୍ଥନରେ ମୁଖ୍ୟମନ୍ତ୍ରୀ ହୋଇଥିଲେ। ଫଳରେ ରାଜ୍ୟରେ ଗଠନ ହୋଇଥିଲା ଏନଡିଏ ସରକାର। ଏହି ନିର୍ବାଚନରେ ଚିରାଗ ପାଶୱାନଙ୍କ 'ଲୋକ ଜନଶକ୍ତି ପାର୍ଟି' ଏକାକୀ ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରିଥିଲା। ଏହି କାରଣରୁ ଜେଡି(ୟୁ) କ୍ଷତିଗ୍ରସ୍ତ ହୋଇଥିଲା।

ଚଳିତ ନିର୍ବାଚନରେ ଜେଡି(ୟୁ)-ବିଜେପି ମେଣ୍ଟ ପୂର୍ବପରି ରହିଥିବା ବେଳେ ଏଥିରେ ଉପେନ୍ଦ୍ର ଖୁସୱାଙ୍କ 'ରାଷ୍ଟ୍ରୀୟ ଲୋକମୋର୍ଚ୍ଚା (ଆରଏଲଏମ)', ଚିରାଗ ପାଶୱାନଙ୍କ 'ଏଲ୍‌ଜେପି', ଜୀତନ ରାମ ମାନ୍‌ଝୀଙ୍କ 'ହିନ୍ଦୁସ୍ଥାନ ଆୱମ ମୋର୍ଚ୍ଚା (ଏଚଏଏମ)' ସାମିଲ ହୋଇଛି। ତେଣେ ଆରଜେଡି ଓ କଂଗ୍ରେସକୁ ନେଇ ଗଠିତ ମହାଗଠବନ୍ଧନ ମେଣ୍ଟରେ 'ବିକାଶଶୀଳ ଇନ୍‌ସାନ ପାର୍ଟି', 'ସିପିଆଇ', 'ସିପିଆଇ(ଏମ)', 'ସିପିଆଇ(ଏମଏଲ)', ରାମବିଳାଶ ପାଶୱନଙ୍କ ଭାଇ ପଶୁପତି କୁମାର ପାରସଙ୍କ ନେତୃତ୍ୱାଧୀନ 'ଏଲଜେପି' ଓ 'ଜେଏମଏମ' ସାମିଲ ହୋଇଛନ୍ତି।

ବିହାରର ଦୀର୍ଘ ୭୬ ବର୍ଷର ନିର୍ବାଚନର ଇତିହାସକୁ ଅନୁଧ୍ୟାନ କଲେ ଦେଖାଯାଏ ଯେ ରାଜ୍ୟର ରାଜନୀତି ବହୁ ଭାବେ ଜାତିଆଣ ଆଧାରରେ ପ୍ରଭାବିତ ହୋଇଛି। ବିହାର ଜନସଂଖ୍ୟାର ୮୨% ହେଉଛନ୍ତି ହିନ୍ଦୁ। ମୁସଲିମ ଜନସଂଖ୍ୟା ୧୭.୭%। ସଂଖ୍ୟାଲଘୁ ସଂପ୍ରଦାୟର ଏହି ଜନସଂଖ୍ୟା ମଧ୍ୟରେ ଅନ୍ୟାନ୍ୟ ପଛୁଆ ବର୍ଗ (ଓବିସି) ଓ ଅତ୍ୟଧିକ ପଛୁଆ ବର୍ଗ (ଇବିସି) ରହିଛନ୍ତି। ହିନ୍ଦୁ ବର୍ଗରେ ଯାଦବଙ୍କ ସଂଖ୍ୟା ସର୍ବାଧିକ ୧୪.୩%। ସେହିପରି କୁର୍ମି-ଖୁସୱାଙ୍କ ସଂଖ୍ୟା ୭.୧%। ଉଭୟ ଯାଦବ ଓ କୁର୍ମୀ-ଖୁସୱା ଓବିସି ଶ୍ରେଣୀଭୁକ୍ତ। ଯାଦବ ଓ ସଂଖ୍ୟାଲଘୁ ମୁସଲିମ ଭୋଟ ସାଧାରଣତଃ ଆରଜେଡି ନିକଟକୁ ଯାଇଥାଏ। କାରଣ ଆରଜେଡି ନେତା ଯାଦବ ସଂପ୍ରଦାୟର। ଜେଡି(ୟୁ) ନେତା ନୀତୀଶ କୁମାର କୁର୍ମୀ ସଂପ୍ରଦାୟର ହୋଇଥିବାରୁ ଏହି ଭୋଟ ଜେଡି(ୟୁ) ନିକଟକୁ ଯାଇଥାଏ। ତେବେ କୁର୍ମୀଙ୍କ ସଂଖ୍ୟା (୨.୮%) ଖୁସୱା (୪.୨)ଙ୍କ ଠାରୁ କମ୍। ଖୁସୱା ସଂପ୍ରଦାୟର ନେତା ଉପେନ୍ଦ୍ର ଖୁସୱାଙ୍କ ଦଳ ଆରଏଲଏମ ଚଳିତ ନିର୍ବାଚନରେ ୬ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରିବ। ଚଳିତ ବିଧାନସଭାରେ ଉପମୁଖ୍ୟମନ୍ତ୍ରୀ ଥିବା ବିଜେପି ନେତା ସମ୍ରାଟ ଚୌଧୁରୀ ମଧ୍ୟ ଖୁସୱା ସଂପ୍ରଦାୟର ହୋଇଥିବାରୁ ଏହି ଭୋଟ ଏନଡିଏ ସପକ୍ଷରେ ଯିବା ଆଶା କରାଯାଏ।

ମିଳିତ ଭାବେ ରାଜ୍ୟର ଓବିସି ଭୋଟ ହାର ୨୪.୮% ହୋଇଥିବା ବେଳେ ଉଚ୍ଚବର୍ଗର ଭୋଟ ହାର ୧୫.୫% ରହିଛି। ଏହି ବର୍ଗରେ ବ୍ରାହ୍ମଣ, କାୟସ୍ଥ, ରାଜପୁତ ଓ ଭୂମିହାର ଆସୁଛନ୍ତି। ଏହି ଉଚ୍ଚବର୍ଗ ସଂପ୍ରଦାୟ ବିହାର ରାଜନୀତିକୁ ଦୀର୍ଘଦିନ ଧରି ପ୍ରଭାବିତ କରି ରଖିଥିଲେ। ରାଜ୍ୟର ୭୬ ବର୍ଷର ନିର୍ବାଚନୀ ଇତିହାସରେ ଉଚ୍ଚବର୍ଗ ପ୍ରାୟ ୩୭ ବର୍ଷ ଶାସନ ବ୍ୟବସ୍ଥା ନିୟନ୍ତ୍ରଣ କରିଛନ୍ତି ଏବଂ ସଂପ୍ରଦାୟରୁ ୧୨ ଜଣ ମୁଖ୍ୟମନ୍ତ୍ରୀ ହୋଇଛନ୍ତି। ଶ୍ରୀ କ୍ରିଷ୍ଣା ସିଂହ ପ୍ରାୟ ୧୭ ବର୍ଷ ମୁଖ୍ୟମନ୍ତ୍ରୀ ରହିଥିଲେ। ଏଥିସହ ଜଗନ୍ନାଥ ମିଶ୍ର, କ୍ରିଷ୍ଣା ବଲ୍ଲଭ ସହାୟ, ବିନ୍ଧେଶ୍ୱରୀ ଦୁବେ, ଚନ୍ଦ୍ର ଶେଖର ସିଂହ, ବିନୋଦାନନ୍ଦ ଝା, ଭଗବତ ଝା ଆଜାଦ, ମହାମାୟା ପ୍ରସାଦ ସିଂହ, କେଦାର ପାଣ୍ଡେ, ସତ୍ୟେନ୍ଦ୍ର ନାରାୟଣ ସିଂହ ପ୍ରମୁଖ ବିହାର ମୁଖ୍ୟମନ୍ତ୍ରୀ ହୋଇଥିଲେ।

୧୯୬୮ ମସିହାରେ ବିହାରରେ ରାଜନୀତିରେ ନୂତନ ଅଧ୍ୟାୟର ସୂତ୍ରପାତ ହେଲା। ପ୍ରଥମ ଥର ପାଇଁ ପଛୁଆ ବର୍ଗରୁ ସତୀଶ ପ୍ରସାଦ ସିଂହ ହେଲେ ମୁଖ୍ୟମନ୍ତ୍ରୀ ଏବଂ ଏହାଥିଲା ପ୍ରଥମ ଅଣ-କଂଗ୍ରେସ ସରକାର। 'ସଂଯୁକ୍ତ ସୋସାଲିଷ୍ଟ ଦଳ'ରୁ ସେ ନିର୍ବାଚିତ ହୋଇ 'ଶୋଷିତ ସମାଜ ଦଳ' ସହ ଏକ ମିଳିତ ସରକାରର ନେତୃତ୍ୱ ନେଇଥିଲେ। ତେବେ ମାତ୍ର ୫ ଦିନ ମୁଖ୍ୟମନ୍ତ୍ରୀ ରହିବା ପରେ ସତୀଶ ପ୍ରସାଦ ସିଂହ ଇସ୍ତଫା ଦେଇ ଅନ୍ୟ ଜଣେ ପଛୁଆ ବର୍ଗ ରାଜନୀତିଜ୍ଞ ବି.ପି.ମଣ୍ଡଳ ଶାସନ ଭାର ନେବା ପାଇଁ ପଥ ପରିଷ୍କାର କରିଥିଲେ। ଏହି ପରିପ୍ରେକ୍ଷୀରେ ଲାଲୁ ପ୍ରସାଦ ଯାଦବ, ରାବଡ଼ୀ ଦେବୀ, ନୀତୀଶ କୁମାର, ଜୀତନ ରାମ ମାନ୍‌ଝୀ ପଛୁଆ ବର୍ଗ ନେତାଙ୍କ ହାତରେ ବିହାରର ଶାସନ ଡୋରୀ ଦୀର୍ଘ ୩୫ ବର୍ଷ ହେଲା ରହିଲାଣି। ଜୀତନ ରାମ ମାନ୍‌ଝୀ ମୁସାହାର ସଂପ୍ରଦାୟର। ତାଙ୍କ ଦଳ ଚଳିତ ନିର୍ବାଚନରେ ୬ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରିବ। ଅନୁସୂଚିତ ଜାତି ବର୍ଗର ଏହି ସଂପ୍ରଦାୟ ଅତି ପଛୁଆ। ଏମାନଙ୍କ ସଂଖ୍ୟା ପ୍ରାୟ ୩.୧%। ରାଜ୍ୟରେ ଅନୁସୂଚିତ ଓ ସଂଖ୍ୟାଲଘୁ ବର୍ଗର ମୁଖ୍ୟମନ୍ତ୍ରୀ ହୋଇଛନ୍ତି, କିନ୍ତୁ ସେମାନଙ୍କ ସରକାର ବେଶୀ ସମୟ ତିଷ୍ଠି ପାରିନାହିଁ। ଅତ୍ୟଧିକ ପଛୁଆ ବର୍ଗରୁ କର୍ପୁରୀ ଠାକୁର ମଧ୍ୟ ସ୍ୱଳ୍ପ ସମୟ ପାଇଁ ମୁଖ୍ୟମନ୍ତ୍ରୀ ହୋଇଛନ୍ତି।

ବିହାର ରାଜନୀତିରେ ଉଚ୍ଚବର୍ଗ ଓ ପଛୁଆ ବର୍ଗର ପ୍ରାଧାନ୍ୟ ରହୁଥିବାରୁ ସମସ୍ତେ ନିଜ ବର୍ଗର ମୁଖ୍ୟମନ୍ତ୍ରୀ ପାଇଁ ସ୍ୱପ୍ନ ଦେଖିଥା'ନ୍ତି। ସେହି ଅନୁଯାୟୀ ବିହାର ରାଜନୈତିକ କ୍ଷମତା ପରିଚାଳିତ ହୋଇଥାଏ। ଅନ୍ୟାନ୍ୟ ବର୍ଗର ସଂଖ୍ୟା ସୀମିତ ଯୋଗୁଁ ସେହି ବର୍ଗର ମୁଖ୍ୟମନ୍ତ୍ରୀ ବେଶି ଦିନ କ୍ଷମତା ଉପଭୋଗ କରିପାରି ନାହାନ୍ତି। ବିହାର ରାଜନୀତିରେ ପଛୁଆ ବର୍ଗର ଉତ୍ଥାନ ସହ ଉଚ୍ଚ ବର୍ଗର ପ୍ରାଧାନ୍ୟ ହ୍ରାସ ପାଇଲା। ଉଚ୍ଚବର୍ଗ ସର୍ବଦା କଂଗ୍ରେସ ସପକ୍ଷରେ ରହିଆସିଥିଲେ। ଏହି ବର୍ଗଟି ଆରଜେଡି ପରି ପଛୁଆ ବର୍ଗ ବିରୋଧୀ। ଯେତେବେଳେ ରାଜ୍ୟରେ କଂଗ୍ରେସର ଅଧୋଗତି ଦେଖାଦେଲା ସେହି ସମୟରେ ଏହି ବର୍ଗର କିଛି ଭୋଟ ବିଜେପି ନିକଟକୁ ଗଲା। ତେବେ ସଂଖ୍ୟାଗରିଷ୍ଠ ଭୋଟ ଝୁଲା ଅବସ୍ଥାରେ ରହିଆସିଛି। ଚଳିତ ଥର ଏହି ବର୍ଗରୁ ପ୍ରଶାନ୍ତ କିଶୋରଙ୍କ 'ଜନ ସୁରାଜ ଦଳ' ପ୍ରଥମ ଥର ପାଇଁ ନିର୍ବାଚନ ପ୍ରତିଦ୍ୱନ୍ଦ୍ୱିତା କରୁଛି। ପ୍ରଶାନ୍ତ ନିର୍ବାଚନ ଗଣକ ଭାବେ ଦେଶରେ ପରିଚିତ। ନିର୍ବାଚନ କଳାକୌଶଳ ସଂପର୍କରେ ସେ ଅବଗତ। ସେ ବ୍ରାହ୍ମଣ ସଂପ୍ରଦାୟର। ଏଣୁ ଏଥର ଉଚ୍ଚବର୍ଗ ଭୋଟ 'ଜନ ସୁରାଜ ଦଳ' ସପକ୍ଷରେ କିଭଳି ଭାବେ ଯାଉଛି ତାହା ଦେଖିବାର କଥା।

ପଛୁଆ ବର୍ଗ, ଉଚ୍ଚବର୍ଗଙ୍କ ପରେ ବିହାରରେ ରାଜନୀତିରେ ଶକ୍ତିଶାଳୀ ଜନଜାତି ବର୍ଗଟି ହେଉଛି ପାଶୱାନ ସଂପ୍ରଦାୟ। ଏହି ସଂପ୍ରଦାୟ ରାମବିଳାଶ ପାଶୱାନ ଏବଂ ତାଙ୍କ ଦଳ 'ଲୋକ ଜନଶକ୍ତି ପାର୍ଟି'ର ଦୃଢ଼ ସମର୍ଥକ। ଏବେ ଏହି ଦଳର ନେତୃତ୍ୱ ନେଉଛନ୍ତି ରାମବିଳାଶଙ୍କ ପୁତ୍ର ଚିରାଗ ପାଶୱାନ। ବିହାରର ନିର୍ବାଚନ ଗଣିତ ଗୋଳମାଳ କରିବାରେ ଏହି ଦଳର ଯଥେଷ୍ଟ ଶକ୍ତି ରହିଛି। ଗତ ନିର୍ବାଚନରେ ରାଜ୍ୟରେ 'ଲୋକ ଜନଶକ୍ତି ପାର୍ଟି' ଏକାକୀ ନିର୍ବାଚନ ଲଢ଼ିବାରୁ ଜେଡି(ୟୁ) କ୍ଷତିଗ୍ରସ୍ତ ହୋଇଥିଲା। ପ୍ରାୟ ୭୫ଟି ଆସନରେ ଏଲଜେପି ପ୍ରତିଦ୍ୱନ୍ଦ୍ୱିତା କରିଥିଲେ ମଧ୍ୟ ଗୋଟିଏ ବି ଆସନ ପାଇପାରି ନ ଥିଲା। କିନ୍ତୁ ପରବର୍ତ୍ତୀ ସମୟରେ ଲୋକସଭା ନିର୍ବାଚନରେ ଏଲଜେପି ୫ଟି ଆସନରେ ଲଢ଼ି ସମସ୍ତ ଆସନରେ ବିଜୟୀ ହୋଇଥିଲା। ଏହି କାରଣରୁ ଚଳିତ ବିହାର ବିଧାନସଭା ନିର୍ବାଚନରେ ଏଲଜେପିକୁ ୨୯ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା ପାଇଁ ସୁଯୋଗ ମିଳିଛି। ତେବେ ଲୋକସଭାର ମତଦାନ ଧାରା ବିଧାନସଭା ନିର୍ବାଚନରେ ଯେ ପ୍ରତିଫଳିତ ହେବ ତାହା କୁହାଯାଇନପାରେ। ଲୋକସଭା ନିର୍ବାଚନରେ ଜାତୀୟ ପ୍ରସଙ୍ଗ ଉତ୍ଥାପିତ ହେଉଥିବା ବେଳେ ବିଧାନସଭା ନିର୍ବାଚନରେ ରାଜ୍ୟ ପ୍ରସଙ୍ଗ ଉଠିଥାଏ।


ବିହାର ନିର୍ବାଚନ ପାଇଁ ବିଭିନ୍ନ ରାଜନୈତିକ ଦଳ ଯେଉଁ ଆସନ ଭାଗବଣ୍ଟା କରିଛନ୍ତି ସେଥିରେ ଜାତି ପ୍ରମୁଖ୍ୟ ଆଧାର ହୋଇଥିବା ପରିଲକ୍ଷିତ ହେଉଛି। ବିଭିନ୍ନ ସଂପ୍ରଦାୟର ଭୋଟରଙ୍କୁ ମେଣ୍ଟ ସପକ୍ଷରେ ଆକୃଷ୍ଟ କରି କ୍ଷମତା ଦଖଲ କରିବା ନିମନ୍ତେ ରାଜନୈତିକ ଦଳ ଉଦ୍ୟମ କରିଛନ୍ତି। ତେବେ ସରକାର ଗଠନରେ କେଉଁ ସଂପ୍ରଦାୟ ନେତା ପ୍ରମୁଖ ଭୂମିକା ଗ୍ରହଣ କରିବ ତାହା ନିର୍ବାଚନ ଫଳାଫଳ ଘୋଷଣା ପରେ ହିଁ ଜଣାପଡ଼ିବ।

(ବରିଷ୍ଠ ସାମ୍ବାଦିକ)

କଟକ, ମୋ: ୯୪୩୭୨୨୯୨୩୩

# ସମ୍ପାଦକୀୟର ଗୁରୁତ୍ୱ

ଅଧ୍ୟାପକ ରାଜେଶ୍ ରାୟ



'ସମ୍ପାଦକୀୟ'ର ଗୁରୁତ୍ୱ କେତେ? ଖବରକାଗଜର ଜଣେ ନିୟମିତ ପାଠକ ଭାବେ ମତେ ଏହି ପ୍ରଶ୍ନ ବେଳେବେଳେ ଦ୍ୱନ୍ଦ୍ୱରେ ପକାଏ। ପ୍ରତିଦିନ ସକାଳୁ ଛୁଟି ଆସୁଥିବା ରଙ୍ଗବେରଙ୍ଗର ଖବରକାଗଜରେ ବିଭିନ୍ନ ଖବର ସହ ବିଜ୍ଞାପନ, ଜରୁରୀ ସୂଚନା ଓ ତଥ୍ୟ ସାଙ୍ଗ ହୋଇ ଆସନ୍ତି। କିନ୍ତୁ ସବୁଠୁ ସ୍ୱତନ୍ତ୍ର ପରିଚୟ ବହନ କରେ 'ସମ୍ପାଦକୀୟ'।

ପ୍ରାୟତଃ ଅଧିକାଂଶ ଖବରକାଗଜର ମଝି ଭାଗରେ 'ସମ୍ପାଦକୀୟ' ଶୋଭାପାଏ। ଏହାକୁ ଖବରକାଗଜର ମେରୁଦଣ୍ଡ ବା ମୁଖ୍ୟ ଅଙ୍ଗ ବୋଲି ବିଚାର କଲେ କିଛି ଭୁଲ ହେବନି। ଆଉ କିଛି ବୁଦ୍ଧିଜୀବୀ 'ସମ୍ପାଦକୀୟ'କୁ ଖବରକାଗଜର ଦର୍ପଣ ଭାବେ ତୁଳନା କରିଥା'ନ୍ତି। କାରଣ କୌଣସି ନିର୍ଦ୍ଦିଷ୍ଟ ପ୍ରସଙ୍ଗ, ସାମଗ୍ରିକ ଘଟଣାବଳୀ, ଦେଶର ଚିତ୍ର ଓ ଚରିତ୍ର ସମ୍ପର୍କରେ ଖବରକାଗଜ ପ୍ରକାଶନ କରୁଥିବା ସଂସ୍ଥାର ମତ ଓ ଦୃଷ୍ଟିକୋଣ 'ସମ୍ପାଦକୀୟ'ରେ ପ୍ରତିଫଳିତ ହୋଇଥାଏ। ବସ୍ତୁତଃ 'ସମ୍ପାଦକୀୟ' ଜରିଆରେ ଖବରକାଗଜ, ପତ୍ରପତ୍ରିକାର ସମ୍ପାଦକ ତାଙ୍କର ସନ୍ଦେଶ, ମତ ଓ ବିଚାର ଜନସାଧାରଣଙ୍କୁ ଦେଇଥା'ନ୍ତି। ତେଣୁ ଅନେକ ସମୟରେ 'ସମ୍ପାଦକୀୟ' ଗତାନୁଗତିକ ଧାରା ପରିବର୍ତ୍ତନ କରିପାରେ।

ଏହାଛଡ଼ା 'ସମ୍ପାଦକୀୟ' ପୃଷ୍ଠାର କୋଳରେ ପ୍ରତିଦିନ ବିଭିନ୍ନ ପ୍ରସଙ୍ଗକୁ ନେଇ ଗଢ଼ି ଉଠିଥିବା ପ୍ରବନ୍ଧମାନ ପ୍ରକାଶ ପାଏ, ଯେଉଁଥିରେ ଆଞ୍ଚଳିକ ପ୍ରସଙ୍ଗରୁ ଆରମ୍ଭ କରି ରାଜ୍ୟ, ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ଘଟୁଥିବା ସାଂପ୍ରତିକ ଘଟଣାବଳୀ, ବିଶେଷ ଦିବସ, ଧାରା ଓ ସୂଚନାଧର୍ମୀ ବିଷୟ କୋଳମଣ୍ଡନ କରେ। ମୋ ମତରେ 'ସମ୍ପାଦକୀୟ' ହେଉଛି ଜ୍ଞାନର ଏକ ଅସରନ୍ତି ଭଣ୍ଡାର। ଯେଉଁ ଲେଖକମାନେ 'ସମ୍ପାଦକୀୟ' ପୃଷ୍ଠାରେ ଲେଖା ଦିଅନ୍ତି ସେମାନେ ବିଭିନ୍ନ ଗବେଷଣା, ପରୀକ୍ଷା ନିରୀକ୍ଷା ଏବଂ ନିଷ୍ଠାର ସହ ସାଧନା କରି ନିଜର ମତକୁ ଉପସ୍ଥାପନ କରନ୍ତି। କୁହାଯାଏ ଗୋଟିଏ ସପ୍ତାହର ଖବରର ସାରାଂଶ 'ସମ୍ପାଦକୀୟ' ପୃଷ୍ଠା ପଢ଼ିଲେ ଜାଣି ହୁଏ।

ବର୍ତ୍ତମାନ ପରିସ୍ଥିତିରେ ଯଦି ପ୍ରଶ୍ନ କରାଯାଏ 'ସମ୍ପାଦକୀୟର ଗୁରୁତ୍ୱ କେତେ?', ଯେଉଁ ଉଦ୍ଦେଶ୍ୟରେ ଏହା ଜନ୍ମ ନେଇଛି ତାହା କେତେଦୂର ପୂରଣ ହେଉଛି?' ଇତ୍ୟାଦି, ତେବେ ଏହାର ଉତ୍ତର ଏକ ନିର୍ଦ୍ଦିଷ୍ଟ ସୀମା ଭିତରେ ବନ୍ଦୀ ହୋଇଯିବ। ଆଜିକାଲି କେତେଜଣ ପାଠକ ନିୟମିତ ମନଧ୍ୟାନ ଦେଇ ଖବରକାଗଜର 'ସ ମ୍ପା ଦ କୀ ୟ'କୁ ପଢୁଛନ୍ତି? ଦେଶର କର୍ଣ୍ଣଧାର କୁହାଯାଉଥିବା ଯୁବପିଢ଼ି ଏଥିପ୍ରତି କେତେ ଆକୃଷ୍ଟ? ଏହି ପ୍ରଶ୍ନ କେବେ ଆପଣ ଭାବିଛନ୍ତି କି? ବାସ୍ତବତା ହେଉଛି ବର୍ତ୍ତମାନ ଖବରକାଗଜର ଛାପା ସଂଖ୍ୟା ପୂର୍ବ ଅପେକ୍ଷା ଢେର୍ କମି ଯାଇଛି। କାରଣ ଏହି ଡିଜିଟାଲ ଯୁଗରେ ଆମେ ମୋବାଇଲ୍ ଫୋନରେ ଅତି ସହଜରେ ଖବରକାଗଜଗୁଡ଼ିକ ପାଇପାରୁଛୁ। ପଢ଼ିବାକୁ ମଧ୍ୟ ଆମ ପାଖେ ସେତିକି ଧୈର୍ଯ୍ୟ ନାହିଁ। ଖାଲି ମୁଖ୍ୟଖବରର ଶୀର୍ଷକ ଉପରେ ନଜର ପକାଇଦେଲେ ହେଇଗଲା।

ଏହି ପରିପ୍ରେକ୍ଷୀରେ 'ସମ୍ପାଦକୀୟ'ର କଥା ବିଚାରକୁ ନେଲେ ଆମେ ଦେଖିପାରିବା ଯେ କିଛି ହାତଗଣତି ପାଠକଙ୍କ ଗହଣରେ ଏହା ନିଜର ପରିଚୟକୁ ତଥାପି ଅକ୍ଷୁର୍ଣ୍ଣ ରଖିପାରିଛି। ଆନ୍ତରିକ ଧନ୍ୟବାଦ ଦେବି ସେହି ଲେଖକମାନଙ୍କୁ, ଯେଉଁମାନେ ନିରବଚ୍ଛିନ୍ନ ଭାବେ ନିଜର ଦାୟିତ୍ୱକୁ ନିର୍ବାହ କରି ଚାଲିଛନ୍ତି। 'ସମ୍ପାଦକୀୟ' ପୃଷ୍ଠାକୁ ସଜାଉଥିବା ଖବରକାଗଜର ସମ୍ପାଦନା ମଣ୍ଡଳୀଙ୍କ ଉଦ୍ୟମ ବଳରେ ଆଜି ତାହା ବଞ୍ଚି ରହିଛି। କିନ୍ତୁ ବର୍ତ୍ତମାନର ଯୁବପିଢ଼ିଙ୍କୁ ଏହାର ଗୁରୁତ୍ୱକୁ ବୁଝାଇବା ଅବଶ୍ୟ ଜରୁରୀ। ବିଦ୍ୟାର୍ଥୀମାନେ ଯଦି ଏଥିପ୍ରତି ମନ ବଳାନ୍ତେ ତେବେ ସମାଜରେ ଏକ ବିଶାଳ ପରିବର୍ତ୍ତନ ଅବଶ୍ୟ ହୋଇପାରନ୍ତା। ଜାତୀୟସ୍ତରୀୟ ପରୀକ୍ଷା ଯଥା ଭାରତୀୟ ପ୍ରଶାସନିକ ସେବା ନିମନ୍ତେ ପ୍ରସ୍ତୁତି କରୁଥିବା ପିଲାମାନେ 'ସମ୍ପାଦକୀୟ'ରୁ ଅନେକାଂଶରେ ଲାଭାନ୍ୱିତ ହେଉଛନ୍ତି।

କିଛିଦିନ ପୂର୍ବେ ମୁଁ ଶ୍ରେଣୀରେ ପାଠ ପଢ଼ାଉଥିବା ପିଲାମାନଙ୍କୁ ଖବରକାଗଜ ଓ 'ସମ୍ପାଦକୀୟ' ପଢ଼ିବା ବିଷୟରେ ପଚାରିଲି। କିନ୍ତୁ ଅନେକ ପିଲା ମତେ ପରାରିଲେ ଯେ 'ସମ୍ପାଦକୀୟ' କ'ଣ? ସେଥିରେ କ'ଣ ବାହାରେ? ଏଥିରୁ ଆପଣ ବୁଝି ପାରୁଥିବେ ଯେ ବର୍ତ୍ତମାନର ପିଲା ଏ ବିଷୟରେ କେତେ ସଚେତନ! ତେଣୁ ସମୟ ଆସିଛି ଖବରକାଗଜରେ 'ସମ୍ପାଦକୀୟ'ର ସ୍ଥାନକୁ ଆହୁରି ମଜବୁତ୍ କରିବା ପାଇଁ ଏବଂ ଖବରକାଗଜର ପାଠକଙ୍କ ସଂଖ୍ୟାକୁ ବୃଦ୍ଧି କରି ଏକ ନୂଆ ବିପ୍ଳବ ଆଣିବାର ପଥକୁ ଉନ୍ମୁକ୍ତ କରିବା ପାଇଁ। ଖବରକାଗଜର ନିର୍ମାତାମାନଙ୍କୁ ବିଶେଷ ଅନୁରୋଧ ସେମାନେ ଏହି ପ୍ରସଙ୍ଗଟି ଉପରେ ଧ୍ୟାନ ଦିଅନ୍ତୁ ଏବଂ 'ସମ୍ପାଦକୀୟ'ର ଲୋକପ୍ରିୟତାକୁ ବିସ୍ତାର କରନ୍ତୁ।

(ବିଦ୍ୱାନ୍ ମହାବିଦ୍ୟାଳୟ)

ଜୟପୁର, ମୋ: ୬୩୭୧୫୫୫୯୪୦

# ହରିଦାସ ସମାଧି ମଠ

## ଲୋକକଥାରେ ଲୋକଦେବତା

ସ୍ୱପ୍ନେଶ୍ୱର

ପ୍ରେମାବତାର ଶ୍ରୀଚୈତନ୍ୟ ଦେବ ନଦିଆ ନବଦ୍ୱୀପରୁ ଆସି ଶ୍ରୀକ୍ଷେତ୍ରରେ ଅବସ୍ଥାନ କରିବା ସମୟରେ ତାଙ୍କ ସାଙ୍ଗରେ ଆସିଥିବା ଶିଷ୍ୟଶ୍ରେଷ୍ଠ ହରିଦାସଙ୍କୁ ରଖିବା ପାଇଁ ପୁରୀର କୌଣସି ଘର ମାଲିକ ରାଜି ନ ହେବାରୁ ସେ କିଭଳି ଖରା ବର୍ଷା ଶୀତ କାକରରେ ଦିନରାତି ଖୋଲା ଆକାଶ ତଳେ ନୀଳଚକ୍ରକୁ ଚାହିଁ ଚାହିଁ ଦୈନିକ ତିନି ଲକ୍ଷ ଜଗନ୍ନାଥ ନାମ କୀର୍ତ୍ତନ କରି ଜୀବନ ଅତିବାହିତ କରିବାକୁ ଲାଗିଲେ ଏବଂ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଅପାର ମହିମାରୁ କିଭଳି ଚୈତନ୍ୟ ମହାପ୍ରଭୁ ସେଦିନ ରୋପଣ କରିଥିବା ମହାପ୍ରଭୁଙ୍କର ଦନ୍ତମାଞ୍ଜନରେ ବ୍ୟବହୃତ ବଉଳ ଦାନ୍ତକାଠିଟି ତତ୍‌କ୍ଷଣାତ ମହାଦ୍ରୁମରେ ପରିଣତ ହୋଇ ହରିଦାସଙ୍କୁ ଆଶ୍ରୟ ଦେଲା ଏବଂ କାଳକ୍ରମେ ସେଠାରେ କିଭଳି ସେହି ମହାଦ୍ରୁମ ନାମରେ ସିଦ୍ଧବକୁଳ ମଠ ଗଢ଼ି ଉଠିଲା ତାହା ଆମେ ପୂର୍ବରୁ ଏହି ସ୍ତମ୍ଭରେ ଆଲୋଚନା କରିଛେ।

ଦିନେ ହରିଦାସ ତାଙ୍କର ଅନ୍ତର୍ମନରେ ଜାଣିବାକୁ ପାଇଲେ ଯେ ଗୁରୁ ଶ୍ରୀଚୈତନ୍ୟ ଦେବ ଇହଲୀଳା ସମ୍ବରଣ କରିବା ପାଇଁ ନିଷ୍ପତ୍ତି ନେଇସାରିଛନ୍ତି। ଗୁରୁଙ୍କ ଅବର୍ତ୍ତମାନରେ ବଞ୍ଚିବା ତାଙ୍କ ପକ୍ଷେ ସମ୍ଭବ ନ ଥିଲା। ତେଣୁ ଗୁରୁଙ୍କ ପୂର୍ବରୁ ଦେହ ତ୍ୟାଗ କରିବା ପାଇଁ ସେ ସଙ୍କଳ୍ପ ନେଲେ। ସେଦିନ ହରିଦାସ ସ୍ୱାଭାବିକ ଭାବେ ଶିଷ୍ୟମାନଙ୍କ ସହ ନାମ କୀର୍ତ୍ତନ କରୁଥିଲେ। ହଠାତ୍ ହରିଦାସଙ୍କ କଣ୍ଠ ଧୀର ହୋଇ ନୀରବୀ ଗଲା। ତାଙ୍କ ଶରୀରରୁ ଏକ ଆଲୋକବର୍ତ୍ତିକା ନିର୍ଗତ ହୋଇ ମହାଶୂନ୍ୟରେ ମିଶିଗଲା। ତା'ପରେ ତାଙ୍କର ପ୍ରାଣହୀନ ଶରୀର ଢଳି ପଡ଼ିଲା। ଶ୍ରୀଚୈତନ୍ୟ ହରିଦାସଙ୍କ ମର ଶରୀରକୁ କାନ୍ଧରେ ଧରି ଉଦ୍ଦଣ୍ଡ କୀର୍ତ୍ତନ କରିବାକୁ ଲାଗିଲେ। ଶିଷ୍ୟମାନେ ମଧ୍ୟ ଉଦ୍ଦଣ୍ଡ କୀର୍ତ୍ତନ କଲେ। ସମସ୍ତେ ନାଚି ନାଚି ଯାଇ ସମୁଦ୍ର କୂଳରେ ପହଞ୍ଚିଲେ। ଚୈତନ୍ୟ ହରିଦାସଙ୍କ ମରଶରୀରକୁ ସମୁଦ୍ରରେ ସ୍ନାନ କରାଇ ସମାଧି ଯାଗାକୁ କୀର୍ତ୍ତନ କରି କରି ପହଞ୍ଚିଲେ। ସେଠାରେ ନିଜେ ହରିଦାସଙ୍କୁ ସମାଧି ଦେଲେ। ଏ ସମସ୍ତ କାମ ଚାଲି ଥିବାବେଳେ ଶିଷ୍ୟମାନେ ଉଦ୍ଦଣ୍ଡ କୀର୍ତ୍ତନ କରି ଚାଲିଥିଲେ।

କେତେକ ଶିଷ୍ୟ ହରିଦାସଙ୍କୁ ଏତେ ଭକ୍ତି କରୁଥିଲେ ଯେ ସେମାନଙ୍କ ଭିତରୁ କେତେକ ସମାଧି ପୀଠରେ ରହିବାକୁ ଲାଗିଲେ। କ୍ରମଶଃ ସେଠାରେ ଏକ ମଠ ଗଢ଼ି ଉଠିଲା ଏବଂ ସେ ମଠର ନାମ 'ହରିଦାସ ସମାଧି ମଠ' ରଖାଗଲା। କିଛିବର୍ଷ ପରେ ସେ ମଠର ମହନ୍ତ ଦିନେ ସମୁଦ୍ରରେ ସ୍ନାନ କରୁଥିବା ବେଳେ କଳାମୁଗୁନି ପଥରରେ ନିର୍ମିତ ଏକ ଦିବ୍ୟ ଗରୁଡ଼ ବିଗ୍ରହ ପାଇଲେ। ସେ ବିଗ୍ରହକୁ ଆଣି ମଠରେ ସ୍ଥାପନା କରି ପୂଜାର୍ଚ୍ଚନା ଆରମ୍ଭ କଲେ। ପନ୍ଦର ଦିନ ପରେ ମହନ୍ତ ଓ ଶିଷ୍ୟମାନେ ସମୁଦ୍ରରେ ସ୍ନାନ କରୁଥିବା ବେଳେ ପାଟକନାରେ ବନ୍ଧା ହୋଇଥିବା ଏକ ପୁଟୁଳି ତାଙ୍କ ଆଡ଼କୁ ଭାସି ଆସିଲା। ସେ ପୁଟୁଳି ଭିତରେ ଥିଲେ ତିନୋଟି ସୁନ୍ଦର ଦାରୁ ବିଗ୍ରହ-ଜଗନ୍ନାଥ, ବଳଭଦ୍ର ଓ ସୁଦର୍ଶନ। ମହନ୍ତ ମହାରାଜ ମୂର୍ତ୍ତିମାନଙ୍କୁ ମଠରେ ସ୍ଥାପନା କରି ଆରାଧନା କରିବା ପାଇଁ ନିଷ୍ପତ୍ତି ନେଲେ। କିନ୍ତୁ ମାଆ ସୁଭଦ୍ରା ନ ଥିବାରୁ ଚତୁର୍ଦ୍ଧା ବିଗ୍ରହ ଅସଂପୂର୍ଣ୍ଣ ଥିଲେ। ତେଣୁ ମହନ୍ତ ମହାରାଜ ମାଆ ସୁଭଦ୍ରାଙ୍କୁ ମଠରେ ବିଜେ କରିବା ପାଇଁ ପ୍ରାର୍ଥନା କଲେ। ତା' ପର ଦିନ ସେ ସମୁଦ୍ରରେ ସ୍ନାନ ପରେ ଅର୍ଘ୍ୟ ଦେବା ପାଇଁ ଆଞ୍ଜୁଳାଏ ପାଣି ଉଠେଇ ଆଣିବା ବେଳକୁ ତାଙ୍କ ହାତରେ ମାଆ ସୁଭଦ୍ରାଙ୍କର ଏକ ଦିବ୍ୟ ସୁନ୍ଦର ବିଗ୍ରହ ଆବିର୍ଭାବ ହେଲେ। ସେ ମହାଆନନ୍ଦରେ ତାଙ୍କୁ ମଠକୁ ନେଇ ମହା ସମାରୋହରେ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ପ୍ରତିଷ୍ଠା କରି ପୂଜାର୍ଚ୍ଚନା ଆରମ୍ଭ କଲେ।

କଥାଟା ଶ୍ରୀଜଗନ୍ନାଥଙ୍କ ଭକ୍ତ ମହଲରେ ପ୍ରଚାରିତ ହେଲା ଯେ ମହାପ୍ରଭୁମାନେ ସ୍ୱଇଚ୍ଛା କରି ହରିଦାସ ସମାଧି ମଠରେ ବିରାଜମାନ କରିଛନ୍ତି। ତା' ପରେ ସେ ମଠର ପ୍ରତିଷ୍ଠା ଅନେକ ଗୁଣରେ ବଢ଼ିଗଲା। ତେଣୁ ଶ୍ରୀକ୍ଷେତ୍ରକୁ ଆସୁଥିବା ଭକ୍ତମାନେ, ନିର୍ଦ୍ଦିଷ୍ଟ ଭାବରେ ବଙ୍ଗପ୍ରଦେଶର ଭକ୍ତମାନେ, ଏହି ମଠ ପରିଦର୍ଶନ କରି ମହାନ ସନ୍ଥ ହରିଦାସଙ୍କ ସମାଧିରେ ଭକ୍ତି ନିବେଦନ କରୁଛନ୍ତି। ଷୋଡ଼ଶ ଶତାବ୍ଦୀରୁ ଆଜି ପର୍ଯ୍ୟନ୍ତ ଏହି ମଠରେ ଅଖଣ୍ଡ ନାମ କୀର୍ତ୍ତନ ଏବଂ ଦିନରେ ଦୁଇଥର ହରିଦାସଙ୍କ ସମାଧି ନିକଟରେ ଶିଷ୍ୟମାନେ ଉଦ୍ଦଣ୍ଡ କୀର୍ତ୍ତନ କରିବାର ପରମ୍ପରା ଜାରି ରହିଛି। ଦିନକୁ ଦୁଇଥର ଦରିଦ୍ର ନାରାୟଣଙ୍କୁ ଅନ୍ନ ଦାନ ଦିଆଯାଉଛି। ସାରା ଭାରତରେ ହରିଦାସ ସମାଧି ମଠ ଏକ ମାତ୍ର ଅନୁଷ୍ଠାନ, ଯେଉଁଠାରେ ଏକ ଯବନର ସମାଧିକୁ ବୈଷ୍ଣବମାନେ ହିନ୍ଦୁ ପରମ୍ପରାରେ ପୂଜାର୍ଚ୍ଚନା କରୁଛନ୍ତି।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଓଡ଼ିଶାରେ 'ମୋନ୍ଥା'...

ପାଣିପାଗ ବିଭାଗ ପକ୍ଷରୁ ଆସନ୍ତାକାଲି ପର୍ଯ୍ୟନ୍ତ ରେଡ଼୍ ଆଲର୍ଟ ଜାରି ହୋଇଛି । ତେଲେଙ୍ଗାନାରେ ମୋନ୍ଥାର ପ୍ରଭାବ ଅଧିକ ରହିଛି ଏବଂ ବିଶେଷକରି ପୂର୍ବ ଏବଂ ଉତ୍ତର ତେଲେଙ୍ଗାନା ଜିଲ୍ଲାଗୁଡ଼ିକରେ ବୁଧବାର ମୂଷଳଧାରାରେ ବର୍ଷା ହେବାର ସମ୍ଭାବନା ଅଛି । ମଙ୍ଗଳବାର ଭୂପାଲପାଲି, ମୁଲୁଗୁ, କୋଠାଗୁଡେମ ଏବଂ ମହାବୁବାବାଦ ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇଛି । ଆସନ୍ତାକାଲି କୋମୁରାମ୍ଭୀମ, ମଞ୍ଚରିଆଲ, ପେଦ୍ଦାପାଲି, ଖମ୍ମମ ଏବଂ ୱାରାଙ୍ଗଲ ଜିଲ୍ଲାରେ ବର୍ଷା ପାଇଁ ଚେତାବନୀ ଜାରି ହୋଇଛି । କାକିନାଡା ଜିଲ୍ଲାରେ ଘୂର୍ଣ୍ଣିବାତ୍ୟା ମୋନ୍ଥାର ପ୍ରଭାବ ଅଧିକ ରହିଛି ଏବଂ ଏଥିପାଇଁ ସ୍କୁଲକୁ ୫ ଦିନ ପାଇଁ ଛୁଟି ଘୋଷଣା କରାଯାଇଛି । ଅନୁରୂପ ଭାବରେ କୃଷ୍ଣା, ବାପତଲା, ପୂର୍ବ ଗୋଦାବରୀ, ଏଲୁରୁ, ପାଲନାଡୁ, ଅନ୍ନମାୟା ଏବଂ କଡପା ଜିଲ୍ଲା ଭଳି ଅନ୍ୟ ଜିଲ୍ଲାଗୁଡ଼ିକରେ ମଧ ଗୋଟିଏରୁ ତିନି ଦିନ ପାଇଁ ସ୍କୁଲକୁ ଛୁଟି ଘୋଷଣା କରାଯାଇଛି । ମତ୍ସ୍ୟଜୀବୀଙ୍କୁ ମାଛ ଧରିବାକୁ ନଯିବାକୁ ସତର୍କ କରାଯାଇଛି । ଆଗାମୀ ୨୪ ଘଣ୍ଟା ମଧ୍ୟରେ ଆନ୍ତଃ ପ୍ରଦେଶରେ ବନ୍ୟା ହେବାର ସମ୍ଭାବନା ଅଛି । ପ୍ରବଳରୁ ଅତି ପ୍ରବଳ ବର୍ଷା ହେବାର ଆଶଙ୍କା ରହିଛି । ଉତ୍ତର ଆନ୍ଧ୍ରର ବିଜୟନଗରମ୍, ବିଶାଖାପାଟନମ୍ ଏବଂ ଅନକାପାଲି ଜିଲ୍ଲା ସହିତ ପ୍ରକାଶମ୍, ନେଲୋର ଏବଂ ରାୟଲସୀମା ଜିଲ୍ଲା ଯେପରିକି ତିରୁପତି, ଚିତ୍ତୁର, ରାୟଚୋଟି, କଡପା, କୁର୍ଣ୍ଣୁଲ୍, ନନ୍ଦୟାଲ୍ ଏବଂ ଅନନ୍ତପୁର ପାଇଁ ମଧ ବନ୍ୟା ସତର୍କତା ଜାରି କରାଯାଇଛି ।

ଅନ୍ୟପଟେ ବାତ୍ୟା ପ୍ରଭାବରେ ସୋମବାର ଅପରାହ୍ଣରୁ ଦକ୍ଷିଣ ଓଡ଼ିଶାରେ ବର୍ଷା ହୋଇଛି । ମଙ୍ଗଳବାର ଦିନ ତମାମ ରାଜ୍ୟର ଅଧିକାଂଶ ସ୍ଥାନରେ ମେଘୁଆ ପାଗ ସହ ବର୍ଷା ଅନୁଭୂତ ହୋଇଛି । ସନ୍ଧ୍ୟା ସାଢ଼େ ୫ ଟା ସୁଦ୍ଧା ଚାନ୍ଦବାଲିରେ ୫୧.୭ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ଦାରିଙ୍ଗବାଡ଼ିରେ ୫୧ ମିମି, ଯାଜପୁରରେ ୪୨, ଭଦ୍ରକ ୩୭, କୋରାପୁଟ ୩୬, ପରାଳାଖେମୁଣ୍ଡି ୩୪.୪, ନୟାଗଡ଼ ୨୧, ସମ୍ବଲପୁର ୨୦, ପାରାଦୀପ ୨୦, ଭୁବନେଶ୍ୱର ୧୭, ବାରିପଦା ୧୬, ଖୋର୍ଦ୍ଧା ୧୫, କଟକ ୧୩ ଓ କେନ୍ଦୁଝରରେ ୧୧ ମିମି ବର୍ଷା ରେକର୍ଡ କରାଯାଇଛି ।

ଆସନ୍ତାକାଲି ମାଲକାନଗିରି, କୋରାପୁଟ, ନବରଙ୍ଗପୁର, କଳାହାଣ୍ଡି, ରାୟଗଡ଼ା ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ଓ ସ୍ଥାନେ ସ୍ଥାନେ ଅତ୍ୟନ୍ତ ପ୍ରବଳ ବର୍ଷା ଆଶଙ୍କାରେ ପାଣିପାଗ କେନ୍ଦ୍ର ରେଡ୍ ଆଲର୍ଟ ଜାରି କରିଛି । ଏହି ଜିଲ୍ଲାଗୁଡ଼ିକରେ ପ୍ରବଳ ବର୍ଷା ଆଶଙ୍କା ରହିଛି । ସେହିପରି ନୂଆପଡା, ବଲାଙ୍ଗିର, କନ୍ଧମାଳ, ଗଜପତି ଜିଲ୍ଲାର ପ୍ରବଳରୁ ଅତିପ୍ରବଳ ବର୍ଷା ହୋଇପାରେ । ଅନ୍ୟପକ୍ଷରେ ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, ନୟାଗଡ଼, ଗଞ୍ଜାମ, କଟକ, ଖୋର୍ଦ୍ଧା, ପୁରୀ, ଜଗତସିଂହପୁର, ସୁନ୍ଦରଗଡ଼, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱ, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, ବୌଦ୍ଧ, ସମ୍ବଲପୁର, ସୋନପୁର ଓ ବରଗଡ଼ ଜିଲ୍ଲାରେ ପ୍ରବଳ ବର୍ଷା ନେଇ ୟେଲୋ ଆଲର୍ଟ ଜାରି ହୋଇଛି ।

ସୋଆ ଜଳବାୟୁ କେନ୍ଦ୍ର ପକ୍ଷରୁ କୁହାଯାଇଛି ଯେ ବାତ୍ୟା 'ମୋନ୍ଥା' ଓଡ଼ିଶାର ମାଲକାନଗିରି, କୋରାପୁଟ ଏବଂ ନବରଙ୍ଗପୁର ଜିଲ୍ଲା ଦେଇ ଆଗକୁ ଯିବ । ଏହି ସମୟରେ ପବନର ବେଗ ଘଣ୍ଟା ପ୍ରତି ୪୦-୫୦ କିମି ରହିବ । ଏହାର ପ୍ରଭାବରେ ମଙ୍ଗଳବାର ରାତି ଏବଂ ବୁଧବାର ସକାଳେ ମାଲକାନଗିରି, କୋରାପୁଟ, ନବରଙ୍ଗପୁର, ରାୟଗଡ଼ା, ଗଜପତି, କଳାହାଣ୍ଡି ଏବଂ କନ୍ଧମାଳ ଆଦି ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବ । ଅନୁରୂପ ଭାବରେ ଉପକୂଳବର୍ତ୍ତୀ ଜିଲ୍ଲାଗୁଡିକରେ ସାମାନ୍ୟରୁ ମଧ୍ୟମ ଧରଣର ବର୍ଷା ହେବା ନେଇ କେନ୍ଦ୍ର କହିଛି । ଅନ୍ୟପଟେ ବାତ୍ୟା ଯୋଗୁଁ ବର୍ତ୍ତମାନ ସମୁଦ୍ର ଅଶାନ୍ତ ରହିଛି । ତେଣୁ ମତ୍ସ୍ୟଜୀବୀମାନଙ୍କ ୩୦ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଏବଂ ୨୯ ତାରିଖ ପର୍ଯ୍ୟନ୍ତ ଦକ୍ଷିଣ-ପଶ୍ଚିମ, କେନ୍ଦ୍ରୀୟ ବଙ୍ଗୋପସାଗର ସଂଲଗ୍ନ ଅଞ୍ଚଳକୁ ନ ଯିବା ପାଇଁ ପରାମର୍ଶ ଦିଆଯାଇଛି । ସେହିପରି ବାତ୍ୟା ଦୃଷ୍ଟିରୁ ଗୋପାଳପୁର ବନ୍ଦର ପାଇଁ ୩ ନଂ ବିପଦ ସଙ୍କେତ ଜାରି କରାଯାଇଥିବା ବେଳେ ପାରାଦୀପ, ଧାମରା, ପୁରୀ, ଛତ୍ରପୁର ଏବଂ ଚାନ୍ଦବାଲି ବନ୍ଦର ପାଇଁ ୨ ନଂ ବିପଦ ସଙ୍କେତ ଜାରି କରାଯାଇଛି । ବୁଧବାର ବାତ୍ୟା ଦୁର୍ବଳ ହୋଇ ଅପବାତ ଓ ବିଳମ୍ବିତ ରାତି ସୁଦ୍ଧା ଏକ ସଦୃଶ ଲଘୁଚାପରେ ପରିଣତ ହେବା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି ।

### ଶୂନ୍ୟ ଜୀବନହାନି...

ବାତ୍ୟା ପ୍ରଭାବିତ ଅଞ୍ଚଳରୁ ଲୋକଙ୍କ ସ୍ଥାନାନ୍ତରଣ ହେଉଛି ଆମର ଏକ ପ୍ରମୁଖ ରଣନୀତି । ତେଣୁ ଏହି ଦିଗ ଉପରେ ସର୍ବାଧିକ ଗୁରୁତ୍ୱ ଆରୋପ କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

ବାତ୍ୟାପରେ ଯେପରି ବିଭିନ୍ନ ଜରୁରୀ ବ୍ୟବସ୍ଥା ତୁରନ୍ତ ପୁନଃକ୍ଷମ କରାଯାଇ ପାରିବ ସେଥିପାଇଁ ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ ରହିବାକୁ ମୁଖ୍ୟମନ୍ତ୍ରୀ ଇଞ୍ଜିନିୟରିଂ ବିଭାଗ ଗୁଡିକରୁ ନିର୍ଦ୍ଦେଶ ଦେଇଛନ୍ତି । ଭାଙ୍ଗିଯାଇଥିବା ଗଛ ଗୁଡିକ ଯୋଗୁ ରାସ୍ତା ଅବରୋଧ ନହୁଏ, ସେଥିପ୍ରତି ସମ୍ପୂର୍ଣ୍ଣ ପ୍ରସ୍ତୁତ ରହିବାକୁ ପଡ଼ିବ । ମୁଖ୍ୟମନ୍ତ୍ରୀ ଆହୁରି କହିଛନ୍ତି, ବର୍ତ୍ତମାନ ଫସଲ ଅମଳର ସମୟ । ତେଣୁ, ବାତ୍ୟା ପରେ ପରେ ତୁରନ୍ତ କ୍ଷୟକ୍ଷତିର ଆକଳନ କରି ଚାଷୀ ଭାଇମାନଙ୍କୁ ଆବଶ୍ୟକ ସହାୟତା ପ୍ରଦାନ କରିଯିବା ଉଚିତ । ଆଲୋଚନାରୁ ଜଣାଯାଇଛି ଯେ ଗଞ୍ଜାମ, ଗଜପତି, ରାୟଗଡା, କୋରାପୁଟ, ମାଲକାନଗିରି, କନ୍ଧମାଳ, କଳାହାଣ୍ଡି ଓ ନବରଙ୍ଗପୁର ଆଦି ୮ଟି ଜିଲ୍ଲାରେ ବାତ୍ୟାର ସର୍ବାଧିକ ପ୍ରଭାବ ରହିବ । ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ନେବା ପାଇଁ ୨୦୪୮ଟି ବାତ୍ୟା-ବନ୍ୟା ଆଶ୍ରୟସ୍ଥଳକୁ ପ୍ରସ୍ତୁତ କରି ରଖାଯାଇଛି । ବର୍ତ୍ତମାନ ସୁଦ୍ଧା ୮ଟି ଜିଲ୍ଲାରେ ୧୧,୩୯୬ ଜଣ ଲୋକଙ୍କୁ ସ୍ଥାନାନ୍ତରିତ କରାଯାଇଛି । ଆବଶ୍ୟକ ହେଲେ ଆହୁରି ୩୦,୫୫୪ ଜଣଙ୍କୁ ସ୍ଥାନାନ୍ତରିତ କରାଯିବ । ୧୮୭୧ ଜଣ ଗର୍ଭବତୀ ମହିଳାଙ୍କୁ ମଧ ବିଭିନ୍ନ ସ୍ୱାସ୍ଥ୍ୟକେନ୍ଦ୍ରକୁ ସ୍ଥାନାନ୍ତରିତ କରାଯାଇଛି ଏବଂ ଆହୁରି ୮୨୨ ଜଣଙ୍କୁ ସ୍ଥାନାନ୍ତରିତ କରାଯିବ । ସମୁଦାୟ ୨୬୯୩ ଜଣ ଗର୍ଭବତୀ ମହିଳାଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ରକୁ ସ୍ଥାନାନ୍ତରିତ କରାଯିବ । ବାତ୍ୟାର ମୁକାବିଲା ପାଇଁ ୩୦ଟି ଓଡ୍ରାଫ, ୫ଟି ଏନ୍‌ଡିଆର୍‌ଏଫ ଏବଂ ୧୨୩ଟି ଅଗ୍ନିଶମ ଦଳକୁ ମୁତୟନ କରାଯାଇଛି । ଆହୁରି ଅଧିକ ଟିମ୍ ଆଲର୍ଟରେ ଅଛନ୍ତି । ଆବଶ୍ୟକ ପଡିଲେ ଏମାନଙ୍କୁ ନିୟୋଜିତ କରାଯିବ । ପ୍ରଭାବିତ ହେବାକୁ ଥିବା ୮ଟି ଜିଲ୍ଲାରେ ସ୍କୁଲ ଓ ଅଙ୍ଗନବାଡି କେନ୍ଦ୍ର ଗୁଡିକୁ ୩୦ ତାରିଖ ପର୍ଯ୍ୟନ୍ତ ବନ୍ଦ ରଖାଯାଇଛି । ଆବଶ୍ୟକ ହେଲେ ଛୁଟିର ସମୟସୀମା ବଢାଯିବ ।

ନିରବଛିନ୍ନ ବିଦ୍ୟୁତ ସରବରାହ ଓ ପାନୀୟ ଜଳ ଯୋଗାଣ ପାଇଁ ଇଞ୍ଜିନିୟରିଂ ବିଭାଗ ଗୁଡିକ ପ୍ରସ୍ତୁତ ହୋଇଅଛନ୍ତି । ବିକଳ୍ପ ଭାବେ ସମସ୍ତ ଜରୁରୀ ସେବା ସଂସ୍ଥା ଗୁଡିକରେ ଡିଜି ସେଟ୍ ମହଜୁଦ ରଖାଯାଇଛି । ସମସ୍ତ ପ୍ରଭାବିତ ଅଞ୍ଚଳର ସ୍ୱାସ୍ଥ୍ୟକେନ୍ଦ୍ର ଗୁଡିକରେ ପର୍ଯ୍ୟାପ୍ତ ପରିମାଣର ସାପକାମୁଡା ଇଞ୍ଜେକ୍‌ସନ୍, ଔଷଧ ଓ ଚିକିତ୍ସା କିଟ୍ ମହଜୁଦ୍ ରଖାଯାଇଛି । ଆସନ୍ତା ୩୧ ତାରିଖ ପର୍ଯ୍ୟନ୍ତ ସମୁଦ୍ର ଓ ପାହାଡିଆ ଅଞ୍ଚଳରେ ଭ୍ରମଣ ପାଇଁ ପର୍ଯ୍ୟଟକ ମାନଙ୍କୁ ନିଷେଧ କରାଯାଇଛି । ମତ୍ସ୍ୟଜୀବୀ ମାନଙ୍କୁ ମଧ ସମୁଦ୍ର ଭିତରକୁ ନଯିବା ପାଇଁ ସତର୍କ କରାଯାଇଛି ।

ଏହି ସମୀକ୍ଷା ବୈଠକରେ ମୁଖ୍ୟମନ୍ତ୍ରୀଙ୍କ ସହିତ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିସନର ଅନୁ ଗର୍ଗ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଦେଓ ରଞ୍ଜନ କୁମାର ସିଂହ, ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁ, ପୁଲିସ ମହାନିର୍ଦ୍ଦେଶକ ୱାଇବି ଖୁରାନିଆ ଏବଂ ବିଭିନ୍ନ ବିଭାଗର ପ୍ରମୁଖ ସଚିବ, ସଚିବ ଓ ବରିଷ୍ଠ ଅଧିକାରୀ ମାନେ ଯୋଗଦେଇଥିଲେ । ଜିଲ୍ଲାପାଳ ମାନେ ମଧ ଆଭାସୀ ମାଧ୍ୟମରେ ଉପସ୍ଥିତ ଥିଲେ ।

### ଭୟ କରନ୍ତୁ ନାହିଁ...

ବିଜେଡିର କର୍ମୀ ଓ କର୍ମକର୍ତ୍ତାମାନଙ୍କୁ ନବୀନ ଅନୁରୋଧ କରିଛନ୍ତି ।

ସୂଚନାଯୋଗ୍ୟ ଯେ ନବୀନ ପଟ୍ଟନାୟକଙ୍କ ମୁଖ୍ୟମନ୍ତ୍ରୀତ୍ୱ ସମୟରେ ଏକାଧିକ ବାତ୍ୟାର ସଫଳ ମୁକାବିଲା କରିଥିଲା ଓଡ଼ିଶା । କେବଳ ସଫଳ ମୁକାବିଲା କରିନଥିଲା, ବରଂ ବିପର୍ଯ୍ୟୟ ପରିଚାଳନାରେ ସମଗ୍ର ଦେଶପାଇଁ ଓଡ଼ିଶା ରୋଲ ମଡେଲ ସାଜିଥିଲା । ଏପରିକି ବିପର୍ଯ୍ୟୟ ପରିଚାଳନା କ୍ଷେତ୍ରରେ ଉତ୍କର୍ଷ ପାଇଁ ଜାତିସଂଘଠାରୁ ଆରମ୍ଭ କରି ବିଭିନ୍ନ ଅନ୍ତର୍ଜାତୀୟ ସଂସ୍ଥା ଓଡ଼ିଶାକୁ ପ୍ରଶଂସା କରିବା ସହ ସମ୍ମାନ ଦେଇଥିଲେ । ଯାହା ଫଳରେ ୧୯୯୯ ମହାବାତ୍ୟାରେ ସର୍ବାଧିକ କ୍ଷତିଗ୍ରସ୍ତ ଓଡ଼ିଶା ୨୦୨୪ ମସିହା ବେଳକୁ ବିପର୍ଯ୍ୟୟ ମୁକାବିଲାରେ ପ୍ରବୀଣ ହୋଇପାରିଛି । ଓଡ଼ିଶାର ବିପର୍ଯ୍ୟୟ ମୁକାବିଲା ପଦ୍ଧତି ଦେଶର ଅନ୍ୟ ରାଜ୍ୟପାଇଁ ଅନୁକରଣୀୟ ହୋଇଛି ।

### ୬୧ ଟ୍ରେନ୍...

ଏଠାରେ ସୂଚନାଯୋଗ୍ୟ ଯେ, ମୋନ୍ଥା ପାଇଁ ଯାତ୍ରୀ ସୁରକ୍ଷା ପଦକ୍ଷେପ ସ୍ୱରୂପ ସୋମବାର ୩୨ଟି ଟ୍ରେନ୍‌ର ଚଳାଚଳ ବାତିଲ୍ କରାଯାଇଥିଲା ।

ବାତ୍ୟାକୁ ଦୃଷ୍ଟିରେ ରଖି କେନ୍ଦ୍ର ରେଳ ମନ୍ତ୍ରୀ ଅଶ୍ୱନୀ ବୈଷ୍ଣବ ଆଜି ପୂର୍ବତଟ ରେଳପଥର ବରିଷ୍ଠ ଅଧିକାରୀମାନଙ୍କ ସହିତ ବାତ୍ୟା ମୁକାବିଲା ସ୍ଥିତି ସମୀକ୍ଷା କରିଛନ୍ତି । ବିଶେଷ କରି ଆନ୍ଧ୍ରପ୍ରଦେଶ, ଓଡ଼ିଶା ଏବଂ ତେଲଙ୍ଗାନାରେ ପ୍ରଭାବିତ ହେବାକୁ ଥିବା ରେଳ ଭିତ୍ତିଭୂମିର ସୁରକ୍ଷା ଏବଂ ଯାତ୍ରୀଙ୍କ ନିରାପତ୍ତା ସୁନିଶ୍ଚିତ କରିବା ଉପରେ ରେଳ ମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି । ବାତ୍ୟା ପୂର୍ବରୁ ସମସ୍ତ ସତର୍କତାମୂଳକ ପଦକ୍ଷେପ ଗ୍ରହଣ କରିବା ଲାଗି ଶ୍ରୀ ବୈଷ୍ଣବ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । କେନ୍ଦ୍ର ମନ୍ତ୍ରୀ ଡିଭିଜନ ସ୍ତରୀୟ ଜରୁରିକାଳୀନ କକ୍ଷକୁ କାର୍ଯ୍ୟକ୍ଷମ କରିବା ସହ ସ୍ଥିତି ଉପରେ ୨୪ ଘଣ୍ଟିଆ ନିରୀକ୍ଷଣ ଲାଗି କହିଛନ୍ତି । ଆନ୍ଧ୍ରପ୍ରଦେଶର ବିଜୟୱାଡ଼ା, ବିଶାଖାପାଟଣା ଏବଂ ଗୁଣ୍ଟୁର ଡିଭିଜନରେ ଜରୁରୀ ଉପକରଣ, ଯନ୍ତ୍ରାଂଶ ଏବଂ ଯଥେଷ୍ଟ ସଂଖ୍ୟାରେ ରେଳ କର୍ମଚାରୀଙ୍କୁ ପୁନରୁଦ୍ଧାର ଲାଗି ପ୍ରସ୍ତୁତ ରଖିବା ପାଇଁ ରେଳମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି । ଯାତ୍ରୀଙ୍କ ଅସୁବିଧାକୁ ହ୍ରାସ କରିବା ଲାଗି ରେଳ ଚଳାଚଳ ଉପରେ ନଜର ରଖିବା ଏବଂ ଏହାକୁ ସୁବ୍ୟବସ୍ଥିତ କରିବା ଲାଗି ସେ ପରାମର୍ଶ ଦେଇଛନ୍ତି । ଜରୁରୀକାଳୀନ ପରିସ୍ଥିତି ଏବଂ ଆବଶ୍ୟକ ସତର୍କତାମୂଳକ ପଦକ୍ଷେପ ନେବା ଲାଗି ପୂର୍ବତଟ, ଦକ୍ଷିଣ ତଟ ଏବଂ ଦକ୍ଷିଣ କେନ୍ଦ୍ରୀୟ ରେଳ ଜୋନ ଅଧିକାରୀମାନଙ୍କୁ ଆବଶ୍ୟକ ସମ୍ବଳ ଯୋଗାଡ଼ ପାଇଁ ରେଳ ମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି । ଇତିମଧ୍ୟରେ ଯେକୌଣସି ପ୍ରକାର ସହାୟତା ଲାଗି ପୂର୍ବତଟ ରେଳପଥ ପକ୍ଷରୁ ହେଲ୍ପଲାଇନ ନମ୍ବର ଜାରି କରାଯାଇଛି ।

### ରଞ୍ଜନା ଦେଶାଇ...

କରାଯାଇଥିଲା । ଏହାର ରିପୋର୍ଟ ୨୦୧୫ ନଭେମ୍ବରରେ ଦାଖଲ ହୋଇଥିବାବେଳେ ସରକାର ଏହାକୁ ୨୦୧୬ ଜୁନ୍‌ରେ ଅନୁମୋଦନ ଦେଇଥିଲେ । ଆୟୋଗଙ୍କ ସୁପାରିସଗୁଡ଼ିକ ୨୦୧୬ ଜାନୁଆରୀ ପହିଲାରେ କାର୍ଯ୍ୟକାରୀ ହୋଇଥିଲା ।

ପୂର୍ବତନ ସୁପ୍ରିମକୋର୍ଟ ବିଚାରପତି ରଞ୍ଜନା ପ୍ରକାଶ ଦେଶାଇଙ୍କୁ ଅଷ୍ଟମ ବେତନ ଆୟୋଗର ଅଧକ୍ଷ ଭାବରେ ନିଯୁକ୍ତ କରାଯାଇଛି । ଆଇଆଇଏମ ବେଙ୍ଗାଲୁରୁର ପ୍ରଫେସର ପୁଲକ ଘୋଷ ଓ ପେଟ୍ରୋଲିୟମ୍ ଗ୍ୟାସ୍ ସଚିବ ପଙ୍କଜ ଜୈନ ସଦସ୍ୟ ରହିବେ । କେନ୍ଦ୍ର ସୂଚନା ଏବଂ ପ୍ରସାରଣ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ କହିଛନ୍ତି ଯେ ୮ମ ବେତନଙ୍କ ସୁପାରିଶ ପ୍ରତିରକ୍ଷା ସେବା କର୍ମଚାରୀଙ୍କ ସମେତ ପ୍ରାୟ ୫୦ ଲକ୍ଷ କେନ୍ଦ୍ର ସରକାରୀ କର୍ମଚାରୀ ଏବଂ ପ୍ରାୟ ୬.୯ ଲକ୍ଷ ପେନସନଭୋଗୀଙ୍କୁ ସାମିଲ କରିବ । 'ଟିଓଆର୍' ମୂଳତଃ ଏକ ବେତନ ଆୟୋଗର କାର୍ଯ୍ୟକାରିତାକୁ ରୂପରେଖା ଦିଏ । ଏହା ମୂଳ ଦରମା ଗଠନ, ଭତ୍ତା ଏବଂ ପେନସନ ସଂଶୋଧନଠାରୁ ଆରମ୍ଭ କରି ଅବସର ଲାଭ ଏବଂ ସେବା ସର୍ତ୍ତାବଳୀ ପର୍ଯ୍ୟନ୍ତ ଆୟୋଗଙ୍କ ସୁପାରିଶ କରିବା ଆଶା କରାଯାଉଥିବା ପରିସର ଏବଂ ନିର୍ଦ୍ଦିଷ୍ଟ କ୍ଷେତ୍ରଗୁଡ଼ିକୁ ବର୍ଣ୍ଣନା କରେ । ଏକ ଟିଓଆର ବିନା ଆୟୋଗ କାର୍ଯ୍ୟ କରିବା ପାଇଁ କୌଣସି ଆନୁଷ୍ଠାନିକ ନିର୍ଦ୍ଦେଶ କିମ୍ବା ଆଇନଗତ ଆଦେଶ ନାହିଁ । 'ଟିଓଆର୍' ଯେକୌଣସି ବେତନ କମିଶନର ମୂଳଦୁଆ ଦଲିଲ୍ ଭାବରେ କାର୍ଯ୍ୟ କରେ । ଏହା କେବଳ କାର୍ଯ୍ୟସୂଚୀ ସ୍ଥିର କରେ ନାହିଁ ବରଂ ସମୟସୀମା ଏବଂ ଆଶା ମଧ ସ୍ଥାପନ କରେ । ଟିଓଆର ଅନୁପସ୍ଥିତିରେ ଆୟୋଗ ତଥ୍ୟ ସଂଗ୍ରହ କରିପାରିବନାହିଁ, ଅଂଶୀଦାରମାନଙ୍କ ସହିତ ଜଡିତ ହୋଇପାରିବ ନାହିଁ କିମ୍ବା ଆର୍ଥିକ ମାନଦଣ୍ଡର ବିଶ୍ଳେଷଣ କରିପାରିବନାହିଁ । ଏହି ବିଳମ୍ବ କେବଳ ଆଭ୍ୟନ୍ତରୀଣ ପ୍ରଶାସନିକ ଯୋଜନାକୁ ବାଧା ଦେଉନାହିଁ ବରଂ ସଂଶୋଧିତ ଦରମା ଢାଞ୍ଚାର ସମୟୋଚିତ କାର୍ଯ୍ୟକାରିତା ପାଇଁ ଅପେକ୍ଷା କରିଥିବା କର୍ମଚାରୀଙ୍କ ଆଶାକୁ ମଧ ଧୂଳିସାତ୍ କରୁଛି ।

### ଭାରତୀୟ ଜିତିଲେ...

ଲଟେରି ଜିତିଥିବା ଖବର ଶୁଣିବା ପରେ ଅନିଲ ଆଶ୍ଚର୍ଯ୍ୟ ହୋଇ ଯାଇଥିଲେ । ସେ ସୋଫାରେ ସେମିତି ବସି ରହିଥିଲେ । ଜିତେଇଥିବାରୁ ମାଆଙ୍କୁ ଧନ୍ୟବାଦ ଦେଇଥିଲେ । ସେ ଏହି ଲଟେରି ଅର୍ଥକୁ ଦାୟିତ୍ୱର ସହ ଖର୍ଚ୍ଚ କରିବେ ବୋଲି କହିଛନ୍ତି । ନିଜ ସ୍ୱପ୍ନ ପୂରଣ କରିବା ପାଇଁ ଏଥିରୁ ଏକ ସୁପରକାର୍, ରେଷ୍ଟୋରାଁ ଏବଂ ସପ୍ତ ତାରକା ହୋଟେଲ କିଣିବେ । ବାକି ଅର୍ଥକୁ ସଠିକ ମାର୍ଗରେ ନିବେଶ କରିବେ । ପରିବାରକୁ ୟୁଏଇକୁ ନେଇଯିବେ । ତାଙ୍କ ସହ ସାରା ଜୀବନ ବିତାଇବେ । ଏହି ଅର୍ଥରୁ ଆଉ କିଛି ଭାଗକୁ ସେ ଦାନ କରିବେ ବୋଲି କହିଛନ୍ତି ।

### ପୀଡ଼ିତାଙ୍କ ପୁରୁଷ ବନ୍ଧୁ...

କାଣ୍ଡ ବେଳେ ପୁରୁଷ ବନ୍ଧୁ ସେଠାରୁ ଫେରାର ହୋଇଯାଇଥିଲା । ଖବର ପାଇ ପୁଲିସ ପୀଡ଼ିତାଙ୍କୁ ଗୁରୁତର ଅବସ୍ଥାରେ ମେଡିକାଲରେ ଭର୍ତ୍ତି କରାଇଥିଲେ । ଏହାକୁ ନେଇ ଓଡ଼ିଶା ଓ ପଶ୍ଚିମ ବଙ୍ଗରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା । ଦୁର୍ଗାପୁର ମାମଲାରେ ଜାତୀୟ ମହିଳା କମିସନ ଏବଂ ଓଡ଼ିଶା ମହିଳା କମିସନ ମଧ ଉଦବେଗ ପ୍ରକାଶ କରିବା ସହିତ ଦୋଷୀଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରିଛନ୍ତି ।

## ଯାତ୍ରା ମଞ୍ଚସ୍ଥ ନ ହେବାରୁ ୨ କଳାକାରଙ୍କୁ ଅପହରଣ

ବାରିପଦା, ୨୮।୧୦ (ସମିସ): ଯାତ୍ରା ମଞ୍ଚସ୍ଥ ନହେବାରୁ ଯାତ୍ରାପାର୍ଟିର ୨ କଳାକାରଙ୍କୁ ଅପହରଣ କରିନେଲେ କମିଟି ସଦସ୍ୟ । ଅପହୃତ ଦୁଇ କଳାକାର ହେଲେ, ବାରିପଦାର ସାଉନା ହେମ୍ବ୍ରମ ଓ ଲକ୍ଷ୍ମଣ ମାଝୀ । ଏନେଇ ତକତପୁର ଅଞ୍ଚଳର ଫାଗୁନ କଏଲ ଅପେରା ମାଲିକ ରାକ୍ଷୀମଣି ମାର୍ଣ୍ଡି ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି । ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି । ସୂଚନାନୁଯାୟୀ, ଝାଡ଼ଖଣ୍ଡ ରାଜ୍ୟର ପଶ୍ଚିମ ସିଂହଭୂମ ଅଞ୍ଚଳର ଧବାଡିରେ ଯାତ୍ରା କରିବା ପାଇଁ ସେଠାକାର କମିଟି ସଦସ୍ୟ ବାରିପଦାର ଯାତ୍ରାପାଟି ଫାଗୁନ୍ କଏଲ ଅପେରାକୁ ବୁକିଂ କରିଥିଲେ । ଏଥିପାଇଁ କମିଟି ପକ୍ଷରୁ ଅଗ୍ରିମ ଟଙ୍କା ମଧ ଦିଆଯାଇଥିଲା । କିନ୍ତୁ କୌଣସି ସମସ୍ୟା ପାଇଁ ଯାତ୍ରାପାର୍ଟି ଯାତ୍ରା କରିବାକୁ ଯାଇପାରି ନଥିଲେ । ଏହାକୁ ନେଇ କମିଟି ସଦସ୍ୟମାନେ କ୍ଷୁବ୍ଧ ହୋଇଯାଇଥିଲେ । ଏପରିକି, କମିଟିର କିଛି ବାରିପଦାକୁ ଆସି ଯାତ୍ରା କଳାକାର ସାଉନା ଓ ଲକ୍ଷ୍ମଣଙ୍କୁ ଅପହରଣ କରିନେଇଥିଲେ । ତାଙ୍କ ଅଞ୍ଚଳରେ ଯାତ୍ରା ପରିବେଷଣ ନ ହେଲେ ସେମାନେ ଦୁଇଜଣଙ୍କୁ ଛାଡ଼ିବେ ନାହିଁ ବୋଲି ଚେତାବନୀ ଦେଇଛନ୍ତି ।


**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

9437015112


Office of the Principal
**KALANDI CHARAN SANSKRIT COLLEGE**
At/Po- Padhuan, Dist.- Bhadrak - 756046

**ଅତିଥି ଅଧ୍ୟାପକ ଓ କିରାଣି ଆବଶ୍ୟକ**

ଏତଦ୍ୱାରା ଉଚ୍ଚ ଶିକ୍ଷା ବିଭାଗ ଓଡ଼ିଶା ସରକାରଙ୍କ ପତ୍ର ସଖ୍ୟା - ୫୭୧୯୮, ତା.୨୩.୧୦.୨୦୨୫ରିଖ ନିର୍ଦ୍ଦେଶ ଅନୁସାରେ କାଳନ୍ଦି ଚରଣ ସଂସ୍କୃତ ମହାବିଦ୍ୟାଳୟ, ପଢୁଆଁ, ବାସୁଦେବପୁର ଭଦ୍ରକ ରେ ଖାଲିଥିବା ନିମ୍ନ ବିଷୟମାନଙ୍କରେ ଅତିଥି ଅଧ୍ୟାପକ ଓ କିରାଣି ନିଯୁକ୍ତି କରାଯିବ ।

୧) ରାଜନୀତି ବିଜ୍ଞାନ-୧, ଓଡ଼ିଆ-୧, କିରାଣି-୧
୨) ଯୋଗ୍ୟତା: ଅବସର ପ୍ରାପ୍ତ ଅଧ୍ୟାପକ ଓ କିରାଣୀ (୪୮୮,୬୬୨) ଏବଂ ସଂସ୍କୃତ ବର୍ଗର
୩) ବୟସ ସୀମା: ୬୧ ରୁ ୬୯ ବୟସ ମଧ୍ୟରେ
୪) ଆବେଦନ : ଉପଯୁକ୍ତ ପ୍ରାର୍ଥୀ କେବଳ HIMS ପୋର୍ଟାଲ ମାଧ୍ୟମରେ ବିଜ୍ଞାପନର ୭ ଦିନ ମଧ୍ୟରେ ଆବେଦନ କରିପାରିବେ ।

**Sd/- Principal-cum-Secretary**
Kalandi Charan Sanskrit College
Padhuan, Bhadrak

OFFICE OF THE PRINCIPAL-CUM-SECRETARY
**GHANTESWAR DEGREE COLLEGE**
DIST-BHADRAK, PIN-756129, ODISHA
Accredited by NAAC Grade 'B', www.ghanteswarcollege.org.in,
Email: ghanteswardegree2016@gmail.com

**WANTED**

Guest Non-teaching member PET is wanted for immediate appointment. The retired Non-teaching members apply through HIMS Portal on or before 31/10/2025. Norms, conditions and salary will be as per the notification of DHE, Odisha vide letter No-57203, Dt.-23/10/2025.

**Sd/- Principal-cum-Secretary**
Ghanteswar Degree College, Ghanteswar

**DHAMNAGAR COLLEGE**
Dhamnagar, Bhadrak, Odisha-756117
Website: dhamnagarcollege.org.in
Estd: 1977

**WANTED**

Guest Lecturers in Chemistry, Logic & Philosophy, and Urdu including Three Demonstrators in Physics, Chemistry, Biology and PET are wanted for immediate appointment.The retired faculties and Non-Teaching Members below the age of 69 years with requisite Qualification may apply through provided links in HIMS portal.The Salary for the above cited posts will be as per the Notification of DHE, Odisha vide letter No. 57198 and 57203 on 23.10.2025.

**Sd/- Principal-cum-Secretary**
Dhamnagar College, Dhamnagar

**ନୋଟିସ୍**

(ଦେ.କା. ଆଇନ୍‌ର ଅର୍ଡର ୫ ରୁଲ୍ ୧୦ ସହିତ ଅର୍ଡର ୫ ରୁଲ ୨୦ (୧) ଏବଂ ୧ (କ) ଅନୁସାରେ ନୋଟିସ୍)

**ଜଜ୍ ଫ୍ୟାମିଲି କୋର୍ଟ, ଅନୁଗୋଳ**

**ସିଭିଲ୍ ପ୍ରୋସିଡ଼ିଙ୍ଗ (Execution), କେଶ ନଂ. 9/909୧**

କଳ୍ପନା ମହାପାତ୍ର, ବୟସ ୪୧ ବର୍ଷ, ସ୍ୱାମୀ- ପ୍ରଦୀପ ଦାସ, ସା-ହନୁମାନ ବଜାର, ପୋ.ଅ- ଅନୁଗୋଳ, ଥାନା/ସ.ଡ଼ି.-ଅନୁଗୋଳ, ଜିଲ୍ଲା- ଅନୁଗୋଳ (ଓଡ଼ିଶା)

... ଦରଖାସ୍ତକାରୀଣି

ବନାମ

ପ୍ରଦୀପ ଦାସ, ବୟସ ୪୫ ବର୍ଷ ପିତା- ସ୍ୱର୍ଗତ ସଦାଶିବ ଦାସ, ପ୍ଲଟ୍ ନଂ.-୨୬୪. ମିଲନ ପାରାଡାଇସ୍, ଆର୍ଯ୍ୟ ବିହାର କଲୋନୀ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର, ଜିଲ୍ଲା- ଖୋର୍ଦ୍ଧା, ପିନ୍-୭୫୧୦୨୧ ।

ଅଫିସ ଠିକଣା- ପ୍ରଦୀପ ଦାସ, ବୟସ ୪୫ ବର୍ଷ ପିତା- ସ୍ୱର୍ଗତ ସଦାଶିବ ଦାସ, ଫ୍ଲାଟ୍ ନଂ.- ୪୨୮, ୪ର୍ଥ ଫ୍ଲୋର ଡ଼ି.ଏଲ୍. ଏଫ୍. ସାଇବର ସିଟି, ପଟିଆ, ଚନ୍ଦକା ଇଣ୍ଡଷ୍ଟ୍ରିଆଲ୍ ଇ-ଷ୍ଟେଟ୍, ଭୁବନେଶ୍ୱର-୭୫୧୦୨୪, ମୋ.ନଂ-୯୨୦୬୭୫୩୩୯୮, ୮୨୪୯୮୧୪୯୨୩

...ଅପରପକ୍ଷ

ଯେହେତୁ ଦରଖାସ୍ତକାରୀ U/S 18 Family Courts Act ପରିବାର ଅଦାଲତ ଅନୁଗୋଳ ଅନୁସାରେ ଆପଣଙ୍କ ବିରୁଦ୍ଧରେ ମୋକଦ୍ଦମା ଦାଖଲ କରିଛନ୍ତି । ଆପଣଙ୍କ ବିରୁଦ୍ଧରେ ନୋଟିସ୍ ବାରମ୍ବାର ଆପଣଙ୍କ ଠିକଣାରେ ଜାରି ନିମନ୍ତେ ପଠାଗଲେ ମଧ ଆପଣ ଜାଣିଶୁଣି ଅନୁପସ୍ଥିତ ରହୁଥିବାରୁ ଓ ଆପଣଙ୍କ ଠିକଣା ପାଇପାରୁନଥିବାରୁ ନୋଟିସ୍ ଉତ୍ତମ ରୂପେ ଜାରି ହୋଇପାରୁନାହିଁ ।

ଏଣୁ ଅତ୍ର ବିଜ୍ଞାପନ ଦ୍ୱାରା ଆପଣଙ୍କୁ ଜଣାଇ ଦିଆଯାଇଅଛି କି ଆପଣ ଧାର୍ଯ୍ୟ ତା.୧୪.୧୧.୨୦୨୫ରିଖ ପୂର୍ବାହ୍ନ ୧୦:୩୦ ମିନିଟ୍ ସମୟରେ ଅତ୍ର କୋର୍ଟରେ ହାଜର ହୋଇ ଜବାବ ଦାଖଲ କରିବେ । ହାଜର ନ ହେଲେ ଆପଣଙ୍କ ବିରୁଦ୍ଧରେ ଏକ ତରଫା ସୂତ୍ରେ ବିଚାର କରାଯିବ ।

ଅଦ୍ୟ ତା.୨୬.୦୯.୨୦୨୫ରିଖ ରେ ଆମ୍ଭର ସ୍ୱାକ୍ଷର ଅଦାଲତରେ ମୋର ଯୁକ୍ତେ ଦିଆଗଲା ।

ସ୍ୱା/- ବିଚାରପତି

Office of the Principal
**Shyamsundar Sanskrit College**
**Bhograi, Balasore**
No.64 / E-mail - sscollegebhograi@gmail.com, Date - 27.10.2025

**WANTED**

Guest faculties in Dharmashastra (1) & Sahitya (1) including 2 nos. of Jr. Clerks are required on contractual basis. Only retired academicians and Jr. Clerks below the age of 69 years may apply through HIMS Portal on or before 31.10.2025. Remuneration will be paid as per the notification of DHE, Odisha vide letter no. 57198 and 57203 on dt. 23.10.2025.

**Sd/- Principal-cum-Secretary**
Shyamsundar Sanskrit College,
Bhograi, Balasore-756038

**AFFIDAVIT**

By virtue of an Affidavit Sworn before the Executive Magistrate, Angul, I, **Bashumati Maharana,** W/o: Late Saroj Maharana, Permanent resident of At: Madhupur, P.O.: Nandapur, P.S.: Bantala, Dist.: Angul (Odisha)-759132 have changed my minor daughter name from Sohaeni Maharana to Sohini Maharana. Sohaeni Maharana & Sohini Maharana is one & same person. Henceforth she shall be known as **Sohini Maharana** for all future purposes.

**AFFIDAVIT**

I, Kumari Pradhan W/o Biswanath Pradhan, Resident of At- Mayfair Nagar, Jaydev Vihar, Salia Sahi, PO-RRL, PS- Maitri Vihar, Bhubaneswar, Dist-Khordha PIN-751013, Odisha declared by this affidavit No.1669/94 dtd 27.10.2025 that now onwards I shall be known as **JYSIMA PRADHAN** for all future purposes.

**AFFIDAVIT**

I, Md Shahud Parbej S/o Md Mehboob, Resident of Latumia Lane, Panposh Town, Panposh, Rourkela, PS-Raghunathpali, Dist-Sundargarh PIN-769004, Odisha declared by this affidavit No.A/02 dtd 28.10.2025 that now onwards I shall be known as **MD SHAHUD PERVEZ** for all future purposes.

**AFFIDAVIT**

I, **Miss. Shruti Agarwal,** aged 23 years, D/O: Sajan Kumar Agarwalla, At: Radhakrishna Mandir, PO: Motiganj, PS: Town, Dist: Balasore, vide Affidavit No: 9245, Dt. 25.10.2025 declare that, my name be called as **Shruti Agarwalla** from here on for all future purposes.

**AFFIDAVIT**

I, **Smt. Madhavi Agarwal,** aged 49 years, W/o: Sajan Kumar Agarwalla, At: Radhakrishna Mandir, PO: Motiganj, PS: Town, Dist: Balasore, vide Affidavit No: 3426, Dt. 08.05.2025 declare that, my name be called as **Madhavi Agarwalla** from hereon for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Angul, Affidavit No- 5629 on dated 24-10-2025 I, **S P DURA BASULU SWAMY,** permanent resident of Vill. At./Po- Boxipalli, PS- Gopalpur, Dist- Ganjam, State- Odisha, Pin- 761002, declare that I have changed my name from **Spdura Basulu Swamy** (Old name) to **S P DURA BASULU SWAMY** (New name), Henceforth, I shall be known as **S P DURA BASULU SWAMY** for all future purposes.

Sd-(**S P DURA BASULU SWAMY**)

**AFFIDAVIT**

I, **Sri Shivam Agarwal,** aged 20 years, S/o.: Sajan Kumar Agarwalla, At: Radhakrishna Mandir, PO: Motiganj, PS: Town, Dist: Balasore, vide Affidavit No: 3428, Dt. 08.05.2025 declare that, my name be called as **Shivam Agarwalla** from hereon for all future purposes.

**AFFIDAVIT**

By virtue of an affidavit sworn before Notary Public Bhubaneswar, dated 20th September 2025, I Tirumal Kotnii, residing at 41/A, Ashok Nagar, Janpath, Near Rajmahal Square, Sri Durga Retail Private Limited, Bhubaneswar, Khurdha, Odisha-751009, declare that I have change my name from Kotni Tirumal Kumar to Tirumal Kotnii. Henceforth, I shall be known as **Tirumal Kotnii** for all purposes.

**Tirumal Kotnii**

**AFFIDAVIT**

I, **Dharmananda Sahu,** S/o: Late Duryodhana Sahoo, resident of Bhitaradigapatana, Nayak Sahi, Bhuban NAC, Ward No-8, Bhuban, Po/Ps: Bhuban, Dist.: Dhenkanal, PIN-759017, Odisha declare by this affidavit No-11179. dtd-23.10.25 that now onwards I shall be known as **Dharmananda Sahoo.** For all future purposes.

**AFFIDAVIT**

I Bhagyalata Patra wife of Sri Satya Narayan Mohapatra resident of ward No. 35, Plot No. C/ 2, Labour Colony, Unit-3, Po-Gpo, Ps- Kharvel Nagar, Bhubaneswar, Dist- Khordha, PIN- 751001 declare by this affidavit No. 77 dated 27.10.2025 that now onwards I shall be known as **BHAGYALATA PATRO** for all future purposes.

**AFFIDAVIT**

I, **Sri Sajan Kumar Agarwal,** aged 51 years, S/o: Late Ramavatar Agarwalla, At: Radhakrishna Mandir, PO: Motiganj, PS: Town, Dist: Balasore, vide Affidavit No: 3427, Dt. 08.05.2025 declare that, my name be called as **Sajan Kumar Agarwalla** from hereon for all future purposes.

**NAME CHANGE**

By virtue of an affidavit sworn before the Executive Magistrate, Tangi, Khordha CF.NO. 2672, dated 22/10/2025, I, **JAMUNARANI MANDAL**, W/o Ranjit Mandal resident of At: Gobardhanpur Colony Po: Bhusandpur, Ps - Tangi, Dist- Khordha, State- Odisha, Pin-752021 declare that I have changed my name from **JAMUNA MANDAL** (Old Name) to **JAMUNARANI MANDAL** (New Name). Henceforth, I shall be known as **JAMUNARANI MANDAL** for all future purposes.

(Sd- **JAMUNARANI MANDAL**)

**AFFIDAVIT**

I, Sunreeta Subhadarshini Nayak, aged about 41 years, W/o- Bhakta Ranjan Biswal, resident of At- Plot No- 315, Jayadev Vihar, Ps- Maitri Vihar, Bhubaneswar, Dist- Khurda, Pin- 751013, Odisha declare by this affidavit No. 2211, dtd. 27/10/2025, that now onwards I shall be known as **SUNRITA SUBHADARSHINI NAYAK** for all future purposes.

**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.: ST-OT-HIRING-VEHICLE-509, ତା.21.10.2025ରିଖ

**କାର୍ଯ୍ୟର ନାମ :** 30 ମାସ ଅବଧି ନିମନ୍ତେ ସିଗ୍‌ନାଲିଙ୍ଗ୍ ପରିସଂପତ୍ତି(Assets)ର ରକ୍ଷଣାବେକ୍ଷଣ, ବ୍ରେକ୍‌ଡାଉନ୍ ସ୍ଥଳରେ ଉପସ୍ଥିତ(Attending Breakdown) ହେବା ଏବଂ ଯାତ୍ରା ସମୟରେ ଅଟକ(En-route Detention)କୁ ଦୂର କରିବା ନିମନ୍ତେ ସିନିୟର ସେକ୍ସନ ଇଂଜିନିୟର/ସିଗ୍‌ନାଲ/ତାଳଚେର (TLHR) ଏବଂ ସିନିୟର ସେକ୍ସନ ଇଂଜିନିୟର/ସିଗ୍‌ନାଲ/ଢେଙ୍କାନାଳ (DNKL) ଅଧୀନରେ ସିଗ୍‌ନାଲିଙ୍ଗ୍ କର୍ମଚାରୀ ଏବଂ ସାମଗ୍ରୀଗୁଡ଼ିକର ପରିବହନ ନିମନ୍ତେ ଅହୋରାତ୍ର (Round the clock) ଚାଳକ ସହିତ TATA 207-DI କିମ୍ବା ଅନୁରୂପ ଭଳି ଦୁଇ ଗୋଟି ବହୁ-ଉପଯୋଗିତା ଗାଡ଼ି ଭଡ଼ା ସୂତ୍ରରେ ନେବା ।

**ଟେଣ୍ଡର ମୂଲ୍ୟ(₹) :** 35,40,000.00, EMD (₹) : 70,800.00, ଟେଣ୍ଡର ନଥିପତ୍ରର ମୂଲ୍ୟ (₹) : 3,540.00 ।

ବିଡ୍ ଆରମ୍ଭ ହେବା ତାରିଖ : ତା.29.10.2025ରିଖ ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.12.11.2025 ରିଖ 1100 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ(Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି ।

ବରିଷ୍ଠ ମଣ୍ଡଳ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ, ଖୋର୍ଦ୍ଧା ରୋଡ୍

PR-728/Q/25-26

**ବ୍ୟାଙ୍କ ଅଫ୍ ଇଣ୍ଡିଆ**
ବ୍ୟାଙ୍କ ଅଫ୍ ଇଣ୍ଡିଆ Bank of India BOI
ଆଞ୍ଚଳିକ କାର୍ଯ୍ୟାଳୟ: ଭୁବନେଶ୍ୱର ଅଞ୍ଚଳ, ୧/୧ଡ଼ି, ଷ୍ଟାର ହାଉସ୍, ଜୟଦେବ ବିହାର, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫, ଫୋନ୍-୦୬୭୪-୨୩୬୨୨୪୯

**ସୁନା ନିଲାମ ବିଜ୍ଞପ୍ତି**

ଏତଦ୍‌ଦ୍ୱାରା ନିମ୍ନଲିଖିତ ସୁନା ଋଣଗ୍ରହୀତା, ସେମାନଙ୍କର ଆଇନଗତ ଉତ୍ତରାଧିକାରୀ ଓ ସୁନା ଅଳଙ୍କାର ବ୍ୟବସାୟରେ ଜଡିତ ଥିବା ବ୍ୟକ୍ତି ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛିକି, ବ୍ୟାଙ୍କ ବାରମ୍ବାର ନୋଟିସ୍ ଦେବା ସତ୍ତ୍ୱେ ନିମ୍ନଲିଖିତ ଋଣଗ୍ରହୀତାମାନେ ସେମାନଙ୍କର ବକେୟା ଦେୟ ପଇଠ କରୁନାହାଁନ୍ତି । ଏହି ନୋଟିସ୍ ପ୍ରକାଶନ ମାଧ୍ୟମରେ ଜଣାଇ ଦିଆଯାଉଅଛିକି, ଯଦି ସେମାନେ ସେମାନଙ୍କର ସମ୍ପୃକ୍ତ ସୁନା ଋଣ ଆକାଉଣ୍ଟ ବାବଦ ବକେୟା ଦେୟ (ଅଦ୍ୟାବଧି ସମସ୍ତ ସୁଧ ଏବଂ ଦେୟ/ଆଇନଗତ ଖର୍ଚ୍ଚ ଅନ୍ତର୍ଭୁକ୍ତ କରି) ତା.୧୯.୧୧.୨୦୨୫ରିଖ ସୁଦ୍ଧା ପଇଠ କରିବାରେ ବିଫଳ ହୁଅନ୍ତି ତେବେ ବ୍ୟାଙ୍କରେ ବନ୍ଧକ ଥିବା ସେମାନଙ୍କର ସୁନା ଅଳଙ୍କାରଗୁଡ଼ିକୁ ତା.୨୦.୧୧.୨୦୨୫ରିଖ ପୂର୍ବାହ୍ନ ୧୧.୦୦ ଘଟିକା ସମୟରେ ବ୍ୟାଙ୍କରେ ବନ୍ଧକ ଥିବା ସେମାନଙ୍କର ସୁନା ଅଳଙ୍କାରଗୁଡ଼ିକୁ ନିମ୍ନରେ ଦର୍ଶାଯାଇଥିବା ସହିଦ ନଗର ଶାଖା ପରିସରରେ ସର୍ବସାଧାରଣରେ ନିଲାମ କରାଯିବ । ବ୍ୟାଙ୍କ ସମ୍ପୃକ୍ତ ଋଣଗ୍ରହୀତାମାନଙ୍କର କୌଣସି ଅସୁବିଧା କିମ୍ବା କ୍ଷତି ନିମନ୍ତେ ଦାୟୀ ହେବ ନାହିଁ ଏବଂ କୌଣସି ଋଣଗ୍ରହୀତାଙ୍କ ପକ୍ଷରୁ ଏ ବାବଦ କୌଣସି ଅଭିଯୋଗ କିମ୍ବା ପ୍ରତିନିଧିତ୍ୱକୁ ପ୍ରଶୟ ଦେବ ନାହିଁ । ଯଦି ନିଲାମ ରାଶି ଅପର୍ଯ୍ୟାପ୍ତ କିମ୍ବା କମ୍ ହୋଇଥାଏ ତେବେ କୌଣସି କାରଣ ନଦର୍ଶାଇ ବ୍ୟାଙ୍କ ନିଲାମକୁ ରଦ୍ଦ କରିବାର ଅଧିକାର ସଂରକ୍ଷିତ ରଖିଅଛି । ପୁନଶ୍ଚ ଆବଶ୍ୟକସ୍ଥଳେ ବ୍ୟାଙ୍କ କୌଣସି କାରଣ ନଦର୍ଶାଇ ଉପରୋକ୍ତ ସ୍ଥିରିକୃତ ନିଲାମର ତାରିଖ, ସମୟ ଏବଂ ସ୍ଥାନକୁ ପରିବର୍ତ୍ତନ କିମ୍ବା ନିଲାମକୁ ରଦ୍ଦ କରିବାର ଅଧିକାର ସଂରକ୍ଷିତ ରଖିଅଛି । ସୁନା ଅଳଙ୍କାର/ କଏନ୍ ଗୁଡିକର ଶୁଦ୍ଧତା ଓ ନେଟ୍ ଓଜନ ଏବଂ ସଂରକ୍ଷିତ ମୂଲ୍ୟ ଇତ୍ୟାଦି ଇଚ୍ଛୁକ ନିଲାମଧାରୀମାନଙ୍କ ନିମନ୍ତେ ନିଲାମ ତାରିଖ ଦିନ ଏବଂ ନିଲାମର ସାଇଟ୍ / ନିଲାମ ପୋର୍ଟାଲରେ ଉପଲବ୍ଧ ହେବ ।

| କ୍ର. ନଂ. | ଆକାଉଣ୍ଟ ନଂ. | ଋଣଗ୍ରହୀତାମାନଙ୍କ ନାମ ଓ ଠିକଣା | ମୋଟ ଓଜନ (ଗ୍ରାମରେ) | ନେଟ୍ ଓଜନ (ଗ୍ରାମରେ) | ୨୩.୦୯.୨୦୨୫ ସୁଦ୍ଧା ମୋଟ ବକେୟା ଦେୟ (ଲାଗୁ ହୋଇନଥିବା ସୁଧ, ଖର୍ଚ୍ଚ ଓ ଦେୟ ଇତ୍ୟାଦି ବ୍ୟତିତ) |
|---|---|---|---|---|---|
| ବ୍ୟାଙ୍କ ଅଫ୍ ଇଣ୍ଡିଆ, ସହିଦ ନଗର ଶାଖା, ଏ/୧୨୩, ସହିଦ ନଗର, ପୋ: ସହିଦ ନଗର, ଭୁବନେଶ୍ୱର, ପିନ୍-୭୫୧୦୦୭, ମୋ.: ୮୯୮୧୦୮୧୩୭୩ | | | | | |
| ୧. | ୫୫୫୧୭୭୬୧୦୦୦୦୯୫୯ | ପ୍ରକାଶ ଭୋଳ, ପିତା: ଭାଗ୍ୟଧର ଭୋଳ, ଏ ବ୍ଲକ୍ ମାର୍କେଟ, ସେକ୍ଟର-୮, ରାଉରକେଲା, ଓଡ଼ିଶା, ପିନ୍-୭୬୯୦୦୯ | ୪୬.୦୭୦ | ୪୧.୫୦୦ | ଟ.୨,୨୮,୮୨୯.୬୪ |

ସ୍ଥାନ: ଭୁବନେଶ୍ୱର, ତାରିଖ: ୨୮.୧୦.୨୦୨୫

ଆଞ୍ଚଳିକ ପ୍ରବନ୍ଧକ, ବ୍ୟାଙ୍କ ଅଫ୍ ଇଣ୍ଡିଆ

## ମଙ୍ଗଳପୁର ନିକଟରୁ ୭୦ ଗ୍ରାମ୍ ବ୍ରାଉନସୁଗର ଜବତ

# ଡନ୍ ବ୍ରଦର୍ସ ଗ୍ରୁପ୍‌ର ୬ ସଦସ୍ୟ ଗିରଫ

ଜଗତସିଂହପୁର,୨୮।୧୦(ସମିସ): ଜଗତସିଂହପୁର ଜିଲ୍ଲାରେ ବର୍ଷ ବର୍ଷ ଧରି ବ୍ରାଉନସୁଗର ବେପାର ଚଳାଇ ଆସିଥିବା କୁଖ୍ୟାତ ଡନ୍ ବ୍ରଦର୍ସ ଗ୍ରୁପର ୬ ଜଣଙ୍କୁ ସଦର ଥାନା ପୁଲିସ ଗିରଫ କରିବାରେ ସଫଳ ହୋଇଛି। ଗତ ୨୭ ତାରିଖରେ ଜାତୀୟ ରାଜପଥର ମଙ୍ଗଳପୁର ବାଇପାସ୍ ନିକଟରେ ଏହି ଗ୍ରୁପର ଲିଡର କୁହାଯାଉଥିବା ବିକି ଓରଫ



### ମୁର୍ସିଦାବାଦରୁ କେଜି ୨୦ ଲକ୍ଷରେ ଆଣି ୪୫ ଲକ୍ଷରେ ବିକୁଥିଲେ

ସୌମ୍ୟଜିତ୍ ପରିଡାଙ୍କ ସହିତ ଅନ୍ୟ ସଦସ୍ୟ ଏକତ୍ରିତ ହୋଇଥିବା ନିର୍ଭରଯୋଗ୍ୟ ସୂତ୍ରରୁ ଖବର ପାଇବା ପରେ ସଦର ଥାନା ପୁଲିସର ଏକ ଟିମ୍ ସେଠାରେ ପହଞ୍ଚିଥିଲା। ସେଠାରେ ଉପସ୍ଥିତ ଥିବା ଟିମ୍ ଲିଡର ଓହଳ ଗ୍ରାମର ସୌମ୍ୟଜିତ ପରିଡା, ତା'ର ଭାଇ ଜାକି ଓରଫ ସ୍ୱପ୍ନଜିତ ପରିଡା, ତୁଷାର ଦାସ, ଲାଲାସାହିର ଆଭିଜାତ୍ୟ ସାହୁ ଓରଫ ଗୁଲ୍ଲୁ, ରଞ୍ଜନ ଗୋଛାୟତ ଓ ନାଉଗାଁ ଥାନା କୋକିଡିହ ଗ୍ରାମର ରଞ୍ଜିତ ଦାସ ଓରଫ ସିପୁଙ୍କୁ ପୁଲିସ କାବୁ କରିବା ସହିତ ଏମାନଙ୍କଠାରୁ ୭୦ ଗ୍ରାମ୍ ବ୍ରାଉନସୁଗର, ଏକ ବାଇକ୍ ଓ ୩ଟି ମୋବାଇଲ ଜବତ କରିଥିବା ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି ଅଙ୍କିତ କୁମାର ବର୍ମା ସୂଚନା ଦେଇଛନ୍ତି। ଜବତ ବ୍ରାଉନସୁଗରର ମୂଲ୍ୟ ୭ ଲକ୍ଷ ଟଙ୍କା ହେବ ବୋଲି ପୁଲିସ ସୂଚନା ଦେଇଛି। ସୌମ୍ୟଜିତ୍ ୨୦୨୧ କୋଭିଡ ସମୟରେ ମଧ ଏସ୍‌ଟିଏଫ୍ ଦ୍ୱାରା ଗିରଫ ହୋଇଥିଲା। ତା' ନିକଟରୁ ୩ କେଜି ବ୍ରାଉନସୁଗର ଓ ପ୍ରାୟ ୧ କୋଟି ଟଙ୍କା ଜବତ ହୋଇଥିଲା। ଜେଲରୁ ଜାମିନରେ ଆସିବା ପରେ ପୁଣି ଏକ ଟିମ୍ ଗଢି ବିକି ଓ ତା'ର ଭାଇ ଜାକି ଜଗତସିଂହପୁର ଜିଲ୍ଲାରେ ଏହି ବ୍ୟବସାୟ ଆରମ୍ଭ କରିଥିଲେ ବୋଲି ଏସ୍‌ପି ଶ୍ରୀ ବର୍ମା ସୂଚନା ଦେଇଛନ୍ତି। ବ୍ରାଉନସୁଗରର ତିଆରି ହେଉଥିବା ବାଂଲାଦେଶ ସୀମା ମୁର୍ସିଦାବାଦ ଅଞ୍ଚଳର ନିଶା ମାଫିଆଙ୍କ ସହିତ ବିକିର ଭଲ ସଂପର୍କ ରହିଥିବାବେଳେ ସେଠାରୁ କିଲୋ ପ୍ରତି ୨୦ ଲକ୍ଷରୁ ୨୪ ଲକ୍ଷ ଟଙ୍କାରେ ବ୍ରାଉନସୁଗର କିଣି ୪୫ ଲକ୍ଷରୁ ୫୦ ଲକ୍ଷ ଟଙ୍କା କେଜିରେ ଏହାକୁ ବିକ୍ରି କରୁଥିଲେ ଏହି ଡନ୍ ବ୍ରଦର୍ସ ଟିମ୍। ମୁର୍ସିଦାବାଦର ନିଶା ମାଫିଆ ବୋଟ୍‌ରେ ଦିଘା ପର୍ଯ୍ୟନ୍ତ ଆସି ବିକି ଓ ତା'ର ସହଯୋଗୀଙ୍କୁ ଅର୍ଡର ଅନୁସାରେ ବ୍ରାଉନସୁଗର ଦେଉଥା'ନ୍ତି। ପୁଲିସ ନଜରରୁ ବଞ୍ଚିବା ପାଇଁ କିଣାଯାଇଥିବା ବ୍ରାଉନସୁଗରର ମୂଲ୍ୟ ଭିନ୍ନ ଭିନ୍ନ ତରିକାରେ, ଭିନ୍ନ ଭିନ୍ନ ସ୍ଥାନରେ ଓ ଭିନ୍ନ ଭିନ୍ନ ବ୍ୟକ୍ତିଙ୍କ ମାଧ୍ୟମରେ ଦିଆଯାଉଥାଏ ବୋଲି ଶ୍ରୀ ବର୍ମା ସୂଚନା ଦେଇଛନ୍ତି। ବିକି ଜଗତସିଂହପୁର ଜିଲ୍ଲାରେ ଏହି ବେଆଇନ ନିଶା କାରବାର ବୁଝୁଥିବାବେଳେ ସିପୁ ଓରଫ ରଞ୍ଜିତ ଦାସ ନାଉଗାଁ, ଜାକି ପରିଡା ବାଲିକୁଦା, ତୁଷାର ଦାସ, ଆଭିଜାତ୍ୟ ସାହୁ ଓ ଗୁଲସାର ସେଖ୍ ଜଗତସିଂହପୁର ସହରରେ ଏହି ବ୍ୟବସାୟ ବୁଝିଥିବା ଏସ୍‌ପି ଶ୍ରୀ ବର୍ମା ସୂଚନା ଦେଇଛନ୍ତି। ଅପରେସନ ପ୍ରହାର ପରେ ଜଗତସିଂହପୁର ପୁଲିସର ଅପରେସନ ହ୍ୱାଇଟ୍ ସାଡୋ ସଫଳ ହୋଇଥିବାବେଳେ ଚୋରାମାଲ ଓ ବ୍ରାଉନସୁଗରର କାରବାରକୁ ଜିଲ୍ଲାରେ ସଂପୂର୍ଣ୍ଣ ବନ୍ଦ କରିବା ଲକ୍ଷ୍ୟରେ ପୁଲିସ କାମ କରୁଛି ବୋଲି ଏସ୍‌ପି ଅଙ୍କିତ ବର୍ମା ପ୍ରକାଶ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ସଦର ଏସ୍‌ଡିପିଓ ଅଜିଙ୍କ୍ୟା ବାବୁରାଓ ମାନେ, ଡିଏସ୍‌ପି ରଶ୍ମିରଞ୍ଜନ ଦାଶ, ଆଇଆଇସି ସରୋଜ ସାମଲଙ୍କ ସମେତ ଅନ୍ୟ ପୁଲିସ ଅଧିକାରୀ ଓ କର୍ମଚାରୀ ପ୍ରମୁଖ ଉପସ୍ଥିତ ଥିଲେ।

## ନାଉଗାଁ ହାଟ ବିଦ୍ୟାଳୟରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ନାଉଗାଁ,୨୮।୧୦(ସମିସ): ନାଉଗାଁ ହାଟ ଉଚ୍ଚବିଦ୍ୟାଳୟରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଆୟୋଜିତ ହୋଇଯାଇଛି। କଟକ ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡିକାଲ ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଅଭିଜ୍ଞ ଡାକ୍ତରଙ୍କ ଦ୍ୱାରା ଭିନ୍ନକ୍ଷମଙ୍କ ପରୀକ୍ଷା କରାଯାଇଥିଲା। ଏହି ଶିବିରରେ ୮୨ ଜଣ ଡାକ୍ତରୀ ପରୀକ୍ଷା ପାଇଁ ଉପସ୍ଥିତ ଥିଲେ।



ସେମାନଙ୍କ ମଧ୍ୟରୁ ୬ ଜଣଙ୍କୁ ଡାକ୍ତରୀ ପରୀକ୍ଷା ପରେ ନାକଚ କରାଯାଇଥିଲା। ଶିବିରରେ ଶାରୀରିକ ଅକ୍ଷମତାରେ ୨୫, ଇଏନ୍‌ଟିରେ ୭, ଭୋକାଲ ବିଭାଗରେ ୧୦, ଚକ୍ଷୁ ବିଭାଗରେ ୮, ମାନସିକ ଅନଗ୍ରସର ୧୪, ସ୍ନାୟବିକ ଅନଗ୍ରସର ୭ ଜଣଙ୍କ ପରୀକ୍ଷା କରାଯାଇଥିଲା। ୫ ଜଣଙ୍କୁ ପୁନଶ୍ଚ ପରୀକ୍ଷା ପାଇଁ କଟକ ବଡ ଡାକ୍ତରଖାନାକୁ ପଠାଯାଇଥିଲା। ଆଜି ଶିବିରରେ ଗ୍ରାମ ଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଅଭିଯାନର ନୋଡାଲ ଅଧିକାରୀ ଶ୍ରୀମତୀ ରଞ୍ଜୁ ଦେଇ, ବ୍ଲକ୍ ଉନ୍ନୟନ ଅଧିକାରୀ ନିରଞ୍ଜନ ପରିଡ଼ା, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀମତୀ ମମତା ନାୟକ, ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରୀ ଉପସ୍ଥିତ ରହି ଶିବିର ପରିଚାଳନା କରିଥିଲେ।

## ଶିକ୍ଷକ କୃଷ୍ଣଚନ୍ଦ୍ର ସ୍ୱାଇଁଙ୍କୁ ଶ୍ରଦ୍ଧାଞ୍ଜଳି

ତିର୍ତ୍ତୋଲ, ୨୮।୧୦(ସମିସ): ତିର୍ତ୍ତୋଲ ବ୍ଲକ୍ ଅନ୍ତର୍ଗତ କନୀମୁଳ ପଞ୍ଚାୟତର ଆଦର୍ଶ ଶିକ୍ଷକ କୃଷ୍ଣଚନ୍ଦ୍ର ସ୍ୱାଇଁଙ୍କ ଏକାଦଶାହରେ ଶିକ୍ଷକ ସଂଗଠନ ପକ୍ଷରୁ ଶ୍ରଦ୍ଧାଞ୍ଜଳି ଦିଆଯାଇଛି। ନାଡିଙ୍ଗଣ୍ଠ ତାଙ୍କ ବାସଭବନରେ ଅନୁଷ୍ଠିତ ସ୍ମୃତିଚାରଣ ସଭାରେ ପ୍ରାକ୍ତନ ମଣ୍ଡଳ ଶିକ୍ଷାଧିକାରୀ ପବିତ୍ର କର ଅଧ୍ୟକ୍ଷତା କରିଥିଲେ। ଶିକ୍ଷକ ସଂଗଠନର ରାଜ୍ୟସଭାପତି ନରେନ୍ଦ୍ରନାଥ ଦାସ, ସୁରେନ୍ଦ୍ର ମହାପାତ୍ର, କ୍ଷୀରୋଦ ଜେନା, ବାବାଜୀ ଦାସ, ନିରଞ୍ଜନ ବେହେରା, ବୈଷ୍ଣବ ମହାପାତ୍ର, ଗୋରେଖ ମହାନ୍ତି, ପ୍ରଦୀପ୍ତ କରଶର୍ମା, ଗଣେଶ ସାହୁ, ପ୍ରଭାକର ମଲ୍ଲ, ଶତ୍ରୁଘ୍ନ ମଲ୍ଲିକ, ଜୟଦେବ ସାହୁ, ଭିକାରୀ ଚରଣ କର, ପ୍ରଧାନଶିକ୍ଷକ ରଶ୍ମିରଞ୍ଜନ ଦାସ ଓ ସମାଜସେବୀ ଅଶୋକ ମହାନ୍ତି ପ୍ରମୁଖ ଯୋଗଦେଇ ସ୍ୱର୍ଗତ ସ୍ୱାଇଁଙ୍କ ଦକ୍ଷତା ଓ ପାଠଦାନ ଶୈଳୀ ଉପରେ ଆଲୋକପାତ କରିଥିଲେ। ତ୍ରିଲୋଚନ ଓ ମିଶ୍ରଙ୍କର ଆଦର୍ଶ ଶିକ୍ଷାନୁଷ୍ଠାନ ବାୟା ଅଧିକ୍ଷ ଉଚ୍ଚବିଦ୍ୟାଳୟର ଉନ୍ନତି ଓ କୃଷି କାର୍ଯ୍ୟରେ ସ୍ୱର୍ଗତ ସ୍ୱାଇଁଙ୍କ ଅବଦାନକୁ ସମସ୍ତେ ପ୍ରଶଂସା କରିଥିଲେ। ପ୍ରିୟବ୍ରତ ସ୍ୱାଇଁ ଧନ୍ୟବାଦ ଦେଇଥିଲେ।

## ଆମ କଲେଜ କ୍ୟାରିୟର କାଉନସେଲିଂ କର୍ମଶାଳା

ଜଗତସିଂହପୁର,୨୮।୧୦(ସମିସ): ଉଚ୍ଚଶିକ୍ଷା ବିଭାଗ ପରିଚାଳିତ ଆମ ଗୌରବ ଆମ କଲେଜ ପରିଚାଳନା ସଂଗଠନ ପକ୍ଷରୁ ଓଡ଼ିଶା ଛାତ୍ରଛାତ୍ରୀଙ୍କୁ ନେଇ ରାଜ୍ୟସ୍ତରୀୟ କ୍ୟାରିୟର କାଉନସେଲିଂ କାର୍ଯ୍ୟଶାଳା ଅଭାସୀ ମାଧ୍ୟମରେ ଅନୁଷ୍ଠିତ ହୋଇଯାଇଛି। ଏହି କର୍ମଶାଳାରେ କ୍ୟାରିୟର କାଉନସେଲିଂ ବିଶେଷଜ୍ଞ ତଥା ବିଶିଷ୍ଟ ଶିକ୍ଷାବିତ ବେବେନ୍ଦ୍ର ନାଥ ରାଉତ ନୂଆଦିଲ୍ଲୀରୁ ଯୋଗଦେଇ ଓଡ଼ିଶାର ବିଭିନ୍ନ କଲେଜର ପିଲାଙ୍କ ସହ ଉଚ୍ଚଶିକ୍ଷା ଓ କର୍ମସଂସ୍ଥାନ ସମ୍ପର୍କିତ ଆଲୋଚନା କରିଥିଲେ। ସ୍ନାତକ ଶିକ୍ଷା ସମାପନ ପରେ ଛାତ୍ରଛାତ୍ରୀ ନିଜର ଉଚ୍ଚଶିକ୍ଷା ହେଉ ବା କର୍ମସଂସ୍ଥାନ ବାଛିବା ସମୟରେ କେଉଁ କେଉଁ ଦିଗ ଉପରେ ବିଶେଷ ଗୁରୁତ୍ୱ ଦେବା ଉଚିତ, ଶ୍ରୀ ରାଉତ ତାହା ଉପରେ ଏକ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ଧରି ଅଭିବ୍ୟକ୍ତି ରଖିଥିଲେ। ବିଶେଷଜ୍ଞ ଅଭିବ୍ୟକ୍ତି ପରେ ଛାତ୍ରଛାତ୍ରୀ ସ୍ୱତନ୍ତ୍ର ପ୍ରଶ୍ନ ଉତ୍ତର କାର୍ଯ୍ୟକ୍ରମରେ ଅତି ଉତ୍ସାହର ସହିତ ଭାଗ ନେଇ ଭବିଷ୍ୟତ କର୍ମପନ୍ଥା ସମ୍ପର୍କୀୟ ସନ୍ଦେହ ଦୂର କରିଥିଲେ। ପିଲାଙ୍କ ମଧ୍ୟରେ ଏଭଳି ଉତ୍ସାହ ଦେଖି ଏହି କାର୍ଯ୍ୟକ୍ରମକୁ ବାରମ୍ବାର କରିବା ପାଇଁ ଶ୍ରୀ ରାଉତ ପ୍ରସ୍ତାବ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଭାଗ ନେଇଥିବା କଲେଜ ମଧ୍ୟରେ ଜଗତସିଂହପୁର ସ୍ୱାମୀ ବିବେକାନନ୍ଦ ସ୍ମାରକୀ ସ୍ୱୟଂଶାସିତ ମହାବିଦ୍ୟାଳୟ, ଜଙ୍ଗେଶ୍ୱର ଜଗନ୍ନାଥ ଡିଗ୍ରୀ କଲେଜ, କନ୍ଧମାଳ ଇନ୍ଦିରା ଗାନ୍ଧୀ ସ୍ମାରକୀ ମହାବିଦ୍ୟାଳୟ, ପାରାଦୀପ ଡିଗ୍ରୀ କଲେଜ, କାମରଦା ଡିଗ୍ରୀ କଲେଜ, ବାଲେଶ୍ୱର, ସାରଳା ଡିଗ୍ରୀ କଲେଜ, ରାହାମା, ଜଲେଶ୍ୱର ମହିଳା ଡିଗ୍ରୀ କଲେଜ, ଭଦ୍ରକ ନାମୀ ଡିଗ୍ରୀ କଲେଜ ପ୍ରମୁଖ ରହିଛନ୍ତି। କଲେଜର ଛାତ୍ରଛାତ୍ରୀ ତାଙ୍କ କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଭିଡିଓ କନଫରେନ୍ସ ଦ୍ୱାରା ଯୋଗଦେଇ ଏହି ସୁଯୋଗର ଲାଭ ନେଇଥିଲେ। ଆମ ଗୌରବ ଆମ କଲେଜ ଅଭିଯାନର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଧ୍ରେନ୍ଦ୍ର ନାଥ କରଙ୍କ ସମେତ ହରିହର ପଣ୍ଡା, ସ୍ୱାତୀପ୍ରଭା ମିଶ୍ର, ଅଭିରାମ ଜେନା, ପ୍ରତିନିଧା ମହାପାତ୍ର ପ୍ରମୁଖ ଯୋଗଦେଇଥିବାବେଳେ ଚୈତାଳି ସୋମ ଏହି କର୍ମଶାଳାକୁ ପରିଚାଳନା କରିଥିଲେ।

## ପାରାଦୀପ ବନ୍ଦରରେ ଆଉଏକ ଜାହାଜ ଅଟକ




ପାରାଦୀପ, ୨୮।୧୦ (ସମିସ): ପାରାଦୀପ ବନ୍ଦରରେ ଆଉଏକ ପଣ୍ୟବାହୀ ଜାହାଜକୁ ଅଟକ ରଖାଯାଉଥିବାବେଳେ ଏଥିରେ ଥିବା ଟିମ୍‌କୁ ଗିରଫ କରାଯାଇଛି। ପାରାଦୀପ ବନ୍ଦରରେ ଲାଗିଥିବା ଜାହାଜ ଏମ୍.ଭି. ମ୍ୟାଗନେଟ୍‌ର ଟିମ୍‌କୁ ଗିରଫ କରିବା ପାଇଁ ହାଇକୋର୍ଟ ସୋମବାର ନିର୍ଦ୍ଦେଶ ଦେଇଥିଲେ। ରୁଷିଆରୁ ପାରାଦୀପ ବନ୍ଦରକୁ କୁର୍ଙ୍କ କୋଲ୍ ନେଇଆସିଥିଲା ଏହି ଜାହାଜ। ଏହି ଜାହାଜ ଉପରେ ୨ କୋଟି ୧୧ ଲକ୍ଷ ୮୨ ହଜାର ୭୬୫ ଟଙ୍କା ବକେୟା ରହିଥିଲା। ଏହି ଟଙ୍କା ନ ଦେବାରୁ ସିଲ୍କ ରୋଡ୍ ସିପି ଆଣ୍ଡ ଚାର୍ଟରିଂ ସଂସ୍ଥା ହାଇକୋର୍ଟଙ୍କ ଦାରସ୍ଥ ହୋଇଥିଲା। ହାଇକୋର୍ଟର ବିଚାରପତି ତଥା ଆଡ୍‌ମିରାଲିଟି ଜଷ୍ଟିସ୍ ଭି. ନରସିଂହ ଗତକାଲି ମାମଲାର ତ୍ୱରିତ ବିଚାର କରି ଜାହାଜକୁ ଗିରଫ ପାଇଁ ନିର୍ଦ୍ଦେଶ ଦେଇଥିଲେ। ହାଇକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଏହି ଜାହାଜକୁ ଅଟକ ରଖାଯାଇଥିବା ସୂଚନା ମିଳିଛି। ଏପ୍ରକାର ଜାହାଜର ମାଲିକଙ୍କୁ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଆସନ୍ତା ଡିସେମ୍ବର ପହିଲାରେ ମାମଲାର ପରବର୍ତ୍ତୀ ଶୁଣାଣି ହେବା ପର୍ଯ୍ୟନ୍ତ ଜାହାଜ ପାରାଦୀପ ବନ୍ଦରର ଆଙ୍କରେଜରେ ରହିବ। ଆବେଦନକାରୀ ସଂସ୍ଥା ପକ୍ଷରୁ ହାଇକୋର୍ଟରେ ଏହି ମାମଲା ରୁଜୁ କରାଯିବା ସହିତ ଯଦି ଜାହାଜକୁ ତୁରନ୍ତ ଅଟକ ରଖାଯାଇ ନ ଥିଲେ ଜାହାଜ ମଙ୍ଗଳବାର ପାରାଦୀପ ବନ୍ଦର ଛାଡ଼ି ଦେବାର ସମ୍ଭାବନା ଥିଲା। ହାଇକୋର୍ଟ ଏହି ମାମଲାକୁ ବିଚାର ପାଇଁ ଗ୍ରହଣ କରି ଅଭିଯୋଗର ପ୍ରାଥମିକ ପ୍ରମାଣ ଥିବା ଜାଣିବାକୁ ପାଇବା ପରେ ତୁରନ୍ତ ପାରାଦୀପ ବନ୍ଦରରେ ଜାହାଜକୁ ଅଟକ ରଖାଯିବାକୁ ନିର୍ଦ୍ଦେଶ ଦେଇଥିଲେ। ଜାହାଜରେ ଯଦି କୌଣସି ସାମଗ୍ରୀ ଥାଏ, ତେବେ ଏହାକୁ ଅନ୍‌ଲୋଡ୍ କରିବାରେ ଏହି ମାମଲା କୌଣସି ଅନ୍ତରାୟ ସୃଷ୍ଟି କରିବ ନାହିଁ ବୋଲି ହାଇକୋର୍ଟ ଆଦେଶରେ ସ୍ପଷ୍ଟ କରିଛନ୍ତି।

## ଜାହାଜ ଚିଫ୍ ଇଞ୍ଜିନିୟରଙ୍କ ଆକସ୍ମିକ ମୃତ୍ୟୁ

ପାରାଦୀପ, ୨୮।୧୦ (ସମିସ): ପାରାଦୀପ ବନ୍ଦରରେ ଲାଗିଥିବା ଏମ୍‌ଭି ଏସ୍‌ଏସ୍‌ଏଲ ସାବରମତୀ ଜାହାଜର ଚିଫ୍ ଇଞ୍ଜିନିୟର ରାମଦୁଲାର ଯାଦବ (୫୭)ଙ୍କ ଆକସ୍ମିକ ମୃତ୍ୟୁ ଘଟିଛି। ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ହୋଇଥିବା କୁହାଯାଉଛି। ମୃତକ ଇଞ୍ଜିନିୟରଙ୍କ ଘର ଉତ୍ତରପ୍ରଦେଶର ଲକ୍ଷ୍ନୌରେ। ସେ ଅନ୍ତେଇ ମାସ ଧରି ଏହି ଜାହାଜରେ କାମ କରୁଥିଲେ। ପିଆଇସିଟି ବର୍ଥ-୨ରେ କୋଇଲା କାର୍ଯ୍ୟ ଶେଷ ହୋଇଥିବାବେଳେ ଆଜି ଜାହାଜଟି ସମୟାନ୍ତରରେ ଜାହାଜ ବର୍ଥ ଛାଡ଼ିଥା'ନ୍ତା। ଜାହାଜର ଏଜେଣ୍ଟ ମେସର୍ସ ଟ୍ରାନ୍ସୱାର୍ଲ୍ଡକୁ ମାଷ୍ଟର ସୂଚନା ଦେଇଥିଲେ ଯେ ଜାହାଜରେ ଥିବା ମୁଖ୍ୟ ଇଞ୍ଜିନିୟର ରାମଦୁଲାର ଯାଦବ ଅସୁସ୍ଥ ଅଛନ୍ତି ଓ ତାଙ୍କୁ ତୁରନ୍ତ ହସ୍ପିଟାଲରେ ଭର୍ତ୍ତି କରାଯିବା ଆବଶ୍ୟକ। ପରେ ତାଙ୍କୁ ତୁରନ୍ତ ବନ୍ଦର ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏ ନେଇ ଉକ୍ତ ଇଞ୍ଜିନିୟରଙ୍କ ପରିବାର ଲୋକଙ୍କୁ ଜଣାଇବା ପରେ ପରିବାର ଲୋକେ ଆଜି ଗାଡ଼ି ଯୋଗେ ପାରାଦୀପରେ ପହଞ୍ଚିବା ନେଇ ଜଣାପଡ଼ିଛି। ଆସନ୍ତାକାଲି ଶବ ବ୍ୟବଚ୍ଛେଦ କରାଯାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯିବ।

## ଧର୍ମପ୍ରାଣ ସୁବାସ ସାସମଲଙ୍କ ପରଲୋକ

ବାଲିକୁଦା,୨୮।୧୦(ସମିସ): ଥାଇଲୋ ପଞ୍ଚାୟତ ସନ୍ତୋ ଗ୍ରାମର ସୁବାସ ସାସମଲ (୭୨)ଙ୍କ ପରଲୋକ ହୋଇଯାଇଛି। ସେ ଜଣେ ଧର୍ମପରାୟଣ, ସରଳ, ପରୋପକାରୀ, ମିଷ୍ଟଭାଷୀ ଓ ଠାକୁର ଅନୁକୂଳ ଚନ୍ଦ୍ରଙ୍କ ଅନୁଗାମୀ ଭାବେ ଅଞ୍ଚଳରେ ପରିଚିତ ଥିଲେ। ତାଙ୍କ ମୃତ୍ୟୁରେ ବାଲିକୁଦା ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ଧନିଶା ସତସଙ୍ଗ ବିହାରର ସହ ପ୍ରତିଋତ୍ୱିକ ହରେକୃଷ୍ଣ ଦାସ, ସୁଶୀଳ ପରିଡା, ରଞ୍ଜନ ପଣ୍ଡା, ପ୍ରତାପ ଦାସ, ଗୌରାଙ୍ଗ ଖଣ୍ଡୁଆଙ୍କ ସହ ଧନିଶା ସତସଙ୍ଗ ବିହାରର ଗୁରୁଭାଇ, ମାଆମାନଙ୍କ ସହ ବହୁ ମାନ୍ୟଗଣ ବ୍ୟକ୍ତି ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିଥିଲେ। ଗ୍ରାମ ଶ୍ମଶାନରେ ଶେଷକୃତ୍ୟ କରାଯାଇଥିବାବେଳେ ଜ୍ୟେଷ୍ଠପୁତ୍ର ମାନସ ରଞ୍ଜନ ସାସମଲ ମୁଖାଗ୍ନି ଦେଇଥିଲେ।

## ନାବାଳିକା ଦୁଷ୍କର୍ମକାରୀକୁ ଆଜୀବନ କାରାଦଣ୍ଡାଦେଶ

ଜଗତସିଂହପୁର,୨୮।୧୦(ସମିସ): ଜଗତସିଂହପୁର ଜିଲ୍ଲା ପାରାଦୀପ ଜଟାଧାର ମୁହାଣ ସାମୁଦ୍ରିକ ଥାନା ଅଞ୍ଚଳରେ ୨୦୨୩ କୁଲାଇ ମାସରେ ଘଟିଥିବା ନାବାଳିକା ଦୁଷ୍କର୍ମ ମାମଲାର ବିଚାର କରି ସ୍ୱତନ୍ତ୍ର ପକ୍‌ସୋ ଅଦାଲତ ଅଭିଯୁକ୍ତ ସରୋଜା ପଟେୟାଙ୍କୁ ଆଜୀବନ ସଶ୍ରମ କାରାଦଣ୍ଡ ସହିତ ୧୦ ହଜାର ଟଙ୍କା ଜରିମାନା ଆଦେଶ ଦେଇଛନ୍ତି। ଏହି ମାମଲା ପରିଚାଳନା କରୁଥିବା ସରକାରୀ ଓକିଲ ଶିବପ୍ରସାଦ ମାଝିଙ୍କଠାରୁ ମିଳିଥିବା ସୂଚନା ଅନୁଯାୟୀ, ଗତ ୨୦୨୩ କୁଲାଇ ୨୭ ତାରିଖ ରାତିରେ ନାବାଳିକା ପରିସ୍ରା କରିବା ପାଇଁ ବାହାରକୁ ଆସିଥିବାବେଳେ ଅଭିଯୁକ୍ତ ସରୋଜା ତାକୁ ନିଜ ଘରକୁ ଟେକି ନେଇ ଦୁଷ୍କର୍ମ କରିଥିଲା। ନାବାଳିକାଙ୍କ ପରିବାର ପକ୍ଷରୁ ଥାନାରେ ଅଭିଯୋଗ ହେବା ପରେ ପୁଲିସ ସରୋଜା ପଟେୟାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ୨୯ ଜଣଙ୍କଠାରୁ ସାକ୍ଷ୍ୟ ଗ୍ରହଣ କରିବା ପରେ ଆଜି ସ୍ୱତନ୍ତ୍ର ପକ୍‌ସୋ ଅଦାଲତର ବିଚାରପତି ଗାର୍ଗୀ ପଟ୍ଟନାୟକ ଅଭିଯୁକ୍ତ ସରୋଜା ପଟେୟାଙ୍କୁ ଆଜୀବନ କାରାଦଣ୍ଡ ସହିତ ୧୦ ହଜାର ଟଙ୍କା ଜରିମାନା ଆଦେଶ ଦେଇଛନ୍ତି। ଜରିମାନା ଅନାଦେୟରେ ଅଧିକ ୬ ମାସ କାରାଦଣ୍ଡ ପାଇଁ ଆଦେଶ ଦେବା ସହ ପିଡ଼ିତାକୁ ୫ ଲକ୍ଷ ଟଙ୍କା କ୍ଷତିପୂରଣ ଦେବାକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି।

## ଜମିବାଡ଼ି ନେଇ ବିବାଦ: ମରିଚପୁର ଗ୍ରାମରେ ମାରପିଟ୍; ୭ରୁ ଅଧିକ ଆହତ

ବାଲିକୁଦା,୨୮।୧୦(ସମିସ): ବନ୍ଦର ସାମୁଦ୍ରିକ ଥାନା ଅନ୍ତର୍ଗତ ମରିଚପୁର ପଞ୍ଚାୟତ ମରିଚପୁର ଗ୍ରାମର ୨ କେବିର୍ତ୍ତ ପରିବାର ମଧ୍ୟରେ ଜମିବାଡ଼ି ଓ ରାସ୍ତାକୁ ନେଇ ଗଣ୍ଡଗୋଳ ହୋଇ ୭ରୁ ଊର୍ଦ୍ଧ୍ୱ ଆହତ ହୋଇ ମେଡିକାଲରେ ଭର୍ତ୍ତି ହୋଇଛନ୍ତି। ସୂଚନା ମୁତାବକ, ୨ ଅଂଶ ମଧ୍ୟରୁ ଲକ୍ଷ୍ମୀଧର ବେହେରା, ସୁଦର୍ଶନ ବେହେରା, ପ୍ରତାପ ବେହେରା, ମୁରଲୀ ବେହେରା ଗୋଟିଏ ଅଂଶ ହୋଇଥିବାବେଳେ କାବୁଲା ବେହେରା, ବାବୁଲା ବେହେରା, ବାଉରୀବନ୍ଧୁ ବେହେରା ଗୋଟିଏ ଅଂଶରେ ଅଛନ୍ତି। ଏମାନଙ୍କ ମଧ୍ୟରେ ପୈତୃକ ସମ୍ପତ୍ତିକୁ ନେଇ ବାରମ୍ବାର ଗଣ୍ଡଗୋଳ ହେଉଥିବାବେଳେ ଗ୍ରାମବାସୀଙ୍କ ଜରିଆରେ ବହୁଥର ସମାଧାନ ହୋଇଥିଲା। ଉଭୟ ପକ୍ଷରୁ ୫ କଡ଼ି ଲେଖାଏଁ ରାସ୍ତା ଦେବାରୁ ରାସ୍ତା ଯାଉଥିଲା। କମ୍ ପ୍ରଶସ୍ତ ରାସ୍ତା ଓ ଶେଷ ସୀମାରେ ରହୁଥିବା ପରିବାର ବର୍ଷାଦିନେ ପାଣି ଜମି ରହୁଥିବାରୁ ଏହାକୁ କେନ୍ଦ୍ର କରି ଗଣ୍ଡଗୋଳ ହୋଇଥିଲା। ମାତ୍ର ଖାଇ ଯନ୍ତ୍ରଣା ସହି ନ ପାରି କାବୁଲା ଓ ବାବୁଲା ଲକ୍ଷ୍ମୀଧର, ସୁଦର୍ଶନ, ପ୍ରତାପ ଓ ମୁରଲୀଙ୍କୁ କାମୁଡ଼ି ରକ୍ତାକ୍ତ କରିଥିଲେ। ଫଳରେ ସମସ୍ତେ



ବାଲିକୁଦା ମେଡିକାଲରେ ଚିକିତ୍ସା ହେଉଥିବା ଜଣାପଡ଼ିଛି। ଏ ନେଇ ବନ୍ଦର ସାମୁଦ୍ରିକ ଥାନା ବାରିଷ୍ଟରେ ଥିବା ଏଏସ୍‌ଆଇ ବିଷ୍ଣୁଚରଣ ବର୍ତ୍ତନ କହିଛନ୍ତି, ଉଭୟ ପକ୍ଷରୁ ପୂର୍ବରୁ ଥାନାରେ ଅଭିଯୋଗ ହୋଇ ସମାଧାନ ପାଇଁ ଫେବୃଆରୀ ମାସ ସ୍ଥିର ହୋଇଥିଲା। ପୁଣି ଉଭୟଙ୍କ ମଧ୍ୟରେ ଗଣ୍ଡଗୋଳ ହୋଇ ଉଭୟ ପକ୍ଷ ଚିକିତ୍ସା ହେଉଥିବାରୁ ଆମେ ମୌଖିକ ଭାବେ ଅଭିଯୋଗ ଆଧାରରେ ତଦନ୍ତ ଆରମ୍ଭ କରିଛୁ।

## ଧାନ ଫସଲ ନଷ୍ଟ ଆଶଙ୍କା

କୁଜଙ୍ଗ, ୨୮।୧୦( ନି୍ପ୍ର): ବାତ୍ୟା ମୋନ୍ଥା ପ୍ରଭାବରେ ବର୍ଷା ଲାଗି ରହିଛି। ଏବେ ଧାନ ଗଛରେ ଥୋଡ଼ ବାହାରିଛି। ବର୍ଷା ଯୋଗୁଁ ଧାନ ଗଛ ଶୋଇଯାଇଛି। ଫଳରେ ଏହା ନଷ୍ଟ ହେବା ଆଶଙ୍କା ସୃଷ୍ଟି ହୋଇଛି।



କୁଜଙ୍ଗ ବ୍ଲକର ୨୮ଟି ପଞ୍ଚାୟତରେ ୨୫ ହଜାର ହେକ୍ଟର ଜମିରେ ଖରିଫ ଧାନ ଚାଷ କରିଛନ୍ତି ଚାଷୀ। ଆଜି ସାମାନ୍ୟ ପବନରେ କୁଜଙ୍ଗ ବ୍ଲକ୍ ପାଟପୁର ପଞ୍ଚାୟତ ଅନ୍ତର୍ଗତ ବଉଳଙ୍ଗ ଓ ବାଲିପାରି ଅଞ୍ଚଳରେ ଥୋଡ ବାହାରୁଥିବା ଧାନ ଗଛ ଜମିରେ ଶୋଇ ପଡ଼ିଲାଣି। ଏହା ନଷ୍ଟ ହୋଇଯିବ ବୋଲି ଗ୍ରାମର ମୁରବୀ ନିଶାକର ମୁଦୁଲି କହିଛନ୍ତି। ବଲିପାରିର ଚାଷୀ ବାବାଜୀ ରାଉତ, କ୍ଷୀର ବେହେରା, ସୁର ପ୍ରଧାନ, ରମେଶ ବିଶାଳ, କ୍ଷୀରୋଦ ବିଶାଳ, ନାରାୟଣ ମଲ୍ଲ, ସଦାଦେବ ମହାପାତ୍ର, ଉଦୟ ବାରିକ ପ୍ରମୁଖଙ୍କ ଏକର ଏକର ଜମିରେ ଧାନ ଫସଲ ପ୍ରଭାବିତ ହୋଇଥିବା ଜଣାପଡ଼ିଛି।

## ଧର୍ମପ୍ରାଣ ବାବାଜୀ ମହାରଣାଙ୍କ ପରଲୋକ

ରଘୁନାଥପୁର,୨୮।୧୦(ସମିସ): ଗୁଆଲିପୁର ଗ୍ରାମର ବାବାଜୀ ମହାରଣାଙ୍କ ପରଲୋକ ହୋଇଯାଇଛି। ମୃତ୍ୟୁ ବେଳକୁ ତାଙ୍କୁ ୮୭ ବର୍ଷ ହୋଇଥିଲା। ସେ କିଛିଦିନ ଧରି ଅସୁସ୍ଥ ଥିଲେ। ସେ ଜଣେ ଧର୍ମପ୍ରାଣ ବ୍ୟକ୍ତି ଥିଲେ। ବରିଷ୍ଠ ନାଗରିକ



ଜ୍ଞାନରଞ୍ଜନ ପଟ୍ଟନାୟକ, ଅଶୋକ ପଟ୍ଟନାୟକ, ହରେକୃଷ୍ଣ ମହାରଣା, ନରହରି ମହାରଣା, ଶୁକଦେବ ମହାରଣା, ଗୋବିନ୍ଦ ମହାରଣା, ଅଜିତ ମହାରଣା, ଅଜିତ ମହାରଣା, ହୃଷିକେଶ ଦାସ, ସୁଦର୍ଶନ ପଟ୍ଟନାୟକ, ସରପଞ୍ଚ ମନୋଜିନୀ ସାହୁ ଓ ସମିତି ସଭ୍ୟ କମଳକାନ୍ତ ପରିଡ଼ା ପ୍ରମୁଖ ତାଙ୍କ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ତାଙ୍କ ମରଶରୀରକୁ ଗ୍ରାମ ପରିକ୍ରମା କରାଯାଇ ଗ୍ରାମ ଶ୍ମଶାନରେ ଶେଷକୃତ୍ୟ କରାଯାଇଥିଲା। ବଡ଼ପୁଅ ରମାକାନ୍ତ ମହାରଣା ମୁଖାଗ୍ନି ଦେଇଥିଲେ।

## ପ୍ରଶାସନ ବିଫଳ

# ମହାବାତ୍ୟାର ୨୬ ବର୍ଷ ପରେ ବି ଅସଜଡ଼ା ଏରସମା

ଏରସମା,୨୮।୧୦(ସମିସ): ମହାବାତ୍ୟାର ୨୬ ବର୍ଷ ପରେ ବି ଅସଜଡ଼ା ଏରସମାକୁ ସଜାଡ଼ିବାରେ ପ୍ରଶାସନ ବିଫଳ ହୋଇଛି। ଏବେ ବି ଭଙ୍ଗା ଚାଳରେ ପରିବାରକୁ ଧରି ଲୋକେ ଜୀବନ ବିତାଉଛନ୍ତି। ୧୯୯୯ ମହାବାତ୍ୟାରେ ଦହିବର ଓ ନଳଭେଡ଼ି ଗ୍ରାମରେ ସର୍ବାଧିକ ଲୋକ ମୃତ୍ୟୁବରଣ କରିଥିଲେ। ମହାବାତ୍ୟାକୁ ୨୬ ବର୍ଷ ପୂରିବାକୁ ବସିଲାଣି।



ଏବେବି ଏରସମା ବ୍ଲକ୍‌ର ଏପରି ଗାଁ ରହିଛି ଯେଉଁଠିକୁ ଯିବାକୁ ହେଲେ ଅଣ୍ଟୁଏ ଖାଲରେ ପଶି ଯିବାକୁ ପଡ଼ିଥାଏ। ପ୍ରଶାସନକୁ ବାରମ୍ବାର ଅଭିଯୋଗ କଲେ ମଧ୍ୟ ଏବେବି ଗାଁକୁ ଭଲ ରାସ୍ତା, ବାତ୍ୟା ଆଶ୍ରୟସ୍ଥଳୀ ନାହିଁ। ପିଇବା ପାଣି କଥା ପଚାରେ କିଏ ବୋଲି ଗାଁର ଲୋକ ଦୁଃଖର ସହ କହିଛନ୍ତି। ତୁରନ୍ତ ଗାଁକୁ ଭଲ ରାସ୍ତା, ବାତ୍ୟା ଆଶ୍ରୟସ୍ଥଳୀ, ପିଇବା ପାଣି ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏଭଳି ଅନ୍ୟଏକ ଗାଁ ରହିଛି ଏରସମା ବ୍ଲକ୍‌ର ଗଡବିଶ୍ୱନ୍ଥପୁର ପଞ୍ଚାୟତର ଦାସମଠ ଗାଁ। ଏହି ଗାଁରେ ମହାବାତ୍ୟାରେ ଅଧା ଲୋକେ ଭାସିଯାଇଥିଲେ। ମହାବାତ୍ୟାକୁ ୨୬ ବର୍ଷ ପୂରିଲାଣି। ଦାସମଠର ଅନେକ ଲୋକ ଏବେବି ଭଙ୍ଗା ଚାଳିଆରେ। ପିଇବାକୁ ପାଣି ଟୋପେ ନାହିଁ। ବାତ୍ୟା ଆସିଲେ ଯିବାକୁ ପଡ଼େ ୪ କିମି ଦୂର ଗଡବିଶ୍ୱନ୍ଥପୁର ପଞ୍ଚାୟତ କାର୍ଯ୍ୟାଳୟକୁ। ଲୋକେ ଏପର୍ଯ୍ୟନ୍ତ ମଧ୍ୟ ଚାଳଘରେ ରହୁଛନ୍ତି। ପ୍ରଧାନମନ୍ତ୍ରୀ ଆବାସ ପାଇଁ ଚାତକ ଭଳି ଚାହିଁ ରହିଛନ୍ତି। ଗାଁକୁ ଓଲାଖଣ୍ଡୀ ନଦୀ ପୋଲ ପାଖରୁ ସାଲାଇନ ବନ୍ଧରେ ଯିବାକୁ ପଡ଼େ। ବନ୍ଧ ଅବସ୍ଥା କହିଲେ ନ ସରେ। ବର୍ଷାଦିନେ ଅଣ୍ଟୁଏ କାଦୁଅ ଓ ଖରାଦିନେ ଖାଲରେ ପଶି ଯିବାକୁ ପଡ଼େ। ମହାବାତ୍ୟା ପରେ ଏକ ସ୍ୱେଚ୍ଛାସେବୀ ଅନୁଷ୍ଠାନ ପକ୍ଷରୁ କେତେକ ଘର ଯୋଗାଇ ଦିଆଯାଇଥିଲା। ସେଗୁଡ଼ିକ ଭାଙ୍ଗିଗଲାଣି। ପ୍ରଶାସନ ପକ୍ଷରୁ ଅନେକ ଲୋକଙ୍କ ନାମ ହିତାଧିକାରୀ ତାଲିକାରେ ଉଠିପାରୁନାହିଁ। ଗାଁକୁ ଭଲ ରାସ୍ତା ଓ ବାତ୍ୟା ଆଶ୍ରୟସ୍ଥଳୀ, ଚାଳଘରେ ରହୁଥିବା ଗ୍ରାମବାସୀଙ୍କୁ ପକ୍କାଘର ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏପ୍ରକାର ନାରଙ୍ଗିଆ ପଞ୍ଚାୟତର ପଞ୍ଚପାଲି ଗ୍ରାମରୁ ପଦଦା ପର୍ଯ୍ୟନ୍ତ ରାସ୍ତା ଶୋଚନୀୟ ହୋଇପଡ଼ିଛି। ଏହି ରାସ୍ତା ଦେଇ ପ୍ରସିଦ୍ଧ ଗ୍ରାମେଶ୍ୱର ମନ୍ଦିରକୁ ଭକ୍ତ ଯାଉଥା'ନ୍ତି। ଏହି ରାସ୍ତା ଶିଆଳି ବେଳାଭୂମିକୁ ମଧ୍ୟ ସଂଯୋଗ କରୁଛି। ରାସ୍ତା ସାରା ଖାଲଖମା ଥିବାରୁ ପ୍ରତିଦିନ ଦୁର୍ଘଟଣା ଘଟୁଛି। ଗ୍ରାମବାସୀ ପୂର୍ତ୍ତ ବିଭାଗୀୟ ଅଧିକାରୀଙ୍କ ନିକଟରେ ବାରମ୍ବାର ଅଭିଯୋଗ କରିଥିଲେ ମଧ୍ୟ କୌଣସି ସୁଫଳ ମିଳିପାରୁନାହିଁ। ଏସବୁ ସମସ୍ୟା ପ୍ରତି ପ୍ରଶାସନ ଦୃଷ୍ଟି ଦେବାକୁ ଦାବି ହେଉଛି।

## ଟେଲିତୋଳ ବାଲିଯାତ୍ରା ପାଇଁ ଭୂମିପୂଜା

ତିର୍ତ୍ତୋଲ, ୨୮।୧୦(ସମିସ): ପ୍ରାଚୀନ ନୌବାଣିଜ୍ୟ ପରମ୍ପରାକୁ ଉଜ୍ଜୀବିତ କରୁଥିବା ତିର୍ତ୍ତୋଲର ଟେଲିତୋଳ ବାଲିଯାତ୍ରା ମହୋତ୍ସବ ନିମନ୍ତେ ଆଜି ଅପରାହ୍ନରେ ଗୋପୀନାଥପୁର ମହାନଦୀ ବେଳାଭୂମିରେ ଭୂମି ପୂଜନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମହୋତ୍ସବ କମିଟି ସଭାପତି ତଥା ତିର୍ତ୍ତୋଲ ବିଧାୟକ ର ରମାକାନ୍ତ ଭୋଇ କର୍ତ୍ତା ଭାବେ ଦାୟିତ୍ୱ ତୁଲାଇଥିଲେ।



ଓଡ଼ିଆ ମା' ଶାରଳାଙ୍କ ସେବାୟତ ପଣ୍ଡିତ ଶିଶିର କୁମାର ପଣ୍ଡା ଘଣ୍ଟ ଘଣ୍ଟା ଓ ସଂକୀର୍ତ୍ତନ ମଧ୍ୟରେ ପୂଜା କାର୍ଯ୍ୟ ସମ୍ପାଦନା କରିଥିଲେ। ବ୍ଲକ୍ ଅଧ୍ୟକ୍ଷ ମନୋଜ ବେହେରା, ଜିଲ୍ଲା ପରିଷଦ ସଭ୍ୟ ସୁଜାତା ବେହେରା, ଜିଲ୍ଲା ବିଜେଡିର ବରିଷ୍ଠ ଉପସଭାପତି ଅଶ୍ୱିନୀ ଦାସ, ସୁବ୍ରତ ଦାଶ, ଦେବୀପ୍ରସାଦ ମହାପାତ୍ର, ନିହାର ମହାନ୍ତି, ଅରବିନ୍ଦ ହୋତା, ବିଶ୍ୱବାସିନୀ ମହାନ୍ତି, କ୍ଷୀରୋଦ ବାରିକ, ବିରଞ୍ଚନ ରଥ, ଶ୍ରୀନିବାସ ଦାଶ, ଦେବ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଏହି ବାଲିଯାତ୍ରା ମହୋତ୍ସବ କାର୍ତ୍ତିକ ପୂର୍ଣ୍ଣିମା ଦିନଠାରୁ ୫ ଦିନ ଆରମ୍ଭ ହୋଇ ୯ ତାରିଖରେ ଉଦ୍‌ଯାପିତ ହେବ।

## ରାମକୃଷ୍ଣ ନନ୍ଦଙ୍କ ସ୍ମୃତିସଭା

ଜଗତସିଂହପୁର,୨୮।୧୦(ସମିସ): ସୁପ୍ରତିଷ୍ଠିତ ଶିଶୁ ସାହିତ୍ୟିକ ତଥା 'ଆହେ ଦୟାମୟ ବିଶ୍ୱ ବିହାରୀ' ପ୍ରାର୍ଥନାର ରଚୟିତା ରାମକୃଷ୍ଣ ନନ୍ଦଙ୍କ ୩୧ତମ ଶ୍ରାଦ୍ଧୋତ୍ସବ ଜଗତସିଂହପୁର ସାରସ୍ୱତ ପରିଷଦ ଓ ପ୍ରଫୁଲ୍ଲ ପାଠାଗାର ମିଳିତ ଆନୁକୂଲ୍ୟରେ ପାଠାଗାର ପରିସରରେ ପାଳିତ ହୋଇଯାଇଛି। ପରିଷଦର ସଭାପତି ଅବସରପ୍ରାପ୍ତ ଅଧ୍ୟାପକ ହିମାଂଶୁ ଆଚାର୍ଯ୍ୟ ସଭାପତିତ୍ୱ କରି ଓଡ଼ିଶା ଶିଶୁ ସାହିତ୍ୟ ଜଗତକୁ ସ୍ୱର୍ଗତ ରାମକୃଷ୍ଣ ନନ୍ଦଙ୍କ ଅବଦାନ ତାଙ୍କୁ ଓଡ଼ିଆ ଜନମାନସରେ



କାଳଜୟୀ କରି ରଖିବ ବୋଲି କହିଥିଲେ। ମୁଖ୍ୟ ଆଲୋଚକ ଭାବେ ଶିକ୍ଷାବିତ୍ ରବୀନ୍ଦ୍ର ତ୍ରିପାଠୀ ଯୋଗଦେଇ ଜଣେ ଅନନ୍ୟ ଶିଶୁ ସାହିତ୍ୟିକ, ଆଦର୍ଶ ଶିକ୍ଷକ ଓ ସାରସ୍ୱତ ସ୍ରଷ୍ଟା ଭାବେ ଶ୍ରୀ ନନ୍ଦଙ୍କ ବିଷୟରେ ପରିଚୟ କରାଇ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷାବିତ୍ ବିଜୟ ପତି, ଅଧ୍ୟାପକ ଲକ୍ଷ୍ମୀଧର ପ୍ରଧାନ, ସତ୍ୟବାଦୀ ଦାସ, ସଞ୍ଜୟ ସାମନ୍ତସିଂହାର ଓ ପ୍ରତାପ ରାଉତରାୟ ପ୍ରମୁଖ ଯୋଗଦେଇ ଏକ ଶିଶୁ ସାହିତ୍ୟିକ ସ୍ୱର୍ଗତ ନନ୍ଦଙ୍କର ଆଦର୍ଶରେ ଅନୁପ୍ରାଣିତ ହୋଇ ଶିଶୁଙ୍କ ମନ ଛୁଇଁଲା ଭଳି କବିତା, ଗଳ୍ପ ଲେଖିଲେ ତାହା ସମସ୍ତଙ୍କ ଦ୍ୱାରା ଆଦୃତ ହୋଇପାରିବ ବୋଲି ମତ ପ୍ରକାଶ କରିଥିଲେ। ପାଠାଗାରର ସମ୍ପାଦକ ସୁରେନ୍ଦ୍ର ରାୟ ଧନ୍ୟବାଦ ଦେଇଥିଲେ।

## ଦୁର୍ନୀତି ନିବାରଣ ଶପଥ ପାଠ

ଜଗତସିଂହପୁର,୨୮।୧୦(ସମିସ): ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଅବସରରେ ଆଜି ଜିଲ୍ଲାପାଳ ଜେ ସୋନାଲ ଭିଡ଼ିଓ କନଫରେନ୍ସ ହଲରେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଅଭାସୀ ମାଧ୍ୟମରେ ସମସ୍ତ ବିଭାଗୀୟ ଅଧିକାରୀ ଓ କର୍ମଚାରୀଙ୍କୁ ସାଧୁତା ଓ ସ୍ୱଚ୍ଛତା ପାଳନ ନିମନ୍ତେ ଶପଥ ପାଠ କରାଇଥିଲେ।



ଦୁର୍ନୀତି ଆମ ସମାଜର ପ୍ରଗତି ଓ ଉନ୍ନତିରେ ବାଧା ସୃଷ୍ଟି କରିଥାଏ। ଦେଶରୁ ଦୁର୍ନୀତି ବିରୁଦ୍ଧରେ ଲଢ଼ିବା ଆମ ସମସ୍ତଙ୍କର ନୈତିକ ଦାୟିତ୍ୱ। ଏ ପରିପ୍ରେକ୍ଷୀରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ଓସ୍ୱାନ ଭିସି କକ୍ଷରେ ଆୟୋଜିତ ଶପଥ ପାଠ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଜେ ସୋନାଲ, ଅତିରିକ୍ତ ଜିଲ୍ଲାପାଳ, ଉପଜିଲ୍ଲାପାଳ ପ୍ରମୁଖ ଅଧିକାରୀଙ୍କ ସମେତ ଅନ୍ୟାନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀ, ଡେପୁଟି କଲେକ୍ଟର ପ୍ରମୁଖ ଉପସ୍ଥିତ ରହି ଦୁର୍ନୀତି ନିବାରଣ ଶପଥ ପାଠ କରିଥିଲେ।

## ବାତ୍ୟା 'ମୋନ୍ଥା' ପାଇଁ ଧାନଫସଲ ନଷ୍ଟ ଆଶଙ୍କା

ଢେଙ୍କାନାଳ, ୨୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲାରେ ବାତ୍ୟା 'ମୋନ୍ଥା' ଯୋଗୁଁ ଧାନ ସହିତ ପନିପରିବା ଫସଲ ଉପରେ ପ୍ରଭାବ ପଡ଼ିବ ବୋଲି ଆଶଙ୍କା କରାଯାଇଛି । ପବନ ଯୋଗୁଁ ଧାନ ଗଛ ଶୋଇଯାଇଥିବା ବେଳେ ବର୍ଷା ଯୋଗୁଁ ପାଚିଲା ଧାନ ନଷ୍ଟ ହୋଇଛି । ଏହାକୁ ନେଇ ଚାଷୀମାନେ ହତାଶ ହୋଇପଡ଼ିଛନ୍ତି । ବାତ୍ୟା 'ମୋନ୍ଥା' ଯୋଗୁଁ ସୋମବାର ରାତିରୁ ଝିପ ଝିପ ବର୍ଷା ସହିତ ଅନେକ ସ୍ଥାନରେ ବର୍ଷା ହୋଇଛି । ଢେଙ୍କାନାଳ ଜଲ୍ଲାରେ ଗୋଟିଏ ପାର୍ଶ୍ୱରେ ହାତୀ ଚାଷୀଙ୍କ ନିଦ ହଜାଇ ଦେଇଛନ୍ତି । ଅନ୍ୟପାର୍ଶ୍ୱରେ ଜିଲ୍ଲାରେ ବାତ୍ୟାର ସେଭଳି ପ୍ରଭାବ ନଥିବା ବେଳେ ବର୍ଷା ଏବଂ ପବନ ଯୋଗୁଁ ଧାନ ଫସଲ ଉପରେ ପ୍ରଭାବ ପଡ଼ିଛି । ମଙ୍ଗଳବାର ଭଲ ବର୍ଷା ହୋଇଛି । ଫଳରେ ଜମିରେ ପାଚିଲା ଧାନ ନଷ୍ଟ ହେବାର ଆଶଙ୍କା ଦେଖାଦେଇଛି ।



ବର୍ତ୍ତମାନ ଧାନ ପାଚିବା ଆରମ୍ଭ କରୁଥିବା ବେଳେ ଅନେକ ଚାଷୀଙ୍କର ଧାନ ପାଚି ଗଲାଣି । ଧାନ ଅମଳ ସମୟରେ ବର୍ଷା ଏବଂ ପବନ ଯୋଗୁଁ ଧାନ ଫସଲ ଜମିରେ ଲୋଟି ପଡ଼ିଛି । ଧାନ ତଳେପଡ଼ି ଯିବାରୁ ମେସିନରେ କାଟିବା କଷ୍ଟକର ହେଉଥିବା ବେଳେ ପାଣି ଜମିଲେ ଧାନ ସମ୍ପୂର୍ଣ୍ଣ ଭାବରେ ନଷ୍ଟ ହେବା ସହିତ ଗଭୀର ଜମିରେ ଗଜା ହେବାର ଆଶଙ୍କା କରାଯାଇଛି । ଆଜି ଭୁବନରେ ସର୍ବାଧିକ ୫୫ମିମି ବର୍ଷା ରେକର୍ଡ କରାଯାଇଥିବା ବେଳେ ସଦର ବ୍ଲକରେ ୭୦୧ମିମି, ଗଁଦିଆରେ ୮.୧ମିମି, ହିନ୍ଦୋଳରେ୧୧.୧, କାମାକ୍ଷାନଗରରେ ୭.୩ ମିମି, ଓଡାପଡ଼ାରେ ୧୦ମିମି ବର୍ଷା ରେକର୍ଡ କରାଯାଇଛି । ବର୍ଷା ଯୋଗୁଁ ପନିପରିବା ଫସଲ ମଧ୍ୟ ନଷ୍ଟ ହେବାର ଆଶଙ୍କା ଥିବା ବେଳେ କୋବି ଫସଲ ଉପରେ ଅଧିକ ପ୍ରଭାବ ପଡ଼ିଛି । ଧାନଫସଲକୁ ସୁରକ୍ଷା ଦେବାପାଇଁ ପଞ୍ଚାୟତ ତରଫରୁ ଚାଷୀମାନଙ୍କୁ ସଚେତନ କରାଯାଉଛି । ଚଳିତ ବର୍ଷ ଜିଲ୍ଲାରେ ୯୬ ହଜାର ୨୪୬ ହେକ୍ଟର ଜମିରେ ଧାନ ଚାଷ କରାଯାଇଥିବା ବେଳେ ନଭେମ୍ବରରୁ ଅମଳ ଆରମ୍ଭ ହୋଇଥାଏ । ବାତ୍ୟା 'ମୋନ୍ଥା' ଯୋଗୁଁ ଜିଲ୍ଲାରେ ସେଭଳି ପ୍ରଭାବ ପଡ଼ିବ ନାହିଁ ବା କ୍ଷୟକ୍ଷତି ହେବ ନାହିଁ ବୋଲି ବିଭାଗୀୟ ସୂତ୍ରରୁ ଜଣାପଡ଼ିଛି ।

### • ପାରିବାରିକ କଳହକୁ ନେଇ ପୁଅର ଉନ୍ମତ୍ତ କାଣ୍ଡ

## ବାପା, ମାଆଙ୍କୁ ନିସ୍ଥୁକ ମାଡ଼ସହ ମରଣାନ୍ତକ ଆକ୍ରମଣ

କାମାକ୍ଷାନଗର, ୨୮ ।୧୦(ସମିସ): କଙ୍କଡାହାଡ଼ ଥାନା ପାଟବେଡା ଗ୍ରାମରେ ପାରିବାରିକ କଳହକୁ ନେଇ ବୃଦ୍ଧ ବାପା ଓ ମାଆଙ୍କୁ ନିସ୍ଥୁକ ମାଡ଼ ମାରିବାସହ ମରଣାନ୍ତକ ଆକ୍ରମଣ କରିଛି ଜନ୍ମକଲା ପୁଅ । ଗୁରୁତର ଅବସ୍ଥାରେ ବୃଦ୍ଧ ବାପା ଓ ମାଆ କାମାକ୍ଷାନଗର ମେଡିକାଲରେ ଭର୍ତ୍ତି ହୋଇଥିବା ଜଣାପଡ଼ିଛି । ପାଟବେଡା ଗ୍ରାମର ତୀର୍ଥବାସୀ ସାହୁ ଓ ପାଞ୍ଚାଳୀ ସାହୁ ସନ୍ଧ୍ୟାରେ ଘରେ ଥିବାବେଳେ କୌଣସି କାରଣକୁ ନେଇ ନିଜ ସାନବୋହୂ ସହ କଳହ ହୋଇଥିଲା । ସାନବୋହୂ ଫୋନରେ ସ୍ୱାମୀଙ୍କୁ ଶାଶୂ ଓ ଶ୍ୱଶୁରଙ୍କ ସହ ଝଗଡ଼ା ହୋଇଥିବା ନେଇ ଜଣାଇବାରୁ କାରଣ ନବୁଝି ସାନପୁଅ ହେମନ୍ତ ସାହୁ ଘରେ ପହଞ୍ଚି ନିଜ ବାପା ଓ ମାଆଙ୍କୁ ନିସ୍ଥୁକ ମାଡ଼ ମାରିବାସହ ମରଣାନ୍ତକ ଆକ୍ରମଣ କରିଥିଲା । ବାପା ଓ ମାଆଙ୍କ ମୁଣ୍ଡ ଫାଟିଯିବା ସହ ସେମାନେ ଅଚେତ ହୋଇ ଯାଇଥିଲେ । ସ୍ଥାନୀୟ ଲୋକେ ସେମାନଙ୍କୁ କାମାକ୍ଷାନଗର ମେଡିକାଲରେ ଭର୍ତ୍ତି କରାଇଥିଲେ । ଉଭୟଙ୍କ ସ୍ୱାସ୍ଥ୍ୟବସ୍ଥା ଗୁରୁତର ରହିଥିବା ବେଳେ ଚିକିତ୍ସା ଜାରି ରହିଛି । ପୁଅର ଏଭଳି ଅମାନବୀୟ ଘଟଣାକୁ ନେଇ ଅଞ୍ଚଳରେ ଚର୍ଚ୍ଚା ଜୋର ଧରିଛି ।

**ଗୁରୁତର ଅବସ୍ଥାରେ ମେଡିକାଲରେ ଭର୍ତ୍ତି**

## ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ହିନ୍ଦୋଳ, ୨୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଥାନା ବାହାଲୁଣ୍ଡା ଗ୍ରାମର ଜନୈକ ଯୁବକର ଝୁଲନ୍ତା ଶବକୁ ପୁଲିସ ଜବତ କରିଛି । ଗ୍ରାମର ବବୁଲ ଖିଲାର ୨୬ ବାହାଲୁଣ୍ଡା ବିଦ୍ୟାଳୟ ପଛ ପାଖକୁ ଯାଇ ଗଛରେ ରଶି ଲଗାଇ ଝୁଲି ପଡ଼ିଥିଲେ ଏବଂ ଝୁଲିବା ପୂର୍ବରୁ ନିଜ ଭାଇ ପାଖକୁ ଫୋନ କରି ଜଣାଇବାସହ ନିଜ ପତ୍ନୀଙ୍କୁ ଭିଡିଓ କଲରେ ଆତ୍ମହତ୍ୟା ବେଳର ଦୃଶ୍ୟ ଦେଖାଇଥିବା ପରିବାର ସୂତ୍ରରୁ ପ୍ରକାଶ । ପରିବାର ଲୋକ ସେଠାରେ ପହଞ୍ଚି ଦେଖିବାବେଳକୁ ବାବୁଲଙ୍କ ମୃତ୍ୟୁ ଘଟିଥିଲା । ପରିବାର ସଦସ୍ୟ ହିନ୍ଦୋଳ ଥାନାରେ ଖବର ଦେବାରୁ ପୁଲିସ ଶବ ଜବତ କରିବାସହ ବ୍ୟବଚ୍ଛେଦ ପାଇଁ ପଠାଇ ମାମଲା ରୁଜୁକରିଛି । ଏହା ହତ୍ୟା ନା ଆତ୍ମହତ୍ୟା ତାର କାରଣ ଜାଣିବାପାଇଁ ଅଧିକ ତଦନ୍ତ ଜାରି ରଖିଛି । ତେବେ ବବୁଲ ୭ ମାସ ତଳେ ପ୍ରେମ ବିବାହ କରିଥିବାବେଳେ ତାଙ୍କ ମୃତ୍ୟୁରେ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି ।

## ହୋ' ଭାଷାକୁ ସମ୍ବିଧାନର ୮ମ ଅନୁସୂଚୀରେ ସାମିଲ ପାଇଁ ଦାବି

ଢେଙ୍କାନାଳ, ୨୮ ।୧୦(ସମିସ): ହୋ' ଭାଷାକୁ ଭାରତୀୟ ସମ୍ବିଧାନର ଅଷ୍ଟମ ଅନୁସୂଚୀରେ ସାମିଲ କରିବା ପାଇଁ ଆଜି ଅଲ୍ ଇଣ୍ଡିଆ ହୋ' ଲାଙ୍ଗୁଏଜ ଆକ୍ସନ କମିଟି ଢେଙ୍କାନାଳ ତରଫରୁ ଜିଲ୍ଲାପାଳଙ୍କ ଜରିଆରେ ବାଚସ୍ପତି, ସାଂସଦ ତଥା ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ଷ୍ଟେଟ ଫଗନ ସିଂ କୁଲସ୍ତେ ଓ ମୁଖ୍ୟମନ୍ତ୍ରୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ଆସନ୍ତା ଅକ୍ଟୋବର ୩୧ ଓ ନଭେମ୍ବର ୧ ତାରିଖରେ ଦିଲ୍ଲୀ ଠାରେ ହେବାକୁ ଥିବା ଅଲ ଇଣ୍ଡିଆ ହୋ' ଲାଙ୍ଗୁଏଜ ଆକ୍ସନ କମିଟି ମାଧ୍ୟମରେ ହୋ' ଭାଷାକୁ ଅଷ୍ଟମ ଅନୁସୂଚୀରେ ସାମିଲ କରିବା ପାଇଁ ଜିଲ୍ଲା ସଭାପତି ପ୍ରସନ୍ନ ଭୂୟାଁ, ଉପସଭାପତି ସୁଦର୍ଶନ ସାଏ, ସମ୍ପାଦକ ଶିବଲାଲ କାଲୁଣ୍ଡିଆ, କୋଷାଧ୍ୟକ୍ଷ ବିରେନ୍ଦ୍ର ବାନାରା, ସଦସ୍ୟ ସାଲୁକା ମୁଣ୍ଡା ଏବଂ ସଦସ୍ୟମାନେ ଉପସ୍ଥିତ ରହି ଜିଲ୍ଲାପାଳଙ୍କ ଅନୁପସ୍ଥିତିରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ରମେଶ ଚନ୍ଦ୍ର ସେଠୀଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି ।



# ଢେଙ୍କାନାଳ ଜିଲ୍ଲାରେ କନ୍ୟା ସନ୍ତାନ ହ୍ରାସ

ଢେଙ୍କାନାଳ, ୨୮ ।୧୦(ସମିସ)

ଢେଙ୍କାନାଳ ଜିଲ୍ଲାରେ ଲିଙ୍ଗଗତ ପାର୍ଥକ୍ୟ ଦିନକୁଦିନ ବୃଦ୍ଧି ପାଇବାରେ ଲାଗିଛି । ପୁଅଙ୍କ ତୁଳନାରେ ଝିଅଙ୍କ ସଂଖ୍ୟା ହ୍ରାସ ପାଉଛି । ଏହାସହିତ ଜିଲ୍ଲାରେ ଅବିବାହିତ ପୁଅ ଓ ଝିଅଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି । ଏପରିକି ରାଜ୍ୟରେ ଅବିବାହିତ ପୁଅ ଏବଂ ଝିଅଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି । ପୁଅମାନଙ୍କ କ୍ଷେତ୍ରରେ ୨୦ରୁ ୨୬ପ୍ରତିଶତ ଅବିବାହିତ ଥିବା ବେଳେ ଝିଅମାନଙ୍କ କ୍ଷେତ୍ରରେ୧୩.୫ରୁ୧୯.୯ ପ୍ରତିଶତ ରହିଛି । ଢେଙ୍କାନାଳ ଜିଲ୍ଲାରେ ପୁଅ ଓ ଝିଅଙ୍କ ଅବିବାହିତ ସଂଖ୍ୟା ବୃଦ୍ଧି ପାଉଛି । ଯଦିଓ ସେହିପରି ତଥ୍ୟ ନାହିଁ ତେବେ ମୁଖ୍ୟକାରଣ ହେଉଛି ଝିଅମାନଙ୍କ ସଂଖ୍ୟା ହ୍ରାସ । ଜିଲ୍ଲାରେ ୨୦୧୧ ଜନଗଣନା ଅନୁସାରେ ୧୧ ଲକ୍ଷ ୯୨ହଜାର ୯୪୮ ଲୋକ ବସବାସ କରୁଥିବା ବେଳେ ସେମାନଙ୍କ ମଧ୍ୟରେ ପୁରୁଷଙ୍କ ସଂଖ୍ୟା ୬ ଲକ୍ଷ ୧୨ହଜାର ୫୯୭ ହୋଇଥିବା ବେଳେ ମହିଳାମାନଙ୍କ ସଂଖ୍ୟା ୫ ଲକ୍ଷ ୮୦ ହଜାର ୩୫୧ ବୋଲି ପରିସଂଖ୍ୟାନରୁ ଜଣାପଡ଼ିଛି । ଜିଲ୍ଲାରେ ପ୍ରତି ବର୍ଗକିମିରେ ୨୬୮ ଜଣ ବସବାସ କରୁଥିବା ବେଳେ ପୁରୁଷ ସାକ୍ଷରତା ହାର ୮୭ ପ୍ରତିଶତ ରହିଥିବା ବେଳେ ମହିଳାଙ୍କ ସାକ୍ଷରତା ହାର ୭୧ ପ୍ରତିଶତ ରହିଛି । ପରିସଂଖ୍ୟାନ ଦୃଷ୍ଟିରୁ ଜିଲ୍ଲାର ବିକାଶ କରିଥିବା ବେଳେ ନାରୀ ଶିକ୍ଷା କ୍ଷେତ୍ରରେ ସେଭଳି ବିକାଶ ହୋଇପାରିନାହିଁ । ଜିଲ୍ଲାରେ କନ୍ୟା ସନ୍ତାନ କ୍ରମାଗତ ଭାବରେ ହ୍ରାସ ପାଉଥିବା ବେଳେ ଏହାକୁ ନେଇ ଉଦ୍‌ବେଗ ପ୍ରକାଶ ପାଇଛି । ୧୯୦୧ ମସିହାରେ ଜିଲ୍ଲାରେ ପ୍ରତି ହଜାର ପୁରୁଷରେ ୧ହଜାର ୨୦ ପୁରୁଷ ରହିଥିଲେ । ୧୯୧୧ରେ




ଏହା ବୃଦ୍ଧି ପାଇ ୧୦୩୫ ପହଞ୍ଚିଥିବା ବେଳେ ୧୯୨୧ ମସିହାରେ ସର୍ବାଧିକ ୧ହଜାର ୭୧ ମହିଳା ରହିଥିବାର ଜଣାପଡ଼ିଛି । ୧୯୩୧ ମସିହାଠାରୁ କନ୍ୟା ସନ୍ତାନ ସଂଖ୍ୟା ହ୍ରାସ ପାଇବାରେ ଲାଗିଛି । ୧୯୩୧ରେ ୧ ହଜାର ୫୩, ୧୯୪୧ରେ୧ହଜାର ୩୦, ୧୯୫୧ରେ ୧ହଜାର ୨୯, ୧୯୬୧ରେ ୧ହଜାର ୧କୁ ସଂଖ୍ୟା ହ୍ରାସପାଇଥିଲା । ଜିଲ୍ଲାରେ ୧୯୭୧ ମସିହାଠାରୁ ମହିଳାଙ୍କ ସଂଖ୍ୟା ହ୍ରାସ ପାଇବାରେ ଲାଗିଛି । ୧୯୭୧ରେ ୯୮୦ ଥିବା ବେଳେ ୧୯୮୧ରେ ୯୬୭, ୧୯୯୧ରେ ୯୫୪, ୨୦୦୧ରେ ବୃଦ୍ଧିପାଇ ୯୬୧ରେ ପହଞ୍ଚିଥିଲା । ମାତ୍ର ୨୦୧୧ ଜନଗଣନା ବେଳକୁ ଏମାନଙ୍କ ସଂଖ୍ୟା ପୁନଶ୍ଚ ୯୪୭କୁ ହ୍ରାସ ପାଇଥିବାର ଜଣାପଡ଼ିଥିଲା । ପୁରୁଷମାନଙ୍କ ତୁଳନାରେ ମହିଳାମାନଙ୍କ ସଂଖ୍ୟା ହ୍ରାସପାଇବା ଉଦ୍‌ବେଗଜନକ ଅଟେ । ମୁଖ୍ୟତଃ ଦାରିଦ୍ରତା, ପୁତ୍ର ସନ୍ତାନ ପାଇଁ ଆଶା, ନିରକ୍ଷରତା, ଅନ୍ଧବିଶ୍ୱାସ ଯୋଗୁଁ କନ୍ୟା ସନ୍ତାନ ଓ ମହିଳାଙ୍କ ସଂଖ୍ୟା ହ୍ରାସପାଇଛି । ଆଗାମୀ ଦିନରେ ଏମାନଙ୍କ ସଂଖ୍ୟା ଅଧିକ ହ୍ରାସ ପାଇବାର ଆଶଙ୍କା ରହିଛି । ଜଣାପଡ଼ିଛି ଯେ ସହରାଞ୍ଚଳରେ ମହିଳାଙ୍କ ସଂଖ୍ୟା ୯୧୮ ରହିଥିବା ବେଳେ ଗ୍ରାମାଞ୍ଚଳରେ ୯୫୦ ରହିଛି । ସେହିପରି ଏସସିମାନଙ୍କ କ୍ଷେତ୍ରରେ ପ୍ରତିହଜାରରେ ମହିଳାମାନଙ୍କ ସଂଖ୍ୟା ୯୭୧ ରହିଥିବା ବେଳେ ଗ୍ରାମାଞ୍ଚଳରେ ୯୭୨ ଏବଂ ସହରାଞ୍ଚଳରେ ୯୫୮, ଏସ୍‌ଟିମାନଙ୍କ କ୍ଷେତ୍ରରେ ମୋଟ ୧ହଜାର ୪ ରହିଥିବା ବେଳେ ଗ୍ରାମାଞ୍ଚଳରେ ୧ହଜାର ୩ ଏବଂ ସହରାଞ୍ଚଳରେ ୧ ହଜାର ୧୪ ରହିଥିବାର ଜଣାପଡୁଛି । ଜିଲ୍ଲାରେ ଏସଟିମାନଙ୍କ କ୍ଷେତ୍ରରେ ମହିଳାମାନଙ୍କ ହାର ଅଧିକା ରହିଥିବା ବେଳେ କନ୍ୟାସନ୍ତାନ ଏବଂ ମହିଳାମାନଙ୍କ କ୍ଷେତ୍ରରେସହରରେଅଧିକହ୍ରାସପାଉଥିବାରଜଣାପଡ଼ିଛି । ଜିଲ୍ଲାରେ ଘରୋଇ ନର୍ସିଂହୋମଗୁଡ଼ିକରେ ପିଏନଡିଟି ଆଇନର ଖୋଲାଖୋଲି ଉଲଂଘନ କରି ଲିଙ୍ଗ ନିରୁପଣ କରାଯିବା ସହିତ କନ୍ୟାଭ୍ରୂଣ ହତ୍ୟା ଏହାର ମୁଖ୍ୟ କାରଣ ବୋଲି କୁହାଯାଉଛି । ଦାରିଦ୍ରତା ଏବଂ ମହିଳାମାନଙ୍କ ନିରକ୍ଷରତା ଏହାର ମୁଖ୍ୟ କାରଣ ହୋଇଥିବା ବେଳେ ପୁଅ ଲାଳସାରେ ଏଭଳି କରାଯାଉଥିବାର ଏକ ଅନୁସନ୍ଧାନରୁ ଜଣାପଡ଼ିଛି । ସରକାରଙ୍କ ତରଫରୁ କନ୍ୟାସନ୍ତାନ ବୃଦ୍ଧି ପାଇଁ ତୃଣମୂଳସ୍ତରରୁ ବିଭିନ୍ନ ଯୋଜନା କରାଯାଉଥିଲେ ମଧ୍ୟ ଏହା ସଠିକ ଭାବରେ କାର୍ଯ୍ୟକାରୀ ହେଉନାହିଁ । ସଚେତନତା ଅଭାବରୁ ଏଭଳି ହେଉଥିବାର ଜଣାପଡ଼ିଛି । ଅଙ୍ଗନବାଡିଠାରୁ ଆରମ୍ଭ କରି ବିଦ୍ୟାଳୟ ମହାବିଦ୍ୟାଳୟ ପର୍ଯ୍ୟନ୍ତ ସରକାରଙ୍କ ଝିଅମାନଙ୍କ ପାଇଁ ସମସ୍ତ ପ୍ରକାର ସୁବିଧା କରୁଥିଲେ ମଧ୍ୟ ଜିଲ୍ଲାରେ କନ୍ୟା ସନ୍ତାନ ହ୍ରାସ ଉଦ୍‌ବେଗଜନକ ସ୍ଥିତିରେ ରହିଥିବାର ଜଣାପଡ଼ିଛି । ଜିଲ୍ଲାରେ ଜନ୍ମ ସମୟରେ ଲିଙ୍ଗ ଅନୁପାତ ୧ହଜାର ପୁଅରେ ୯୩୮ ଝିଅ ରହିଥିବାର ଜଣାପଡ଼ିଛି । ଏହି ଅନୁପାତ ଯେପରି ୧ହଜାର ପୁଅରେ ୯୭୦ଝିଅକୁ ବୃଦ୍ଧି ପାଇପାରିବ ସେଥିପ୍ରତି ସମସ୍ତେ ଯତ୍ନବାନ ହେବାକୁ ଅଲଟ୍ରାସାଉଣ୍ଡ କ୍ଲିନିକ ନର୍ସିଂହୋମ ମାଲିକମାନଙ୍କୁ ପରାମର୍ଶ ଦିଆଯାଇଛି । ସରକାରଙ୍କ ବେଟି ବଚାଓ ବେଟି ପଢ଼ାଅ କାର୍ଯ୍ୟକ୍ରମ ଏଠାରେ ସମ୍ପୂର୍ଣ୍ଣ ଫେଲ୍ ମାରିଥିବାର କୁହାଯାଉଛି ।

**ପୁଅଙ୍କ ତୁଳନାରେ ଝିଅଙ୍କ ସଂଖ୍ୟା କମ୍**

## ଶିକ୍ଷକ ବଦଳି ନେଇ ଅଭିଭାବକ ମହଲରେ ଅସନ୍ତୋଷ

ଖଜୁରିଆକଟା, ୨୮ ।୧୦(ସମିସ): ହିନ୍ଦୋଳ ଉପଖଣ୍ଡ ପଲ୍ଲୀ ବିକାଶ ଉଚ୍ଚ ବିଦ୍ୟାଳୟ କୁରୁମିଠାରେ ଶିକ୍ଷକ ବଦଳି ନେଇ ଅଭିଭାବକ ଓ ଛାତ୍ରଛାତ୍ରୀ ମହଲରେ ଅସନ୍ତୋଷ ଦେଖାଦେଇଛି । ବିଦ୍ୟାଳୟରେ ନବମ ଶ୍ରେଣୀରେ ୧୩୮ ଜଣ ଓ ଦଶମ ଶ୍ରେଣୀରେ ୧୪୩ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି । ବିଦ୍ୟାଳୟରେ ମୋଟ ପ୍ରଧାନଶିକ୍ଷକଙ୍କ ସମେତ ୭ଜଣ ଶିକ୍ଷକ ଶିକ୍ଷୟିତ୍ରୀ କାର୍ଯ୍ୟରତ ଅଛନ୍ତି । ସେଥିମଧ୍ୟରୁ ଟିକିନା ସାହୁଙ୍କୁ ୬ ଦିନ ପାଇଁ ଅନ୍ୟ ବିଦ୍ୟାଳୟକୁ ଶିକ୍ଷାଦାନ ପାଇଁ ପଠା ଯାଇଥିବା ବେଳେ ମୋହନ ସାହୁଙ୍କୁ ୩ ଦିନ ପାଇଁ ଅନ୍ୟ ବିଦ୍ୟାଳୟକୁ ଶିକ୍ଷାଦାନ ପାଇଁ ପଠାଯାଇଅଛି । ଯାହାଫଳରେ ଶିକ୍ଷାଦାନରେ ସମ୍ପୂର୍ଣ୍ଣ ବାଧାପ୍ରାପ୍ତ ଘଟୁଛି । ହିନ୍ଦୋଳ ଶିକ୍ଷା ଜିଲ୍ଲାରେ ପଲ୍ଲୀ ବିକାଶ ଉଚ୍ଚ ବିଦ୍ୟାଳୟ କୁରୁମିଠାର ଛାତ୍ରଛାତ୍ରୀ ମ୍ୟାଟ୍ରିକ ପରୀକ୍ଷାରେ ଭଲ ନମ୍ବର ରଖି ଉତ୍ତୀର୍ଣ୍ଣ ହୋଇଥାଆନ୍ତି । ପ୍ରତିବର୍ଷ ଏୱାନ ଗ୍ରେଡରେ ଜଣେରୁ ଦୁଇ ଜଣ ଛାତ୍ରଛାତ୍ରୀ ରହି ହିନ୍ଦୋଳର ସମ୍ମାନ ରଖିଥାନ୍ତି । କିନ୍ତୁ ଚଳିତ ବର୍ଷ ମାଟ୍ରିକ ପରୀକ୍ଷା ଦେବାକୁ ଯାଉଥିବା ଛାତ୍ରଛାତ୍ରୀଙ୍କର ପାଠପଢ଼ାରେ ବ୍ୟାଘାତ ସୃଷ୍ଟି ହେବାନେଇ ହିନ୍ଦୋଳବାସୀ କ୍ଷୋଭ ପ୍ରକାଶ କରିଛନ୍ତି । ମୁଣ୍ଡ ଉପରେ ଆଉ ଅଳ୍ପଦିନ ପରୀକ୍ଷା ଥିବା ବେଳେ ଶିକ୍ଷକ ଶିକ୍ଷୟିତ୍ରୀମାନଙ୍କର ଏଭଳି ବଦଳିକୁ ଶିକ୍ଷାବିତ୍ ଓ ବୁଦ୍ଧିଜିବୀମାନେ ନିନ୍ଦା କରିଛନ୍ତି । ଏ ସମସ୍ୟା ନେଇ ପଲ୍ଲୀ ବିକାଶ ଉଚ୍ଚ ବିଦ୍ୟାଳୟ କୁରୁମିଠାର ପରିଚାଳନା କମିଟିର ସଦସ୍ୟ ବିନୟକୁମାର ସାମଲ, ବିଜୟାନନ୍ଦ ସାହୁ, ପିତାମ୍ବର ସାହୁ, ଜିତେନ୍ଦ୍ର ସାମଲ, ନିରାକାର ପ୍ରଧାନ, ପ୍ରଶାନ୍ତ ସାମଲ, ଟଙ୍କଧର ପ୍ରଧାନ, ମନୋଜ ସାମଲ, ଅଶୋକ ସାହୁ ପ୍ରମୁଖ ଜିଲ୍ଲା ଶିକ୍ଷାଧିକାରୀ ବିନିତା ସେନାପତିଙ୍କୁ ଲିଖିତ ଭାବେ ଜଣାଇ ଥିବାବେଳେ ଜିଲ୍ଲା ଶିକ୍ଷାଧିକାରୀ ସମସ୍ୟାର ସମାଧାନ ଖୁବଶୀଘ୍ର କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି । ଦିନେ ଦୁଇ ଦିନ ଭିତରେ ଜିଲ୍ଲା ଶିକ୍ଷାଧିକାରୀ ସମସ୍ୟାର ସମାଧାନ ନକଲେ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଅଭିଭାବକ ଚେତାବନୀ ଦେଇଛନ୍ତି ।



## ଡିଆଇଇଟିରେ ପ୍ରବେଶ ସ୍ତରୀୟ ପ୍ରଶିକ୍ଷଣ ଉଦ୍‌ଯାପିତ



ଢେଙ୍କାନାଳ, ୨୮ ।୧୦(ସମିସ): ସ୍ଥାନୀୟ ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନରେ ନୂତନ ଭାବେ ନାମ ଲେଖାଇଥିବା ପ୍ରଥମ ବାର୍ଷିକ ଗୁରୁଛାତ୍ରଛାତ୍ରୀଙ୍କ ନିମନ୍ତେ ଚାରିଦିନ ବ୍ୟାପି ପ୍ରବେଶସ୍ତରୀୟ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଉଦ୍‌ଯାପିତ ହୋଇଛି । ପ୍ରତିଷ୍ଠାନର ପ୍ରାକ୍‌ସେବା ଶିକ୍ଷକ ଶିକ୍ଷା ବିଭାଗ ଦ୍ୱାରା ଆୟୋଜିତ ଉଦ୍‌ଯାପନୀ ସଭାରେ ଅଧ୍ୟକ୍ଷ ଲକ୍ଷ୍ମଣ କୁମାର ସାହୁ ସଭାପତିତ୍ୱ କରିଥିବା ବେଳେ ଢେଙ୍କାନାଳ ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାକ୍ତନ ଆସୋସିଏଟ ପ୍ରଫେସର ଅଟଳ ବିହାରୀ ଦାସ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶିକ୍ଷକର ସାମାଜିକ ଦାୟିତ୍ୱବୋଧ ପ୍ରସଙ୍ଗରେ ଶିକ୍ଷକ ଠାରୁ ଉଚ୍ଚକୋଟିର ମୂଲ୍ୟବୋଧ ଓ ସାମାଜିକ ଦାୟିତ୍ୱବୋଧ ଆଶା କରାଯାଏ ବୋଲି କହିଥିଲେ । ଜଣେ ଶିକ୍ଷକର ସାମାନ୍ୟ ଭୁଲକୁ ସମାଜ ଗ୍ରହଣ କରେନାହି ବରଂ ଏଥିଲାଗି ସମଗ୍ର ଶିକ୍ଷକ ଗୋଷ୍ଠୀକୁ ଆଙ୍ଗୁଳି ନିର୍ଦ୍ଦେଶ କରେ । ସୁତରାଂ ଶିକ୍ଷକର ବ୍ୟବହାରରେ ଶାଳୀନତା ଓ ସମ୍ଭ୍ରମତା ରହିବା ଉଚିତ ବୋଲି ମତବ୍ୟକ୍ତ କରିଥିଲେ । ସମ୍ମାନିତ ଅତିଥି ଭାବେ ଅଉଖମା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷୟିତ୍ରୀ ସୁବାସିନୀ ମିଶ୍ର ଯୋଗଦେଇ ସାମ୍ପ୍ରତିକ ବିଦ୍ୟାଳୟ ଗୁଡିକରେ ଶିକ୍ଷକର ଭୂମିକା ଶୀର୍ଷକରେ ନିଜର ବକ୍ତବ୍ୟ ରଖିବାକୁ ଯାଇ ଶିକ୍ଷକକୁ ଜଣେ ବହୁମୁଖୀ ବ୍ୟକ୍ତିତ୍ୱ ଭାବେ ଅଭିହିତ କରିଥିଲେ । ପ୍ରଶିକ୍ଷଣ ପ୍ରତିଷ୍ଠାନର ଅଧ୍ୟାପିକା ପ୍ରଭାତୀ ସ୍ୱାଇଁ ଅତିଥି ପରିଚୟ କରିଥିବା ବେଳେ ବରିଷ୍ଠ ଶିକ୍ଷକ ପ୍ରଶିକ୍ଷିକା ସ୍ନେହଲତା ରାଜ ଧନ୍ୟବାଦ ଅର୍ପଣ କରିଥିଲେ । ପ୍ରଶିକ୍ଷଣ ପ୍ରତିଷ୍ଠାନର ସମସ୍ତ ଛାତ୍ରଛାତ୍ରୀ, ଶିକ୍ଷକ ଓ ଅଣ ଶିକ୍ଷକ କର୍ମଚାରୀ ଉପସ୍ଥିତ ଥିଲେ ।

## ବିଭିନ୍ନ ସ୍ଥାନରେ ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'




ପରଜଙ୍ଗ, ୨୮ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ବ୍ଲକର ପରଜଙ୍ଗ ମହେଶଶ୍ଚନ୍ଦ୍ର ସୁବାହୁସିଂହ ନୋଡାଲ ବିଦ୍ୟାପୀଠ ପରିସରରେ ବ୍ଲକସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦର ସଭ୍ୟ ନିରାକାର ପ୍ରଧାନ ଏବଂ ସମ୍ମାନିତ ଅତିଥି ଭାବେ ଗୋଷ୍ଠୀଉନ୍ନୟନ ଅଧିକାରୀ ସୌଭାଗ୍ୟ ବେହେରା, ପ୍ରଶାନ୍ତ କୁମାର ବିକ୍ରମ ସିଂହ, ମୁଖ୍ୟବକ୍ତା ଭାବେ ବ୍ଲକ ଶିକ୍ଷାଧିକାରୀ ପ୍ରିୟଦର୍ଶିନୀ ନାୟକ ଯୋଗଦେଇଥିଲେ । ଅନ୍ୟମାନଙ୍କ ମଧ୍ୟରେ ସ୍ଥାନୀୟ ସରପଞ୍ଚ ଗାୟତ୍ରୀ ମହାପାତ୍ର, ଅତିରିକ୍ତ ଶିକ୍ଷାଧିକାରୀ ସତ୍ୟବ୍ରତ ସାହୁ, ତରଣୀସେନ ନାୟକ ଓ ସଂଯୁକ୍ତା ସାମଲ ଯୋଗଦାନ କରିଥିଲେ । ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ସସ୍ମିତା ନନ୍ଦ କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ । ମଞ୍ଚ ପରିଚାଳନା ଦୁଷ୍ମନ୍ତ କୁମାର ସାହୁ ଉପସ୍ଥାପନା କରିଥିଲେ । ବ୍ଲକର ୧୭ଟି କ୍ଲଷ୍ଟରର ୧୩୦ଟି ବିଦ୍ୟାଳୟର ଛାତ୍ରଛାତ୍ରୀ ସୁରଭି ମହୋତ୍ସବରେ ଯୋଗଦାନ କରି ବିଭିନ୍ନ ପ୍ରତିଯୋଗିତାରେ ଭାଗନେଇଥିଲେ । ଉତୀର୍ଣ୍ଣ ପ୍ରତିଭାଙ୍କୁ ଜିଲ୍ଲାସ୍ତରକୁ ପଠାଇବା ପାଇଁ ରୋହିତ କୁମାର ସେନାପତି, ଦୁଷ୍ମନ୍ତ କୁମାର ବିଶ୍ୱାଳ, ଗଗନ ବିହାରୀ ପାଣି, ପ୍ରବୀଣ କୁମାର ପଣ୍ଡା ୧ମ, ୨ୟ ଓ ୩ୟ ବାଛିବା ପାଇଁ ନିଯୁକ୍ତି ହୋଇଥିଲେ । ବ୍ଲକସ୍ତରରୁ କୃତୀ ଛାତ୍ରଛାତ୍ରୀ ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମରେ ଯୋଗଦାନ କରିବା ପାଇଁ ଉତ୍ତୀର୍ଣ୍ଣ ହୋଇଥିଲେ ।

କାମାକ୍ଷାନଗର : ସିଦ୍ଧେଶ୍ୱରୀ ସରକାରୀ ଉଚ୍ଚ ବିଦ୍ୟାଳୟରେ ବ୍ଲକସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' ଅନୁଷ୍ଠିତ ହୋଇଯାଇଛି । ଗୋଷ୍ଠୀ ଶିକ୍ଷା ଅଧିକାରୀ ସରୋଜ କୁମାର ସାହୁଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମରେ ସ୍ଥାନୀୟ ବିଧାୟକ ଶତ୍ରୁଘ୍ନ ଜେନା ମୁଖ୍ୟଅତିଥି, ଜିଲ୍ଲା ଶିକ୍ଷା ଅଧିକାରିଣୀ ବିନୀତା ସେନାପତି ମୁଖ୍ୟ ବକ୍ତା ଏବଂ ତହସିଲଦାର ଶୁଭଙ୍କର ମହାନ୍ତି, ପ୍ରଧାନ ଶିକ୍ଷୟିତ୍ରୀ ବୈଜୟନ୍ତୀବାଳା ଷଡ଼ଙ୍ଗୀ, ପଞ୍ଚସଖା ଶିକ୍ଷା ସେତୁ ଅନୁଷ୍ଠାନର ସଭାପତି ଶଶାଙ୍କ ଶେଖର ମିଶ୍ର, ଗ୍ରାମ ସରପଞ୍ଚ ଶିଶିର କୁମାର ବେହେରା ସମ୍ମାନିତ ଅତିଥି ଭାବେ ଯୋଗଦେଇ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ । କାର୍ଯ୍ୟକ୍ରମରେ ୧୭ଟି କ୍ଲଷ୍ଟରରୁ ବିଭିନ୍ନ ପ୍ରତିଯୋଗିତାରେ କୃତକାର୍ଯ୍ୟ ହୋଇଥିବା ଛାତ୍ରଛାତ୍ରୀମାନେ ଯୋଗ ଦେଇଥିଲେ । ପ୍ରଥମ ସ୍ଥାନ ରଖିଥିବା ଛାତ୍ରଛାତ୍ରୀ ଜିଲ୍ଲାସ୍ତରୀୟ ପ୍ରତିଯୋଗିତା ପାଇଁ ମନୋନୀତ ହୋଇଥିଲେ । ଶିକ୍ଷକ ଦିଲ୍ଲୀପ କୁମାର ନନ୍ଦ ମଞ୍ଚ ପରିଚାଳନା କରିଥିଲେ । ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀ କୃଷ୍ଣଚନ୍ଦ୍ର ଭୋଇଙ୍କ ନେତୃତ୍ୱରେ ଭାରପ୍ରାପ୍ତ ସହକାରୀ ଗୋଷ୍ଠୀ ଶିକ୍ଷା ଅଧିକାରୀ ବିଷ୍ଣୁପ୍ରସାଦ ମହାଳିକ ଓ ଗୋଷ୍ଠୀ ଶିକ୍ଷା କାର୍ଯ୍ୟାଳୟର କର୍ମଚାରୀ ବୃନ୍ଦ ସମସ୍ତ ସିଆରସିସି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ଶିକ୍ଷକ ବିଷ୍ଣୁପ୍ରସାଦ ଦାଶ, ଯୁଧିଷ୍ଠିର ବିଶ୍ୱାଳ, ଦୁର୍ଗା ପ୍ରସାଦ ତ୍ରିପାଠୀ, ପ୍ରଦୀପ ସ୍ୱାଇଁ, ପ୍ରବୀର ମହାନ୍ତି, ଗୌରହରି ସାମଲ, ବିପିନ ବିହାରୀ ପାତ୍ର, ନନ୍ଦିତା ପାଣିଗ୍ରାହୀ, ସବିତା ବେହେରା ପ୍ରମୁଖ ସହଯୋଗ କରିଥିଲେ ।

## ନୂଆଗଡ଼ ଉଦ୍ୟାନର ସମୃଦ୍ଧିକରଣ ଯୋଜନା

ଗଁଦିଆ, ୨୮ ।୧୦(ସମିସ): ଗଁଦିଆ ବ୍ଲକ ଅଧୀନ ଶ୍ରୀ ଜଗନ୍ନାଥ ସରକାରୀ ଉଚ୍ଚ ବିଦ୍ୟାଳୟ ନୂଆଗଡ଼ ଗ୍ରାମରେ ଉଦ୍ୟାନର ସମୃଦ୍ଧିକରଣ ଯୋଜନା ବିଦ୍ୟାଳୟର ପରିବେଶ କ୍ଲବ ଆନୁକୂଲ୍ୟରେ ବିଶିଷ୍ଟ ପରିବେଶବିତ ଓ ଶିକ୍ଷାବିତ ପ୍ରକୃତି ବନ୍ଧୁ ହରିହର ସାହୁ, ବିଜୟ କୁମାର ସାମନ୍ତ ବିଦ୍ୟାଳୟର ପ୍ରଧାନଶିକ୍ଷକ ସତ୍ୟାନନ୍ଦ ପାଣିଙ୍କ ଅନୁପ୍ରେରଣାରେ ପରିବେଶ କ୍ଲବର ତତ୍ତ୍ୱାବଧାରକ ଅଭୟ କୁମାର ଶତପଥିଙ୍କ ମାଧ୍ୟମରେ ଚାଲୁରହିଛି । ବିଦ୍ୟାଳୟର ଶିକ୍ଷକ ଅରୁଣ ଧାରୁଆ, ଶିକ୍ଷୟିତ୍ରୀ ରଶ୍ମିବାଳା ସାମଲ, ଦିପିକା ପଡ଼ିଆରି ଓ କର୍ମଚାରୀ ଗୋବର୍ଦ୍ଧନ ବେହେରାଙ୍କ ସହିତ ସମସ୍ତ ପରିବେଶ କ୍ଲବର ଛାତ୍ରଛାତ୍ରୀ ସାମିଲ ହୋଇଥିବାରୁ ବିଦ୍ୟାଳୟର ପ୍ରଧାନଶିକ୍ଷକ ଶ୍ରୀ ପାଣି କାର୍ଯ୍ୟକୁ ପ୍ରଶଂସା କରିଛନ୍ତି । ପରିବେଶ କ୍ଲବର ତତ୍ତ୍ୱାବଧାରକ ଶ୍ରୀ ଶତପଥୀ ତାଙ୍କ ଗ୍ରାମ ଭୁବନ ବ୍ଲକର ଭୁଷଳ ଗ୍ରାମରେ ପରିବେଶ କ୍ଲବ ଗଠନ କରି ରାସ୍ତା ପାର୍ଶ୍ୱରେ ଚାରାରୋପଣ କରି ଉଦାହରଣ ସାଜିଛନ୍ତି । ଢେଙ୍କାନାଳ ଜିଲ୍ଲା ପ୍ରକୃତି ବନ୍ଧୁ ସଂଗଠନର ସମ୍ପାଦକ ଶ୍ରୀ ସାହୁ ଉକ୍ତ ପରିବେଶ କ୍ଲବର କାର୍ଯ୍ୟକୁ ଭୁବନ ବ୍ଲକର ଭୂଷଳ ଗ୍ରାମକୁ ଯାଇ ପରିଦର୍ଶନ କରି ସମସ୍ତ ପରିବେଶବିତଙ୍କୁ ଅଭିନନ୍ଦନ ଜ୍ଞାପନ କରିଛନ୍ତି ।



**ସାଇବର ସୁରକ୍ଷା ଅଭିଯାନ ସମାରୋହ**

# ଅଧିକ ଟଙ୍କା ରୋଜଗାର ନିଶା ଠକେଇର କାରଣ

ଢେଙ୍କାନାଳ, ୨୮ ।୧୦(ସମିସ)

ସାଇବର ଠକେଇ ଠାରୁ ଦୂରେଇ ରହିବାପାଇଁ ସାରା ରାଜ୍ୟରେ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଚାଲୁରହିଛି । ଏହି ପରିପ୍ରେକ୍ଷୀରେ ଆଜି ଢେଙ୍କାନାଳ ଜିଲ୍ଲାରେ ସାଇବର ସୁରକ୍ଷା ଅଭିଯାନ ସମାରୋହ ସ୍ଥାନୀୟ ଆର୍ଟ ଆଣ୍ଡ କ୍ରାଫଟ ସେଣ୍ଟର ଠାରେ ଅନୁଷ୍ଠିତ ହୋଇଯାଇଛି । ସାଇବର ଅପରାଧିମାନେ ନୂଆ ନୂଆ କୌଶଳ ମାଧ୍ୟମରେ ଜନସାଧାରଣ ବିଶେଷ କରି ବୟସ୍କ ବ୍ୟକ୍ତିମାନଙ୍କୁ ଠକେଇର ଶିକାର କରୁଛନ୍ତି ବୋଲି ଜିଲ୍ଲାପାଳ ଆଶିଷ ଇଶ୍ୱର ପାଟିଲ ପ୍ରକାଶ କରିଛନ୍ତି । ଛାତ୍ରଛାତ୍ରୀଙ୍କର ଇଣ୍ଟରନେଟ ବ୍ୟବହାରରେ ଅଧିକ ଜ୍ଞାନ ଥିବାରୁ ସେମାନେ ନିଜର ଅଭିଭାବକ ଓ ସମ୍ପର୍କୀୟମାନଙ୍କୁ ଠକେଇ ସମ୍ପର୍କରେ ସଚେତନ କରିବାକୁ କହିଛନ୍ତି । ନିଜର ବ୍ୟକ୍ତିଗତ ତଥ୍ୟକୁ ମୋବାଇଲରେ ନ ଜଣାଇବାକୁ ପରାମର୍ଶ ଦେଇଛନ୍ତି । ଏହି ବାର୍ତ୍ତା ତୃଣମୂଳ ପର୍ଯ୍ୟନ୍ତ ପହଞ୍ଚି ପାରିଲେ ଆମେ ସମସ୍ତ ପ୍ରକାରର ଠକେଇର ଶିକାର ଠାରୁ ରକ୍ଷା ପାଇପାରିବା ବୋଲି ସେ ମତବ୍ୟକ୍ତ କରିଛନ୍ତି । ସମ୍ମାନିତ ଅତିଥି ଭାବେ ପୌରାଧକ୍ଷା ଜୟନ୍ତୀ ପାତ୍ର ଯୋଗଦେଇ, ଛାତ୍ରଛାତ୍ରୀ ଓ ଯୁବପିଢି ନିଜେ ସଚେତନ ହୋଇ ଅନ୍ୟମାନଙ୍କୁ ସଚେତନ କରାଇଲେ ସାଇବର ଅପରାଧିମାନଙ୍କଠାରୁ ସମସ୍ତେ ସୁରକ୍ଷିତ ରହିପାରିବା ବୋଲି କହିଛନ୍ତି । ପୁଲିସ ପ୍ରଶାସନର ଦକ୍ଷତା ଯୋଗୁଁ ଜିଲ୍ଲାରେ ସାଇବର ଅପରାଧର ହାର କମ୍ ଥିବାରୁ ସେ ପ୍ରଶାସନକୁ ସାଧୁବାଦ ଜଣାଇଥିଲେ । ପ୍ରାରମ୍ଭରେ ଆରକ୍ଷୀ ଅଧିକ୍ଷକ ଅଭିନବ ସୋନକର ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ । ଲୋଭ ଓ ଭୟ ଯୋଗୁଁ ସବୁ ବର୍ଗର ବ୍ୟକ୍ତି ଆର୍ଥିକ ଠକେଇର ଶିକାର ହେଉଛନ୍ତି ବୋଲି ସେ ପ୍ରକାଶ କରିଥିଲେ । ଅଧିକ ଟଙ୍କା ରୋଜଗାରର ନିଶା ଠକେଇର କାରଣ ହେଉଛି, ଏଥିପ୍ରତି ସଚେତନ ରହିବା ସହିତ ଡିଜିଟାଲ ଆରେଷ୍ଟ କଲ ପ୍ରତି ସତର୍କ ରହିବାକୁ ସେ ପରାମର୍ଶ ଦେଇଛନ୍ତି । କୌଣସି ଓଟିପି, ପିନ୍ ନମ୍ବର କିମ୍ବା ବ୍ୟାଙ୍କିଂ ପାସ୍‌ୱାର୍ଡ କାହାରିକୁ ସେୟାର ନ କରିବାକୁ କହିଛନ୍ତି । କୌଣସି ପ୍ରକାରର ସନ୍ଦେହ ଅଥବା ଅସୁବିଧା ମନେକଲେ ସାଇବର କ୍ରାଇମ୍ ହେଲ୍ପ ଲାଇନ ନମ୍ବର ୧୯୩୦ରେ ଯୋଗାଯୋଗ କରନ୍ତୁ । ଠକେଇର ଶିକାର ହେବା ଅପେକ୍ଷା ପ୍ରଥମରୁ ସଚେତନ ହେବା ଜରୁରୀ ବୋଲି ସେ ମତବ୍ୟକ୍ତ କରିଛନ୍ତି । ଏହି ଅବସରରେ, ସାଇବର ଠକେଇ ସୁରକ୍ଷା ଅଭିଯାନରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ବିଭିନ୍ନ ଶିକ୍ଷାନୁଷ୍ଠାନର ଅଧ୍ୟକ୍ଷ, ପ୍ରଧାନଶିକ୍ଷକ ଓ ବ୍ୟକ୍ତି ବିଶେଷଙ୍କୁ ପୁଲିସ ପ୍ରଶାସନ ପକ୍ଷରୁ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା । ସୁର ସଙ୍ଗୀତ ଅନୁଷ୍ଠାନ ପକ୍ଷରୁ ସାଇବର ଠକେଇ ସମ୍ପର୍କୀତ ସଚେତନଧର୍ମୀ ସଙ୍ଗୀତ ପରିବେଷଣ ହୋଇଥିଲା । ଆରକ୍ଷୀ ଅଧିକ୍ଷକ ସୋନକର ସାଇବର ଠକେଇ ଠାରୁ କିଭଳି ଦୂରେଇ ରହିବେ ସେ ସମ୍ପର୍କିତ ଶପଥ ପାଠ କରାଇଥିଲେ । ସମାରୋହରେ ବିଭିନ୍ନ ବିଦ୍ୟାଳୟ ଓ ମହାବିଦ୍ୟାଳୟର ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ, ବ୍ୟକ୍ତି ବିଶେଷ, ପ୍ରଶାସନିକ ଅଧିକାରୀ ଓ ସାମାଜ ସେବୀ, ଗଣମାଧ୍ୟମର ପ୍ରତିନିଧିମାନେ ଯୋଗ ଦେଇଥିଲେ । ଶେଷରେ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ସୂର୍ଯ୍ୟମଣୀ ପ୍ରଧାନ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।




## ଅବସରପ୍ରାପ୍ତ ପୁଲିସ ଅଧିକାରୀ ସଂଘ ପକ୍ଷରୁ ସାଇବର କ୍ରାଇମ ସଚେତନତା



ଢେଙ୍କାନାଳ, ୨୮ ।୧୦(ସମିସ): ସ୍ଥାନୀୟ ଭାଗିରଥୀ ସାଗର କୂଳରେ ଥିବା ଶ୍ରୀ ଅରବିନ୍ଦ ସ୍କୁଲ ପ୍ରାଙ୍ଗଣରେ ଜିଲ୍ଲା ଅବସରପ୍ରାପ୍ତ ପୁଲିସ ଅଧିକାରୀ ସଂଘ ପକ୍ଷରୁ ସାଇବର କ୍ରାଇମ ନିରାକରଣ ସଚେତନତା କାର୍ଯ୍ୟକ୍ରମ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ସହିତ ଆଲୋଚନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ସଂଘର ସଭାପତି ଅକ୍ଷୟ କୁମାର ସାହୁ ଓ କାର୍ଯ୍ୟକାରୀ ସଭାପତି ଗୋବର୍ଦ୍ଧନ ସାହୁ ସାଇବର କ୍ରାଇମ କେଉଁ କେଉଁ ଉପାୟରେ ହୁଏ ଓ ତା'ର ପ୍ରତିକାର ବିଷୟରେ ପିଲାମାନଙ୍କୁ ଓ ଶିକ୍ଷକ ଶିକ୍ଷୟିତ୍ରୀ ଭଲଭାବରେ ବୁଝାଇଦେଇଥିଲେ । ପିଲାମାନେ ସବୁ ଜିନିଷ ଜାଣିଲା ପରେ ତାଙ୍କୁ ଅଭିଭାବକ ଓ ଅନ୍ୟମାନଙ୍କୁ ସଚେତନ କରିବା ପାଇଁ ସୂଚାଇ ଦେଇଥିଲେ । ବିଦ୍ୟାଳୟର ଅଧ୍ୟକ୍ଷ ଧନ୍ୟବାଦ ଦେଇ ଆଲୋଚନା ପରିସମାପ୍ତି କରିଥିଲେ । କାର୍ଯ୍ୟକ୍ରମରେ ସଂଘର ପ୍ରାୟ ୩୦ ସଭ୍ୟ ଉପସ୍ଥିତ ଥିଲେ ।

# ଲାଞ୍ଚ ନେଇ ଭିଜିଲାନ୍ସ ଜାଲରେ ପୁଲିସ ଏଏସ୍ଆଇ

କୋରାପୁଟ, ୨୮ ।୧୦(ସମିସ): କୋରାପୁଟ ଜିଲ୍ଲା ବି.ସିଙ୍ଗପୁର ଥାନା ଏଏସ୍ଆଇ ନରସିଂହ ଦୋରା ଲାଞ୍ଚ ନେଇ ଆଜି ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି । ଏକ ଘରୋଇ ଗଣ୍ଡଗୋଳ ମାମଲାକୁ କୋହଳ କରିବା ପାଇଁ ସେ ୪୦ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ କାବୁ କରିଛନ୍ତି । ତାଙ୍କ ନିକଟରୁ ଉକ୍ତ ଲାଞ୍ଚ ଟଙ୍କା ଜବତ କରିବା ସହ ଆୟ ବହିର୍ଭୂତ ସଂପତ୍ତି ଠୁଳ ଅଭିଯୋଗରେ ଭିଜିଲାନ୍ସ ତାଙ୍କର ଦୁଇଟି ସ୍ଥାନରେ ଚଢ଼ଉ କରିଛି । ଅପରପକ୍ଷେ, ଏହି ଘଟଣାରେ ମଧ୍ୟସ୍ଥି ଭୂମିକା

**ମଧ୍ୟସ୍ଥି ବି ଧରାପଡ଼ିଲା**

ନେଇ ଅନ୍ୟ ଜଣେ ଗ୍ରାମବାସୀ ମଧ୍ୟ ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି । ସେ ହେଲେ, ସ୍ଥାନୀୟ ଗ୍ରାମବାସୀ ତଥା ଚା' ଦୋକାନୀ ସୁନାଧର ଅମନାତ୍ୟ । ସୂଚନାନୁଯାୟୀ, କୁମୁଲି ଗ୍ରାମର ଏକ ଘରୋଇ ଗଣ୍ଡଗୋଳକୁ ନେଇ ବି.ସିଙ୍ଗପୁର ଥାନାରେ ମାମଲା ରୁଜୁ ହୋଇଥିଲା । ଏହି ମାମଲାର ତଦନ୍ତ ଅଧିକାରୀ ଥିଲେ ଏଏସ୍ଆଇ ନରସିଂହ ଦୋରା । ୪୦ ହଜାର ଟଙ୍କା ଲାଞ୍ଚ ନ ଦେଲେ ଏହି ମାମଲାରେ ସେ ଅଭିଯୁକ୍ତଙ୍କ ସହ ତାଙ୍କ ପରିବାର ସଦସ୍ୟଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବେ ବୋଲି ଚେତାବନୀ ଦେଇଥିଲେ । ଲାଞ୍ଚ ଟଙ୍କା ଦେଲେ ମାମଲାକୁ କୋହଳ କରିବେ ବୋଲି କହିଥିଲେ । ଏଥିରେ ସୁନାଧର ମଧ୍ୟସ୍ଥି ସାଜିଥିଲେ । ତାଙ୍କ ଜରିଆରେ ଉକ୍ତ ଟଙ୍କା କାରବାର ହୋଇଥା'ନ୍ତା । ତେବେ ଏ ସଂପର୍କରେ ଭିଜିଲାନ୍ସରେ ଅଭିଯୋଗ ହେବା ପରେ ଏଏସ୍ଆଇ ଶ୍ରୀ ଦୋରାଙ୍କୁ ଧରିବା ପାଇଁ ଜାଲ ବିଛାଯାଇଥିଲା ।

# ବଜ୍ରପାତରେ ଜଳିଗଲା ଦୁଇ ବଖରା ଘର

ଗରଦପୁର,୨୮ ।୧୦(ସମିସ): ବଜ୍ରପାତରେ ଜଳିଗଲା ଦୁଇ ବଖରା ଘର । କେନ୍ଦ୍ରାପଡ଼ା ଜିଲ୍ଲା ଗରଦପୁର ବ୍ଲକ୍ ତେଣ୍ଡାକୁଡ଼ା ପଞ୍ଚାୟତ ଅନ୍ତର୍ଗତ ମିଶର ନରସିଂହପୁର ଗ୍ରାମରେ ଆଜି ଏହି ଅଘଟଣ ଘଟିଛି । କୁନିଲତା ସାହୁ ଓ ବାପିନା ସାହୁଙ୍କ ଘର ବଜ୍ରପାତରେ ପୋଡ଼ି ପାଉଁଶ ହୋଇଯାଇଛି । ଏହାସହ ଉକ୍ତ ଘରେ ଥିବା ସମସ୍ତ ଆସବାବପତ୍ର ପୋଡ଼ିଯାଇଛି । ଘରଲୋକଙ୍କ କହିବା ଅନୁସାରେ, ଅଚାନକ ଘରେ ଅଗ୍ନିକାଣ୍ଡ ହୋଇଥିଲା । ଅଗ୍ନିଶିଖର ମାତ୍ରା ଏତେ ଅଧିକ ଥିଲା ଯେ ଘର ଭିତରୁ କୌଣସି ସାମଗ୍ରୀ ବାହାରକୁ ଆଣିପାରିନଥିଲୁ । ସୌଭାଗ୍ୟବଶତଃ ପରିବାରର କୌଣସି ସଦସ୍ୟଙ୍କ କିଛି କ୍ଷତି ହୋଇନାହିଁ । ଗ୍ରାମବାସୀ ବହୁ ଚେଷ୍ଟା କରି ନିଆଁ ଲିଭାଇବାରେ କିଛି ମାତ୍ରାରେ ସଫଳ ହୋଇଥିଲେ । ପରେ ଅଗ୍ନିଶମବାହିନୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲା । କିନ୍ତୁ ସେତେବେଳକୁ ବହୁ ଦରକାରୀ କାଗଜପତ୍ର ଓ ଲକ୍ଷାଧିକ ଟଙ୍କାର ସମ୍ପତ୍ତି ପୋଡ଼ି ପାଉଁଶ ହୋଇଯାଇଥିଲା । ତହସିଲଦାରଙ୍କ ନିର୍ଦ୍ଦେଶରେ ଅତିରିକ୍ତ ଆର୍ଆଇ ଘଟଣାସ୍ଥଳରେ ପହଞ୍ଚି ଏହାର ତଦନ୍ତ କରିଛନ୍ତି ।

■ ପୁଅର ମୃତ୍ୟୁ ଖବର ଶୁଣି ଆଖିବୁଜିଲା ମା'

# ଏକାଠି ଜଳିଲା ମା'-ପୁଅଙ୍କ ଜୁଇ

ଦୋବଲ, ୨୮ ।୧୦(ସମିସ): ପୁଅର ମୃତ୍ୟୁ ଖବର ଶୁଣି ଜୀବନ ହାରିଲା ମା' । ଉଦ୍ରକ ଜିଲ୍ଲା ଧାମନଗର ବ୍ଲକ୍ ଖଡ଼ିପଦା ପଞ୍ଚାୟତ କୋଇଳବା ଗ୍ରାମରେ ଏଭଳି ଏକ ଅଘଟଣ ଘଟିଛି । ମୃତ ମା'-ପୁଅ ହେଲେ, ଗ୍ରାମର ଶ୍ରୀଧର ତ୍ରିପାଠୀଙ୍କ ପତ୍ନୀ ତ୍ରିପାଠୀ ଓ ତାଙ୍କ ପୁଅ ସତ୍ୟରଞ୍ଜନ ତ୍ରିପାଠୀ (୩୫) । ସୂଚନାନୁଯାୟୀ, ସତ୍ୟରଞ୍ଜନ ଦୀର୍ଘ ଦିନ ହେଲା କିଡ୍ନୀ ରୋଗରେ ପୀଡ଼ିତ ଥିଲେ । ଦୁଇଟିଯାକ କିଡ୍ନୀ ତାଙ୍କର ଫେଲ୍ ହୋଇଯାଇଥିଲା । ତେଣୁ, ମାଲା ନିଜର ଗୋଟିଏ କିଡ୍ନୀ ଦେଇ ପୁଅର ଜୀବନ ବଞ୍ଚାଇଥିଲେ । ଏହା ସତ୍ତ୍ୱେ ସତ୍ୟରଞ୍ଜନଙ୍କ ସ୍ୱାସ୍ଥ୍ୟାବସ୍ଥା ଭଲ ରହୁନଥିଲା । ମଙ୍ଗଳବାର ସକାଳେ ସତ୍ୟରଞ୍ଜନଙ୍କ ଅବସ୍ଥା ହଠାତ୍ ବିଗିଡ଼ି ଯାଇଥିଲା । ପ୍ରଶ୍ୱାସ ନେବାରେ ଅସୁବିଧା ହେବାରୁ ପରିବାରଲୋକ ଚିକିତ୍ସା ଲାଗି ତାଙ୍କୁ କଟକ ନେଉଥିଲେ । କିନ୍ତୁ ବାଟରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା । ଏପଟେ, ପୁଅର ଅକାଳରେ ମୃତ୍ୟୁ ଖବର ମାଲାଙ୍କୁ ଏତେ ଆଘାତ ଦେଇଥିଲା ଯେ ତାଙ୍କର ବି ହୃଦ୍ଘାତରେ ମୃତ୍ୟୁ ହୋଇଯାଇଥିଲା । ଯାଜପୁର ଜିଲ୍ଲା ବୈତରଣୀ ନଦୀର ଦଶାଶ୍ୱମେଧ ଘାଟରେ ଉଭୟଙ୍କ ଶେଷକୃତ୍ୟ କରାଯାଇଛି । ପାଖାପାଖି ଦୁହିଁଙ୍କ ଜୁଇ ଜଳିଥିଲା । ସତ୍ୟରଞ୍ଜନ ଜଣେ ମେକାନିକ୍, ଶାନ୍ତଶିଷ୍ଟ, ଭଦ୍ର, ନମ୍ର ଓ ଆଧ୍ୟାତ୍ମିକଙ୍କ ଭାବେ ଅଞ୍ଚଳରେ ବେଶ୍ ପରିଚିତ ଥିଲେ । ଏହି ଖବରରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳାଇ ଦେଇଛି ।

■ ପୁଲିସ ଏସ୍ଆଇ ପରୀକ୍ଷା କେଳେଙ୍କାରୀ ମାମଲା

# ସିଡି ଦାଖଲ କଲା କ୍ରାଇମବ୍ରାଞ୍ଚ

ବ୍ରହ୍ମପୁର, ୨୮ ।୧୦ (ସମିସ): ପୁଲିସ ଏସ୍ଆଇ ପରୀକ୍ଷା କେଳେଙ୍କାରୀ ମାମଲାର କେସ ଡାଏରି(ସିଡି)କୁ କ୍ରାଇମବ୍ରାଞ୍ଚ ଆଜି ଭିଜିଲାନ୍ସ କୋର୍ଟରେ ଦାଖଲ କରିଛି । ଗିରଫ ୧୩୩ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ୧୧୫ ଜଣଙ୍କ ପାଇଁ ୪୦ରୁ ଊର୍ଦ୍ଧ୍ୱ ଆଇନଜୀବୀ ପୃଥକ୍ ପୃଥକ୍ ଭାବେ ଜାମିନ ଆବେଦନ କରିଥିଲେ । ମଙ୍ଗଳବାର ଅଭିଯୁକ୍ତଙ୍କ ଜାମିନ ଶୁଣାଣି ସମ୍ପନ୍ନ ହୋଇଥିଲା । ପୁଲିସ ଏସ୍ଆଇ ପରୀକ୍ଷା କେଳେଙ୍କାରୀ ମାମଲାରେ ମୋଟ ୧୩୩ଜଣ ଗିରଫ ହୋଇ ବର୍ତ୍ତମାନ ବ୍ରହ୍ମପୁର ଜେଲରେ ବିଚାରାଧୀନ କଏଦୀ ଭାବେ ରହିଛନ୍ତି । ସେମାନଙ୍କ ମଧ୍ୟରୁ ନିଯୁକ୍ତି ଆଶାୟୀମାନଙ୍କୁ କୋର୍ଟ ଜାମିନ ପ୍ରଦାନ କରିଛନ୍ତି ।

**ଜାମିନ ପାଇଲେ ନିଯୁକ୍ତି ଆଶାୟୀ**

■ ଜଗନ୍ନାଥ କୋଇଲା ଖଣି ଦୁର୍ନୀତି ଘଟଣା

# ଅଭିଯୋଗ ସାଂଘାତିକ: ଆର୍ଡିସି

ତାଳଚେର, ୨୮ ।୧୦ (ସମିସ): ତାଳଚେରସ୍ଥିତ ଜଗନ୍ନାଥ ଖଣିରେ କୋଇଲା ଦୁର୍ନୀତିକୁ ନେଇ ତାଳଚେରର ବିଧାୟକ ବ୍ରଜକିଶୋର ପ୍ରଧାନ ଆଣିଥିବା ଅଭିଯୋଗକୁ ଗୁରୁତ୍ୱର ସହ ନେଇଛନ୍ତି ଉତ୍ତରାଞ୍ଚଳ ରାଜସ୍ୱ କମିଶନର ସଚିନ ରାମଚନ୍ଦ୍ର ଯାଦବ । ଅଭିଯୋଗକୁ ହାଲ୍କା ଭାବେ ନେଉନେବା ବୋଲି ସେ ପ୍ରତିକ୍ରିୟାରେ କହିଛନ୍ତି । ସେ କହିଛନ୍ତି, ତାଳଚେର ବିଧାୟକ ଯେଉଁ ଅଭିଯୋଗ ଆଣିଛନ୍ତି ତାହା ସାଂଘାତିକ ଏବଂ ଅଭିଯୋଗର ତଦନ୍ତଭାର ଅନୁଗୋଳ ଜିଲ୍ଲାପାଳଙ୍କୁ ଦିଆଯାଇଛି । ଏହାସହ ତଦନ୍ତ କରି ରିପୋର୍ଟ ଦାଖଲ କରିବାକୁ ତାଳଚେର ଖଣି ଉପନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ଦିଆଯାଇଥିବା ଶ୍ରୀ ଯାଦବ କହିଛନ୍ତି । ସୂଚନାନୁଯାୟୀ, ଜଗନ୍ନାଥ କୋଇଲା ଖଣିର ୪ନମ୍ବର ଷ୍ଟକ୍‌ରେ ୧୭ ତାରିଖ ସନ୍ଧ୍ୟାରେ ଏସ୍ଏସ୍‌ବି ନାମକ ଠିକାସଂସ୍ଥା କୌଣସି ଅନୁମତି ନଥାଇ କୋଟିକୋଟି ଟଙ୍କାର କୋଇଲାକୁ ଅବୈଧ ଭାବେ ଦର୍ଶାଇ ମାଟି, ପଥର କହି ତାକୁ ଡ୍ରୋଜର୍ କଲାଇ ଗୁଣ୍ଡ କରୁଥିଲା । ଏହା ଜାଣି ପାଇ ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ ଘଟଣାସ୍ଥଳରେ ପହଞ୍ଚିଥିଲେ । ଯାଞ୍ଚ ବେଳେ ଏଥିରେ ଅନିୟମିତତା ହେଉଥିବା ଜାଣିବାକୁ ପାଇଥିଲେ । କୋଇଲା ଖଣିରେ ଏଭଳି ଗୋଟାଲାକୁ ନେଇ ସେ ଜିଲ୍ଲାପାଳଙ୍କ ସମେତ ଆର୍ଡିସି ଏବଂ ଗୋପାଳପ୍ରସାଦ ଥାନାରେ ଲିଖିତ ଅଭିଯୋଗ କରିଥିଲେ ।

# ପଟ୍ଟାମୁଣ୍ଡାଇରୁ ଅପହୃତ ଦୁଇ ନାବାଳିକା ମାର୍ଶାଘାଇରୁ ଉଦ୍ଧାର

ପଟ୍ଟାମୁଣ୍ଡାଇ, ୨୭।୧୦(ସମିସ): ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଅଞ୍ଚଳରୁ ଅପହୃତ ଦୁଇ ନାବାଳିକାଙ୍କୁ ମାର୍ଶାଘାଇରୁ ଉଦ୍ଧାର କରାଯାଇଛି । ଦୁଇ ନାବାଳିକା ଅପହରଣ ସମ୍ପର୍କରେ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନାରେ ଅଭିଯୋଗ ହୋଇଥିଲା । ଗ୍ରାମାଞ୍ଚଳ ଥାନା ଅଧିକାରୀ ଶ୍ରୀକାନ୍ତ ବାରିକ ଅଭିଯୋଗ ପାଇ ୪୭୫/୨୫ରେ ଏକ ଅପହରଣ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଥିଲେ । ଏହି ଅପହୃତ ନାବାଳିକା ମାର୍ଶାଘାଇ ଅଞ୍ଚଳରେ ଥିବା ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଆଇଆଇସି ଶ୍ରୀକାନ୍ତ ବାରିକ ପୁଲିସ ଟିମ୍ ସହ ମାର୍ଶାଘାଇରେ ପହଞ୍ଚି ମାର୍ଶାଘାଇ ଥାନା ପୁଲିସ ସହାୟତାରେ ଅପହୃତ ଦୁଇ ନାବାଳିକାଙ୍କୁ ଉଦ୍ଧାର କରି ଗ୍ରାମାଞ୍ଚଳ ଥାନାକୁ ଆଣି ଏହି ମାମଲାର ଛାନଭିନ୍ ଚଳାଉଛନ୍ତି ।

**ପୁଣି ବିଜେପି ବିରୋଧରେ ଆଦର୍ଶ ଆଚରଣ ବିଧି ଉଲ୍ଲଂଘନ ଅଭିଯୋଗ**

# ସିଇଓଙ୍କୁ ଭେଟିଲା ବିଜେଡି ପ୍ରତିନିଧିଦଳ

ଭୁବନେଶ୍ୱର,୨୮ ।୧୦(ସମିସ): ନୂଆପଡ଼ା ଉପନିର୍ବାଚନରେ ଶାସକ ବିଜେପି ବାରମ୍ବାର ନିର୍ବାଚନ ଆଚରଣ ସଂହିତା ଉଲ୍ଲଂଘନ କରୁଛି । ଏପରିକି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ସିଆରପିଓ ମିଶନ ଶକ୍ତି କର୍ମୀ(ଜୀବିକା ମିଶନ)ଙ୍କୁ ଦଳୀୟ ପ୍ରାର୍ଥୀ ଅଡିଓ କ୍ଲିପରେ ଶ୍ରୀମତି ହୋତା ଅନ୍ୟ ସିଆରପିମାନଙ୍କୁ ବିଜେପି ନିର୍ବାଚନ ପ୍ରଚାରରେ ସହଯୋଗ କରିବାକୁ କହୁଥିବା ସ୍ପଷ୍ଟ ଶୁଣାଯାଉଛି । ସିଆରପି ଏବଂ ମିଶନ ଶକ୍ତି କର୍ମୀମାନେ ସରକାରୀ କଲ୍ୟାଣକାରୀ କାର୍ଯ୍ୟକ୍ରମ ଅଧୀନରେ କାର୍ଯ୍ୟ କରିଥାନ୍ତି । ତେଣୁ ଗୁରୁତର ଭାବେ ଗ୍ରହଣ କରି ତୁରନ୍ତ ନିରପେକ୍ଷ ଯାଞ୍ଚ କରାଯାଉ । ପୁରା ଘଟଣାରେ ସିଆରପି, ମିଶନ ଶକ୍ତି କର୍ମୀ ଏବଂ ହିତାଧିକାରୀଙ୍କର ରାଜନୈତିକ ପ୍ରଚାରରେ ସମ୍ପୃକ୍ତି ନେଇ ତଦନ୍ତ କରାଯିବା ସହ ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ସିଆରପି ଲକି ହୋତା



- ଦଳୀୟ ପ୍ରଚାରରେ ସିଆରପି, ମିଶନ ଶକ୍ତି କର୍ମୀଙ୍କୁ ନିୟୋଜିତ କରାଯାଉଛି
- ତଦନ୍ତ ସହ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଦାବି
- ମିଶନ ଶକ୍ତି କର୍ମୀଙ୍କ ଉପରେ ନଜର ରଖନ୍ତୁ ଜିଲ୍ଲା ନିର୍ବାଚନ ଅଧିକାରୀ

ଜୟ ଢୋଲକିଆଙ୍କ ସପକ୍ଷରେ ପ୍ରଚାର କାର୍ଯ୍ୟରେ ଲଗାଉଥିବା ଅଭିଯୋଗ ଆଣିଛି ବିଜେଡି । ଦଳର ଏକ ପ୍ରତିନିଧିମଣ୍ଡଳୀ ମଙ୍ଗଳବାର ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଭେଟି ଏନେଇ ଅଭିଯୋଗ କରିଛି । ପ୍ରତିନିଧି ମଣ୍ଡଳୀର ଅଭିଯୋଗ ଅନୁଯାୟୀ ଗତ ୨୫ ତାରିଖରେ ଏକ ସଭାରେ ଉପମୁଖ୍ୟମନ୍ତ୍ରୀଙ୍କ ସହ ଏକ ରାଜନୈତିକ ସଭାମଞ୍ଚରେ ପଡ଼ୋଶୀ ବଲାଙ୍ଗୀର ସଦର ବ୍ଲକର ଲକି ହୋତା ନାମକ ଜଣେ ସିଆରପିଙ୍କୁ ଦେଖିବାକୁ ମିଳିଥିଲା । କେବଳ ଏତିକି ନୁହେଁ ଏକ ସେମାନେ କୌଣସି ରାଜନୈତିକ କାର୍ଯ୍ୟକଳାପକିମ୍ବା ନିର୍ବାଚନୀ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିପାରିବେ ନାହିଁ । ମାତ୍ର ଶ୍ରୀମତି ହୋତାଙ୍କ ଏପରି କାର୍ଯ୍ୟକଳାପ ନିର୍ବାଚନ ଆଚରଣ ବିଧିର ଖୋଲା ଉଲ୍ଲଂଘନ ବୋଲି ବିଜେଡି ଅଭିଯୋଗ କରିଛି । ବିଶେଷକରି ସରକାରୀ କଳର ଦୁରୁପଯୋଗ ସହ ରାଜନୈତିକ କାର୍ଯ୍ୟକଳାପରେ ସରକାରୀ ଯୋଜନାରେ କାର୍ଯ୍ୟରତ କର୍ମୀଙ୍କ ଯୋଗଦାନ ମୁକ୍ତ ଓ ଅବାଧ ନିର୍ବାଚନକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ତେଣୁ ଏହି ଘଟଣାକୁ ଏବଂ ଅନ୍ୟମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପ୍ରତିନିଧି ମଣ୍ଡଳୀ ଦାବି କରିଛି । ଏହାସହ କୌଣସି ନିର୍ବାଚନୀ କାର୍ଯ୍ୟରେ ଯେପରି ସରକାରୀ ଅନୁବନ୍ଧିତ କର୍ମଚାରୀ କିମ୍ବା ହିତାଧିକାରୀ ଭାଗ ନେଇନପାରନ୍ତି, ତାହା ସୁନିଶ୍ଚିତ କରାଯାଉ । ଜିଲ୍ଲା ନିର୍ବାଚନ ଅଧିକାରୀ ମିଶନ ଶକ୍ତି କର୍ମୀଙ୍କ ଉପରେ ତୀକ୍ଷ୍ଣ ନଜର ରଖିବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀ ନିର୍ଦ୍ଦେଶ ଦିଅନ୍ତୁ ବୋଲି ପ୍ରତିନିଧି ମଣ୍ଡଳୀ ଦାବି କରିଛି । ଏହି ଅବସରରେ ଅଂଶୁ ତ୍ରିପାଠୀ, ଜ୍ୟୋତ୍ସ୍ନାମୟୀ ପରିଡ଼ା, ଗୀତାଞ୍ଜଳି ପ୍ରଧାନ, ଇଲା ସାଇଁ, ତୁମ୍ପନାଥ ପଣ୍ଡା ଓ ମିହିର ରାୟପ୍ରମୁଖ ଉପସ୍ଥିତ ଥିଲେ ।

# ବିଜେପିକୁ ଭରସା ଛତିଶଗଡ଼ ନେତା: କଂଗ୍ରେସ

ଭୁବନେଶ୍ୱର,୨୮ ।୧୦(ସମିସ): ବିଜେଡିରେ ଥିବା ସର୍ବତ ରାଜୁ ଢୋଲକିଆଙ୍କ ପୁଅଙ୍କୁ ବିଜେପି ପ୍ରାର୍ଥୀ କରିଥିବାରୁ ବିଜେପି ଦଳରେ ଘୋର ଅସନ୍ତୋଷ ସୃଷ୍ଟି ହୋଇଛି ଏବଂ କର୍ମୀ ସହଯୋଗ କରୁନାହାନ୍ତି । ସେଥିପାଇଁ ନୂଆପଡ଼ାରେ ଜନସମାଗମ ନ ହେବାରୁ ମୁଖ୍ୟମନ୍ତ୍ରୀଙ୍କ ସଭା ଭଣ୍ଡୁର ହୋଇଥିଲା । ସ୍ଥାନୀୟ କର୍ମୀଙ୍କ ନିରୁତ୍ସାହ ବିଜେପି ପାଇଁ ଛତିଶଗଡ଼ ନେତାଙ୍କୁ ଆସି ପ୍ରଚାର କରିବାକୁ ପଡୁଛି ବୋଲି କଂଗ୍ରେସ କହିଛି । କଂଗ୍ରେସ ଭବନଠାରେ ପୂର୍ବତନ ମନ୍ତ୍ରୀ ଜଗନ୍ନାଥ ପଟ୍ଟନାୟକ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ କଂଗ୍ରେସ ପ୍ରଚାରରେ ପିସିସି ସଭାପତି ଭକ୍ତ ଚରଣ ଦାସ ନୂଆପଡ଼ାରେ ରହି ପ୍ରଚାର ଦାୟିତ୍ୱ ନେଇଛନ୍ତି । ସେ ସେଠାକାର ସ୍ଥାନୀୟ ନେତା ଏବଂ ତାଙ୍କ ଅମଳରେ ନୂଆପଡ଼ା ବିକାଶର ସ୍ୱାଦ ଚାଖିଥିଲା । କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ ଜଣେ ଆଦିବାସୀ ଏବଂ ସର୍ବମାନ୍ୟ ନେତା । ଗତ ନିର୍ବାଚନରେ ସେ ସ୍ୱାଧୀନ ଭାବରେ ଲଢ଼ି ୫୦ ହଜାର ଭୋଟ ପାଇଥିଲେ । ଜିଲ୍ଲାରେ ମୋଟ ୪୦ ପ୍ରତିଶତ ଆଦିବାସୀ ଥିବାବେଳେ କେବଳ କଂଗ୍ରେସ ଦଳ ରାହୁଲ ଗାନ୍ଧୀଙ୍କ ସାମାଜିକ ନ୍ୟାୟ ପ୍ରତିଷ୍ଠା ପାଇଁ ବଦ୍ଧପରିକର ଓ ଏଥିପାଇଁ ଜଣେ ଆଦିବାସୀ ପ୍ରାର୍ଥୀ ଘାସିରାମ ମାଝୀଙ୍କୁ ଟିକେଟ ଦେଇଛି । ୩୦୦ ୟୁନିଟ ବିଜୁଳି ଛାଡ଼, ବାର୍ଦ୍ଧକ୍ୟ ଭତ୍ତା, ସୁଭଦ୍ରା ଯୋଜନା ନାମରେ ବିଜେପି ପ୍ରତାରଣା କରିଛି । ତେଣୁ ଭୋଟରଙ୍କ ପାଖକୁ କଣ ପ୍ରସଙ୍ଗ ନେଇ ଯିବେ ବୋଲି କଂଗ୍ରେସ ପ୍ରଶ୍ନ କରିଛି । ଅବିଭକ୍ତ କଳାହାଣ୍ଡି ଜିଲ୍ଲା ୧୯୮୬ ମସିହା ବେଳକୁ ଏକ ଦୁର୍ଭିକ୍ଷ ପ୍ରପୀଡ଼ିତ ଅଞ୍ଚଳ ଥିଲା । ସେଠାକୁ ଇନ୍ଦିରା ଗାନ୍ଧୀଙ୍କ ସମେତ ସମସ୍ତ କଂଗ୍ରେସ ନେତା, ସୋନିଆ ଗାନ୍ଧୀ, ବିଶେଷ ସାମ୍ବାଦିକ ପରିଦର୍ଶନ କରୁଥିଲେ । କଳାହାଣ୍ଡି, ବଲାଙ୍ଗିର କୋରାପୁଟକୁ କେବିକେ ଯୋଜନା ଅନ୍ତର୍ଗତ ସ୍ୱତନ୍ତ୍ର ଆର୍ଥିକ ପ୍ୟାକେଜର ଆରମ୍ଭ, ଇନ୍ଦ୍ରାବତୀ ଓ ପତୋରା ଭଳି ବୃହତ ଜଳସେଚନ ଭିତ୍ତିକ ଡ୍ୟାମ କରାଯାଇଥିଲା । ଫଳରେ ଆଜି ମରୁଡ଼ି ଅଞ୍ଚଳ ଶସ୍ୟ ଶ୍ୟାମଳ ହୋଇଛି । ୟୁପିଏ ସରକାର ସମୟରେ ଶିକ୍ଷା, ସ୍ୱାସ୍ଥ୍ୟ, ଜଳସେଚନ, ବିଜୁଳି ଓ ରାସ୍ତାଘାଟକୁ ପ୍ରାଧାନ୍ୟ ଦିଆଯାଇ ଅନେକ ବିକାଶମୂଳକ କାମ କରାଯାଇଛି । ତେଣୁ ଏଠାରେ କଂଗ୍ରେସର ବିଜୟ ହେବ । କୌଣସି ଚୋରୀ କିମ୍ବା ଅପପ୍ରଚାର କାମ ଦେବନାହିଁ ବୋଲି ଶ୍ରୀ ପଟ୍ଟନାୟକ ଦୃଢ଼୍‌ୋକ୍ତି ପ୍ରକାଶ କରିଛନ୍ତି ।

**ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା**

# ସୁଟର୍‌ଙ୍କୁ ଘରେ ଆଶ୍ରୟ ଦେଇଥିବା ଶୂନ୍ୟଚନ୍ଦ୍ର ଗିରଫ

ବ୍ରହ୍ମପୁର, ୨୮ ।୧୦ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ ସଂଖ୍ୟା ୧୪କୁ ବୃଦ୍ଧି ପାଇଛି । ୪ ଭଡ଼ାଟିଆ ସାର୍ପସୁଟରଙ୍କୁ ନିଜ ଘରେ ଆଶ୍ରୟ ଦେବା ଅଭିଯୋଗରେ ଅଳକାପୁରୀ ଅଞ୍ଚଳର ଶୂନ୍ୟଚନ୍ଦ୍ର ଦାସ ନାମକ ଜଣେ ବ୍ୟକ୍ତିଙ୍କୁ ପୁଲିସ ଗିରଫ କରିଛି ବୋଲି ବ୍ରହ୍ମପୁର ଏସ୍‌ପି ଡା. ସର୍ବଣ ବିବେକ ଏମ୍ କହିଛନ୍ତି । ସେହିଭଳି ଘଟଣାରେ ଆଉ ଜଣଙ୍କୁ ଅଟକ ରଖି ପୁଲିସ ଜେରା କରୁଥିବା ଜଣାପଡ଼ିଛି । ହତ୍ୟାକାଣ୍ଡର ମାଷ୍ଟରମାଇଣ୍ଡ କୁହାଯାଉଥିବା ଜମା ବିଶୋୟୀଙ୍କ କହିବା ପ୍ରକାରେ, ଯୋଗେନ୍ଦ୍ର ରାଉତ ୪ ସୁଟର୍‌ଙ୍କ ସହ ଯୋଗାଯୋଗ କରିଥିଲା । ସେମାନଙ୍କ ମଧ୍ୟରେ ଶିଶୁପାଳ କୁମାର ପାଶୱାନ ଓ କୁନ୍ଦନ କୁମାର ବିହାରର ହୋଇଥିବା ବେଳେ ବିପିନ ସ୍ୱାଇଁ ଓ ସାମାଞ୍ଜଳ ନାୟକ ସ୍ଥାନୀୟ ଥିଲେ । ସମସ୍ତ ୪ଜଣଙ୍କୁ ଏକାଠି କରିବା ପରେ ବୈଦ୍ୟନାଥପୁର ଥାନା ଅନ୍ତର୍ଗତ ଅଳକାପୁରୀ ସ୍ଥିତ ଶୂନ୍ୟଚନ୍ଦ୍ର ଦାସଙ୍କ ଘରେ ଆଶ୍ରୟ ଦିଆଯାଇଥିଲା । ଗିରଫ କର୍ପୋରେଟର ମଳୟ ବିଶୋୟୀଙ୍କ ଅନୁରୋଧ ରକ୍ଷା କରି ଶୂନ୍ୟ ଦାସ ୪ଜଣ ଅପରିଚିତ ବ୍ୟକ୍ତିଙ୍କୁ



ଆଶଙ୍କା କରିଛନ୍ତି ପିଣ୍ଟୁଙ୍କ ପତ୍ନୀ ଆଶାଲତା ଦାଶ । ଯାହାର ଶୁଣାଣି କରି କୋର୍ଟ ପିଣ୍ଟୁଙ୍କୁ କଡ଼ା ସୁରକ୍ଷାବଳୟ ମଧ୍ୟରେ ସୁରକ୍ଷିତ ଫୁଲବାଣୀ ସ୍ଥାନାନ୍ତର କରିବାକୁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି । ଅନୁରୂପ

- ପିଣ୍ଟୁଙ୍କୁ ସୁରକ୍ଷିତ ଫୁଲବାଣୀ ସ୍ଥାନାନ୍ତର କରିବାକୁ କୋର୍ଟଙ୍କ ନିର୍ଦ୍ଦେଶ
- ଜେଲରେ ବିକ୍ରମଙ୍କୁ ଏକାକୀ ଭେଟିବାକୁ ଓକିଲଙ୍କ ପିଟିସନ ଦାଖଲ

ଅଜାଣତରେ ନିଜ ଘରେ ଆଶ୍ରୟ ଦେଇଥିବା ନେଇ ଏସ୍‌ପି ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି । ସେପଟେ ଗିରଫ ପୂର୍ବତନ ମେୟର ପିଣ୍ଟୁ ଦାଶଙ୍କ ଜୀବନ ପ୍ରତି ବିପଦ ଥିବା ଦର୍ଶାଇ ତାଙ୍କୁ ୨୯ ତାରିଖ ବୁଧବାର ବ୍ରହ୍ମପୁରରୁ ଫୁଲବାଣୀ ଜେଲକୁ ସ୍ଥାନାନ୍ତର କରାଯିବ । ତେବେ ଫୁଲବାଣୀ ସ୍ଥାନାନ୍ତର ବେଳେ ଖୋଦ୍ ସୁରକ୍ଷା କର୍ମୀଙ୍କଠାରୁ ପିଣ୍ଟୁଙ୍କ ଜୀବନ ପ୍ରତି ବିପଦ ଥିବା ଭାବେ ଗିରଫ ହୋଇଥିବା ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ପକ୍ଷରୁ ତାଙ୍କ ଓକିଲ ତଥା ବରିଷ୍ଠ ଆଇନଜୀବୀ ଦୀପକ କୁମାର ପଟ୍ଟନାୟକ ଏସ୍‌ଡିଜେଏମଙ୍କ କୋର୍ଟରେ ଏକ ପିଟିସନ ଦାଖଲ କରିଛନ୍ତି । ସେ ତାଙ୍କ ପିଟିସନ ଜରିଆରେ ନିଜ ମହକିଲ ବିକ୍ରମଙ୍କ ସହ ଜେଲରେ ବ୍ୟକ୍ତିଗତ ଭାବେ ସ୍ୱତନ୍ତ୍ର ପ୍ରକୋଷ୍ଠରେ ସାକ୍ଷାତ ଆଲୋଚନା କରିବାକୁ ନିବେଦନ କରିଛନ୍ତି ।



ମଞ୍ଚେଶ୍ୱରସ୍ଥିତ ନୂଆ ବାଲିଯାତ୍ରା ପଡ଼ିଆରେ ଆୟୋଜିତ ଛଟ୍‌ପୂଜା କାର୍ଯ୍ୟକ୍ରମରେ ମୋହନ ଚରଣ ମାଝୀ

# ପଡ଼ିଲା ଗଛ, ୨୨ଟି ସ୍ଥାନରେ ରାସ୍ତା ଅବରୋଧ

ଭୁବନେଶ୍ୱର,୨୮ ।୧୦(ସମିସ): ବାତ୍ୟା 'ମୋନ୍ଥା' ପ୍ରଭାବରେ ଗଛ ପଡ଼ି ୨୨ଟି ସ୍ଥାନରେ ରାସ୍ତା ଅବରୋଧ ହୋଇଛି । ଗଜପତି ଜିଲ୍ଲାରେ ଗଛ ପଡିବା ସହ ମାଟି ଅତଡ଼ା ଖସିଛି । ଗଜପତି ଜିଲ୍ଲାର ଆର ଉଦୟଗିରି, ଗୁମ୍ମା,

- ଚିକିଟି, ରମ୍ଭା, କାଶୀନଗରରେ ଧସିଲା ଅତଡ଼ା
- ପୁରା ବେଳାଭୂମିରେ ୧୦୦ ହୋମଗାର୍ଡ଼ ମୁତୟନ

ମୋହନା ଅଞ୍ଚଳରେ ଗଛ ଉପୁଡ଼ିଛି । ଗଞ୍ଜାମ ଜିଲ୍ଲାର ଚିକିଟି, ରମ୍ଭା, କାଶୀନଗରରେ ମାଟି ଅତଡ଼ା ଖସିଛି । ଅନ୍ୟପକ୍ଷରେ ଉପକୂଳ ଅଂଚଳରେ ପ୍ରଚାର କିଛି ଅଞ୍ଚଳରେ ପାଣି ଜମିଛି । ଭୁବନେଶ୍ୱରରେ ୮ ଟି ସ୍ଥାନରେ ପାଣି ନିଷ୍କାସନ ପାଇଁ ବଡ଼ ପମ୍ପସେଟ ଲଗାଇ ଅଗ୍ନିଶମ ବିଭାଗ ପ୍ରସ୍ତୁତ ରହିଛି ବୋଲି ରାଜ୍ୟ ଅଗ୍ନିଶମ ଡିଜି ସୁଧାଂଶୁ ଷଡ଼ଙ୍ଗୀ କହିଛନ୍ତି । ସେ କହିଛନ୍ତି ଯେ ୨୮ ଟି ସ୍ଥାନରୁ ସହଯୋଗ ପାଇଁ କଲ୍ ଆସିଛି । ସବୁଠି କାମ ସରିଛି । ଜିଲ୍ଲା ପ୍ରଶାସନର ଅଧିକାରୀମାନେ ଅଗ୍ନିଶମ ବିଭାଗକୁ ସହଯୋଗ ମାଗିଲେ ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ତୁରନ୍ତ କାର୍ଯ୍ୟ କରୁଛନ୍ତି । ପୁରୀ ବେଳାଭୂମିରେ ୧୦୦ ଜଣ ହୋମଗାର୍ଡ ଲାଇଫ ଗାର୍ଡ ଭାବରେ ନିୟୋଜିତ ରହିଛନ୍ତି । ପର୍ଯ୍ୟଟକମାନଙ୍କୁ ସମୁଦ୍ର ଆଡ଼କୁ ନ ଯିବାକୁ ଅଗ୍ନିଶମ ଡିଜି ନିବେଦନ କରିଛନ୍ତି । ସବୁ ପାୱାର ଷ୍ଟେସନରେ ଯାହା ସରଞ୍ଜାମ ଆବଶ୍ୟକ ସବୁ ରହିଛି । ଉପକୂଳ ଅଞ୍ଚଳରେ ବାତ୍ୟା ଭିନ୍ନ ଓ ପାହାଡ଼ିଆ ଅଞ୍ଚଳରେ ଭିନ୍ନ ଥାଏ । ପାହାଡ଼ ଉପରେ ଜନବସତି ଥାଏ । ଭୂସ୍ଖଳନ ଦୃଷ୍ଟିରୁ ଲୋକଙ୍କ ସୁରକ୍ଷିତ ଆଣିବା ଯୋଜନା ରହିଛି । ରାସ୍ତା ପ୍ରଭାବିତ ହୋଇଛି । ବଡବଡ ପଥର ପଡ଼ିଛି । ବର୍ତ୍ତମାନ ସୁଦ୍ଧା କୌଣସି କ୍ଷୟକ୍ଷତି ସୂଚନା ନାହିଁ ବୋଲି ସେ କହିଛନ୍ତି ।

**ବ୍ରହ୍ମପୁର ବିଧାନସଭା ନିର୍ବାଚନ ଅନିୟମିତତା ମାମଲା**

# ସାକ୍ଷୀଙ୍କୁ ସୁରକ୍ଷା ଯୋଗାଇବାକୁ ଏସ୍‌ପିଙ୍କୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ, ୨୮ ।୧୦(ସମିସ): ମିଥ୍ୟା ସତ୍ୟପାଠ ଦାଖଲ ଅଭିଯୋଗରେ ଗଞ୍ଜାମ ଜିଲ୍ଲା ବ୍ରହ୍ମପୁର ବିଧାନସଭା ଆସନରେ ବିଜୟୀ ବିଜେପି ବିଧାୟକ କେ.ଅନିଲ କୁମାରଙ୍କ ନିର୍ବାଚନକୁ ଚାଲେଞ୍ଜ କରି ଦାୟର ନିର୍ବାଚନ ମକଦ୍ଦମା ଶୁଣାଣି କରିଛନ୍ତି ହାଇକୋର୍ଟ । ଏହି ମାମଲାରେ ସାକ୍ଷୀଙ୍କ ଜୀବନ ପ୍ରତି ବିପଦ ରହିଛି । ଏପରିକି, ନିକଟରେ କିଛି ବ୍ୟକ୍ତି ତାଙ୍କୁ ଉଠାଇନେଇ ଅଟକ ରଖିବା ସହ ନିର୍ଯାତନା ଦେଇଥିବା ନେଇ ଆବେଦନକାରୀଙ୍କ ଓକିଲ ଗୋପାଳ ଅଗ୍ରୱାଲ ଓ ଏସ୍ ଶ୍ରୀବାସ୍ତବ ହାଇକୋର୍ଟଙ୍କୁ ଅବଗତ କରିବା ସହ ସୁରକ୍ଷା ପାଇଁ ନିବେଦନ କରିଥିଲେ । ସାକ୍ଷୀଙ୍କୁ ଆବଶ୍ୟକ ସୁରକ୍ଷା ଯୋଗାଇଦେବା ପାଇଁ ବ୍ରହ୍ମପୁର ଏସ୍‌ପିଙ୍କୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ । ମନୋଜ କୁମାର ପଣ୍ଡାଙ୍କ ପକ୍ଷରୁ ଦାୟର ମାମଲାର ଶୁଣାଣି କରି ଜଷ୍ଟିସ ଶଶିକାନ୍ତ ମିଶ୍ର ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ଅନ୍ୟପକ୍ଷରେ ନିର୍ବାଚନ ମାମଲାରେ ପ୍ରତିପକ୍ଷ ବିଧାୟକଙ୍କ ପକ୍ଷରୁ ଅନ୍ତରୀଣ ଆବେଦନ ଦାୟର କରାଯାଇଛି । ଜେରା ପ୍ରକ୍ରିୟାକୁ ବୈଦ୍ୟନାଥପୁର ଥାନାରୁ ମଗାଯାଇଥିବା ଦସ୍ତାବିଜ ଉପଲବ୍ଧ ହେବା ପର୍ଯ୍ୟନ୍ତ ସ୍ଥଗିତ ରଖିବାକୁ ଏହି ଆବେଦନରେ ପ୍ରାର୍ଥନା କରାଯାଇଛି । ଗତ ୨୦୨୪ ବିଧାନସଭା ନିର୍ବାଚନ ନାମାଙ୍କନ ସମୟରେ ବିଧାୟକ ଦାଖଲ କରିଥିବା ସତ୍ୟପାଠ ତ୍ରୁଟିପୂର୍ଣ୍ଣ ତଥା ଏଥିରେ ମିଥ୍ୟା ତଥ୍ୟ ଦିଆଯାଇଥିବା ନେଇ ଆବେଦନକାରୀ ଦର୍ଶାଇଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଅକ୍ଟୋବର ୩୧କୁ ଧାର୍ଯ୍ୟ କରିଛନ୍ତି ।

**ଓଡ଼ିଶା ସ୍ୱାସ୍ଥ୍ୟ ମିଶନ କର୍ମଚାରୀ ସଂଘର ପରିଚାଳନା ପରିଷଦ ବୈଠକ**

# ୪ମାସ ହେଲା ଠିକ୍ ସମୟରେ ମିଳୁନି ଦରମା

ଭୁବନେଶ୍ୱର,୨୮ ।୧୦(ସମିସ): ଭାରତୀୟ ବିଦ୍ୟା ଭବନରେ ଓଡ଼ିଶା ସ୍ୱାସ୍ଥ୍ୟ ମିଶନ ପରିଚାଳନା କର୍ମଚାରୀ ସଂଘର ପରିଚାଳନା ପରିଷଦ ବୈଠକ ସ୍ଥାୟୀ ସଭାପତି ଅନିରୁଦ୍ଧ ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ୩୦ ଜିଲ୍ଲାରୁ ପ୍ରାୟ ୨୦୦ରୁ ଊର୍ଦ୍ଧ୍ୱ ପ୍ରତିନିଧି ଯୋଗଦେଇଥିଲେ । ଜାତୀୟ ନଭେମ୍ବର ୨୦୨୪ ରୁ ବାରମ୍ବାର ମିଶନ ନିର୍ଦ୍ଦେଶିକା, ସ୍ୱାସ୍ଥ୍ୟ ସଚିବ, ବିଭାଗୀୟ ମନ୍ତ୍ରୀ, ମାନନୀୟ ମୁଖ୍ୟମନ୍ତ୍ରୀ ଓ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲଙ୍କୁ ଦାବିପତ୍ର ପ୍ରଦାନ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳିନାହିଁ । ବିଭିନ୍ନ ସମସ୍ୟାକୁ ନେଇ ଗତ ମାର୍ଚ୍ଚ ମାସରେ ଦୀର୍ଘ ୨୫ ଦିନ ରାଜଧାନୀର କରି ସମସ୍ତଙ୍କୁ ସ୍ଥାୟୀ କରିବା ରାଜ୍ୟ ସରକାରଙ୍କ ସଂପୂର୍ଣ୍ଣ ନିଜସ୍ୱ ବ୍ୟାପାର । ପୂର୍ବ ସରକାରଙ୍କ ସମୟରେ ଏହାକୁ ଆଗକୁ ନେବାକୁ ଯାଇ କମିଟି ଗଠନ କରାଯାଇଥିଲା । ଯାହାର ଏଯାଏ କୌଣସି କାର୍ଯ୍ୟାନ୍ୱୟନ ହୋଇପାରିଲା ନାହିଁ । ଅକ୍ଟୋବର ଅକ୍ଟୋବରମଧ୍ୟରେ ମୁଖ୍ୟମନ୍ତ୍ରୀ ଓ ରାଜ୍ୟ ସଭାପତିଙ୍କୁ

**ଅନିରୁଦ୍ଧ ସଭାପତି, ଗୋପବନ୍ଧୁ ସମ୍ପାଦକ ଓ ଆଶୁତୋଷ କୋଷାଧ୍ୟକ୍ଷ ଭାବେ ପୁନଃ ମନୋନୀତ**

ସ୍ୱାସ୍ଥ୍ୟ ମିଶନ ଅଧୀନରେ କାର୍ଯ୍ୟରତ ପରିଚାଳନା କର୍ମଚାରୀଙ୍କ ବିଭିନ୍ନ ସମସ୍ୟା ବିଷୟରେ ବୈଠକରେ ଆଲୋଚନା ହେବା ସହ ଆଗାମୀ ଏକ ବର୍ଷ ପାଇଁ ନୂତନ କର୍ମକର୍ତ୍ତା ମନୋନୟନ କରାଯାଇଥିଲା । ବୈଠକରେ ପରିଷଦର ସଦସ୍ୟମାନେ ଆପତ୍ତି ଉଠାଇଥିଲେ ଯେ ଡବଲ ଇଞ୍ଜିନ ସରକାରକୁ ୧୭ ମାସ ଅତିକ୍ରାନ୍ତ କରିଯାଇଥିଲେ ମଧ୍ୟ ବର୍ତ୍ତମାନ ପର୍ଯ୍ୟନ୍ତ କୌଣସି ସମସ୍ୟାର ସମାଧାନ ହୋଇପାରିଲା ନାହିଁ । ବିଭିନ୍ନ ସମସ୍ୟାକୁ ନେଇ ଗତ

**ମୁଖ୍ୟମନ୍ତ୍ରୀଙ୍କ ପ୍ରତିଶ୍ରୁତି ପରେ ବି କାର୍ଯ୍ୟାନ୍ୱୟନ ନାହିଁ**

ଗାନ୍ଧୀ ମାର୍ଗରେ ଆନ୍ଦୋଳନ ହୋଇଥିଲା । ଖୁବଶୀଘ୍ର ସଂଘର ଦାବି ପୂରଣ କରାଯିବ ବୋଲି ସରକାର ସଂଘକୁ ପ୍ରତିଶ୍ରୁତି ଦେଇଥିଲେ । ଦାବି ପୂରଣ ତ ଦୂରର କଥା, ବର୍ତ୍ତମାନ ଠିକ୍ ସମୟରେ ଦରମା ନ ମିଳିବା, ମୃତ୍ୟୁକାଳୀନ ଓ ଦୁର୍ଘଟଣାଜନିତ ସହାୟତା ରାଶି ବର୍ଷ ବର୍ଷ ଧରି ମିଳିନାହିଁ । ସ୍ୱାସ୍ଥ୍ୟ ମିଶନରେ କାର୍ଯ୍ୟ କରି କୌଣସି ସ୍ୱାସ୍ଥ୍ୟ ବୀମା ନ ଥିବା, ଦରମା ଅସଙ୍ଗତି ଇତ୍ୟାଦି ବିଭିନ୍ନ ସମସ୍ୟା ଯୋଗରେ ଏନ୍‌ଏଚ୍‌ଏମ୍ କର୍ମଚାରୀମାନେ ହତୋତ୍ସାହିତ ହୋଇପଡ଼ିଛନ୍ତି । କେନ୍ଦ୍ର ସରକାରଙ୍କ ୨୦୧୭ ଜାତୀୟ ସ୍ୱାସ୍ଥ୍ୟ ନୀତି ଅନୁଯାୟୀ ଅଣଚିକିତ୍ସା ଜନସ୍ୱାସ୍ଥ୍ୟ ପଦବୀ ସୃଷ୍ଟି ବାରମ୍ବାର ଭେଟିବା ପରେ ଖୁବଶୀଘ୍ର ସ୍ଥାୟୀ କରିବାର ପ୍ରତିଶ୍ରୁତି ମିଳିଥିଲେ ମଧ୍ୟ କିଛି କାର୍ଯ୍ୟରେ ପରିଣତ ହୋଇନାହିଁ । ଯଥାଶୀଘ୍ର ଦାବି ପୂରଣ କରି ସରକାର ୧୯୦୦୦ ଏନ୍‌ଏଚ୍‌ଏମ୍ କର୍ମଚାରୀ ଓ ତାଙ୍କ ଉପରେ ନିର୍ଭରଶୀଳ ୧ ଲକ୍ଷ ଲୋକଙ୍କ ମୁହଁରେ ହସ ଫୁଟାଇବାକୁ ସଂଘ ପକ୍ଷରୁ ନିବେଦନ କରାଯାଇଛି । ପରିଶେଷରେ ସର୍ବସମ୍ମତି କ୍ରମେ ପୁନର୍ବାର ଅନିରୁଦ୍ଧ ପଣ୍ଡାଙ୍କୁ ସଭାପତି, ଗୋପବନ୍ଧୁଙ୍କୁ ସମ୍ପାଦକ, ଆଶୁତୋଷ ମିଶ୍ରଙ୍କୁ କୋଷାଧ୍ୟକ୍ଷ ଓ ଅନ୍ୟ ପଦାଧିକାରୀଙ୍କୁ ଏକ ବର୍ଷ ପାଇଁ ମନୋନୀତ କରାଯାଇଥିଲା । ଅଧ୍ୟକ୍ଷ ସଞ୍ଜୟ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ ।

# ଆଜି ବନ୍ଦ ରହିବ ନନ୍ଦନକାନନ, ଶିମିଳିପାଳ, ଭିତରକନିକା

ବାରଙ୍ଗ/ନନ୍ଦନକାନନ/ବାରିପଦା, ୨୮ ।୧୦ (ସମିସ): ବାତ୍ୟା 'ମୋନ୍ଥା' ପାଇଁ ନନ୍ଦନକାନନ ପ୍ରାଣୀଉଦ୍ୟାନ, ଉଦ୍ଭିଦ ଉଦ୍ୟାନ (ବଟାନିକାଲ ଗାର୍ଡେନ୍), ଶିମିଳିପାଳ ଓ ଭିତରକନିକା ଜାତୀୟ ଉଦ୍ୟାନ ଆସନ୍ତାକାଲି ବନ୍ଦ ରହିବ । ଜୀବଜନ୍ତୁ ଓ ପର୍ଯ୍ୟଟକଙ୍କ ସୁରକ୍ଷା ଦୃଷ୍ଟିରୁ ଏହି ନିଷ୍ପତ୍ତି ନିଆଯାଇଛି ।

ମଙ୍ଗଳବାର ରାତିରେ ବାତ୍ୟା ମୋନ୍ଥା ସ୍ଥଳଭାଗ ଛୁଇଁବ ବୋଲି ପାଣିପାଗ ବିଭାଗ ପୂର୍ବାନୁମାନ କରିଛି । ବର୍ଷା-ପବନଜନିତ କ୍ଷୟକ୍ଷତିରୁ ପ୍ରାଣୀଉଦ୍ୟାନ ବନ୍ୟଜନ୍ତୁଙ୍କୁ ସୁରକ୍ଷା ଦେବାକୁ କର୍ତ୍ତୃପକ୍ଷ ବ୍ୟାପକ ବ୍ୟବସ୍ଥା ହାତକୁ ନେଇଛନ୍ତି । ଜୀବଜନ୍ତୁଙ୍କୁ ତାଙ୍କର ଖୁଆଡ଼ର ପିଞ୍ଜିଡ଼ ଚାମ୍ବରରେ ରଖାଯାଇଛି । ବାତ୍ୟା ସମୟରେ ଗଛ ଭାଙ୍ଗିଲେ, କଟର୍ ମେସିନ ସାହାଯ୍ୟରେ ଗଛ କଟାଯାଇ ସଫା କରାଯିବ । ସେହିପରି ସମସ୍ତ କର୍ମଚାରୀଙ୍କ ଛୁଟି ବାତିଲ କରି ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରାଯାଇଛି । ଜଳହସ୍ତୀ, ହରିଣ, କୁମ୍ଭୀର, ନୀଳଗାଈ, କୃଷ୍ଣସାର ମୃଗ ଭଳି ଜନ୍ତୁଙ୍କ ଉପରେ ନଜର ରଖିବା ପାଇଁ ଏକ ଟିମ୍ ଗଠନ କରାଯାଇଛି । ବାକି ଅନ୍ୟଜନ୍ତୁଙ୍କୁ ପକ୍କାଘର ପିଞ୍ଜିଡ଼ ଚାମ୍ବରରେ ରଖାଯାଇଛି । ଯେଉଁଠାରେ ଘର ଓ ଡାଳଗୁଡ଼ିକ ରହିଛି, ସେହି ଜନ୍ତୁ ଓ ପକ୍ଷୀଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି । କିଛି ଖୁଆଡ଼ର ଜାଲିରେ ତରିପାଲ ମଧ୍ୟ ବିଛାଯାଇଛି । ଜନ୍ତୁଙ୍କ ପାଇଁ ଶୁଖିଲା, ଭଜା ଖାଦ୍ୟ ଓ ସନ୍ତୁଳୀତ ଗଚ୍ଛିତ ରଖାଯାଇଛି । ଜୀବଜନ୍ତୁ ବାହାରକୁ ନଯିବା ପାଇଁ ନନ୍ଦନକାନନରେ ୨୪ଘଣ୍ଟିଆ ପାଟ୍ରୋଲିଂ ବ୍ୟବସ୍ଥା କରାଯାଇଛି । ସମସ୍ତ ଖୁଆଡ଼ରେ କର୍ମଚାରୀ ସଜାଗ ରହିଛନ୍ତି । ସେହିପରି ବାତ୍ୟା ପରେ ସେମାନଙ୍କର ସ୍ୱାସ୍ଥ୍ୟ ଯେପରି ଖରାପ ନହେବ, ସେଥିପାଇଁ ପ୍ରାଣୀ ଚିକିତ୍ସକ ସଜାଗ ରହିଛନ୍ତି । ସେମାନଙ୍କ ପାଇଁ ଔଷଧ ମହଜୁଦ ରଖାଯାଇଛି ।



# ମହାବାତ୍ୟାରେ ଚାଲିଚାଲି କଟକରୁ ବାଲେଶ୍ୱର

**ବାଲେଶ୍ୱର, ୨୮।୧୦ (ପ୍ରତ୍ୟାଶା ପ୍ରିୟମ୍ବଦା ମହାନ୍ତି):** "ହଁ... ହଁ... ସେତେବେଳକୁ ମୋତେ ୨୧ବର୍ଷ। କ'ଣ ଗୋଟାଏ ବାତ୍ୟା ହବ ବୋଲି ରେଡିଓ ବାରମ୍ବାର କହୁଥିଲା। କିନ୍ତୁ ବାଲେଶ୍ୱରରେ ପହଞ୍ଚିବା ମୋ' ପାଇଁ ଜରୁରୀ ଥିଲା। ଗୋଟାଏ ସାହସରେ ମାଡ଼ି ଆସିଲି ଗଞ୍ଜାମରୁ...। କିନ୍ତୁ ବାଟରେ ଏମିତି ଦଶା ଭୋଗିବି ବୋଲି ସ୍ୱପ୍ନରେ ବି ଭାବି ନଥିଲି। କୁରୁକ୍ଷେତ୍ରରେ ମହାଭାରତ ଯୁଦ୍ଧକୁ ଯେମିତି ପ୍ରତ୍ୟକ୍ଷ ଭାବେ 'ବେଲାଲସେନ' ଦେଖିଥିଲା, ମୋର ବି ମହାବାତ୍ୟାକୁ ଦେଖିବା ଅନୁଭୂତି ସେଇ ପାଖାପାଖି...। ବାତ୍ୟା ଚାଲିଥାଏ, ମୁଁ ବି ଚାଲୁଥାଏ। ଫରକ୍ ଏତିକି; ତାକୁ କାହାର ଭୟ ନଥାଏ, ଆଉ ମୁଁ ପ୍ରତି ମୂହୁର୍ତ୍ତରେ ଭୟରେ ମରୁଥାଏ।" ୧୯୯୯ ମସିହା ଅକ୍ଟୋବର ୨୯ ତାରିଖ ମହାବାତ୍ୟାକୁ ଅଙ୍ଗେ ନିଭାଇଥିବା ଏମିତି ଜଣେ ବ୍ୟକ୍ତି ହେଉଛନ୍ତି, ବାଲେଶ୍ୱର ସହର ଟୁଲଙ୍ଗସାହିରେ ରହୁଥିବା ସୁବୋଧ ଚନ୍ଦ୍ର ପଣ୍ଡା (୪୯)। ବାତ୍ୟାକୁ ୨୬ବର୍ଷ ପୂରିବା ଅବସରରେ 'ସକାଳ'କୁ ସେ ସେହି ଅଭିଶପ୍ତ ଦିନର ଅଭୁଲା ଓ ଅଲୋଡ଼ା ସ୍ମୃତି କହିବା ବେଳେ ତାଙ୍କ ଲୋମ ବାରମ୍ବାର ଟାଙ୍କୁରି ଉଠୁଥିଲା। ମହାବାତ୍ୟା ଦିନ ସୁବୋଧ ବାଲେଶ୍ୱର ଆସିବା ପାଇଁ ଗଞ୍ଜାମରୁ ବାହାରିଥିଲେ। କିନ୍ତୁ ବାଲେଶ୍ୱରରେ ପହଞ୍ଚିବା ବେଳକୁ ତାଙ୍କୁ ୩ ଦିନ ଲାଗିଗଲା। ବାଟସାରା ବାତ୍ୟାର କରାଳ ରୂପ, ତାଣ୍ଡବ ଦେଖି ତାଙ୍କ ଦେହରୁ ଅଧାରକ୍ତ ଶୁଖିଗଲା ଭଳି ତାଙ୍କୁ ଅନୁଭୂତ ହୋଇଥିଲା।



ବାଟ ସାରା ତାଣ୍ଡବର ସାକ୍ଷୀ ସାଜିଥିଲେ ସୁବୋଧ

ସୁବୋଧ କହନ୍ତି, ଗଞ୍ଜାମରେ ମୋ ମାମୁଁଘର, ଗୋସେଇଁ ବାପାଙ୍କ ଘର। ସେଠାରେ ବଡ଼ବାପା ରହନ୍ତି। ମୁଁ ସେତେବେଳେ ଗଞ୍ଜାମ ଯାଇଥିଲି। ଗଞ୍ଜାମରୁ ଜେଜେବାପାଙ୍କୁ ନେଇ ବାହାରିଥିବା ବେଳେ ବର୍ଷା ଆରମ୍ଭ ହୋଇଯାଇଥିଲା। ବଡ଼ବାପା ରାଜି ନହେବାରୁ ଏକୁଟିଆ ବାହାରି ଆସିଲି। ଗଞ୍ଜାମରୁ ବସ୍‌ରେ ଭୁବନେଶ୍ୱର ଯାଏଁ ଆସିଲି। ବସ୍ ଖୋର୍ଦ୍ଧା ଛୁଇଁବା ବେଳକୁ ପବନର ବେଗ ଉଗ୍ର ହୋଇସାରିଥିଲା। ତେଣୁ, ଭୁବନେଶ୍ୱରରେ ପହଞ୍ଚିବା ପାଇଁ ୨୪ ଘଣ୍ଟା ଲାଗିଗଲା। ସେତେବେଳକୁ ଭୁବନେଶ୍ୱର ପାଣିରେ ବୁଡ଼ିଲା ଭଳି। ସେଠୁ କଟକ କଷ୍ଟେମଷ୍ଟେ ବି ପଳାଇ ଆସିଲି। ବାଲେଶ୍ୱର ଯିବା ପାଇଁ ଗୋଟିଏ ବସ୍ ଧରିଲି। କିନ୍ତୁ ବର୍ଷା, ପବନ ଦେଖି ବସ୍ ମଙ୍ଗୁଳିଠାରୁ ଆଉ ଆଗକୁ କଲାନି। ବାଧ୍ୟ ହୋଇ କିଛି ଲୋକ ଏକାଠି ହୋଇ ସେଇଠୁ ଚାଲିଚାଲି ଆଗକୁ ବଢ଼ିବା ଆରମ୍ଭ କଲୁ। ପବନର ବେଗ ଏତେ ଅଧିକ ଥିଲା ଯେ ଆମକୁ ବାରମ୍ବାର ରାସ୍ତାକଡ଼କୁ ଠେଲି ନେଉଥିଲା। ପାଖରେ ଟଙ୍କା ଥିଲା, ହେଲେ ଖାଦ୍ୟ କି ପାଣି ମିଳୁନଥିଲା। ବର୍ଷା ପାଣି ପିଇ ପିଇ ଆଗକୁ ଚାଲିଲୁ। ଛତିଆ ପାଖରେ ଜାତୀୟ ରାଜପଥରେ ଗଛ ପଡ଼ି ରାସ୍ତା ବନ୍ଦ ହୋଇଯାଇଥିଲା। ସେତେବେଳକୁ ରାତି ହୋଇଗଲାଣି। ତେଣୁ ଆଉ କିଛି ଉପାୟ ନ ପାଇ ରାସ୍ତାକଡ଼ରେ ଥୁଆ ହୋଇଥିବା ଏକ ବସ୍‌ରେ ରାତି କଟେଇଲି। ଧୀରେଧୀରେ ବର୍ଷା ଥମିଯାଇଥିଲା। ସକାଳୁ ପୁଣି ବାହାରିଲି। ରାସ୍ତାରେ ବିସ୍କୁଟ, ସେଓ ଆଦି ଗାଡ଼ିରୁ ସବୁ ଯାହା ପାଇଲୁ ଖାଇଲୁ। ଏମିତି ଚାଲିଚାଲି ମୁଁ ଜାମୁଝାଡ଼ି ପହଞ୍ଚିଗଲି। ସେଠାରେ ଆମକୁ ଚାଉଳ ମିଳିଥିଲା। ଆମେ ବହୁତ କଷ୍ଟରେ ହାଣ୍ଡି, କଡ଼େଇ ଯୋଗାଡ଼ କରି ଭାତ ତିଆରି କରି ଖାଇଥିଲୁ। ଅନ୍ୟ କିଛି ଲୋକଙ୍କୁ ଖାଇବାକୁ ବି ଦେଇଥିଲୁ। ଜାମୁଝାଡିରୁ ବାଲେଶ୍ୱରକୁ ଯିବା ପାଇଁ ରାସ୍ତା ବନ୍ଦ ଥିଲା। ସେତେବେଳେ ସାବିରା ରେଲୱେ ଟ୍ରାକ୍ ଦେଇ ଚାଲିଚାଲି ସୋରରୁ ସିଧା ଏକ ବସ୍‌ରେ ବସି ମୁଁ ଆଇଟିଆଇ ଛକରେ ଓହ୍ଲାଇଲି। ମୋତେ ଦେଖି ମୋର ସାଙ୍ଗସାଥୀ ଚମକି ପଡ଼ିଲେ। ଏତେ ଦିନ ପରେ ଚାଲିଚାଲି ଆସିଛି। ମୁଁ ସିଧା ଘରକୁ ଗଲି। ମା' ମୋତେ ଦେଖି କାନ୍ଦି ପକାଇଲା। ବାଲେଶ୍ୱର ସହର ଏତେ କିଛି ପ୍ରଭାବିତ ହୋଇନଥିଲା। ମୁଁ ବାଲେଶ୍ୱର ପହଞ୍ଚିଲା ବେଳକୁ ଅକ୍ଟୋବର ମାସ ସରି ଯାଇଥାଏ। ସେତେବେଳେ ଯୋଗାଯୋଗ ପାଇଁ ଫୋନ୍ ବି ନଥିଲା। ଏହା ମୋ ପାଇଁ ସବୁବେଳେ ଏକ ଅବର୍ଣ୍ଣନୀୟ ଅନୁଭୂତି ହୋଇ ରହିବ।

## ମହାବାତ୍ୟାକୁ ପୂରିଲା ୨୬ ବର୍ଷ

# କ୍ଷତ ଶୁଖିଛି; ଚିହ୍ନ ଯାଇନି





**ଜଗତସିଂହପୁର, ୨୮।୧୦ (ଶଶାଙ୍କ ଶେଖର ପଣ୍ଡା):** ପ୍ରକୃତିର ତାଣ୍ଡବ ଆଗରେ ମଣିଷ ଯେ କେତେ ଅସହାୟ, ତାହା ୧୯୯୯ ମସିହାର ମହାବାତ୍ୟା ଓଡ଼ିଶାବାସୀଙ୍କୁ ଦେଖାଇ ଦେଇଥିଲା। ପ୍ରକୃତିର ସେହି କରାଳ ରୂପକୁ ଆସନ୍ତାକାଲି (ବୁଧବାର) ୨୬ବର୍ଷ ପୂରୁଛି। ଓଡ଼ିଶାବାସୀ ବିଶେଷକରି, ସର୍ବାଧିକ ପ୍ରଭାବିତ ହୋଇଥିବା ଜଗତସିଂହପୁର ଜିଲ୍ଲାବାସୀଙ୍କ ମନରୁ ଏ କ୍ଷତ ଶୁଖିଯାଇଛି ସତ, କିନ୍ତୁ ଏବେ ବି ତା'ର ଚିହ୍ନ ସତେଜ ଅଛି। ମା' କୋଳରୁ ପିଲା, ସ୍ୱାମୀ ଆଖି ଆଗରେ ସ୍ତ୍ରୀ ତ କାହାର ପୂରା ପରିବାରକୁ ନିଶ୍ଚିହ୍ନ କରିଦେଇଥିଲା ମହାବାତ୍ୟା।

ଏହି ପ୍ରଳୟଙ୍କରୀ ମହାବାତ୍ୟାରେ ସର୍ବାଧିକ ପ୍ରଭାବିତ ହୋଇଥିଲା ଜଗତସିଂହପୁର ଜିଲ୍ଲାର ଏରସମା ବ୍ଲକ୍ ଅଞ୍ଚଳ। ପୋକମାଛି ପରି ହଜାରହଜାର ମଣିଷ ଓ ଗୃହପାଳିତ ପଶୁ ଜୀବନ ହରାଇଥିଲେ ଏହି ବିପର୍ଯ୍ୟୟରେ। ଯୁଆଡ଼େ ଦେଖିବ, ଖାଲି କୁଢ଼କୁଢ଼ ଶବ। ଏରସମା ଅଞ୍ଚଳ ଏକପ୍ରକାର ଧ୍ୱଂସସ୍ତୂପରେ ପରିଣତ ହୋଇଥିଲା। ବ୍ଲକ୍‌ର ଜପା ପଞ୍ଚାୟତର ଦହିବର ଗାଁ ଲୋକ ଏବେ ବି ସେହି ଅଭିଶପ୍ତ ମସିହା (୧୯୯୯)ର ନାଁ ଶୁଣିଲେ, ସେମାନଙ୍କ ଲୋମ ଟାଙ୍କୁରି ଉଠେ। ମହାବାତ୍ୟାରେ ଏହି ଗାଁର ସର୍ବାଧିକ ୫୮୭ ଜଣ ଲୋକ ପ୍ରାଣ ହରାଇଥିଲେ। ଏପରିକି, କେତେକ ପରିବାରରୁ ୧୦ରୁ ୧୨ଜଣ ମୃତ୍ୟୁବରଣ କରିଥିବା ବେଳେ ଆଉ କିଛି ପରିବାର ସମ୍ପୂର୍ଣ୍ଣ ନିଶ୍ଚିହ୍ନ ହୋଇଯାଇଥିଲା। କେବଳ ଦହିବର ନୁହେଁ, ଏରସମା ବ୍ଲକ୍‌ର ପ୍ରାୟ ସମସ୍ତ ପଞ୍ଚାୟତରେ ତାଣ୍ଡବ ରଚିଥିଲା ଏହି ପ୍ରଳୟଙ୍କରୀ ମହାବାତ୍ୟା। ସରକାରୀ ହିସାବରେ ୧୦ ହଜାର ଲୋକଙ୍କ ମୃତ୍ୟୁ ହୋଇଥିବା କୁହାଯାଇଥିବା ବେଳେ ପ୍ରକୃତରେ କିନ୍ତୁ ମୃତ୍ୟୁସଂଖ୍ୟା ଏହାଠାରୁ ଢେର୍ ଅଧିକ ଥିଲା ବୋଲି କୁହନ୍ତି ସ୍ଥାନୀୟ ଲୋକେ।

ମହାବାତ୍ୟାର ୨୬ବର୍ଷ ପରେ ଦହିବର ଗାଁ ସହିତ ସମଗ୍ର ଏରସମା ଅଞ୍ଚଳରେ ଅନେକ ବିକାଶ ଘଟିଛି ସତ, ହେଲେ ଆଜି ମଧ୍ୟ ଏଭଳି କେତେକ ପରିବାର ରହିଛନ୍ତି, ଯେଉଁମାନଙ୍କ ପାଖରେ ମୁଣ୍ଡ ଗୁଞ୍ଜିବା ପାଇଁ ଛାତ ଘରଟିଏ ନାହିଁ। ମାଳମାଳ ଯୋଜନା ସତ୍ତ୍ୱେ ୧୦ରୁ ଊର୍ଦ୍ଧ୍ୱ ପଞ୍ଚାୟତରେ ବିଶୁଦ୍ଧ ପାନୀୟ ଜଳର ବ୍ୟବସ୍ଥା ହୋଇପାରି ନଥିବା ଅଭିଯୋଗ କରିଛନ୍ତି ସ୍ଥାନୀୟ ବାସିନ୍ଦା। ଆଜି ମଧ୍ୟ ଏହି ଅଞ୍ଚଳରେ ବର୍ଷା ଦିନେ ଛାତ୍ରଛାତ୍ରୀମାନେ ଡଙ୍ଗାରେ ବସି ବିଦ୍ୟାଳୟକୁ ଯାଉଛନ୍ତି। ଜିଲ୍ଲା ପ୍ରଶାସନ ଓ ବ୍ଲକ୍ ପ୍ରଶାସନ କେବଳ ମହାବାତ୍ୟାର ସ୍ମୃତିଚାରଣ କରି ନିଜର ପରାକାଷ୍ଠା ଦେଖାଉଥିବା ବେଳେ ଏବେ ମଧ୍ୟ ଅନେକ ପରିବାର ସଠିକ ଭାବେ ସେମାନଙ୍କର ମୌଳିକ ସୁବିଧା ପାଇବାରୁ ବଞ୍ଚିତ ରହିଛନ୍ତି।

## ଭିଟାମାଟିରୁ ବେଦଖଲ କରିଦେଲା

# ହଜିଗଲା ଉଦୟକଣୀ, ଛେନୁଅର ଠିକଣା



୧୯୯୯ ମସିହା ଅକ୍ଟୋବର ୨୯। ଏହି ଦିନ ଓଡ଼ିଶା ଇତିହାସରେ ସବୁଠାରୁ ଭୟଙ୍କର ପ୍ରାକୃତିକ ବିପର୍ଯ୍ୟୟ ଆସିଥିଲା। ଓଡ଼ିଶା ମାଟିରେ ପ୍ରଳୟ ରଚିଥିଲା ମହାବାତ୍ୟା। ସବୁଠୁ ଅଧିକ କ୍ଷତିଗ୍ରସ୍ତ ହୋଇଥିଲା ଉପକୂଳ ଓଡ଼ିଶା। ଯଦିଓ ଜଗତସିଂହପୁର ଜିଲ୍ଲାରେ ସର୍ବାଧିକ କ୍ଷତି ଘଟିଥିଲା, ପୁରୀ ଜିଲ୍ଲାରେ ମହାବାତ୍ୟାର ତାଣ୍ଡବ କିଛି କମ୍ ନ ଥିଲା। ଧ୍ୱସ୍ତବିଧ୍ୱସ୍ତ ହୋଇଯାଇଥିଲା ଅସ୍ତରଙ୍ଗ ବ୍ଲକର ସମୁଦ୍ର ତଟବର୍ତ୍ତୀ ଶିଶୁଅ ପଞ୍ଚାୟତ। ମହାବାତ୍ୟାରେ ଧନଜୀବନ ହାନୀର ତାଲିକା ତ ବେଶ୍ ଲମ୍ବା। ହେଲେ ଏହି ବିଭୀଷିକାର ଆଁ ଭିତରେ ହଜିଯାଇଥିଲା ଦୁଇଟି ଗାଁ ଉଦୟକଣୀ ଆଉ ଛେନୁଅର ଠିକଣା। ବଦଳି ଯାଇଥିଲା ସମୁଦ୍ର ତଟବର୍ତ୍ତୀ ଏହି ଦୁଇ ଗାଁର ନକ୍ସା। ଆଉ ପୁରୁଷ ପୁରୁଷ ଧରି ରହୁଥିବା ଭିଟାମାଟିରୁ ବେଦଖଲ କରିଦେଇଥିଲା 'ମହାବାତ୍ୟା'।

**ପୁରୀ, ୨୮।୧୦(ହେମନ୍ତ ନାୟକ):** ୧୯୯୯ ମସିହା ଅକ୍ଟୋବର ୨୯ ତାରିଖ। ଠିକ୍ ଆଜିର ଦିନରେ ଓଡ଼ିଶା ଉପକୂଳରେ ପ୍ରକୃତି ଉଜାଡ଼ିଥିଲା ଅନେକ କିଛି। ସେଦିନ ବଙ୍ଗୋପସାଗରରୁ ହୁ' ହୁ' ହୋଇ ମାଡ଼ି ଆସିଥିଲା ପ୍ରଳୟ। ଘର ଉଡ଼ାଇଲା, ଗାଁ ବୁଡ଼ାଇଲା, ଲିଭିଗଲା ଚିହ୍ନ ବର୍ଣ୍ଣ। କିଏ ନିଜ ପୁଅଝିଅକୁ ହରାଇଲେ ତ ଆଉ କିଏ ସମ୍ପୂର୍ଣ୍ଣ ପରିବାରକୁ ହରାଇ କୋଳଶୂନ୍ୟ ହୋଇଗଲେ। ଅନେକ ବାପା-ମା' ଛେଉଣ୍ଡ ହୋଇଗଲେ, ପୁଣି କାହା ମଥାରୁ ସିନ୍ଦୂର ପୋଛିଦେଲା ମହାବାତ୍ୟା। ଏହି ସାମୁଦ୍ରିକ ଝଡ଼ କେବଳ ପ୍ରାଣ ନେଇ ନଥିଲା ଘରଦ୍ୱାର, ରାସ୍ତାଘାଟ ସବୁ କିଛି ଛାରଖାର୍ କରିଦେଇଥିଲା। ଓଡ଼ିଶାର ଭୂଗୋଳ ବଦଳାଇ ଦେଇଥିଲା। ଇତିମଧ୍ୟରେ ମହାବାତ୍ୟାକୁ ୨୬ ବର୍ଷ ବିତିଯାଇଛି। କିନ୍ତୁ ପଛରେ ଛାଡ଼ି ଦେଇଯାଇଛି ଅନେକ ଦୁଃଖର ଦାଗ ଆଉ ଅଲୋଡ଼ା ସ୍ମୃତିର ଚିହ୍ନ। ଆଜି ବି ସେ ଦିନର କଥାକୁ ମନେ ପକାଇଲେ ଅନେକଙ୍କ ଲୋମ ଟାଙ୍କୁରି ଉଠୁଛି। କୋହରେ ଛାତି ଭରିଯାଉଛି। ୧୯୯୯ ମହାବାତ୍ୟା ପୁରୀ ଜିଲ୍ଲାରେ ବ୍ୟାପକ କ୍ଷୟକ୍ଷତି ଘଟାଇଥିଲା। ୨୦୪ଟି ପଞ୍ଚାୟତର ୧,୭୧୪ଟି ଗାଁର ୧୫ଲକ୍ଷରୁ ଊର୍ଦ୍ଧ୍ୱ ଲୋକ ପ୍ରଭାବିତ ହୋଇଥିଲେ। ୧,୬୨,୦୦୦ ହେକ୍ଟର ଚାଷ ଜମି କ୍ଷତିଗ୍ରସ୍ତ ହୋଇଥିଲା ବେଳେ ୧,୩୪,୮୪୧ଟି ଘର ଭାଙ୍ଗିରୁଜି ନଷ୍ଟ ହୋଇଯାଇଥିଲା। ୩୦୧ଜଣଙ୍କ ଜୀବନ ନେଇଯାଇଥିଲା ମହାବାତ୍ୟା।

ତେବେ ସମୁଦ୍ର କୂଳବର୍ତ୍ତୀ ଅସ୍ତରଙ୍ଗ ଓ କାକଟପୁର ବ୍ଲକ ବିଶେଷ ଭାବେ ପ୍ରଭାବିତ ହୋଇଥିଲା। ଏହି ଦୁଇ ବ୍ଲକ୍‌ରୁ ୨୧୬ ଜଣଙ୍କ ଜୀବନ ଚାଲି ଯାଇଥିଲା। ଇତିମଧ୍ୟରେ ମହାବାତ୍ୟାକୁ ୨୬ବର୍ଷ ପୂରିଛି। ଏବେ ବି ଅସ୍ତରଙ୍ଗ ବ୍ଲକ୍‌ର ଏମିତି କିଛି ଗାଁ ଅଛି ଯେଉଁଠି ମହାବାତ୍ୟାର ଚିହ୍ନ ତାଜା ହୋଇ ରହିଛି। ଅସ୍ତରଙ୍ଗ ବ୍ଲକ୍ ଶିଶୁଅ ପଞ୍ଚାୟତର ଉଦୟକଣୀ ଓ ଛେନୁଅ ଗାଁ। ଏବେ ବି ବାତ୍ୟା କଥା ଶୁଣିଲେ ଏହି ଦୁଇ ଗାଁ ଲୋକଙ୍କ ମନରେ ଛନକା ପଶେ। ୧୯୯୯ ମହାବାତ୍ୟାର କରାଳ ରୂପକୁ ଏମାନେ ଅତି ପାଖରୁ ଦେଖିଥିଲେ। ସୁଁ ସୁଁ ଗର୍ଜନ କରି ମାଡ଼ି ଆସିଥିଲା ସମୁଦ୍ର। କ'ଣ କରିବେ, କୁଆଡ଼େ ଯିବେ, ଜାଣିପାରିନ ଥିଲେ ସମୁଦ୍ର ତଟବର୍ତ୍ତୀ ଏହି ଦୁଇ ଗାଁର ଲୋକେ। ଜୀବନ ବଞ୍ଚାଇବାକୁ ଯାଇ ଘରଦ୍ୱାର ସବୁ ଛାଡ଼ି ପିଲାଛୁଆଙ୍କୁ ଧରି ଚାଲିଯାଇଥିଲେ। ହେଲେ ଆଉ ସେଠାକୁ ଫେରିବାକୁ ସାହସ କରି ନ ଥିଲେ। କାରଣ ଯେଉଁଠି ସେମାନଙ୍କର ଘର ଥିଲା, ମନ୍ଦିର ଥିଲା, ଜୀବନଜୀବିକା ନେଇ ବଞ୍ଚୁଥିଲେ, ତାହାକୁ ଉଜାଡ଼ି ଦେଇଥିଲା ମହାବାତ୍ୟା। ଭସାଇ ନେଇଥିଲା ସେମାନଙ୍କ ତେଲଲୁଣର ସଂସାର। ସମୁଦ୍ର ଢେଉରେ ଉଦୟକଣୀ ଓ ଛେନୁଅ ଗାଁ ସମ୍ପୂର୍ଣ୍ଣ ମାଟିରେ ମିଶିଯାଇଥିଲା। ଛେନୁଅ ଗାଁର ଚିହ୍ନବର୍ଣ୍ଣ ନ ଥିବା ବେଳେ କେବଳ କେଉଁ ଏକ ଘର ମୂଳଦୁଆର ମାଟିକାନ୍ଥ ଏବେ ବି ବାତ୍ୟାର କଥା ମନେ ପକାଇଦେଉଛି।



ଛେନୁଅ ଗାଁର ସ୍ମୃତି...
କେବଳ କେଉଁ ଏକ ଘର ମୂଳଦୁଆର ମାଟିକାନ୍ଥ ରହିଛି



ଉଦୟକଣୀର ମା' ବାଟୁଲେଇଙ୍କ ମନ୍ଦିର

ମହାବାତ୍ୟା ପରେ ଛେନୁଅ ଗାଁ ଯେଉଁଠିକୁ ସ୍ଥାନାନ୍ତର ହୋଇଥିଲା, ତାହା ବି ସେମାନଙ୍କ ସ୍ଥାୟୀ ଠିକଣା ହୋଇ ରହିପାରିଲା ନାହିଁ। ସମୁଦ୍ର ଜୁଆର ଭୟ ଦେଖାଇବାରୁ ଚିତ୍ରେଶ୍ୱରୀ ପିଆର୍‌ଏଫ୍ ନଡ଼ିଆ ମଠ ବିଟ୍ ପାଖ ଜଙ୍ଗଲ ଜମିକୁ ଉଠିଯାଇଛନ୍ତି ଏହି ଗାଁ ଲୋକେ। ସେହିପରି ଉଦୟକଣୀ ବି ସ୍ଥାନାନ୍ତର ହୋଇଛି। ଗାଁ ଥିବା ପୂର୍ବ ସ୍ଥାନରେ ଏବେ କେବଳ ମା' ବାଟୁଲେଇଙ୍କ ମନ୍ଦିର ପରିତ୍ୟକ୍ତ ଅବସ୍ଥାରେ ରହିଛି। ଏହି ମନ୍ଦିର ଦେଖିଲେ ମହାବାତ୍ୟାର କରାଳ ରୂପ ମନେ ପଡ଼ିଯାଏ। ନିଜ ଭିଟାମାଟିକୁ ଦେଖିଲେ ଉଦୟକଣୀ ଆଉ ଛେନୁଅ ଗାଁ ଲୋକଙ୍କ ଆଖିରେ ଏବେ ବି ଲୁହ ଜକେଇ ଆସୁଛି।

ମହାବାତ୍ୟା ପରେ ବିପର୍ଯ୍ୟୟ ପ୍ରଶମନ ପାଇଁ ଅସ୍ତରଙ୍ଗ ବ୍ଲକ୍‌ରେ ସର୍ବାଧିକ ୩୭, କାକଟପୁର ୨୩, ଗୋପରେ ୩୪, କୋଣାର୍କରେ ୨, ପୁରୀ ସଦରରେ ୧୭, ନିମାପଡ଼ାରେ ୯, ପେଣ୍ଟକଟାରେ ୬, କଣାସରେ ଗୋଟିଏ ବାତ୍ୟା ଆଶ୍ରୟସ୍ଥଳୀ ନିର୍ମାଣ କରାଯାଇଛି। ରକ୍ଷଣାବେକ୍ଷଣ ଓ ସଚେତନତା ଅଭାବରୁ ଅନେକ ବାତ୍ୟା ଆଶ୍ରୟସ୍ଥଳୀର ଅବସ୍ଥା ଧୀରେଧୀରେ ଜରାଜୀର୍ଣ୍ଣ ଅବସ୍ଥାକୁ ଆସିଲାଣି। ଏଗୁଡ଼ିକର ମରାମତି ହେବା ଆବଶ୍ୟକ ହୋଇପଡ଼ିଛି। ମହାବାତ୍ୟାର ୨୬ବର୍ଷ ପରେ ପୁରୀ ଜିଲ୍ଲା ଉପକୂଳ ଅଞ୍ଚଳର ରଙ୍ଗ ବଦଳି ଯାଇଛି ସତ, କିନ୍ତୁ ଏବେ ବି ଅନେକ ଗାଁରେ ସତେଜ ରହିଛି ମହାବାତ୍ୟାର ତାଣ୍ଡବର ଚିହ୍ନ।

# ଏବେ ବି ଗୁମୁରି କାନ୍ଦୁଛି ଅସ୍ତରଙ୍ଗ

**ଅସ୍ତରଙ୍ଗ, ୨୮।୧୦(ସମୀର କର):** ୧୯୯୯ ମସିହା ପ୍ରଳୟଙ୍କାରୀ ମହାବାତ୍ୟାର ୨୬ ବର୍ଷ ପରେ ପୁରୀ ଜିଲ୍ଲା ଉପକୂଳର ସର୍ବାଧିକ କ୍ଷତିଗ୍ରସ୍ତ ଅସ୍ତରଙ୍ଗ ଅଞ୍ଚଳର ଚିତ୍ର ଅନେକ ବଦଳିଛି। ହେଲେ ସେହି ପ୍ରଳୟଙ୍କରୀ ମହାବାତ୍ୟାର ବିଭୀଷିକା କଥା ମନେ ପଡ଼ିଲେ ଆଜି ବି ସ୍ଥାନୀୟ ଅଞ୍ଚଳର ବିପନ୍ନମାନଙ୍କ ଆଖିରେ ଲୁହ ଆସିଯାଉଛି।



ନିଜ ଝିଅ, ବାପାଙ୍କୁ ହରେଇଥିବା ସୁଦିକେଶ୍ୱର ଗ୍ରାମର ବିଶ୍ୱାଳ ଦମ୍ପତି

ପୁରୀ ଜିଲ୍ଲାରେ ସମୁଦାୟ ୩୦୦ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ କେବଳ ଅସ୍ତରଙ୍ଗ ଓ କାକଟପୁର ଅଞ୍ଚଳରେ ୨୧୬ଜଣଙ୍କର ମୃତ୍ୟୁ ହୋଇଥିଲା। ଆଖି ଆଗରେ ସ୍ୱାମୀ, ପୁଅ, ଝିଅ, ଶଶୁର, ଯାଆଙ୍କୁ ହରେଇ ୨୬ବର୍ଷ ହେଲାଣି ଲୁହ ଝରେଇ ଏକାକୀ ବଞ୍ଚିବା ପାଇଁ ସଂଘର୍ଷ କରୁଛନ୍ତି ମଧୁପୁର ଗ୍ରାମର କଳ୍ପନା ବେହେରା।

କଳ୍ପନା ଓ ତାଙ୍କ ପରିବାର ସମୁଦ୍ରକୂଳ ତାଣ୍ଡାରେ ଗାଈଗୋରୁ ରଖି ମାଛମାରି ପରିବାର ପ୍ରତିପୋଷଣ କରୁଥିଲେ। ମହାବାତ୍ୟାରେ ସମୁଦ୍ର ପାଣି ହଠାତ୍ ମାଡ଼ି ଆସିଲା। ପରିବାରର ୭ ଜଣ ଲୋକ ଜୀବନ ବଞ୍ଚାଇବାକୁ ଗାଁକୁ ଆସିବା ସମୟରେ ନଦୀରେ ସୁ ସୁ ଗର୍ଜନ କରୁଥିବା ଭୟଙ୍କର ଜୁଆର ପାଣିରେ ସ୍ୱାମୀ ବୁଦ୍ଧେଶ୍ୱର, ୨ ବର୍ଷର ପୁଅ ଟାଇଗର, ୮ ମାସର ଝିଅ ପୁଷ୍ପା, ଶଶୁର ଲୋକନାଥ ଓ ତାଙ୍କ ଯାଆ ଝାମ୍ପ ବେହେରା ଭାସିଯାଇ ପ୍ରାଣ ହରାଇଥିଲେ। ସ୍ୱାମୀଙ୍କ ବୁଦ୍ଧେଶ୍ୱରଙ୍କ ଆଉ ପତ୍ତା ମିଳିନଥିଲା। ଜୀବନ ସହ ସଂଗ୍ରାମ କରି କଳ୍ପନା ଆଜି ନିଃସଙ୍ଗ ଜୀବନ ଜିଉଁଛନ୍ତି। ସେହିପରି ନିକଟସ୍ଥ ସୁଧିକେଶ୍ୱର ଗ୍ରାମର ପଦ୍ମନାଭ ବିଶ୍ୱାଳ ଓ ନିର୍ମଳା ବିଶ୍ୱାଳଙ୍କ ୯ ବର୍ଷର ଝିଅ ଓ ଶଶୁରଙ୍କ ଉପରେ କାନ୍ଥ ପଡ଼ିଯିବା ଯୋଗୁଁ ଦୁହେଁ ପ୍ରାଣ ହରାଇଥିଲେ। ୨୬ ବର୍ଷ ପରେ ବି ନିଜ ପରିଜନଙ୍କୁ ହରାଇ କଳ୍ପନା ହୁଅନ୍ତୁ ବା ନିର୍ମଳା ବା ଅନେକ ପରିବାର ଆଜି ବି ଗୁମୁରିଗୁମୁରି କାନ୍ଦୁଛନ୍ତି।

ମହାବାତ୍ୟା ପରେ ହୁଡ୍‌ହୁଡ୍, ଫାଇଲିନି, ତିତିଲି, ଫନୀ, ଅମ୍ଫାନ ଏବଂ ବର୍ତ୍ତମାନ 'ମୋନ୍ଥା' ଭଳି ସାମୁଦ୍ରିକ ବାତ୍ୟାକୁ ଏ ଅଞ୍ଚଳର ଲୋକେ ବାରମ୍ବାର ସମ୍ମୁଖୀନ ହେଉଛନ୍ତି। ମହାବାତ୍ୟା ପରେ ଏହି ଉପକୂଳବାସୀଙ୍କ ସୁରକ୍ଷା ପାଇଁ ବେସରକାରୀ ଉଦ୍ୟମରେ ସମୁଦ୍ର ଉପକୂଳରେ ଅବସ୍ଥିତ ଦାଲୁଅକଣି, ଛେନୁ, କୋରଣା, ସୁଧିକେଶ୍ୱର, ନାନପଡ଼ା, ନୂଆଗଡ଼, ଡମଶୁଣ୍ଡ, ନଗର ଭଳି ସମ୍ବେଦନଶୀଳ ଗ୍ରାମଗୁଡ଼ିକରେ ନିର୍ମିତ ଅଧିକାଂଶ ବାତ୍ୟା ଆଶ୍ରୟସ୍ଥଳୀଗୁଡ଼ିକର ରକ୍ଷଣାବେକ୍ଷଣ ଅଭାବରୁ ଏହି ବାତ୍ୟା ଆଶ୍ରୟସ୍ଥଳୀ ଏବେ ସମ୍ପୂର୍ଣ୍ଣ ଜରାଜୀର୍ଣ୍ଣ ଓ ଭୂତକୋଠିରେ ପରିଣତ ହୋଇଯାଇଛି। ତେବେ ଜରାଜୀର୍ଣ୍ଣ ବାତ୍ୟା ଆଶ୍ରୟସ୍ଥଳୀରେ ପୁନରୁଦ୍ଧାର ପାଇଁ ସ୍ଥାନୀୟ ଲୋକେ ବାରମ୍ବାର ଦାବି କରିଥିବାବେଳେ ଏଥିପ୍ରତି କେହି ଦୃଷ୍ଟି ଦେଇନାହାନ୍ତି।







# କ୍ରୀଡ଼ା

ସକାଳ
THE SAKALA
www.sakalaepaper.com

## ମହିଳା ଦିନିକିଆ ବିଶ୍ୱକପ୍

# ପ୍ରଥମ ଫାଇନାଲ ଖେଳିବା ଲକ୍ଷ୍ୟରେ ଦକ୍ଷିଣ ଆଫ୍ରିକା

ଗୌହାଟୀ, ୨୮ ।୧୦ (ଏଜେନ୍ସି): ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ସେମିଫାଇନାଲ ପର୍ଯ୍ୟାୟ ବୁଧବାରଠାରୁ ଆରମ୍ଭ ହେବାକୁଯାଉଛି । ଗତ ସଂସ୍କରଣର ରନର୍ସଅପ୍ ଇଂଲଣ୍ଡ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ପ୍ରଥମ ସେମିଫାଇନାଲ ସ୍ଥାନୀୟ ବର୍ଷାପରା କ୍ରିକେଟ୍ ଷ୍ଟାଡିୟମରେ ଖେଳାଯିବ । ଚଳିତ ବିଶ୍ୱକପ୍‌ରେ ଉଭୟ ଇଂଲଣ୍ଡ ଓ ଦକ୍ଷିଣ ଆଫ୍ରିକା ସମାନ ୫ଟି ଲେଖାଏ ମ୍ୟାଚ୍ ଜିତି ସେମିଫାଇନାଲରେ ପହଞ୍ଚିଛନ୍ତି । ତେଣୁ ଏହି ମ୍ୟାଚ୍ ନିଶ୍ଚିତ ରୋମାଞ୍ଚକ ହେବ ବୋଲି ଆକଳନ କରାଯାଉଛି । ଚାରିଥରର ବିଜେତା ଇଂଲଣ୍ଡ ଏହି ମ୍ୟାଚରେ ବିଜୟୀ ହେଲେ ୯ମଥର ଲାଗି ଫାଇନାଲ ଖେଳିବ । ଅପରପକ୍ଷରେ ଦକ୍ଷିଣ ଆଫ୍ରିକା ନିକଟରେ ପ୍ରଥମଥର ଲାଗି ବିଶ୍ୱକପ୍ ଫାଇନାଲ ଖେଳିବାର ସୁବର୍ଣ୍ଣ ସୁଯୋଗ ରହିଛି ।

### ଇଂଲଣ୍ଡ-୩୬; ଦ.ଆଫ୍ରିକା- ୧୦

ରେକର୍ଡ ଉପରେ ନଜର ପକାଇଲେ ଦକ୍ଷିଣ ଆଫ୍ରିକା ବିପକ୍ଷରେ ଇଂଲଣ୍ଡ୪୭ଟି ମ୍ୟାଚରୁ ୩୬ଟି ଜିତିଛି । ଦକ୍ଷିଣ ଆଫ୍ରିକା ମାତ୍ର ୧୦ଟି ମ୍ୟାଚ୍ ବିଜୟୀ ହୋଇଛି । ଗୁରୁବାର ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଓ ଭାରତ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳାଯିବ ।

**ପ୍ରଥମ ସେମିଫାଇନାଲ**
ଇଂଲଣ୍ଡ-ଦକ୍ଷିଣ ଆଫ୍ରିକା | ଆରମ୍ଭ: ଅପରାହ୍ଣ ୩ଟା
ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ ନେଟୱର୍କ

■ ଆଇସିସି ମହିଳା ଦିନିକିଆ ର୍‍ୟାଙ୍କିଙ୍ଗ୍

# ଶ୍ରେଷ୍ଠ ରେଟିଂ ପଏଣ୍ଟ ସହ ଶୀର୍ଷରେ ମନ୍ଧାନା



ଦୁବାଇ, ୨୮ ।୧୦ (ଏଜେନ୍ସି): ଆଇସିସି ପକ୍ଷରୁ ସଦ୍ୟ ପ୍ରକାଶିତ ମହିଳା ଦିନିକିଆ ର୍‍ୟାଙ୍କିଙ୍ଗ୍‌ର ବ୍ୟାଟିଂ ତାଲିକାରେ ଭାରତୀୟ ଓପନର୍ ସ୍ମୃତି ମନ୍ଧାନା ଶୀର୍ଷ ସ୍ଥାନରେ ଅପରିବର୍ତ୍ତିତ ରହିଛନ୍ତି । ମନ୍ଧାନାଙ୍କ ରେଟିଂ ପଏଣ୍ଟ ବର୍ତ୍ତମାନ ୮୨୮ ରହିଛି । ଯାହାକି ତାଙ୍କ କ୍ୟାରିୟରର ଶ୍ରେଷ୍ଠ ରେଟିଂ ପଏଣ୍ଟ । ୨୯ ବର୍ଷୀୟା ମନ୍ଧାନା ଦମ୍‌ଦାର ପ୍ରଦର୍ଶନ କରି ଚଳିତ ବିଶ୍ୱକପ୍‌ରେ ୩୬୫ ରନ ସଂଗ୍ରହ କରିବା ସହ ଟପ୍ ସ୍କୋରର୍ ରହିଛନ୍ତି । ସେ ଗତ ଦୁଇଟି ମ୍ୟାଚରେ ଯଥାକ୍ରମେ ନ୍ୟୁଜିଲାଣ୍ଡ ବିପକ୍ଷରେ ୧୦୯ ଓ ବାଂଲାଦେଶ ବିପକ୍ଷରେ ୩୪ ରନର ଅପରାଜିତ ପାଳି ଖେଳିଥିଲେ । ଯେଉଁଥିପାଇଁ ତାଙ୍କ ରେଟିଂ ପଏଣ୍ଟ କ୍ୟାରିୟରଶ୍ରେଷ୍ଠ ୮୨୮ ରେ ପହଞ୍ଚିଛି । ମନ୍ଧାନାଙ୍କ ଓପନିଂ ପାର୍ଟନର ପ୍ରତୀକା ରାୱଲ ମଧ୍ୟ ର୍‍ୟାଙ୍କିଙ୍ଗ୍‌ରେ ବଡ଼ ଉନ୍ନତି ସହ ୧୨ଟି ସ୍ଥାନ ଉପରକୁ ଉଠି ୨୭ରେ ପହଞ୍ଚିଛନ୍ତି । ସେହିଭଳି ଏହି ର୍‍ୟାଙ୍କିଙ୍ଗ୍‌ରେ ଅଷ୍ଟ୍ରେଲିଆର ଆସଲେ ଗାର୍ଡନର ଏକାଥରକେ ୬ଟି ପାହାଚ ଲମ୍ଫ ପ୍ରଦାନ କରି ଦ୍ୱିତୀୟ ସ୍ଥାନକୁ ଉଠିଛନ୍ତି । ଅପରପକ୍ଷରେ ଦିନିକିଆ ବୋଲିଂ ତାଲିକାରେ ଟପ୍-୧୦ରେ ଏକମାତ୍ର ଭାରତୀୟ ଭାବେ ଦୀପ୍ତି ଶର୍ମା ୫ମରେ ରହିଛନ୍ତି ।

# ଖେଳାଳିଙ୍କୁ ଦଣ୍ଡରୁ ବଞ୍ଚାଇବା ଲାଗି ବିସିସିଆଇ ଚାପ ପକାଏ: ବ୍ରଡ୍

ନୂଆଦିଲ୍ଲୀ, ୨୮ ।୧୦ (ଏଜେନ୍ସି): ପୂର୍ବତନ ଆଇସିସି ମ୍ୟାଚ୍ ରେଫରି ଇଂଲଣ୍ଡର କ୍ରିସ୍ ବ୍ରଡ୍ ଭାରତୀୟ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ବିସିସିଆଇ ବିରୋଧରେ ଗୁରୁତର ଅଭିଯୋଗ ଆଣିଛନ୍ତି । ବ୍ରଡ୍ ଦାବି କରିଛନ୍ତି ଯେ ବିସିସିଆଇ ଭାରତୀୟ ଖେଳାଳିଙ୍କୁ ଦଣ୍ଡରୁ ରକ୍ଷା କରିବା ଲାଗି ଚାପ ପକାଏ । ଏକ ସାକ୍ଷାତକାର ସମୟରେ ୬୮ ବର୍ଷୀୟ ବ୍ରଡ୍ କହିଛନ୍ତି, 'ଟିମ୍ ଇଣ୍ଡିଆ ଗୋଟିଏ ମ୍ୟାଚରେ ଧାର୍ଯ୍ୟ ସମୟସୀମାଠାରୁ ୩-୪ ଓଭର କମ୍ ବୋଲିଂ କରିଥିଲା । ଯାହା ଫଳରେ ଭାରତୀୟ ଖେଳାଳିଙ୍କ ଉପରେ ସ୍ୱୟଂଚାଳିତ ଭାବେ ଜରିମାନା ହୋଇଥାନ୍ତା । କିନ୍ତୁ ଏକ ଫୋନ କଲ୍ ମୋ ନିକଟକୁ ଆସିଥିଲା । ଯେଉଁଥିରେ ମୋତେ କୁହାଯାଇଥିଲା ଏହା ଭାରତୀୟ ଦଳ ତେଣୁ ତୁମେ ନରମ ହୁଅ । ସ୍ଲୋ ଓଭର ରେଟ୍‌ର ଜରିମାନାରୁ ଭାରତକୁ ବଞ୍ଚାଇବା ଲାଗି ମୁଁ ସମୟ ନିମୟରେ ହେରାଫେରି କରିଥିଲି ।' ବ୍ରଡ୍ ଆହୁରି ମଧ୍ୟ ଅଭିଯୋଗ କରିଛନ୍ତି ଯେ, 'ଏହି ସ୍ଲୋ ଓଭର ରେଟ୍ ଘଟଣାର ଠିକ୍ ପରବର୍ତ୍ତୀ ମ୍ୟାଚରେ ମଧ୍ୟ ଭାରତୀୟ ଦଳ ସମାନ ଭୁଲ୍‌ର ପୁନରାବୃତ୍ତି କରିଥିଲା । ସୌରଭ ଗାଙ୍ଗୁଲିଙ୍କୁ ମୁଁ ପୂର୍ବରୁ ସତର୍କ କରାଇ ଦେଇଥିଲି । କିନ୍ତୁ ସେ ମୋର କୌଣସି କଥାକୁ ଧ୍ୟାନ ଦେଇ ନ ଥିଲେ । ଶେଷରେ ଜରିମାନା ଲଗାଇବା ବ୍ୟତୀତ ମୋ ପାଖରେ ଆଉ କୌଣସି ବିକଳ୍ପ ନ ଥିଲା । ବିସିସିଆଇ ନିକଟରେ ପ୍ରଚୁର ଅର୍ଥ ରହିଛି । ଯେଉଁଥି ପାଇଁ ସେମାନେ ଅନେକ କ୍ଷେତ୍ରରେ ଆଇସିସିକୁ ପଛରେ ପକାଇ ଦେଉଛନ୍ତି ବୋଲି ବ୍ରଡ୍ କହିଛନ୍ତି ।

## ବିଶ୍ୱକପ୍ ପୂର୍ବରୁ ହେବ ପରୀକ୍ଷାନିରୀକ୍ଷା

# ଭାରତ-ଅଷ୍ଟ୍ରେଲିଆ ଟି-୨୦ ସିରିଜ୍ ଆଜିଠାରୁ

କାନବେରା,୨୮ ।୧୦(ଏଜେନ୍ସି)



ବିଶ୍ୱର ନଂ-୧ ତଥା ବିଶ୍ୱ ଚାମ୍ପିଅନ ଟିମ୍ ଭାରତ ଓ ନଂ-୨ ଟିମ୍ ତଥା ଆୟୋଜକ ଅଷ୍ଟ୍ରେଲିଆ ମଧ୍ୟରେ ଆସନ୍ତକାଲି ବା ବୁଧବାରଠାରୁ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଖେଳାଯିବ । ଏହା ପୂର୍ବରୁ ଦୁଇ ଦେଶ ମଧ୍ୟରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଖେଳାଯାଇଥିଲା । ଏଥିରେ ଅଷ୍ଟ୍ରେଲିଆ ୨-୧ରେ ବିଜୟୀ ହୋଇଥିଲା । କିନ୍ତୁ ଟି-୨୦ ଫର୍ମାଟରେ ଭାରତର ଶକ୍ତି ଅଧିକ । ଏପରିକି ୨୦୦୮ ପରଠାରୁ ଅଷ୍ଟ୍ରେଲିଆରେ ଭାରତ ସିରିଜ୍ ହାରିନାହିଁ । ରେକର୍ଡ ଯାହା ହେଉ ପଛେ ଦଳର ତାରକା ବୋଲର ଯଶପ୍ରୀତ୍ ବୁମ୍‌ରା ଏହି ସିରିଜ୍ ଖେଳିବାକୁ ମନୋନୀତ ହୋଇଛନ୍ତି । ଏଣୁ ଭାରତର ଶକ୍ତି ବୃଦ୍ଧି ଘଟିଛି ଓ ଦଳର ସନ୍ତୁଳନକୁ ନେଇ ମ୍ୟାନେଜମେଣ୍ଟର ଚିନ୍ତା ମଧ୍ୟ ବଢ଼ିଛି । ଆସନ୍ତାବର୍ଷ ଭାରତ ଓ ଶ୍ରୀଲଙ୍କାରେ ଖେଳାଯିବ ଟି-୨୦ ବିଶ୍ୱକପ୍ । ଏହି ଟୁର୍ଣ୍ଣାମେଣ୍ଟ ପୂର୍ବରୁ ନିଜକୁ ପ୍ରସ୍ତୁତ କରିନେବାକୁ ଉଭୟ ଦଳ ଯୋଜନାବଦ୍ଧ ଭାବେ ଉଦ୍ୟମ କରିବେ । ଏପରିକି ଦଳର ଦକ୍ଷତା, ସନ୍ତୁଳନ, ଦୁର୍ବଳତାକୁ ମଧ୍ୟ ସଜାଡ଼ିନେବାକୁ ଉଭୟ ଦଳ ଚେଷ୍ଟା କରିବେ । ଟି-୨୦ ଫର୍ମାଟରେ ଦୁଇ ପ୍ରତିଦ୍ୱନ୍ଦ୍ୱୀ ବିଶ୍ୱର ଟପ୍-୨ ଦଳ ହୋଇଥିବାରୁ ଏହି ସିରିଜ୍‌ର ପ୍ରତ୍ୟେକ ମ୍ୟାଚ୍ ବେଶ ରୋମାଞ୍ଚକର ହେବ ବୋଲି ଆଶା କରାଯାଉଛି ।

ଭାରତରେ ଖେଳାଯିବାକୁ ଥିବା ବିଶ୍ୱକପ୍‌ର ପିଚ୍ କିମ୍ବା ଭେନ୍ୟୁ ସହ ଅଷ୍ଟ୍ରେଲିଆର ପିଚ୍‌ର ବ୍ୟବହାର ସମ୍ପୂର୍ଣ୍ଣ ଭିନ୍ନ । କିନ୍ତୁ ଏବେ ସବୁ ଦଳର ନଜର ରହିଛି ବିଶ୍ୱକପ୍ ପୂର୍ବରୁ ନିଜର ଶ୍ରେଷ୍ଠ ଟିମ୍ ଚୟନ କରିବା । ଏହି ସିରିଜ୍ ଭାରତ ଓ ଅଷ୍ଟ୍ରେଲିଆକୁ ଶ୍ରେଷ୍ଠ ଦଳ ଚୟନ ଓ ଦଳର ସନ୍ତୁଳନ ସଜାଡିବାକୁ ବଡ଼ ସୁଯୋଗ ଦେଇଛି । ଉଭୟଙ୍କ ମଧ୍ୟରେ ଲଢ଼େଇରୁ ଯେଉଁ ଫଳ ମିଳିବ ତାହା ନିଶ୍ଚିତପକ୍ଷେ ଲାଭଦାୟକ ହେବ । ଏହା ପୂର୍ବରୁ ଭାରତ ଟି-୨୦ ଫର୍ମାଟରେ ଏସିଆ କପ୍ ଖେଳି ଚାମ୍ପିଅନ ହୋଇଥିଲା । ଏଥିରେ ଦଳ ଅପରାଜେୟ ଥିଲାବେଳେ ଶ୍ରୀଲଙ୍କା ବିପକ୍ଷ ସୁପର-୪'ର ଏକ ମ୍ୟାଚ୍‌କୁ ବାଦ୍ ଦେଲେ ଅନ୍ୟ ସବୁଥିରେ ସହଜ ବିଜୟ ହାସଲ କରିଥିଲା । ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଏକାଧିକ ପ୍ରତିଭାବାନ ଖେଳାଳି ଆଇପିଏଲ୍‌ରେ ଶ୍ରେଷ୍ଠ ପ୍ରଦର୍ଶନ କରି ଅନ୍ତର୍ଜାତୀୟ ସ୍ତରରେ ପ୍ରତିଷ୍ଠିତ ହୋଇଛନ୍ତି । ଭାରତ ନିକଟରେ ଏତେ ପ୍ରତିଭା ରହିଛି ଯେ ୧୫ ଜଣିଆ ହେଉ କିମ୍ବା ୧୧ ଜଣିଆ ଦଳ ଚୟନ କରିବା କଷ୍ଟକର । ଟି-୨୦ ସିରିଜ୍ ଲାଗି ଯଶପ୍ରୀତ୍ ବୁମ୍‌ରାଙ୍କ ପ୍ରତ୍ୟାବର୍ତ୍ତନ ଦଳକୁ ଅଧିକ ମଜଭୁତ କରିଛି । ଅର୍ଶଦୀପ ସିଂହଙ୍କୁ ପାର୍ଟନର କରି ସେ ନିଶ୍ଚିତଭାବେ ଅଷ୍ଟ୍ରେଲୀୟ ବ୍ୟାଟରଙ୍କୁ ଅସୁବିଧାରେ ପକାଇବେ । ନିକଟରେ ସିଡନୀ ଦିନିକିଆରେ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ହର୍ଷିତ ରାଣା କିମ୍ବା ଶିବମ ଦୁବେ ପେସ୍ ବୋଲିଂ ଯୋଡି ବୁମ୍‌ରା-ଅର୍ଶଦୀପ୍‌ଙ୍କୁ ସାହାଯ୍ୟ କରିବେ । ଏସିଆ କପ୍‌ରେ ଭାରତ ସ୍ପିନରଙ୍କୁ ନେଇ ଚାମ୍ପିଅନ ହୋଇଥିଲା । ଅଷ୍ଟ୍ରେଲିଆ ବିପକ୍ଷରେ ସ୍ପିନରଙ୍କ ଭୂମିକା ଅଧିକ ନ ରହିଲେ ମଧ୍ୟ ଏମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେବେ । ଦଳରେ ୪ଜଣ ସ୍ପିନରଙ୍କୁ ନିଆଯାଇଛି । ଅକ୍ଷର ପଟେଲ, କୁଲଦୀପ ଯାଦବ, ୱାଶିଂଟନ ସୁନ୍ଦର ଓ ବରୁଣ ଚକ୍ରବର୍ତ୍ତୀଙ୍କ ମଧ୍ୟରୁ ୨ଜଣ ଖେଳିବା ନିଶ୍ଚିତ । ଦିନିକିଆରେ ଏମାନେ ଅଷ୍ଟ୍ରେଲିଆ ପିଚ୍‌ରେ ସଂଘର୍ଷ କରିଥିଲେ । ଟି-୨୦ରେ କିପରି ପ୍ରଦର୍ଶନ କରିବେ ତାହା ଉପରେ ଦଳର ସଫଳତା ନିର୍ଭର କରୁଛି । ଭାରତ ୨୦୨୪ରେ ବିଶ୍ୱକପ୍ ଜିତିବା ପରେ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଖେଳି ମାତ୍ର ୩ଟି ମ୍ୟାଚ୍‌ରେ ପରାଜିତ ହୋଇଛି । ଏହି ରେକର୍ଡ ବଜାୟ ରଖିବ ବୋଲି ଭାରତୀୟ ସମର୍ଥକ ଓ କର୍ମକର୍ତ୍ତା ଆଶା ରଖିବା ସ୍ୱାଭାବିକ୍ ।

ଅନ୍ୟପକ୍ଷରେ ଅଷ୍ଟ୍ରେଲିଆ ଗତ ଦୁଇଟି ବିଶ୍ୱକପ୍‌ରେ ସଅଳ ବିଦାୟ ନେବା ସହ ସମସ୍ତଙ୍କୁ ନିରାଶ କରିଥିଲା । କିନ୍ତୁ ୨୦୨୪ ବିଶ୍ୱକପ୍ ପରେ ଦଳର ତାହାର ରଣନୀତି ଓ ଦୃଷ୍ଟିକୋଣରେ ପରିବର୍ତ୍ତନ ଆଣିଛି । ଯାହା ଫଳରେ ୧୧ଟି ମ୍ୟାଚ୍ ଖେଳି ମାତ୍ର ୨ଟିରେ ପରାଜିତ ହୋଇଛି । ମିଚେଲ ମାର୍ଶଙ୍କ ନେତୃତ୍ୱରେ ପାୱାର ହିଟରଙ୍କୁ କେବଳ ଦଳରେ ସ୍ଥାନ ମିଳିଛି । ଟ୍ରାଭିସ ହେଡ୍, ଜୋଶ ଇଂଲିଶ, କାମେରନ ଗ୍ରୀନ୍ (ଏହି ସିରିଜ୍‌ରେ ଖେଳୁନାହାନ୍ତି), ଟିମ୍ ଡେଭିଡ୍, ମିଚେଲ ଓଏନ୍ ଓ ଗ୍ଲେନ୍ ମ୍ୟାକ୍ସୱେଲ (ଶେଷ ୩ଟି ମ୍ୟାଚ୍ ଖେଳିବେ)ଙ୍କୁ ନେଇ ଦଳର ବ୍ୟାଟିଂ ଲାଇନ୍ ବେଶ ସଫଳ ହୋଇଛି । ମାର୍କସ ଷ୍ଟୋଇନିସଙ୍କ ନେତୃତ୍ୱରେ ଏକାଧିକ ଅଲରାଉଣ୍ଡର ଅଷ୍ଟ୍ରେଲିଆର ସଫଳତାରେ ଭାଗୀଦାରି ହେଉଛନ୍ତି ।

**ସମ୍ଭାବ୍ୟ ଦଳ**

**ଭାରତ**- ଅଭିଷେକ ଶର୍ମା, ଶୁବମନ ଗିଲ୍, ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ତିଳକ ବର୍ମା, ସଞ୍ଜୁ ସାମସନ (ୱିକେଟରକ୍ଷକ), ରିଙ୍କୁ ସିଂ, ଅକ୍ଷର ପଟେଲ, ଶିବମ ଦୁବେ/ ହର୍ଷିତ ରାଣା, କୁଲଦୀପ ଯାଦବ/ ବରୁଣ ଚକ୍ରବର୍ତ୍ତୀ, ଅର୍ଶଦୀପ ସିଂହ, ଯଶପ୍ରୀତ୍ ବୁମ୍‌ରା ।
**ବେଞ୍ଚ**- ୱାଶିଂଟନ ସୁନ୍ଦର, ନୀତୀଶ କୁମାର ରେଡ୍ଡୀ ।
**ଅଷ୍ଟ୍ରେଲିଆ**- ମିଚେଲ ମାର୍ଶ (ଅଧିନାୟକ), ଟ୍ରାଭିସ ହେଡ୍, ଜୋଶ ଇଂଲିଶ (ୱିକେଟରକ୍ଷକ), ଟିମ୍ ଡେଭିଡ୍, ଜୋଶ ଫିଲିପ୍, ମିଚେଲ ଓଏନ, ମାର୍କସ ଷ୍ଟୋଇନିସ୍, ସିନ୍ ଆବଟ/ ଜାଭିୟର ବାର୍ଟଲେଟ, ନାଥାନ ଏଲିସ୍, ମ୍ୟାଟ କୁନେମାନ, ଜୋଶ ହାଜ୍‌ଲେଉଡ୍ ।
**ବେଞ୍ଚ**- ମାଥ୍ୟୁ ସର୍ଟ, ଜୋଶ ଫିଲିପ୍, ତନବୀର ସାଙ୍ଗା ଓ ବେନ୍ ଡ୍ୱାରଶୁଇସ୍ ।

**ଖେଳ ଆରମ୍ଭ : ଅପରାହ୍ଣ ୧ଟା ୪୫ ମିନିଟ୍**
**ପ୍ରସାରଣ : ଷ୍ଟାର ସ୍ପୋର୍ଟ୍ସ ନେଟ୍‌ୱର୍କ, ଜିଓ ହଟ୍‌ଷ୍ଟାର**

# ରାଜ୍ୟ ଭାରୋତ୍ତୋଳନ: ଅଭୀପ୍ସାଙ୍କୁ ପ୍ରଥମ ସ୍ୱର୍ଣ୍ଣ



ଭୁବନେଶ୍ୱର,୨୮ ।୧୦(ସମିସ): କଳିଙ୍ଗ ଷ୍ଟାଡିୟମସ୍ଥିତ ବିଜୁ ପଟ୍ଟନାୟକ ଭାରୋତ୍ତୋଳନ କକ୍ଷରେ ଆଜି ଆରମ୍ଭ ହୋଇଛି ୭୨ତମ ରାଜ୍ୟ ଭାରୋତ୍ତୋଳନ ଚାମ୍ପିଅନସିପ୍ । ଏଥିରେ ୨୦ଟି ଜିଲ୍ଲାର ୨୫୨ଜଣ ବରିଷ୍ଠ, ଯୁଥ୍ ଓ କନିଷ୍ଠ ପ୍ରତିଯୋଗୀ ଉଭୟ ପୁରୁଷ ଓ ମହିଳା ବିଭାଗରେ ଅଂଶଗ୍ରହଣ କରିଛନ୍ତି । ପ୍ରତିଯୋଗିତାର ପ୍ରଥମ ଦିନରେ ଅନୁଷ୍ଠିତ ଯୁଥ୍ ବାଳିକା ୪୪ କିଲୋଗ୍ରାମ୍ ଶ୍ରେଣୀରେ ଅଭିପ୍ସା ଆଚାର୍ଯ୍ୟ ପ୍ରଥମ ସ୍ଥାନ ଅଧିକାର କରିବା ସହ ପ୍ରତିଯୋଗିତାର ପ୍ରଥମ ସ୍ୱର୍ଣ୍ଣପଦକ ବିଜୟୀ ହୋଇଥିଲେ । ଏହି ବିଭାଗରେ ନମିତା ବିରୁଆଙ୍କୁ ରୌପ୍ୟ ଓ ରିଆ ଗୌଡ଼ଙ୍କୁ କାଂସ୍ୟ ପଦକ ମିଳିଥିଲା ।

ପୂର୍ବରୁ ଏହି ପ୍ରତିଯୋଗିତାକୁ ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗର ଅତିରିକ୍ତ ସଚିବ ବିଜୟକୁମାର ସ୍ୱାଇଁ ଓ ଭାରତୀୟ ଭାରୋତ୍ତୋଳନ ମହାସଂଘ କୋଷାଧ୍ୟକ୍ଷ ପ୍ରଦୀପ ଶର୍ମା ଅତିଥିଭାବେ ଯୋଗଦେଇ ଉଦ୍‌ଘାଟନ କରିଥିଲେ । ଓଡ଼ିଶା ଭାରୋତ୍ତୋଳନ ସଂଘ ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁ, କ୍ରୀଡ଼ା ବିଭାଗର ଅଫିସର ପଦ୍ମଚରଣ ସାହୁ, ଅମିତ ନାୟକ, ସୌମ୍ୟସାର୍ଥକ ମିଶ୍ର, ସୋନାଲି ପ୍ରିୟଦର୍ଶିନୀ ଚାନ୍ଦ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ । ଏସିଆନ୍ ଯୁଥ୍ ଗେମ୍ସରେ ବିଶ୍ୱରେକର୍ଡ କରିଥିବା ପ୍ରୀତିସ୍ମିତା ଭୋଇଙ୍କୁ ଅତିଥିମାନେ ଶୁଭେଚ୍ଛା ଜଣାଇଥିଲେ ।

# ଭୁବନେଶ୍ୱରରେ ହୋଇପାରେ ୨୦୨୮ ଏସିଆନ ଇଣ୍ଡୋର ଆଥ୍‌ଲେଟିକ୍ସ

ନୂଆଦିଲ୍ଲୀ,୨୮ ।୧୦(ଏଜେନ୍ସି): ଇଣ୍ଡୋର ଆଥଲେଟିକ୍ସ ଲାଗି ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମ୍‌ରେ ଯେଉଁ ସୁବିଧା ରହିଛି ତାହା ଦେଶର ଅନ୍ୟ କୌଣସି ଷ୍ଟାଡିୟମ୍‌ରେ ନାହିଁ । ଏଣୁ ଭାରତ ଯଦି ୨୦୨୮ ଏସିଆନ୍ ଇଣ୍ଡୋର ଆଥ୍‌ଲେଟିକ ଚାମ୍ପିଅନସିପ୍ ଆୟୋଜନ କରିବାର ଅଧିକାର ହାସଲ କରେ ତେବେ ଏହା କଳିଙ୍ଗ ଷ୍ଟାଡିୟମ୍‌ରେ ଆୟୋଜିତ ହେବ ବୋଲି ଆଥ୍‌ଲେଟିକ୍ ଫେଡେରେସନ ଅଫ୍ ଇଣ୍ଡିଆ (ଏଏଫଆଇ) ସୂତ୍ରରୁ ଜଣାଯାଇଛି । ୨୦୨୮ରେ ଏସିଆନ୍ ଇଣ୍ଡୋର ଆଥଲେଟିକ୍ସ ଓ ୨୦୨୬ରେ ଏସିଆନ୍ ରିଲେଜ ଆୟୋଜନ କରିବାକୁ ଆଥ୍‌ଲେଟିକ୍ ଫେଡେରେସନ ଅଫ୍ ଇଣ୍ଡିଆ ପକ୍ଷରୁ ବିଡ୍ ଦାଖଲ କରାଯାଇଛି । ଏସିଆନ୍ ରିଲେଜ୍ ଲାଗି ଭେନ୍ୟୁ ସ୍ଥିର ହୋଇ ନ ଥିଲାବେଳେ ଭୁବନେଶ୍ୱରରେ ଇଣ୍ଡୋର ଆଥଲେଟିକ୍ସ ଲାଗି ଭେନ୍ୟୁ ପ୍ରସ୍ତାବ ଦିଆଯାଇଛି । ଉଭୟ ଇଭେଣ୍ଟର ଆୟୋଜନ ଅଧିକାର ପାଇଲେ ଭାରତ ବିଶ୍ୱସ୍ତରର ଆଥଲେଟିକ୍ ଇଭେଣ୍ଟ ଆୟୋଜନ କରିବାରେ ସଫଳ ହେବ ବୋଲି ଏଏଫଆଇ କହିଛି ।

ଏଏଫଆଇର ଜଣେ ବରିଷ୍ଠ କର୍ମକର୍ତ୍ତାଙ୍କ କହିବା ଅନୁଯାୟୀ କଳିଙ୍ଗରେ ଇଣ୍ଡୋର ଷ୍ଟାଡିୟମ୍ ୨୦୨୪ରେ ଉଦ୍‌ଘାଟିତ ହୋଇଥିଲା । ଇଣ୍ଡୋର ଷ୍ଟାଡିୟମ୍‌ରେ ୨୦୦ ମିଟର ରନିଂ ଟ୍ରାକ୍, ୧୦୦ ମିଟର ପ୍ରାକ୍ଟିସ୍ ଟ୍ରାକ୍, ଲଙ୍ଗ୍ ଜମ୍ପ, ଟ୍ରିପଲ ଜମ୍ପ, ପୋଲ ଭଲ୍ଟ ଓ ସଟ୍‌ପୁଟ୍ ଲାଗି ଆବଶ୍ୟକ ସୁବିଧା ସୁଯୋଗ ଅଲଗା ଭାବେ ରହିଛି । ଏହା ବ୍ୟତୀତ ଆଥ୍‌ଲେଟଙ୍କ ଲାଗି ୱାର୍ମଅପ୍ ଏରିଆ ଓ ଜିମ୍ନାସିୟମ ମଧ୍ୟ ଅଛି । ଓଭାଲ ଆକୃତିର ଏହି ଷ୍ଟାଡିୟମ୍‌ରେ ୨୦୦୦ ଦର୍ଶକ ଖେଳ ଦେଖିପାରିବାର ଗ୍ୟାଲେରୀ ରହିଛି । ଏଠାରେ ସବୁଦିନେ ଅଭ୍ୟାସ କରିବାକୁ ଆଶାୟୀ ଥିବା ଆଥ୍‌ଲେଟଙ୍କ ଲାଗି ଦୁଇ ଜଣ ରହିଲା ଭଳି ୬୦ଟି ରୁମ୍, ଡାଇନିଂ ହଲ୍‌ର ବ୍ୟବସ୍ଥା ରହିଛି । ଏଣୁ ଇଣ୍ଡୋର ଆଥ୍‌ଲେଟିକ ଚାମ୍ପିଅନସିପ୍ ଆୟୋଜନ କରିବାକୁ ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମ୍ ଉପଯୁକ୍ତ ସ୍ଥାନ ବୋଲି ଏଏଫଆଇ ପକ୍ଷରୁ କୁହାଯାଇଛି ।

ଏସିଆନ୍ ଇଣ୍ଡୋର ଆଥ୍‌ଲେଟିକ୍ ଚାମ୍ପିଅନସିପ୍ ୨୦୦୪ରୁ ଆୟୋଜିତ ହୋଇଆସୁଛି । ଏହାର ପ୍ରଥମ ଓ ୨୦୨୪ରେ ଅନୁଷ୍ଠିତ ଶେଷ ସଂସ୍କରଣ ସହ ଇରାନ ଏହାକୁ ୪ଥର ଆୟୋଜନ କରିଛି । ପ୍ରତି ଦୁଇ ବର୍ଷରେ ହେଉଥିବା ଏହି ପ୍ରତିଯୋଗିତାର ପରବର୍ତ୍ତୀ ସଂସ୍କରଣ ଚୀନ୍‌ର ତିଆନଜିନ୍‌ଠାରେ ଫେବୃଆରୀ ୬ରୁ ୮ ତାରିଖ ଯାଏ ଅନୁଷ୍ଠିତ ହେବ ।

## ରଣଜୀ ଟ୍ରଫି

# ଗୋଟିଏ ପଏଣ୍ଟରେ ଓଡ଼ିଶା ସନ୍ତୁଷ୍ଟ

କଟକ,୨୮ ।୧୦(ସମିସ)


ସ୍ୱସ୍ତିକ ସାମଲ


ଗୋବିନ୍ଦ ପୋଦ୍ଦାର

ଚଳିତ ରଣଜୀ ଟ୍ରଫି ଆରମ୍ଭରେ ଓଡ଼ିଶାର ପ୍ରଦର୍ଶନ ସନ୍ତୋଷଜନକ ରହିନାହିଁ । ପ୍ରଥମ ମ୍ୟାଚ୍‌ରେ ବରୋଦା ଠାରୁ ପରାଜୟ ପରେ ଉତ୍ତରପ୍ରଦେଶ ବିପକ୍ଷ ଦ୍ୱିତୀୟ ମୁକାବିଲାକୁ ଦଳ ଡ୍ର ରଖି ମାତ୍ର ୧ ପଏଣ୍ଟ ହାସଲ କରିଛି । ଏହି ମ୍ୟାଚ୍‌ରେ ଇନିଂସ୍ ଅଗ୍ରଣୀ ପାଇଥିବା ଉତ୍ତରପ୍ରଦେଶକୁ ୩ ପଏଣ୍ଟ ମିଳିଛି । ୨ଟି ଲିଗ୍‌ରୁ ମୋଟ ୧ ପଏଣ୍ଟ ପାଇ ଓଡ଼ିଶା ଏଲିଟ ଗ୍ରୁପ-ଏ ଟେବଲର ୭ମ ସ୍ଥାନରେ ରହିଛି । ନଭେମ୍ବର ୧ରୁ ରଣଜୀ ଟ୍ରଫିର ୩ୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଆରମ୍ଭ ହେବ । ଘରୋଇ ବାରବାଟୀ ଷ୍ଟାଡିୟମରେ ଓଡ଼ିଶା ଆନ୍ଧ୍ରପ୍ରଦେଶକୁ ଭେଟିବ ।

କାନପୁର ଗ୍ରୀନପାର୍କ ଷ୍ଟାଡିୟମରେ ଖେଳାଯାଇଥିବା ଓଡ଼ିଶା ବିପକ୍ଷ ମ୍ୟାଚ୍‌ରେ ଉତ୍ତରପ୍ରଦେଶ ଉଭୟ ବ୍ୟାଟିଂ ଓ ବୋଲିଂରେ ପ୍ରାଧାନ୍ୟ ବିସ୍ତାର କରି ରଖିଥିଲା । ଓଡ଼ିଶାକୁ ପ୍ରଥମ ପାଳିରେ ୨୪୩ରନରେ ଅଲଆଉଟ କରିଥିଲା । ଅଧିନାୟକ କରନ ଶର୍ମାଙ୍କ ୧୨୧ରନ, ଆରାଧ୍ୟ ଯାଦବଙ୍କ ୧୦୧ ରନ ସହାୟତାରେ ସୋମବାର ମ୍ୟାଚର ୩ୟ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ଉତ୍ତରପ୍ରଦେଶ ୬ ୱିକେଟ ହରାଇ ୩୮୦ରନ ସଂଗ୍ରହ କରିଥିଲା । ଘରୋଇ ଦଳ ମ୍ୟାଚ୍‌କୁ କବଜା କରିବା ସହ ୧୩୭ରନର ଅଗ୍ରଣୀ ହାସଲ କରି ସାରିଥିଲା । ଆଜି କୌଣସି ୱିକେଟ ନହରାଇ ଦଳ ଆଉ ୨୯ରନ ଯୋଡ଼ିବା ସହ ଦଳୀୟ ସ୍କୋର ୪୦୯/୬ରେ ପାଳି ଘୋଷଣା କରିଥିଲା । ଭିପରାଜ ନିଗମ ୩୧ରନ, ଶିଭମ ମାଭି ୧୨ରନରେ ଅପରାଜିତ ଥିଲେ । ଓଡ଼ିଶା ପକ୍ଷରୁ ପଦାର୍ପଣ ମ୍ୟାଚ୍ ଖେଳୁଥିବା ସମ୍ବିତ ବରାଳ ସର୍ବାଧିକ ୩ଟି ୱିକେଟ ଦଖଲ କରିଥିବା ବେଳେ ବାଦଲ ବିଶ୍ୱାଳ ଏବଂ ସୁମିତ ଶର୍ମାଙ୍କୁ ଗୋଟିଏ ଲେଖାଏ ୱିକେଟ ମିଳିଥିଲା । ଉତ୍ତରପ୍ରଦେଶ ପ୍ରଥମ ଇନିଂସ୍‌ରେ ୧୬୬ରନରେ ଆଗୁଆ ରହିଥିଲା । ମଙ୍ଗଳବାର ମ୍ୟାଚ୍‌ର ଅନ୍ତିମ ଦିବସରେ ଓଡ଼ିଶା ୪୪ ଓଭର ଖେଳି ୩ ୱିକେଟ ବିନିମୟରେ ୧୫୧ରନ କରିଥିବା ବେଳେ ମ୍ୟାଚ୍ ଡ୍ର ଘୋଷଣା କରାଯାଇଥିଲା । ଓପନର ସ୍ୱସ୍ତିକ ସାମଲ ୭୧ରନର ଅପରାଜିତ ପାଳି ଖେଳିଥିଲେ । ପ୍ରଥମଶ୍ରେଣୀ କ୍ରିକେଟରେ ସ୍ୱସ୍ତିକଙ୍କୁ ଏହା ଦ୍ୱିତୀୟ ଅର୍ଦ୍ଧଶତକ । ଆଶୀର୍ବାଦ ସ୍ୱାଇଁ ୨୩ରନ, ସନ୍ଦୀପ ପଟ୍ଟନାୟକ ୬ରନ, ଅଧିନାୟକ ଶୁଭ୍ରାଂଶୁ ସେନାପତି ୧୧ରନରେ ଆଉଟ ହୋଇଥିବା ବେଳେ ଗୋବିନ୍ଦ ପୋଦ୍ଦାର ୩୮ରନରେ ଅପରାଜିତ ଥିଲେ । ଉତ୍ତରପ୍ରଦେଶର ଶିଭମ ମାଭିଙ୍କୁ ୨ଟି ୱିକେଟ ମିଳିଥିଲା ।

## ନନ୍ଦକିଶୋର ସ୍ମାରକୀ ମହିଳା ଫୁଟବଲ

# ସେମିରେ କୁଆଁରମୁଣ୍ଡା

ଭୁବନେଶ୍ୱର,୨୮ ।୧୦(ସମିସ): କୁଆଁରମୁଣ୍ଡା ଫୁଟବଲ କ୍ଲବ୍ ଭୁବନେଶ୍ୱର ଫୁଟବଲ ଏକାଡେମୀ ପଡ଼ିଆରେ ଚାଲିଥିବା ତୃତୀୟ ନନ୍ଦକିଶୋର ସ୍ମାରକୀ ମହିଳା ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲରେ ପ୍ରବେଶ କରିଛି । ମଙ୍ଗଳବାର ଖେଳାଯାଇଥିବା ମ୍ୟାଚ୍‌ରେ କୁଆଁରମୁଣ୍ଡା ଫୁଟବଲ କ୍ଲବ୍ ୩-୨ ଗୋଲରେ କଟକ ଟିମ୍‌କୁ ପରାସ୍ତ କରିଛି । ବିଜୟୀ କୁଆଁରମୁଣ୍ଡା ଫୁଟବଲ କ୍ଲବ୍‌ର ଜର୍ସି ନଂ-୧୮ ଖେଳାଳି ଜ୍ୟୋତ୍ସ୍ନା ଲାକ୍ରାଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି । ବୁଧବାର କଟକର ଓଡ଼ିଶା ପୁଲିସ୍ ଓ କେନ୍ଦୁଝରର ତାରିଣୀ ଫୁଟବଲ ଏକାଡେମୀ ମଧ୍ୟରେ ପ୍ରଥମ ସେମିଫାଇନାଲ ମ୍ୟାଚ୍ ଖେଳାଯିବ । ଖେଳ ଶେଷରେ ସାମାଜିକ କର୍ମୀ ରଜତ କୁମାର ପାଢ଼ୀ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ୱାର୍ଡ ନଂ-୪୫ର କର୍ପୋରେଟର ଅମରେଶ ଜେନା ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ । ଏହି ମ୍ୟାଚ୍‌କୁ ରେଫରି ଆଲୋକ ଦେହୁରୀ, ଏମ୍‌ଏସ୍ ବେଗ୍, ଶିବପ୍ରସାଦ ସାମନ୍ତରାୟ ପରିଚାଳନା କରିଥିଲେ ।

# ସିଦ୍ଧେଶ୍ୱର ମୁଦୁଲି ୨୦୨୫ର ଜୁଡୋ ଜୁଏଲ




ଭୁବନେଶ୍ୱର,୨୮ ।୧୦(ସମିସ): ବିଶ୍ୱ ଜୁଡୋ ଦିବସରେ ପ୍ରତିଷ୍ଠିତ ଜୁଡୋକା ସିଦ୍ଧେଶ୍ୱର ମୁଦୁଲିଙ୍କୁ ୨୦୨୫ର ଜୁଡୋ ଜୁଏଲ ପୁରସ୍କାର ପ୍ରଦାନ କରାଯାଇଛି । ରାଜଧାନୀ ଉପକଣ୍ଠ ଶିଶୁପାଳଗଡ଼ସ୍ଥିତ ଗଙ୍ଗାଧର ସ୍ପୋର୍ଟ୍ସ କମ୍ପ୍ଲେକ୍ସଠାରେ ମଙ୍ଗଳବାର ଆୟୋଜିତ ଏକ ସ୍ୱତନ୍ତ୍ର ଉତ୍ସବରେ ଓଡ଼ିଶା ଖ୍ୟାତନାମା ଆଥ୍‌ଲେଟ ପ୍ରଣତି ମିଶ୍ର ମୁଖ୍ୟ ଅତିଥି ଓ ପୂର୍ବତନ ଜୁଡୋକା ଡ. ଶ୍ରୀକାନ୍ତ ମିଶ୍ର ସମ୍ମାନିତ ଅତିଥିଭାବେ ଯୋଗ ଦେଇ ସିଦ୍ଧେଶ୍ୱରଙ୍କୁ ମାନପତ୍ର, ସ୍ମୃତିଫଳକ ଓ ନଗଦ ୨୫,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରିଥିଲେ । ପାରା-ଜୁଡୋ ଆସୋସିଏସନ ଆନୁକୂଲ୍ୟରେ ଏହି ପୁରସ୍କାର ପ୍ରଦାନ ଉତ୍ସବ ଆୟୋଜିତ କରାଯାଇଥିଲା । ଆସୋସିଏସନର ଉପଦେଷ୍ଟା ଅମିୟ କୁମାର ଦ୍ୱିବେଦୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି ଉତ୍ସବରେ ବିଶିଷ୍ଟ ଜୁଡୋ ପ୍ରଶିକ୍ଷକ କୃଷ୍ଣଚନ୍ଦ୍ର ପଣ୍ଡା, ଜୁଡୋକା ରଶ୍ମିରଞ୍ଜନ ପଟ୍ଟନାୟକ ଓ ମନମୋହନ ପଣ୍ଡା ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ । ଉତ୍ସବକୁ ଜୁଡୋ ପଦକଧାରୀ ତଥା ଆୟୋଜକ ସମ୍ପାଦକ ବ୍ରଜକିଶୋର ଦାସ ପରିଚାଳନା କରିଥିଲାବେଳେ ସାଧାରଣ ସମ୍ପାଦକ ସନ୍ତୋଷ କୁମାର ଭୋଳ ଧନ୍ୟବାଦ ଅର୍ପଣ କରିଥିଲେ ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS